

୨୦୨୭ରେ 'କ୍ରିସ୍-୪'
▶ପୃଷ୍ଠା ୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

♦VOLUME- 43 ♦ISSUE-78 ♦THURSDAY ♦11 SEPTEMBER 2025 ♦PAGE-12 ♦₹ 6.00 | BHUBANESWAR | ♦ବର୍ଷ-୪୩ ♦ସଂଖ୍ୟା-୭୮ ♦ଗୁରୁବାର ♦୧୧ ସେପ୍ଟେମ୍ବର ୨୦୨୫ ♦ପୃଷ୍ଠା-୧୨ ♦ଟ.୬.୦୦


## ତୃତୀୟ ଦିନରେ ଥମିଲା ଆନ୍ଦୋଳନ

# ସେନା କବ୍‌ଜାରେ ନେପାଳ



■ **କାଠମାଣ୍ଡୁ, ୧୦।୯ (ଏଜେନ୍ସି):** ସାମାଜିକ ଗଣମାଧ୍ୟମ ନିଷିଦ୍ଧ ଏବଂ ଦୁର୍ନୀତି ବିରୋଧରେ ନେପାଳରେ ଆରମ୍ଭ ହୋଇଥିବା 'ଜେନ୍ ଜେଡ୍' ଆନ୍ଦୋଳନ ଥମିବାରେ ଲାଗିଛି। ପ୍ରଧାନମନ୍ତ୍ରୀ ଓଲି ସରକାରର ପତନ ପରେ ପରିବେଶ ଶାନ୍ତ ହେଉଛି। ତେବେ ଗତ ତିନି ଦିନ ଧରି ହୋଇଥିବା ହିଂସାରେ ୩୦ ଜଣଙ୍କ ଜୀବନ ଯାଇଛି। ହିଂସ୍ର ପ୍ରଦର୍ଶନ ପରିପ୍ରେକ୍ଷୀରେ ସାରା ଦେଶ ସେନା ନିୟନ୍ତ୍ରଣରେ ରହିଛି। ମଧ୍ୟବର୍ତ୍ତିକାଳୀନ ସରକାର ଗଠନ ପାଇଁ ସେନା ଏବଂ ଆନ୍ଦୋଳନକାରୀଙ୍କ ମଧ୍ୟରେ ଆଲୋଚନା ଆରମ୍ଭ ହୋଇଛି।

ନେପାଳ ହିଂସା ଅନେକ ନିରୀହଙ୍କ ଜୀବନ ନେଇଛି। ଏହାକୁ ନେଇ ବୁଧବାର ଅନେକ ଖବର ସାମ୍ନାକୁ ଆସିଛି। ପୂର୍ବତନ ପ୍ରଧାନମନ୍ତ୍ରୀ ପୁଷ୍ପ କମଲ ଦହଲ ପ୍ରଚଣ୍ଡଙ୍କ ଝିଅ ଗଙ୍ଗା ଦହଲଙ୍କ ମୃତଦେହକୁ ତାଙ୍କ ଘରୁ ଉଦ୍ଧାର କରାଯାଇଛି। ମଙ୍ଗଳବାର ପ୍ରଚଣ୍ଡ ଏବଂ ତାଙ୍କ ପତ୍ନୀକୁ କ୍ଷତାକ୍ତ ଅବସ୍ଥାରେ ଉଦ୍ଧାର କରାଯାଇଥିଲା। ▶ପୃଷ୍ଠା-୭

### ସମ୍ବିଧାନ ସଂଶୋଧନ ଦାବିକଲେ ଆନ୍ଦୋଳନକାରୀ
### ୩ ଦଶନ୍ଧି ଧରି କରାଯାଇଥିବା ଲୁଟ୍‌ର ତଦନ୍ତ ଦାବି
### ପୂର୍ବ ପ୍ରଧାନମନ୍ତ୍ରୀଙ୍କ ଝିଅର ପୋଡ଼ାଶବ ଉଦ୍ଧାର
### ଜେଲ୍‌ରୁ ଚମ୍ପଟମାରିଲେ ୧୧ ହଜାର କଏଦୀ
### ନେପାଳରେ ଫସିଛନ୍ତି ୨୦୦ ଭାରତୀୟ ଡ୍ରାଇଭର

## ସୁଶୀଳା କାର୍କି ହେବେ କାମଚଳା ପ୍ରଧାନମନ୍ତ୍ରୀ



■ **କାଠମାଣ୍ଡୁ, ୧୦।୯ (ଏଜେନ୍ସି):** ଦେଶର କାମଚଳା ପ୍ରଧାନମନ୍ତ୍ରୀ ନିଯୁକ୍ତି ପାଇଁ ଜେନ୍ ଜେଡ୍ ଆନ୍ଦୋଳନକାରୀ ସୁଶୀଳା କାର୍କିଙ୍କ ନାମ ପ୍ରସ୍ତାବ ଦେଇଛନ୍ତି। ସେନା ଏବଂ ଅନ୍ୟ ପ୍ରମୁଖ ଆନ୍ଦୋଳନକାରୀଙ୍କ ମଧ୍ୟରେ ଦୀର୍ଘ ୬ ଘଣ୍ଟାର ଅନ୍‌ଲାଇନ ଚର୍ଚ୍ଚା ପରେ ତାଙ୍କ ନାମରେ ମୋହର ବାଜିଛି। ଏହି ଭର୍ଚୁଆଲ ବୈଠକରେ ପ୍ରାୟ ୫ ହଜାର ଆନ୍ଦୋଳନକାରୀ ସାମିଲ ହୋଇଥିଲେ। କୌଣସି ଯୁବଗୋଷ୍ଠୀ ରାଜନୈତିକ ଦଳରେ ସାମିଲ ହୋଇ ସରକାର ଗଠନ ନିମନ୍ତେ ପ୍ରୟାସ କରିବେ ନାହିଁ ବୋଲି ଆନ୍ଦୋଳନକାରୀ ନିଷ୍ପତ୍ତି ନେଇଛନ୍ତି। କାର୍କି କୌଣସି ରାଜନୈତିକ ଭିତ୍ତିଭୂମିରୁ ଆସି ନାହାନ୍ତି। ସ୍ୱଚ୍ଛତା ଏବଂ ସମାନତା ପାଇଁ ତାଙ୍କୁ ବଛାଯାଇଛି। ସେ ନେପାଳ ସୁପ୍ରିମକୋର୍ଟର ପ୍ରଥମ ମହିଳା ପ୍ରଧାନ ବିଚାରପତି ଥିଲେ। ସେ ମଧ୍ୟ ନେତୃତ୍ୱ ନେବାକୁ ରାଜି ହୋଇଛନ୍ତି। ନାମ ପ୍ରସ୍ତାବ ଦେବା ପରେ ସୁଶୀଳା ସେନା ମୁଖ୍ୟାଳୟରେ ପହଞ୍ଚିଛନ୍ତି। ସେ ଅଧିକାରୀଙ୍କ ସହ ଆଲୋଚନା ଜାରି ରଖିଛନ୍ତି। ସେନା ସହମତ ହେଲେ ସୁଶୀଳା ଦେଶର ନେତୃତ୍ୱ ନେବେ।

୧୯୫୨ରେ ଜନ୍ମିତ ସୁଶୀଳା ବନାରସ ହିନ୍ଦୁ ୟୁନିଭର୍ସିଟିରୁ ରାଜନୀତି ବିଜ୍ଞାନରେ ମାଷ୍ଟର୍ସ ଡିଗ୍ରୀ ହାସଲ କରିଥିଲେ। ସେ ୧୯୭୯ରେ ଓକିଲାତିରୁ ନିଜ କ୍ୟାରିୟର ଆରମ୍ଭ କରିଥିଲେ। ସେ ୨୦୧୬ ଜୁଲାଇ ୧୧ରୁ ୨୦୧୭ ଜୁନ୍ ୬ ପର୍ଯ୍ୟନ୍ତ ନେପାଳର ପ୍ରଧାନ ବିଚାରପତି ଥିଲେ। କାର୍ଯ୍ୟପାଳିକାରେ ହସ୍ତକ୍ଷେପ ଅଭିଯୋଗରେ ୨୦୧୭ରେ ତାଙ୍କ ବିରୋଧରେ ମହାଭିଯୋଗ ଅଣାଯାଇଥିଲା।

## କାଠମାଣ୍ଡୁରେ ଫସିଛନ୍ତି କେନ୍ଦ୍ରାପଡ଼ାର ଶତାଧିକ

### ଭାରତ ଫେରାଇ ଆଣିବାକୁ ପରିବାର ପକ୍ଷରୁ ନିବେଦନ

■ **ପଟ୍ଟାମୁଣ୍ଡାଇ, ୧୦।୯ (ସମିସ):** ନେପାଳରେ ଗୃହଯୁଦ୍ଧ ଆରମ୍ଭ ହୋଇଯାଇ ଥିବାରୁ ସମ୍ପ୍ରତି ସେଠାକାର ଜାତୀୟ ସୁରକ୍ଷା ବିପନ୍ନ ହୋଇପଡ଼ିଛି। ଦେଶର ରାଷ୍ଟ୍ରପତି ଓ ପ୍ରଧାନମନ୍ତ୍ରୀ ଇସ୍ତଫା ଦେବା ପରେ ଆନ୍ଦୋଳନକାରୀଙ୍କ କବଜାରେ ରହିଛି ନେପାଳ। ଅନ୍ୟପକ୍ଷରେ ସରକାର ପତନ ହେବା କାରଣରୁ ଦେଶର ଦାୟିତ୍ୱ ସେନା ହାତକୁ ନେଇଛି। ଏଭଳି ଘଡ଼ିସନ୍ଧି ମୁହୂର୍ତ୍ତରେ ନେପାଳରେ ଫସିରହିଥିବା ଭାରତର ଲକ୍ଷାଧିକ ନାଗରିକଙ୍କ ଜୀବନଜୀବିକା ବିପନ୍ନ ହୋଇପଡ଼ିଛି। ଏହି ପରିପ୍ରେକ୍ଷୀରେ ନେପାଳ ରାଜଧାନୀ କାଠମାଣ୍ଡୁରେ ରହି କାମ କରୁଥିବା ପଟ୍ଟାମୁଣ୍ଡାଇ ଅଞ୍ଚଳର ଶତାଧିକ ବ୍ୟକ୍ତିଙ୍କ ଜୀବନଜୀବିକା ବିପନ୍ନ ହେବା ସହ ନେପାଳ ସେନା ଦେଶର ସୀମାକୁ ସିଲ୍ କରିଦେଇଥିବାରୁ ସେମାନଙ୍କର ଭାରତ ଫେରିବା ଆଶା ମଉଳିଯାଇଛି। ନିଜ ଦେଶକୁ ଫେରିପାରୁ ନ ଥିବାରୁ ସେମାନଙ୍କ ପରିବାରରେ କାନ୍ଦବୋବାଳି ପଡ଼ିଛି।

ନେପାଳରେ ଫସିଥିବା ପଟ୍ଟାମୁଣ୍ଡାଇ ଲୋକମାନଙ୍କ ମଧ୍ୟରେ ଅଧିକାଂଶ ପାଣି ପାଇପ୍ ମିସ୍ତ୍ରୀ ଓ ଠିକାଦାର ଥିବା ଜଣାପଡ଼ିଛି। ଫସିଥିବା ଲୋକମାନଙ୍କୁ ଫେରାଇ ଆଣିବା ପାଇଁ ସେମାନଙ୍କ ପରିବାର ପକ୍ଷରୁ କେନ୍ଦ୍ର ସରକାରଙ୍କ ନିକଟରେ ଦାବି କରାଯାଇଛି। ନେପାଳର କାଠମାଣ୍ଡୁରେ ଅବସ୍ଥାନ କରୁଥିବା ପଟ୍ଟାମୁଣ୍ଡାଇ ପୌରାଞ୍ଚଳର ପବିତ୍ର ପଣ୍ଡା(୪୬), ତାଙ୍କ ପତ୍ନୀ ତୁଳସୀ ପଣ୍ଡା (୪୨), ଝିଅ ପ୍ରିୟଙ୍କା ପଣ୍ଡା(୧୪), ସାଇରାମ ପଣ୍ଡା(୧୦) ପ୍ରମୁଖ ଆସନ୍ତା ୨୩ ତାରିଖରେ ଦୁର୍ଗାପୂଜା ପାଇଁ ଘରକୁ ଫେରିବାର ଥିଲା। କିନ୍ତୁ ସେମାନଙ୍କ ଆସିବା ବାଟ ଏବେ ବନ୍ଦ ହୋଇଯାଇଛି। ପୁଅ-ବୋହୂ, ନାତି-ନାତୁଣୀଙ୍କୁ ଭାରତ ଫେରାଇ ଆଣିବା ପାଇଁ ୮୭ ବର୍ଷର ବୃଦ୍ଧା ମାଆ କୁନ୍ତଳା ପଣ୍ଡା ପ୍ରଧାନମନ୍ତ୍ରୀଙ୍କୁ ନିବେଦନ କରିଛନ୍ତି। ସେହିପରି ପଟ୍ଟାମୁଣ୍ଡାଇ ଓଡପଦା ଅଞ୍ଚଳର ସ୍ୱର୍ଗତ ନରେନ୍ଦ୍ର କୁମାର କରଙ୍କ ପୁଅ ଅଜିତ କୁମାର କର କାଠମାଣ୍ଡୁ କୁଲେଶ୍ୱରରେ ରହୁଥିବା ବେଳେ ପ୍ରକଳ୍ପ କାମ ▶ପୃଷ୍ଠା-୭

## ଅକ୍ଟୋବରରୁ ସାରା ଦେଶରେ ଏସ୍‌ଆଇଆର୍

### ପ୍ରସ୍ତୁତ ରହିବା ଲାଗି ସମସ୍ତ ନିର୍ବାଚନ ଅଧିକାରୀଙ୍କୁ କମିସନଙ୍କ ନିର୍ଦ୍ଦେଶ

■ **ନୂଆଦିଲ୍ଲୀ, ୧୦।୯ (ଏଜେନ୍ସି):** ଆସନ୍ତା ଅକ୍ଟୋବର ମାସରୁ ସାରା ଦେଶରେ ସ୍ୱତନ୍ତ୍ର ଭୋଟର ତାଲିକା ସଂଶୋଧନ (ଏସ୍‌ଆଇଆର୍) ପ୍ରକ୍ରିୟା ଆରମ୍ଭ ହୋଇପାରେ। ଆଜି ଏଠାରେ ଅନୁଷ୍ଠିତ ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀମାନଙ୍କ ବୈଠକରେ ହୋଇଥିବା ଆଲୋଚନାରୁ ଏଭଳି ସୂଚନା ମିଳିଛି। ସରକାରୀ ଭାବେ ତାରିଖ ଘୋଷଣା କରାଯାଇନଥିଲେ ମଧ୍ୟ ଏଥିଲାଗି ପ୍ରସ୍ତୁତ ରହିବା ପାଇଁ ସେମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ଭାରତର ନିର୍ବାଚନ କମିସନ। ବିହାରରେ ଏସ୍‌ଆଇଆର୍‌କୁ ନେଇ ବିବାଦୀୟ ପରିସ୍ଥିତି ସୃଷ୍ଟି ହୋଇଥିବା ବେଳେ ସୁପ୍ରିମ କୋର୍ଟ ଏବେ ଏହି ମାମଲାରେ ହସ୍ତକ୍ଷେପ କରିଛନ୍ତି। ବିପୁଳ ସଂଖ୍ୟାରେ ଭୋଟରଙ୍କୁ ତାଲିକାରୁ ହଟାଇବା ଲାଗି କମିସନ ଚକ୍ରାନ୍ତ ଚଳାଇଛନ୍ତି ବୋଲି ବିରୋଧୀ ଅଭିଯୋଗ କରିଥିବା ବେଳେ କମିସନ ଏହା ସପକ୍ଷରେ ଦୃଢ଼ ଯୁକ୍ତି ଉପସ୍ଥାପନ କରିଛନ୍ତି।

ଦେଶବ୍ୟାପୀ ଏସ୍‌ଆଇଆର୍ କରାଯିବ ବୋଲି ନିର୍ବାଚନ କମିସନଙ୍କ ପକ୍ଷରୁ ପୂର୍ବରୁ ସୂଚନା ଦିଆଯାଇଥିବା ବେଳେ ଆଜି ଏଠାରେ ସମସ୍ତ ରାଜ୍ୟ ଓ କେନ୍ଦ୍ର ଶାସିତ ଅଞ୍ଚଳର ମୁଖ୍ୟ ନିର୍ବାଚନ ଅଧିକାରୀମାନଙ୍କର ଏକ ବୈଠକ ହୋଇଥିଲା। ବୈଠକରେ କେବଳ ଏସ୍‌ଆଇଆର୍ ପ୍ରସଙ୍ଗରେ ହିଁ ଆଲୋଚନା କରାଯାଇଛି। ସାଢ଼େ ତିନି ଘଣ୍ଟା ଧରି ହୋଇଥିବା ବୈଠକରେ ନିର୍ବାଚନ ଅଧିକାରୀମାନେ ସେମାନଙ୍କ ରାଜ୍ୟ ସଂପର୍କରେ ବିଭିନ୍ନ ତଥ୍ୟ ▶ପୃଷ୍ଠା-୭

### କ୍ୟାବିନେଟ୍‌ରେ ୫ ପ୍ରସ୍ତାବକୁ ଅନୁମୋଦନ

## 'ଭୁବନେଶ୍ୱର ନୂଆ ସହର' ଉନ୍ନୟନ ଯୋଜନାକୁ ମଞ୍ଜୁରୀ

■ **ଭୁବନେଶ୍ୱର, ୧୦।୯ (ସମିସ):** ବୁଧବାର ରାଜ୍ୟ କ୍ୟାବିନେଟ୍ ବୈଠକରେ ୫ଟି ପ୍ରସ୍ତାବକୁ ମଞ୍ଜୁରୀ ମିଳିଛି। ଏକ ଆଧୁନିକ ଏବଂ ସମାବେଶୀ ସହରୀ କେନ୍ଦ୍ର ସୃଷ୍ଟି ଲକ୍ଷ୍ୟରେ ପ୍ରସ୍ତାବିତ 'ଭୁବନେଶ୍ୱର ନୂଆ ସହର' ଉନ୍ନୟନ(ନିୟୁ ସିଟି) ଯୋଜନାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କ୍ୟାବିନେଟ ବୈଠକରେ ଅନୁମୋଦନ ମିଳିଛି। ଅନ୍ୟ ଏକ ପ୍ରମୁଖ ପ୍ରସ୍ତାବକ୍ରମେ ୪୨୮ଟି ଆମ୍ବୁଲାନ୍ସ ପାଇଁ ୧୧୮.୯୮ କୋଟି ଟଙ୍କାର ବ୍ୟୟ ଅଟକଳକୁ କ୍ୟାବିନେଟ୍ ମଞ୍ଜୁରୀ ମିଳିଛି।

କ୍ୟାବିନେଟ୍ ନିଷ୍ପତ୍ତି ସମ୍ପର୍କରେ ମୁଖ୍ୟ ସଚିବ ମନୋଜ ଆହୁଜା ଗଣମାଧ୍ୟମକୁ ସୂଚନା ଦେଇ କହିଛନ୍ତି, 'ଭୁବନେଶ୍ୱର ନୂଆ ସହର ଉନ୍ନୟନ ଯୋଜନା' ପ୍ରକଳ୍ପ ଗୋଠପାଟଣା, ମଳିପଡା ଓ ଦାଶପୁର ଅଞ୍ଚଳର ପ୍ରାୟ ୮୦୦ ଏକର ଜମିକୁ ନେଇ ହେବ। ଏହି ଯୋଜନାରେ ନୂଆ ସହରର ସମସ୍ତ ଅଧିବାସୀଙ୍କୁ ଘର ଯୋଗାଇ ଦେବାକୁ ଲକ୍ଷ୍ୟ ରଖାଯାଇଛି, ଯେଉଁଥିରେ ସମସ୍ତ ଆୟ ଶ୍ରେଣୀ ପାଇଁ ସାମର୍ଥ୍ୟ ଓ ଆବଶ୍ୟକତା ଅନୁସାରେ ବିଭିନ୍ନ ପ୍ରକାରର ଘର ଉପଲବ୍ଧ ହେବ।

୨୦୨୫ ଜାନୁଆରୀ ୧୭ରେ ସିଙ୍ଗାପୁରର ରାଷ୍ଟ୍ରପତି ଓ ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ଭୁବନେଶ୍ୱର ଉନ୍ନୟନ କର୍ତ୍ତୃପକ୍ଷ (ବିଡିଏ) ଓ ସିଙ୍ଗାପୁରର ସୁର୍ବାନା ଜୁରୋଙ୍ଗ ସଂସ୍ଥା ମଧ୍ୟରେ ଏକ ▶ପୃଷ୍ଠା-୭

ବଢ଼ିଲା ବିଡିଓ, ଯନ୍ତ୍ରୀଙ୍କ କ୍ଷମତା → ପୃଷ୍ଠା-୩

### ଅସହ୍ୟ ହେଲାଣି ଦରଦାମ୍ ବୃଦ୍ଧି

# ୩ ବର୍ଷରେ ୩୩% ବଢ଼ିଗଲାଣି ଘର ଖର୍ଚ୍ଚ

### ପରିବାର ଚଳାଇବାକୁ ସଂଘର୍ଷ କରୁଛନ୍ତି ୪୫% ମଧ୍ୟବିତ୍ତ

■ **ନୂଆଦିଲ୍ଲୀ, ୧୦।୯ (ଏଜେନ୍ସି):** ବଜାର ଦରର ମହଙ୍ଗା ମାଡ଼ରେ ଖାଉଟି ନୟାନ୍ତ। ଗାଁ ଠାରୁ ସହର ପର୍ଯ୍ୟନ୍ତ ସାଧାରଣ ଲୋକ ଦରଦାମରେ ଅତିଷ୍ଠ। ଖାଦ୍ୟପାନୀୟଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟ ସେବା, ଶିକ୍ଷା ସବୁ କ୍ଷେତ୍ରରେ ବଢ଼ି ଚାଲିଥିବା ଖର୍ଚ୍ଚକୁ ନେଇ ସାଧାରଣ ଉପଭୋକ୍ତା ତ୍ରାହିତ୍ରାହି ଡାକୁଛନ୍ତି। ଗରିବ ଲୋକମାନଙ୍କୁ ସରକାର ମାଗଣା ଖାଦ୍ୟଶସ୍ୟ ଯୋଗାଇ ଦେଉଥିଲେ ହେଁ ଆନୁଷଙ୍ଗିକ ଖର୍ଚ୍ଚ ଯୋଗାଡ଼ କରିବା ସେମାନଙ୍କ ପାଇଁ କଷ୍ଟକର ହୋଇ ପଡ଼ିଛି। ଉଚ୍ଚ ବଜାର ଦର ଯୋଗୁଁ ୩ ବର୍ଷରେ ଭାରତୀୟଙ୍କ ପାରିବାରିକ ଖର୍ଚ୍ଚ ୩୩ ପ୍ରତିଶତ ବୃଦ୍ଧି ପାଇଛି ଓ ୪୫% ଭାରତୀୟ ପରିବାର ଘର ଚଳାଇବାକୁ ପ୍ରତିଦିନ ସଂଘର୍ଷ କରୁଛନ୍ତି। ମୂଲ୍ୟ ବୃଦ୍ଧିଜନିତ ସମସ୍ୟାର ମୁକାବିଲା କରିବା ପାଇଁ ମଧ୍ୟବିତ୍ତ ପରିବାରଗୁଡ଼ିକ ଖର୍ଚ୍ଚକାଟ କରୁଛନ୍ତି ଓ ନିମ୍ନ ମଧ୍ୟବିତ୍ତ ପରିବାରଗୁଡ଼ିକର ସଞ୍ଚୟ ହ୍ରାସ ପାଇଛି। ଜୁନ୍ ୨୦୨୨ରେ ଦେଶର ସହରାଞ୍ଚଳରେ ବସବାସ କରୁଥିବା ଲୋକମାନଙ୍କର ହାରାହାରି ତ୍ରୈମାସିକ ଖର୍ଚ୍ଚ ୫୨,୭୧୧ ଟଙ୍କା ଥିବାବେଳେ ୨୦୨୫ ମାର୍ଚ୍ଚ ମାସରେ ଏହା ବୃଦ୍ଧି ପାଇ ୭୩,୫୭୯ ଟଙ୍କାରେ ପହଞ୍ଚିଛି। ସେହିପରି ଦେଶର ଗ୍ରାମାଞ୍ଚଳରେ ବସବାସ କରୁଥିବା ଲୋକଙ୍କ ହାରାହାରି ତ୍ରୈମାସିକ ଖର୍ଚ୍ଚ ଜୁନ୍ ୨୦୨୨ରେ ୩୬୧୦୪ ଟଙ୍କା ଥିବାବେଳେ ମାର୍ଚ୍ଚ ୨୦୨୫ରେ ଏହା ୪୬୬୨୩ ଟଙ୍କାରେ ପହଞ୍ଚିଛି। ପାରିବାରିକ ଖର୍ଚ୍ଚକୁ ନେଇ ୱାର୍ଲ୍ଡ ପ୍ୟାନେଲ ସର୍ଭେ ପ୍ରକାଶ କରିଛି ଏପରି ତଥ୍ୟ।

'ୱାର୍ଲ୍ଡପ୍ୟାନେଲ୍ ବାଇ ନ୍ୟୁମେରେଟର୍' ରିପୋର୍ଟ ଅନୁସାରେ ଭାରତରେ ଧନୀ ଓ ଗରିବଙ୍କ ମଧ୍ୟରେ ତାରତମ୍ୟ ଦୃଷ୍ଟାନ୍ତମୂଳକ ଭାବରେ ବୃଦ୍ଧି ପାଇବାରେ ଲାଗିଛି। ପ୍ରତିବର୍ଷ ସହରାଞ୍ଚଳରେ ବସବାସ କରୁଥିବା ଭାରତୀୟ ପରିବାରଗୁଡିକର ଖର୍ଚ୍ଚ ▶ପୃଷ୍ଠା-୭

**ୱାର୍ଲ୍ଡ ପ୍ୟାନେଲ୍ ଇଣ୍ଡିଆ ସର୍ଭେ ରିପୋର୍ଟ**

### ବର୍ଷକ ମଧ୍ୟରେ ଉପଭୋକ୍ତା ଆତ୍ମବିଶ୍ୱାସ ୩% ହ୍ରାସ
### ଦେଶରେ ସ୍ୱଚ୍ଛନ୍ଦ ଜୀବନ କାଟୁଛନ୍ତି ମାତ୍ର ୧୭%

## ପେଟ୍ରୋଲ ଢାଳି ନିଜକୁ ଜାଳିଦେଲେ

**୯୦ ପ୍ରତିଶତ ଦଗ୍ଧ**



■ **ବ୍ରହ୍ମପୁର, ୧୦।୯ (ସମିସ):** ବଡ଼ବଜାର ଥାନା ଅନ୍ତର୍ଗତ ପୁରୁଣା ବ୍ରହ୍ମପୁର ଅଞ୍ଚଳର ଜଣେ ଯୁବକ ମେଣ୍ଢୁଛକଠାରେ ନିଜ ଶରୀରରେ ପେଟ୍ରୋଲ ଢାଳି ନିଆଁ ଲଗାଇ ଦେଇଛନ୍ତି। ତାଙ୍କ ଶରୀରର ୯୦ ଭାଗରୁ ଅଧିକ ପୋଡ଼ିଯାଇଛି। ଗୁରୁତର ଯୁବକଜଣଙ୍କ ହେଲେ, ପୁରୁଣା ବ୍ରହ୍ମପୁର ରାଧାକୃଷ୍ଣ ସାହିର ସୂରଜ ସାହୁ(୨୧)। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଏମ୍‌କେସିଜି ମେଡିକାଲରେ ଭର୍ତ୍ତି କରାଇଥିଲେ। ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ କଟକ ବଡ଼ ମେଡିକାଲ୍‌କୁ ସ୍ଥାନାନ୍ତର କରାଯାଇଛି। ▶ପୃଷ୍ଠା-୭

### ମହଙ୍ଗା ପଡ଼ିଲା ଚାରିଚକିଆ ଗାଡ଼ି କିଣା ଓ ଧାନ ବିକ୍ରି ପଞ୍ଜୀକରଣ

## ସୁଭଦ୍ରାରୁ ୨ ଲକ୍ଷ ହିତାଧିକାରୀ ବାଦ୍

■ **ଭୁବନେଶ୍ୱର, ୧୦।୯ (ସମିସ):** ରାଜ୍ୟରେ ଜାରି ରହିଥିବା ସୁଭଦ୍ରା ଯୋଜନାରୁ ପାଖାପାଖି ୨ ଲକ୍ଷ ହିତାଧିକାରୀ ବାଦ୍ ପଡ଼ିଛନ୍ତି। ୨ଟି କିସ୍ତିରେ ଅର୍ଥ ପାଇସାରିବା ପରେ ମଧ୍ୟ ଏହି ହିତାଧିକାରୀଙ୍କୁ ଯୋଜନାରୁ ବାଦ୍ ଦିଆଯାଇଛି। ସୁଭଦ୍ରା ଯୋଜନାରେ ସାମିଲ ହୋଇଥିବା ହିତାଧିକାରୀଙ୍କ ମଧ୍ୟରୁ ଯେଉଁ ପରିବାରରେ ଚାରିଚକିଆ ଗାଡ଼ି କିଣାଯାଇଛି, ଧାନ ବିକ୍ରି ପାଇଁ ପଞ୍ଜୀକରଣ କରାଯାଇଛି ଓ ଆୟକରଦାତା ରହିଛନ୍ତି, ସେମାନଙ୍କୁ ସରକାର ଏହି ଯୋଜନାରୁ ବାଦ୍ ଦେଇଥିବା ଜଣାପଡ଼ିଛି।

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ବୁଧବାର କରିଥିବା ସୁଭଦ୍ରା ଯୋଜନାର ସମୀକ୍ଷା ବୈଠକରୁ ଏହି ତଥ୍ୟ ଜଣାପଡ଼ିଛି। ଏଥିରେ ଦର୍ଶାଯାଇଛି ଯେ ମୃତ୍ୟୁ ଯୋଗୁଁ ୧୫,୯୮୪ଜଣ, ଚାରିଚକିଆ ଗାଡ଼ି କିଣିଥିବାରୁ ୩୬ ହଜାର ୭୦୨ଜଣ, ଆୟ କର ରିଟର୍ଣ୍ଣ ଦାଖଲ କରିଥିବା ୨୧ ହଜାର ୩୫ଜଣ ଏବଂ ଧାନ ବିକ୍ରି ପାଇଁ କୃଷକ ଭାବେ ପଞ୍ଜୀକରଣ କରିଥିବା ୧ ଲକ୍ଷ ୩୩ ହଜାର ୬୯୧ ଜଣ ହିତାଧିକାରୀଙ୍କୁ ଯୋଜନାରୁ ବାଦ୍ ଦିଆଯାଇଛି। ତେବେ ସରକାରଙ୍କ ମୃତ୍ୟୁ ତାଲିକାକୁ ନେଇ ଅଡୁଆ ସ୍ଥିତି ସୃଷ୍ଟି ହୋଇଛି। କାରଣ ଯେଉଁ ୧୫ ହଜାର ୯୮୪ ଜଣଙ୍କୁ ମୃତ ଘୋଷଣା କରାଯାଇଛି, ସେମାନଙ୍କ ▶ପୃଷ୍ଠା-୭

### ମୃତ ଦର୍ଶାଇ ୧୮୦୫ ଜଣଙ୍କୁ କାଟିଦେଲେ

## ରକ୍ତ ଭଣ୍ଡାରରେ ଚିହ୍ନଟ ହୋଇପାରୁନି ଏଚ୍‌ଆଇଭି

### ସରକାରଙ୍କୁ ହାଇକୋର୍ଟଙ୍କ ଜବାବ ତଲବ



### ଆଇଡି-ଏନଏଟି ପରୀକ୍ଷା ସୁବିଧା ନ ଥିବାରୁ ହୋଇପାରୁନି ଏଚ୍‌ଆଇଭି, ଏଚ୍‌ସିଭି ରକ୍ତ ସଂକ୍ରମଣ ଚିହ୍ନଟ

■ **କଟକ, ୧୦।୯ (ସମିସ):** ରାଜ୍ୟର ସମସ୍ତ ୫୫ ରକ୍ତଭଣ୍ଡାରରେ ଇଣ୍ଡିଭିଜୁଆଲ ଡୋନର୍ ନ୍ୟୁକ୍ଲିକ୍ ଏସିଡ୍ ଆମ୍ପ୍ଲିଫିକେସନ୍ ଟେକ୍ନୋଲୋଜି (ଆଇଡି-ଏନ୍‌ଏଟି) ପରୀକ୍ଷା ସୁବିଧା ନଥିବାରୁ ବିଭିନ୍ନ ବ୍ୟକ୍ତିବିଶେଷଙ୍କଠାରୁ ସଂଗୃହୀତ ହେଉଥିବା ରକ୍ତର ଏଚ୍‌ଆଇଭି, ଏଚ୍‌ସିଭି ଭଳି ମାରାତ୍ମକ ସଂକ୍ରମଣର ଚିହ୍ନଟ ହୋଇପାରୁନାହିଁ। ଫଳରେ ଏଡ୍‌ସ ଭଳି ରୋଗ ବ୍ୟାପିବାର ଆଶଙ୍କା ରହିଛି। ଏହି ପ୍ରସଙ୍ଗରେ ରୁଜୁ ଜନସ୍ୱାର୍ଥ ମାମଲାକୁ ହାଇକୋର୍ଟ ଗୁରୁତ୍ୱର ସହ ଗ୍ରହଣ କରି ରାଜ୍ୟ ସରକାରଙ୍କୁ ନୋଟିସ୍ ଜାରି କରିବା ସହ ଜବାବ ଦାଖଲ ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

ଅବସରପ୍ରାପ୍ତ ଚିକିତ୍ସା ବିଜ୍ଞାନୀ ଡା. ଅମରେନ୍ଦ୍ର ମହାପାତ୍ରଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ମୁଖ୍ୟ ବିଚାରପତି ଜଷ୍ଟିସ ହରୀଶ ଟଣ୍ଡନ ଓ ଜଷ୍ଟିସ ଏମ.ଏସ ରମଣଙ୍କୁ ନେଇ ଗଠିତ ଖଣ୍ଡପୀଠ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଆବେଦନକାରୀ ଦର୍ଶାଇଛନ୍ତି ଯେ ରକ୍ତଭଣ୍ଡାରଗୁଡ଼ିକରେ ରକ୍ତର ପୁରୁଣା ଏଲିସା ପରୀକ୍ଷା ପଦ୍ଧତି ଅବଲମ୍ବନ କରାଯାଉଛି। ଏହି ପଦ୍ଧତିରେ ଏଚ୍‌ଆଇଭି ଭଳି ଭୂତାଣୁ ସଂକ୍ରମଣ ନିର୍ଦ୍ଦିଷ୍ଟ ଅବଧିରେ ଜଣାପଡୁନଥିଲା। ହାଇକୋର୍ଟରେ ରୁଜୁ ଆଉ ଏକ ଜନସ୍ୱାର୍ଥ ମାମଲାରେ ନିର୍ଦ୍ଦେଶାନୁସାରେ ସରକାର ଏନଏଟି-ପିସିଆର୍ ଟେଷ୍ଟ କେତେକ ରକ୍ତଭଣ୍ଡାରରେ ଉପଲବ୍ଧ କରାଇଲେଣି। ହେଲେ ଏହି ପ୍ରକ୍ରିୟାରେ ମଧ୍ୟ ଏଚ୍‌ଆଇଭିର ବିଭିନ୍ନ ଭାରିଆଣ୍ଟ ଓ ହେପାଟାଇଟିସି ବି' ଭଳି ମାରାତ୍ମକ ସଂକ୍ରମଣ ୱିଣ୍ଡୋ ପିରିୟଡ୍‌ରେ ଜଣାପଡ଼ିବ ନାହିଁ। ଏଣୁ, ଓଏସଏମସିଲ୍‌କୁ ସମସ୍ତ ରକ୍ତଭଣ୍ଡାରରେ ଅତ୍ୟାଧୁନିକ ଆଇଡି-ଏନଏଟି ସୁବିଧା ଉପଲବ୍ଧ କରାଇବାକୁ ନିର୍ଦ୍ଦେଶ ଦିଆଯାଉ ବୋଲି ଆବେଦନକାରୀ ପ୍ରାର୍ଥନା କରିଛନ୍ତି। ଏଥିସହ, ପୂର୍ବରୁ ବିଚାରାଧୀନ ▶ପୃଷ୍ଠା-୭


# ସମ୍ପୂର୍ଣ୍ଣ



## ଆଜିର ଇତିହାସ

- ୧୮୯୩- ସିକାଗୋରେ ବିଶ୍ୱ ଧର୍ମ ସଂସଦର ପ୍ରଥମ ବୈଠକ ଅନୁଷ୍ଠିତ ହୋଇଥିଲା।
- ୧୮୯୫- ଭୂଦାନ ଆନ୍ଦୋଳନର ପ୍ରବର୍ତ୍ତକ ସନ୍ଥ ବିନୋବା ଭାବେଙ୍କ ଜନ୍ମ।
- ୧୯୧୯-ଆମେରିକୀୟ ନୌସେନା ହଣ୍ଡୁରାସ ଉପରେ ଆକ୍ରମଣ କଲା।
- ୧୯୩୨- ଏଥେନ୍ସରେ ଏକ ଟ୍ରେନ୍ ଦୁର୍ଘଟଣାରେ ୧୬ ଜଣଙ୍କ ମୃତ୍ୟୁ ହୋଇଥିଲା।
- ୧୯୬୧-ବିଶ୍ୱ ବନ୍ୟଜୀବ କୋଷର ସ୍ଥାପନା।
- ୨୦୦୧-ଅଲକାଏଦା ଯୁକ୍ତରାଷ୍ଟ୍ର ଆମେରିକାରେ ଥିବା ବିଶ୍ୱ ବାଣିଜ୍ୟ କେନ୍ଦ୍ର ଉପରେ ଆକ୍ରମଣ କରିଥିଲା। ଏଥିରେ ୨୯୯୬ ଜଣଙ୍କର ମୃତ୍ୟୁ ହୋଇଥିଲା।

## ୨୦୨୭ରେ 'କ୍ରିସ୍ ୪'



ହୃତିକ୍ ରୋଶନ ଚଳିତବର୍ଷ ବଲିଉଡ୍‌ରେ ୨୫ ବର୍ଷ ପୂରଣ କରିଛନ୍ତି। ଏଇବର୍ଷ 'କ୍ରିସ୍ ୪'କୁ ନେଇ ମଧ୍ୟ ବଡ଼ ଅପଡେଟ୍ ଆସିଛି। ରାକେଶ ରୋଶନଙ୍କ ବଦଳରେ ନିଜେ ଏଥିରେ ହୃତିକ୍ ନିର୍ଦ୍ଦେଶନା ଦେବେ ବୋଲି ଜଣାପଡ଼ିଛି। ନିକଟରେ ରାକେଶ ତାଙ୍କ ୭୬ ତମ ଜନ୍ମଦିନ ପାଳନ ଅବସରରେ ଗଣମାଧ୍ୟମକୁ ଦେଇଥିବା ଏକ ସାକ୍ଷାତକାରରେ କହିଛନ୍ତି ଯେ, 'କ୍ରିସ୍ ୪' ର କାହାଣୀ ପାଇଁ ଆଉ ବେଶୀ ଦିନ ଲାଗିବ ନାହିଁ। ବଜେଟ୍ ପାଇଁ ଆମେ ଚାପରେ ଅଛୁ। ଆମେ ଏକ ସୀମିତ ବଜେଟ୍ ମଧ୍ୟରେ ଫିଲ୍ମଟିକୁ ନିର୍ମାଣ କରିବୁ। ଆସନ୍ତା ବର୍ଷ ମଧ୍ୟ ଆଡ଼କୁ ଏହାର ସୁଟିଂ ଆରମ୍ଭ ହୋଇପାରେ। ୨୦୨୭ରେ ଆମେ ଏହାକୁ ରିଲିଜ୍ କରିବା ପାଇଁ ଯୋଜନା ରଖିଛୁ।' ଏଠାରେ ପ୍ରକାଶ ଥାଉ କି, 'କ୍ରିସ୍ ୪' 'କ୍ରିସ୍' ସିରିଜ୍‌ର ଚତୁର୍ଥ ଫିଲ୍ମ ହେବ। ଏହାର ପ୍ରଥମ ଫିଲ୍ମ 'କୋଇ ମିଲ ଗୟା(୨୦୦୩), 'କ୍ରିସ୍'(୨୦୦୬) ଓ 'କ୍ରିସ୍ ୩'(୨୦୧୩) ରେ ଆସିଥିଲା। ହୃତିକ୍‌ଙ୍କ କାମ କଥା କହିବାକୁ ଗଲେ, ସେ ଶେଷ ଥର ପାଇଁ 'ୱାର୍ ୨' ଫିଲ୍ମରେ ଦେଖାଯାଇଥିଲେ। ଏଥିରେ ତାଙ୍କ ସହ ଜୁନିୟର୍ ଏନ୍‌ଟିଆର୍, କିଆରା ଆଡଭାନୀ ଲିଡ୍ ରୋଲରେ ନଜର ଆସିଥିଲେ। ଅୟାନ୍ ମୁଖାର୍ଜୀଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମ ବକ୍ସ ଅଫିସ୍‌ରେ ସେତେଟା ଭଲ ବ୍ୟବସାୟ କରି ନଥିଲା। ଏହି କାରଣରୁ ହୃତିକ୍‌ଙ୍କ କ୍ୟାରିୟର ମଧ୍ୟ ପ୍ରଭାବିତ ହୋଇଛି।

## ଶ୍ରମିକଙ୍କ କାମ କରିବ ରୋବଟ୍

### ଥରକରେ ଉଠାଇବ ୨୫୦ କେଜି ଓଜନର ଜିନିଷ



ଚୀନ୍ ଦିନକୁ ଦିନ ନୂଆ ନୂଆ ଟେକ୍ନୋଲଜି ବିକଶିତ କରୁଥିବା ଦେଖାଯାଉଛି। ଏହି କ୍ରମରେ ଚୀନ୍ ରୋବଟିକ୍ସ ଦୁନିଆରେ ଏକ ବଡ଼ ସଫଳତା ହାସଲ କରିଛି। ଏଆଇ ସହାୟତାରେ ଏହା ଏଭଳି ଏକ ରୋବଟ୍ ବିକଶିତ କରିଛି, ଯାହାକୁ ଲୋକେ ବାହୁବଳି ରୋବଟ୍ କହୁଛନ୍ତି। କାରଣ ଏହା ୨୫୦ କେଜି ଓଜନର ଜିନିଷକୁ ବେଶ୍ ସହଜରେ ଉଠାଇ ଦେଉଛି। ସାମାଜିକ ଗଣମାଧ୍ୟମରେ ଏହି ରୋବଟ୍‌କୁ ନେଇ ଚର୍ଚ୍ଚା ଆରମ୍ଭ ହୋଇଛି। ଚୀନ୍‌ର ଷ୍ଟାର୍ଟଅପ୍ କମ୍ପାନି 'ମ୍ୟାଜିକ୍‌ଲ୍ୟାବ୍' 'ମ୍ୟାଜିକବଟ୍' ନାମକ ଏକ ହ୍ୟୁମାନଏଡ୍ ରୋବଟ୍ ବିକଶିତ କରିଛି। ଏହା ୨୫୦ କିଲୋଗ୍ରାମ ପର୍ଯ୍ୟନ୍ତ ଓଜନ ବୋହିବାକୁ ସକ୍ଷମ। ଏହି ରୋବଟ୍‌ର ଏକ ଭିଡିଓ ଜାରି କରାଯାଇଛି। ତେବେ ଆଗାମୀ ଦିନଗୁଡ଼ିକରେ ଏହା କାରଖାନାରେ ଶ୍ରମିକଙ୍କ ସ୍ଥାନ ନେଇପାରେ ବୋଲି କୁହାଯାଉଛି। ରୋବଟ୍‌ଟି ପ୍ରଥମେ ୮୦ କିଲୋଗ୍ରାମ ଓଜନ ବୋହିଥିବା ବେଳେ ଏହା ପରେ ୧୭୦ କିଲୋଗ୍ରାମ ଏବଂ ଶେଷରେ ୨୫୦ କିଲୋଗ୍ରାମ ଓଜନ ବୋହିଥିବା ଦେଖାଯାଇଛି। ହାଲୁକା ଜିନିଷ ଉଠାଇବା ସମୟରେ ଏହି ରୋବଟ୍‌ର ବେଗ ସେକେଣ୍ଡ ପ୍ରତି ୦.୭ ମିଟର ଥିବା ବେଳେ ଭାରି ଓଜନ ଉଠାଇବା ସମୟରେ ଏହା ସେକେଣ୍ଡ ପ୍ରତି ୦.୩ ମିଟର ଥିଲା। ଅବଶ୍ୟ ରୋବଟ୍‌ଟି କେବଳ ଶକ୍ତିଶାଳୀ ନୁହେଁ, ବରଂ ଏକାଧିକ କାର୍ଯ୍ୟ ମଧ୍ୟ କରିବାକୁ ସକ୍ଷମ। ମୁଖ୍ୟତଃ ଉକ୍ତ ରୋବଟ୍‌କୁ କାରଖାନାରେ କାମ କରିବା ଉଦ୍ଦେଶ୍ୟରେ ଡିଜାଇନ୍ କରାଯାଇଛି। ଏହା ହେଉଛି ତୃତୀୟ ପିଢ଼ିର ଏଆଇ ରୋବଟ୍। ଏହା ଜିନିଷ ଉଠାଇବା ସହ ପରୀକ୍ଷା କରିବା, ସ୍କାନିଂ କରିବା ସହିତ ଗୋଦାମରେ ମଧ୍ୟ କାମ କରିପାରିବ। କେବଳ ସେତିକି ନୁହେଁ, ଏହା ପୋଷାକ ସଫା କରିବା, ପିଲାଙ୍କ ପାଇଁ ରୋଷେଇ କରିବା, ଗଛରେ ପାଣି ଦେବା ଭଳି ଅନ୍ୟାନ୍ୟ ଘରୋଇ କାମ ବି କରିପାରିବ। ଏହାର ଅନ୍ୟତମ ବିଶେଷତ୍ୱ ହେଉଛି, ଏହା ଅତି ସୂକ୍ଷ୍ମ ଜିନିଷକୁ ମଣିଷଙ୍କ ଭଳି ସର୍ତକତାର ସହ ରଖିଥାଏ। ଏହି ରୋବଟ୍‌ରେ ଆରଜିବିଡି କ୍ୟାମେରା, ଫିସ୍‌ଆଇ କ୍ୟାମେରା ଏବଂ ଅଲଟ୍ରାସୋନିକ ସେନସର୍ ଲାଗିଛି। ଥରେ ଚାର୍ଜ କଲେ ପାଞ୍ଚ ଘଣ୍ଟା ପର୍ଯ୍ୟନ୍ତ ଏହା ମଣିଷ ଭଳି ଚଲାବୁଲା, ଦୌଡ଼ାଦୌଡ଼ି କରିଥାଏ। ସେହିପରି ଏଆଇ ସାହାଯ୍ୟରେ ଏହାର ବେଗକୁ କମ୍ ବେଶି ବି କରାଯାଇ ପାରିବ। ଏହି ରୋବଟ୍ ଏଆଇ ଇଞ୍ଜିନ୍‌ର ବ୍ୟବହାର କରିଥାଏ। ଯାହାକି ଏହାକୁ ନୂଆ କାମ ଶିଖିବାରେ ସାହାଯ୍ୟ କରେ। ଅନ୍ୟପଟେ ଏହାକୁ ଚୀନ୍‌ର କିଛି କାରଖାନାରେ ବ୍ୟବହାର କରାଯାଇଥିବା ଜଣାପଡ଼ିଛି।

## ବୟସ ୧୫, ଉଚ୍ଚତା ୭ ଫୁଟ

ଅନେକ ଲୋକ ସେମାନଙ୍କ ଶାରୀରିକ ଗଠନକୁ ନେଇ ଚର୍ଚ୍ଚାରେ ଥାଆନ୍ତି। ଏହି କ୍ରମରେ ବିହାର ଦରଭଙ୍ଗାର ଜଣେ ବାଳକ ନିଜର ଉଚ୍ଚତା ପାଇଁ ସଭିଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ୧୫ ବର୍ଷୀୟ ହରିଓମ୍‌ଙ୍କ ଉଚ୍ଚତା ୭ ଫୁଟ। ସେ ଏବେ ଏକାଦଶ ଶ୍ରେଣୀରେ ପାଠ ପଢୁଛନ୍ତି। ଭବିଷ୍ୟତରେ ସେ ପୁଲିସ ଚାକିରିରେ ଯୋଗଦେବାକୁ ଆଶା ରଖିଛନ୍ତି। ଘରର ଅନ୍ୟ ସଦସ୍ୟଙ୍କ ଉଚ୍ଚତା ସାଧାରଣ ଥିବାବେଳେ, କେବଳ ହରିଓମ୍‌ଙ୍କ ଉଚ୍ଚତାରେ ଏପରି ଭିନ୍ନତା ଦେଖାଯାଇଛି। ସେହିପରି ହରିଓମ୍‌ଙ୍କ ବାପା ପୁଅର ଉଚ୍ଚତାକୁ ଦୃଷ୍ଟିରେ ରଖି ତାଙ୍କ ଘରକୁ ତିଆରି କରିଛନ୍ତି। ସେ ତାଙ୍କ ଶୌଚାଳୟ, ଶୋଇବା ଘର ଓ ରୋଷେଇ ଘରର ଉଚ୍ଚତାକୁ ସାଢ଼େ ସାତଫୁଟ ରଖିଛନ୍ତି। ଯଦ୍ୱାରା ହରିଓମ୍ ଘର ମଧ୍ୟରେ ଆରାମରେ ଆତଯାତ କରିପାରିବେ। ଏହାକୁ ନେଇ ହରିଓମ୍ କୁହନ୍ତି, ତାଙ୍କ ଉଚ୍ଚତା ବୟସ ବଢ଼ିବା ସହ ବଢ଼ି ଚାଲିଥିଲା। ଏହାକୁ ନେଇ ତାଙ୍କର କୌଣସି ସମସ୍ୟା ମଧ୍ୟ ହୋଉ ନ ଥିଲା। ଅଧିକ ଉଚ୍ଚତା ପାଇଁ ତାଙ୍କ ସାଙ୍ଗମାନେ ତାଙ୍କୁ 'ଲମ୍ବୁ' ଡାକୁଥିବା ହରିଓମ୍ କୁହନ୍ତି। ସେ ଏବେ ପୁଲିସ୍ ଚାକିରି ପାଇଁ ପ୍ରସ୍ତୁତି ଚଳାଇଛନ୍ତି।





## ସ୍ୱାମୀଙ୍କ ସ୍ମୃତିରେ ସାଇତି ରଖିଛନ୍ତି ଟାଟୁ

ସ୍ୱାମୀ ଓ ସ୍ତ୍ରୀର ସମ୍ପର୍କ ଈଶ୍ୱରଙ୍କ ଏକ ଅନବଦ୍ୟ ସୃଷ୍ଟି। ପତି ପତ୍ନୀଙ୍କ ମଧ୍ୟରୁ ଜଣକର କାହାର ମୃତ୍ୟୁ ହୋଇଗଲେ ଅନ୍ୟ ଜଣେ ତାକୁ ପ୍ରତି ମୁହୂର୍ତ୍ତରେ ଝୁରି ହେଉଥାଏ। ସେ ଛାଡ଼ି ଯାଇଥିବା ଜିନିଷଗୁଡ଼ିକୁ ସ୍ମୃତି ଭାବେ ନିଜ ପାଖେ ସାଇତି ରଖିଥାନ୍ତି। ପଶ୍ଚିମ ଭର୍ଜିନିଆର ଏଞ୍ଜେଲିକା ରାଡେକ୍ସି ନାମ୍ନୀ ଜଣେ ୩୫ ବର୍ଷୀୟା ମହିଳା ତାଙ୍କ ସ୍ୱାମୀଙ୍କୁ ହରାଇବା ପରେ ଏପରି କିଛି କରିଛନ୍ତି ଯାହା ଶୁଣିବାକୁ ବେଶ୍ ଆଶ୍ଚର୍ଯ୍ୟ ଲାଗିବ। ଏଞ୍ଜେଲିକା ଓ ତାଙ୍କ ସ୍ୱାମୀ ଟିଜେ ପିଲାଦିନର ବନ୍ଧୁ ଥିଲେ। ୨୦୨୧ ମସିହାରେ ଉଭୟ ବିବାହ ବନ୍ଧନରେ ବାନ୍ଧି ହୋଇଥିଲେ। ସେମାନଙ୍କର ପ୍ରେଷ୍ଟନ ନାମକ ୧୦ ବର୍ଷର ପୁଅ ଅଛି। ୫୫ ବର୍ଷ ବୟସରେ ଟିଜେଙ୍କର ଅଚାନକ ମୃତ୍ୟୁ ହୋଇଯାଇଥିଲା। ସ୍ୱାମୀ ଚାଲିଯିବା ପରେ ଏଞ୍ଜେଲିକା ପୂରା ଭାଙ୍ଗି ପଡ଼ିଥିଲେ। ସେ ଏକ ନିଆରା ଉପାୟରେ ସ୍ୱାମୀଙ୍କ ସ୍ମୃତିକୁ ସାଉଁଟି ରଖିବାକୁ ଇଚ୍ଛା କରିଥିଲେ। ଟିଜେଙ୍କ ଶରୀରରେ ୭୦ରୁ ଅଧିକ ଟାଟୁ ଥିଲା। ଏଞ୍ଜୋଲିକା ଟିଜେଙ୍କ ହାତରେ ଥିବା ପିଟ୍‌ସବର୍ଗ ଷ୍ଟିଲର୍ସ ହେଲମେଟ୍ ଟାଟୁକୁ ସାରା ଜୀବନ ସାଇତି ରଖିବାକୁ ଚାହିଁଥିଲେ। ଖପୁରୀ ଆକୃତିର ଏହି ଟାଟୁଟି ଟିଜେ ଏବଂ ତାଙ୍କ ପୁଅଙ୍କର ବହୁତ ପସନ୍ଦ ଥିଲା। ତେଣୁ ଏହି ଟାଟୁଟିକୁ ଏଞ୍ଜେଲିକା ସାରା ଜୀବନ ସାଇତି ରଖିବାକୁ ଇଚ୍ଛା କରିଥିଲେ। ତେଣୁ ଅନ୍ତିମସଂସ୍କାର ସମୟରେ ଏଞ୍ଜେଲିକା ମାର୍କରରେ ଟାଟୁର ସଠିକ୍ ଅଂଶକୁ ଚିହ୍ନିତ କରିଥିଲେ। ଏହାପରେ ଟିଜେଙ୍କର ସେହି ଅଂଶକୁ କଟାଯାଇ ସେଭ୍ ମାଇଁ ଇଙ୍କ୍ ଫରଏଭର ନାମକ କମ୍ପାନି ନିକଟକୁ ପଠାଇ ଦିଆଯାଇଥିଲା। ଏହି କମ୍ପାନି ଚର୍ମରେ ଥିବା ଟାଟୁକୁ ବହୁଦିନ ଧରି ସଂରକ୍ଷିତ ରଖିବା ପାଇଁ ଜଣାଯାଏ। ଏହି ପ୍ରକ୍ରିୟା ୯୦ ଦିନ ଧରି ଚାଲିଥିଲା। ଶେଷରେ କମ୍ପାନି ପକ୍ଷରୁ ଟିଜେଙ୍କ ଟାଟୁଟିକୁ କାଠ ଓ କାଚ ଯୁକ୍ତ ଫ୍ରେମରେ ବନ୍ଦ କରି ପଠାଯାଇଥିଲା। ଏହି ଫ୍ରେମ୍ ଦେଖି ଏଞ୍ଜେଲିକା ଭାବବିହ୍ୱଳ ହୋଇଯାଇଥିଲେ। ଯେତେବେଳେ ସେ ଏହି ଟାଟୁକୁ ହାତରେ ନେଇଥିଲେ କିଛି ହଜିଗଲା ଜିନିଷ ହଠାତ୍ ଫେରି ଆସିଲା ପରି ତାଙ୍କୁ ଲାଗିଥିଲା। ଏନେଇ ଏଞ୍ଜେଲିକା ଏବଂ ପ୍ରେଷ୍ଟନ କୁହନ୍ତି, ଯେତେବେଳେ ସେମାନେ ଟିଜେଙ୍କୁ ମନେ ପକାନ୍ତି, ଏହି ଫ୍ରେମ୍‌କୁ ଆଲିଙ୍ଗନ କରନ୍ତି। ଅନ୍ୟପଟେ ଏଞ୍ଜେଲିକା ଏହି ଘଟଣାକୁ ସାମାଜିକ ଗଣମାଧ୍ୟମରେ ସେୟାର୍ କରିବା ପରେ କେହି କେହି ତାଙ୍କର ପ୍ରଶଂସା କରିଥିବାବେଳେ ଆଉ କେହି କେହି ସେ ସିରିଏଲ୍ କିଲର୍‌ଙ୍କ ଭଳି କାମ କରିଥିବା କହିଛନ୍ତି।


## ନୁଡୁଲ୍ସ କଞ୍ଚା ଖାଉଥିଲେ ସାବଧାନ

ପିଲାଠୁ ବୟସ୍କ ସମସ୍ତଙ୍କ ପାଇଁ ଏବେ ଇନ୍‌ଷ୍ଟାଣ୍ଟ ନୁଡୁଲ୍ସ ପ୍ରିୟ ଖାଦ୍ୟ ପାଲଟିଛି। ଏହା କମ୍ ସମୟରେ ପ୍ରସ୍ତୁତ ହୋଇଥାଏ। ତେବେ ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା ନୁଡୁଲ୍ସକୁ କଞ୍ଚା ଖାଇବା ଦ୍ୱାରା ଏହା ଶରୀର ପାଇଁ ବିପଜ୍ଜନକ ସାବ୍ୟସ୍ତ ହୋଇପାରେ। ନିକଟରେ ଇଜିପ୍ଟର ଜଣେ ୧୩ ବର୍ଷର ପିଲା ଜଳଖିଆରେ ତିନି ପ୍ୟାକେଟ୍ କଞ୍ଚା ନୁଡୁଲ୍ସ ଖାଇଥିଲା। ଖାଇବାର କିଛି ସମୟ ମଧ୍ୟରେ ତାର ପେଟରେ ଯନ୍ତ୍ରଣା ହୋଇ ବାନ୍ତି ହେବାରୁ ପରିବାର ଲୋକେ ପିଲାଟିକୁ ହସ୍‌ପିଟାଲକୁ ନେଇଥିଲେ। ହେଲେ ଡାକ୍ତର ଚିକିତ୍ସା କରିବା ପୂର୍ବରୁ ହିଁ ପିଲାଟିର ମୃତ୍ୟୁ ହୋଇଯାଇଥିଲା। ଅଧିକ କଞ୍ଚା ନୁଡୁଲ୍ସ ଖାଇବାରୁ ପିଲାଟିର ମୃତ୍ୟୁ ହୋଇଥିବା ଡାକ୍ତର କହିଥିଲେ। ସାଧାରଣତଃ ନୁଡୁଲ୍ସକୁ କଞ୍ଚା ଖାଇବା ଦ୍ୱାରା ଏହା ସହଜରେ ହଜମ ହୋଇ ନ ଥାଏ। ଏହାଦ୍ୱାରା ହଜମ ପ୍ରକ୍ରିୟାରେ ବାଧା ସୃଷ୍ଟି ହୋଇ ବ୍ଲକ୍ ହେବା ଆଶଙ୍କା ଥାଏ। ସେହିପରି ଇନ୍‌ଷ୍ଟାଣ୍ଟ ନୁଡୁଲ୍ସରେ ସୋଡିୟମ୍ ମାତ୍ରା ଅଧିକ ଥିବାରୁ ଏହା ସ୍ୱାସ୍ଥ୍ୟ ପାଇଁ ବିପଜ୍ଜନକ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଅନୁସାରେ, ଦିନକରେ ୨୦୦୦ମିଲିଗ୍ରାମ୍‌ରୁ ଅଧିକ ସୋଡିୟମ୍ ଗ୍ରହଣ କରିବା ବିପଜ୍ଜନକ। ଗୋଟିଏ ପ୍ୟାକେଟ୍ ଇନ୍‌ଷ୍ଟାଣ୍ଟ ନୁଡୁଲ୍ସରେ ପାଖାପାଖି ୧୮୨୯ ମିଲିଗ୍ରାମ୍ ସୋଡିୟମ୍ ଥାଏ। ଜଣେ ଏଭଳି ନୁଡୁଲ୍ସ ଦୁଇ ଚାରି ପ୍ୟାକେଟ୍ ଖାଇଲେ ଏହା ସ୍ୱାସ୍ଥ୍ୟ ପାଇଁ ବିପଜ୍ଜନକ ହୋଇପାରେ। ଅଧିକ ସୋଡିୟମ୍ ଯୋଗୁ ରକ୍ତଚାପ ଅଚାନକ ବଢ଼ିଯାଏ। କେବଳ ସେତିକି ନୁହେଁ ଏହା ହୃତ୍‌ପିଣ୍ଡ ଓ ବୃକକ୍ ଉପରେ ମଧ୍ୟ ପ୍ରଭାବ ପକାଇଥାଏ। ସେହିପରି ନୁଡୁଲ୍ସକୁ କଞ୍ଚା ଖାଇବା ଦ୍ୱାରା ଡିହାଇଡ୍ରେସନ୍ ସମସ୍ୟା ସୃଷ୍ଟି ହେବା ସହ ମଧୁମେହ, କର୍କଟ ଆଦି ରୋଗ ଆଶଙ୍କାକୁ ବଢ଼ାଇ ଦେଇଥାଏ। ତେଣୁ ନୁଡୁଲ୍ସକୁ କଞ୍ଚା ନ ଖାଇ ରାନ୍ଧିକି ଖାଇବା ଉଚିତ।



## ଗୁମ୍ଫାରେ ପାଠାଗାର

ଚୀନ୍‌ର ଗୁଆନ୍ସି ଅଞ୍ଚଳରେ ଥିବା ମିୟାଁହୁଆ ପାଠାଗାର ଏବେ ସାରା ବିଶ୍ୱର ଆକର୍ଷଣର କେନ୍ଦ୍ର ପାଲଟିଛି। ମେ ମାସରେ ଏହି ପାଠାଗାର ଖୋଲିବା ପରେ ଚୀନ୍ ସାମାଜିକ ଗଣମାଧ୍ୟମରେ ଏହା ଚର୍ଚ୍ଚାର ବିଷୟ ପାଲଟିଥିଲା। ତେବେ ଏହି ପାଠାଗାର ସମ୍ପର୍କରେ ଖାସ୍ କଥାଟି ହେଉଛି, ଏହା ଏକ ବଡ଼ ଗୁମ୍ଫା ମଧ୍ୟରେ ନିର୍ମାଣ କରାଯାଇଛି। ଏହା ପୁସ୍ତକ ପ୍ରେମୀଙ୍କ ସହ ପ୍ରକୃତି ପ୍ରେମୀଙ୍କ ମଧ୍ୟ ଧ୍ୟାନ ଆକର୍ଷଣ କରିଛି। ଏହି ଲାଇବ୍ରେରୀ ଏକ ପାହାଡ଼ ଚଟ୍ଟାଣ ମଧ୍ୟରେ ନିର୍ମାଣ କରାଯାଇଥିବାବେଳେ, ଏହାର ଚତୁଃପାର୍ଶ୍ୱରେ ସବୁଜିମା ଭରି ରହିଛି। ଦୂରରୁ ଦେଖିଲେ ଏହା ଏଆଇ ଦ୍ୱାରା ନିର୍ମିତ ଏକ ସ୍ଥାନ ପରି ମନେ ହୁଏ। ଏହି ପାଠାଗାରକୁ ଚାଲି ଚାଲି ଯିବାକୁ ହୋଇଥାଏ। ସେହିପରି ପାଠାଗାରକୁ ଯିବା ନିମନ୍ତେ ଉଦ୍ଦିଷ୍ଟ କାଠ ନିର୍ମିତ ରାସ୍ତା ଓ ଝୁଲନ୍ତା ବାଲକୋନୀ ସଭିଙ୍କ ମନ ଜିଣିଥାଏ। ଗୁମ୍ଫା ମଧ୍ୟରେ ଲୋକଙ୍କ ପଢ଼ିବା ପାଇଁ ହଜାର ହଜାର ସଂଖ୍ୟକ ବହିକୁ ସଜାଇ ରଖାଯାଇଛି। ଏଠାରେ ଲୋକେ ବହି ପଢ଼ିବା ସହ ପ୍ରାକୃତିକ ସୌନ୍ଦର୍ଯ୍ୟକୁ ଉପଭୋଗ କରିଥାନ୍ତି। ଏହି ସ୍ଥାନ ଉଭୟ ପୁସ୍ତକପ୍ରେମୀ ଓ ପ୍ରକୃତିପ୍ରେମୀଙ୍କ ପାଇଁ ସ୍ୱର୍ଗ ଭାବେ ଜଣାଯାଏ। ସାମାଜିକ ଗଣମାଧ୍ୟମରେ ଏହାକୁ ନେଇ ଲୋକେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।



## ଆଜିର ରାଶିଫଳ

**ମେଷ:** ଆଜି ଦିନଟି ଆପଣଙ୍କ ପାଇଁ ବହୁତ ଭଲ। ସାମାଜିକ କାର୍ଯ୍ୟ ପାଇଁ ସମୟ ବାହାର କରିବେ। ଶୁଭ ଖବର ପାଇପାରନ୍ତି। ନୂଆ ଯାନ କିଣିବା ଯୋଗ ଅଛି। ଅଫିସ୍‌ରେ ସହକର୍ମୀଙ୍କ ସହଯୋଗ ରହିବ।

**ବୃଷ:** ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ବ୍ୟବସାୟକୁ ନେଇ ଚିନ୍ତାରେ ରହିପାରନ୍ତି। ଭାବିଚିନ୍ତି ନିଷ୍ପତ୍ତି ନିଅନ୍ତୁ। ଗୁରୁଜନଙ୍କ ସ୍ୱାସ୍ଥ୍ୟସମସ୍ୟାକୁ ନେଇ ଚିନ୍ତିତ ରହିପାରନ୍ତି।

**ମିଥୁନ:** ବ୍ୟବହାରରେ ସଂଯମତା ରକ୍ଷା କରିବେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ମାନ ସମ୍ମାନ ବୃଦ୍ଧି ପାଇବ।

**କର୍କଟ:** ପରିବାର ସହିତ ହସଖୁସିର ସମୟ ବିତାଇବେ। ରାଜନେତାଙ୍କ ପାଇଁ ଦିନଟି ଭଲ। ବାପାମାଆଙ୍କ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ଛାତ୍ରଛାତ୍ରୀମାନେ ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା କରିପାରନ୍ତି।

**ସିଂହ:** ଯାତ୍ରା ସମୟରେ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। କୋର୍ଟ କଚେରୀ ମାମଲାରୁ ଦୂରେଇ ରହିବେ। ସନ୍ତାନଙ୍କ ଭବିଷ୍ୟତକୁ ନେଇ ଚିନ୍ତାରେ ରହିବେ। ଛାତ୍ରଛାତ୍ରୀ ପଢ଼ାରେ ମନଯୋଗ ଦେବେ।

**କନ୍ୟା:** ବ୍ୟବସାୟରେ ଲାଭ ହେବ। ଆୟଠୁ ଅଧିକ ବ୍ୟୟ କରିବେ। ନୂଆ କାମ ଆରମ୍ଭ କରିବେ। ଛାତ୍ରଛାତ୍ରୀ କ୍ରୀଡ଼ା ପ୍ରତିଯୋଗିତାରେ ସାମିଲ ହେବେ। କୌଣସି କଥାକୁ ନେଇ ମନ ଉଣା କରିପାରନ୍ତି।

**ତୁଳା:** ଗୁରୁତ୍ୱପୂର୍ଣ୍ଣ ଖବର ମିଳିବ। ପ୍ରତିଯୋଗିତା ମନୋଭାବ ନେଇ ବିଦ୍ୟାର୍ଥୀ ଆଗକୁ ବଢ଼ିବେ। ପାରିବାରିକ ସମସ୍ୟା ସମାଧାନ ହେବ। ହାତେ ମାପି ଚାଖଣ୍ଡେ ଚାଲିବା ଭଲ। ଦାନ ଧର୍ମ କରନ୍ତୁ।

**ବିଛା:** ବୈବାହିକ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ଆଇଟି କର୍ମଚାରୀଙ୍କ ପାଇଁ ଦିନଟି ଭଲ। ସାମାଜିକ କାର୍ଯ୍ୟରେ ସାମିଲ ହେବେ।

**ଧନୁ:** ଅଜଣା ଲୋକଙ୍କଠାରୁ ଦୂରେଇ ରହିବେ। ଧୈର୍ଯ୍ୟର ସହ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ତୁଲାଇବେ। ଭାବପ୍ରବଣ ହୋଇ ନିଷ୍ପତ୍ତି ନେବାରୁ ନିବୃତ୍ତ ରହିବେ। ଅଫିସ୍ ସହକର୍ମୀଙ୍କ ସହଯୋଗ କରିବେ।

**ମକର:** ଘରେ ସୁଖ ସମୃଦ୍ଧି ବୃଦ୍ଧି ପାଇବ। ଚାକିରିଆଙ୍କୁ ନୂତନ ନିଯୁକ୍ତି ମିଳିବ। ସନ୍ତାନ ସୁଖ ପ୍ରାପ୍ତ ହେବ। ପ୍ରେମ ସମ୍ବନ୍ଧରେ ଭୁଲ ବୁଝାମଣା ସୃଷ୍ଟି ହେବ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ।

**କୁମ୍ଭ:** ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟ ବୃଦ୍ଧିକୁ ନେଇ ସାବଧାନତା ଅବଲମ୍ବନ କରିବେ। ବିରୋଧୀଙ୍କୁ ସାମ୍ନା କରିବେ। ଚିନ୍ତାଗ୍ରସ୍ତ ରହିବେ। ଜୀବନସାଥୀଙ୍କୁ ମନ କଥା କହିବେ।

**ମୀନ:** ବିଦ୍ୟାର୍ଥୀ ପରୀକ୍ଷାରେ ସଫଳ ହେବେ। ବନ୍ଧୁଙ୍କ ସାହାଯ୍ୟ ମିଳିବ। କଳା କ୍ଷେତ୍ରରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

## ହାତଗୋଡ଼ ବାନ୍ଧି ହତ୍ୟା କରି ଫିଙ୍ଗିଦେଲା

ରାମଚନ୍ଦ୍ରପୁର, ୧୦।୯ (ସମିସ): ପରକୀୟା ପ୍ରୀତିରୁ ଗଡ଼ିଲା ମୁଣ୍ଡ। ସ୍ୱାମୀଙ୍କଠାରୁ ଅଧିକ ବିଶ୍ୱାସ କରିଥିଲେ, ସେ ହିଁ ବଇରୀ ସାଜିଲା। ହତ୍ୟା କରି ହାତଗୋଡ଼ ବାନ୍ଧି ବୁଦାମୂଳକୁ ଫିଙ୍ଗିଦେଲା। କେନ୍ଦୁଝର ଜିଲ୍ଲା ରାମଚନ୍ଦ୍ରପୁର ଥାନା ଆଜି ଏପରି ଏକ ହତ୍ୟାକାଣ୍ଡର ପର୍ଦ୍ଦାଫାସ୍ କରିବା ସହ ଅଭିଯୁକ୍ତକୁ ଧରିଛି। ମୃତ ମହିଳା ହେଲେ, ଅଳତି




### ଅଭିଯୁକ୍ତ ଅଟକ, ପୁଲିସ ତନାଘନା ଜାରି

ପଞ୍ଚାୟତ ଜନାର୍ଦ୍ଦନପୁର-ପାଟଣା ଗାଁର ବୁଲୁ ଦାସଙ୍କ ପତ୍ନୀ ସୁକାନ୍ତୀ ଦାସ (୫୦)। ଆଜି ଗାଁ ନିକଟ ଏକ ପରିତ୍ୟକ୍ତ ନାଳ ନିକଟ ବେଣାବୁଦା ମୂଳରୁ ପୁଲିସ ତାଙ୍କ ହାତଗୋଡ଼ବନ୍ଧା ଗଳିତ ଶବ ଜବତ କରିଛି। ସେ ୪ ଦିନ ହେଲା ନିଖୋଜ ଥିଲେ। ପୁଲିସ ଶବକୁ ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଏହି ଘଟଣାରେ ପୁଲିସ କୃପାସିନ୍ଧୁ ଦାସ(୫୨)କୁ ଅଟକ ରଖି ପଚରାଉଚରା କରୁଛି। ଆସନ୍ତାକାଲି ତାକୁ ଘଟଣାସ୍ଥଳକୁ ନେଇ ସିନ୍-ରିକ୍ରିଏସନ୍ କରାଇବା ପରେ କୋର୍ଟଚାଲାଣ କରାଯିବ ବୋଲି ପୁଲିସ କହିଛି।

ସୂଚନାନୁସାରେ, ସୁକାନ୍ତୀଙ୍କ ସହ କୃପାସିନ୍ଧୁର ପ୍ରେମସଂପର୍କ ଥିଲା। କିନ୍ତୁ କୌଣସି କଥାକୁ ନେଇ ଦୁହିଁଙ୍କ ସଂପର୍କରେ ଫାଟ ସୃଷ୍ଟି ହୋଇଥିଲା। ଏପରିକି, ସୁକାନ୍ତୀ ମାସେ ତଳେ କୃପାସିନ୍ଧୁ ବିରୋଧରେ ଥାନାରେ ଏତଲା ଦେବାରୁ ପୁଲିସ ତାକୁ ଗିରଫ କରି କୋର୍ଟଚାଲାଣ କରିଥିଲା। ୭ ଦିନ ତଳେ ସେ ଜାମିନରେ ଆସିଥିଲା। ତେବେ ଗତ ରବିବାର ରାତିରୁ ହଠାତ୍ ସୁକାନ୍ତୀ କେଉଁଆଡ଼େ ନିଖୋଜ ହୋଇଯାଇଥିଲେ। ବହୁ ଖୋଜାଖୋଜି କରିବା ପରେ ନ ପାଇବାରୁ ପରିବାରଲୋକ ଏନେଇ ଥାନାରେ ଅଭିଯୋଗ କରିଥିଲେ। ତେବେ ଗାଁ ନାଳ ନିକଟରେ ଏକ କୋଦାଳ ପଡ଼ିଥିବା ଦେଖି ପରିବାରଲୋକଙ୍କ ସନ୍ଦେହ ହେବାରୁ ପୁଲିସକୁ ଖବର ଦେଇଥିଲେ। ପୁଲିସ ପହଞ୍ଚି ସରଜମିନ ତଦନ୍ତ କରିଥିଲା। କିନ୍ତୁ ମହିଳାଙ୍କ ସମ୍ପର୍କରେ କିଛି ସୁରାକ୍ ମିଳିପାରିନଥିଲା। ଆଜି ଗାଁ ନିକଟ ସେହି ନାଳ କୂଳରେ ଥିବା ବେଣାବୁଦା ମୂଳରୁ ଦୁର୍ଗନ୍ଧ ଆସିବାରୁ ଖୋଜାଖୋଜି କରିବାରୁ ସୁକାନ୍ତୀଙ୍କ ଗଳିତ ମୃତଦେହ ଠାବ କରାଯାଇଥିଲା। ପରେ ସାଇଣ୍ଟିଫିକ୍ ଟିମ୍ ସହ ଘଟଣାସ୍ଥଳରେ ପୁଲିସ ପହଞ୍ଚି ମହିଳାଙ୍କ ହାତଗୋଡ଼ ବନ୍ଧା ହୋଇଥିବା ଦେଖିଥିଲା।

## ସ୍ତ୍ରୀ ଓ ପ୍ରେମିକକୁ ଅର୍ଦ୍ଧଉଲଗ୍ନ କରି ରାସ୍ତାରେ ଚଲାଇଲେ

**ପରକୀୟା ପ୍ରୀତି ସନ୍ଦେହ**

ନିମାପଡ଼ା, ୧୦।୯ (ସମିସ): ପରକୀୟା ପ୍ରୀତି ସନ୍ଦେହରେ ସ୍ତ୍ରୀ ଓ ପ୍ରେମିକକୁ ନିର୍ଘୁମ୍ ମାଡ଼ ମାରିବା ସହ ଅର୍ଦ୍ଧ ଉଲଗ୍ନ କରି ଗାଁ ଦାଣ୍ଡରେ ଚଲାଇଲା ସ୍ୱାମୀ। ମଙ୍ଗଳବାର ରାତିରେ ନିମାପଡ଼ା ଏନ୍ଏସି ଅଞ୍ଚଳରେ ଘଟିଥିବା ଏଭଳି ଏକ ଘଟଣା ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଛି। ଏହାର ଦୃଶ୍ୟ ଏବେ ସୋସିଆଲ ମିଡିଆରେ ଭାଇରାଲ ହେଉଛି। ଅପରପକ୍ଷେ, ଏହି ଘଟଣାରେ ଆଜି ନିମାପଡ଼ା ପୁଲିସ ଅଭିଯୁକ୍ତ ସ୍ୱାମୀ ଓ ତାଙ୍କର ଜଣେ ସହଯୋଗୀଙ୍କୁ ଗିରଫ କରିଛି। ସେମାନେ ହେଲେ, ଅଭିଯୁକ୍ତ ସ୍ୱାମୀ କାକଟପୁର ଥାନା ଅଞ୍ଚଳର ଗିରିଧାରୀ ଖଟୁଆ ଓ ସହଯୋଗୀ ସୁବ୍ରତ ପଡ଼ିଆରୀ। ଗିରିଧାରୀ ଜଗତସିଂହପୁର ନାଉଗାଁ ଅଞ୍ଚଳର ଏକ ଘରୋଇ କଲେଜରେ ଅଧ୍ୟାପକ ଅଛନ୍ତି। ଆଜି ଦୁହିଁଙ୍କୁ କୋର୍ଟଚାଲାଣ କରାଯାଇଛି। ତେବେ ସେଠାରେ ଜାମିନ ନାମଞ୍ଜୁର ହେବାରୁ ଉଭୟଙ୍କୁ ନିମାପଡ଼ା ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଛି।

ସୂଚନାନୁଯାୟୀ, ଗିରିଧାରୀଙ୍କ ପତ୍ନୀ ନିଆଳି ବ୍ଲକର ଏକ ସ୍କୁଲରେ ଶିକ୍ଷୟିତ୍ରୀ ଭାବେ କାର୍ଯ୍ୟରତ। ସେ ନିମାପଡ଼ା ଅମଲାପଡ଼ାଠାରେ ଭଡ଼ାଘର ନେଇ ରହୁଛନ୍ତି। ଗତ ରାତିରେ ସହଯୋଗୀ ସୁବ୍ରତଙ୍କ ସହ ସେ ପତ୍ନୀଙ୍କ ଭଡ଼ାଘରକୁ ଆସିଥିଲେ। ଏହି ସମୟରେ ତାଙ୍କ ଘରେ ଜଣେ ସ୍ଥାନୀୟ ଶିକ୍ଷକ ନେତା ଉପସ୍ଥିତ ଥିବାରୁ ଏ ସଂପର୍କରେ ସେ ପତ୍ନୀଙ୍କୁ ପ୍ରଶ୍ନ କରିଥିଲେ। ଏହାକୁ ନେଇ ପତି-ପତ୍ନୀଙ୍କ ମଧ୍ୟରେ ବଚସା ହୋଇଥିଲା। ପରେ, ଦୁହିଁଙ୍କ ମଧ୍ୟରେ ଅବୈଧ ସଂପର୍କ ଥିବା ଅଭିଯୋଗ କରି ଗିରିଧାରୀ ନିଜ ପତ୍ନୀ ଓ ଉକ୍ତ ଶିକ୍ଷକ ନେତାଙ୍କୁ ମାଡ଼ ମାରିଥିଲେ। ଏଥିରେ ସୁବ୍ରତ ବି ତାଙ୍କୁ ସହଯୋଗ କରିଥିଲେ। ପରେ ସେମାନେ ଦୁହିଁଙ୍କୁ ଅର୍ଦ୍ଧଉଲଗ୍ନ କରିବା ସହ ମାଡ଼ମାରି, ବେକରେ ଫୁଲମାଳ ପକାଇ, ହାତବାନ୍ଧି ରାସ୍ତାରେ ଚଲାଇ ଚଲାଇ ଥାନା ପର୍ଯ୍ୟନ୍ତ ନେଇଥିଲେ।



ସ୍ୱାମୀ ଓ ସହଯୋଗୀ ଗିରଫ

ଅପରପକ୍ଷେ, ସମ୍ପୃକ୍ତ ଶିକ୍ଷୟିତ୍ରୀଜଣଙ୍କ ତାଙ୍କ ସ୍ୱାମୀଙ୍କ ନାଁରେ ସାଂଘାତିକ ଅଭିଯୋଗ ଆଣିଛନ୍ତି। ମଙ୍ଗଳବାର ସନ୍ଧ୍ୟାରେ ସେ ଘରେ ଏକୁଟିଆ ଥିବା ବେଳେ ହଠାତ୍ ତାଙ୍କ ସ୍ୱାମୀ ଗିରିଧାରୀ ଓ ଶିକ୍ଷକଜଣଙ୍କ ଘରକୁ ଆସିଥିଲେ। ଶିକ୍ଷକଜଣଙ୍କ ଘର ଭିତରକୁ ପଶିବା କ୍ଷଣି ସ୍ୱାମୀ ଓ ତାଙ୍କ ସହ ଆସିଥିବା ଅନ୍ୟ ଜଣେ ସହଯୋଗୀ ସୁବ୍ରତ ପଡ଼ିଆରୀ ମିଶି ପତ୍ନୀ ଓ ଶିକ୍ଷକଜଣଙ୍କୁ ମାରଣାସ୍ତ୍ରରେ ଆକ୍ରମଣ କରି ଉଲଗ୍ନ କରି ହାତବାନ୍ଧି ରାସ୍ତାରେ ଚଲାଇଚଲାଇ ଥାନା ପର୍ଯ୍ୟନ୍ତ ନେଇଥିଲେ। ପତ୍ନୀଙ୍କ ଅଭିଯୋଗକ୍ରମେ ପୁଲିସ ସ୍ୱାମୀ ଗିରିଧାରୀ ଓ ତାଙ୍କ ସହଯୋଗୀ ସୁବ୍ରତଙ୍କ ବିରୋଧରେ ଏକ ମାମଲା ରୁଜୁ କରିବା ସହିତ ଗିରଫ କରି କୋର୍ଟ ଚାଲାଣ କରିଛି।

## ଚଳିତ ମାସରେ ନୂଆ ଅବକାରୀ ନୀତି

ଭୁବନେଶ୍ୱର, ୧୦।୯ (ସମିସ): ଚଳିତ ମାସରେ ରାଜ୍ୟ ସରକାର ନୂଆ ଅବକାରୀ ନୀତି ଆଣିବେ। ରାଜ୍ୟ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଆଜି ଏ ସଂପର୍କରେ ସୂଚନା ଦେଇଛନ୍ତି। ସେ କହିଛନ୍ତି, ନୂଆ ଅବକାରୀ ନୀତି କାର୍ଯ୍ୟକାରୀ କରିବା ପାଇଁ ସରକାର ସମସ୍ତ ପ୍ରସ୍ତୁତି ଆରମ୍ଭ କରିଦେଇଛନ୍ତି। ଆସନ୍ତା ଦିନେ ଦୁଇଦିନ ଭିତରେ ଏନେଇ ମୁଖ୍ୟମନ୍ତ୍ରୀଙ୍କ ସହ ଆଲୋଚନା ହେବ। ଦଶହରା ପୂର୍ବରୁ ନୂଆ ନୀତି ପ୍ରଣୟନ ପ୍ରକ୍ରିୟା ସରିବ। ଇତିମଧ୍ୟରେ ଅବକାରୀ ବିଭାଗର ପ୍ରତିନିଧି ଦଳ ଦୁଇ ରାଜ୍ୟକୁ ଯାଇ ଅନୁଧ୍ୟାନ କରି ଫେରିଛନ୍ତି। ସେଠାରେ ପ୍ରଚଳିତ ଅବକାରୀ ନୀତି ଶ୍ରେଷ୍ଠ ଦିଗକୁ ପ୍ରତିନିଧିଦଳ ଅନୁଧ୍ୟାନ କରିଥିବା ବେଳେ ତାହା ନୂଆ ନୀତିରେ ବିନିଯୋଗ କରାଯାଇଛି। ନୂଆ ନୀତିରେ ଚୋରା ମାଦକଦ୍ରବ୍ୟ ବିକ୍ରି ଉପରେ ରୋକ୍ ଲଗାଯିବ।

ସେହିପରି ବର୍ତ୍ତମାନ ବିଭାଗ ପକ୍ଷରୁ ରାଜ୍ୟବ୍ୟାପୀ ଚଢ଼ଉ ଜୋରଦାର କରାଯାଇଛି। ଯେଉଁମାନେ ଚୋରା କାରବାରରେ ସଂପୃକ୍ତ ଅଛନ୍ତି, ସେମାନଙ୍କ ବିରୋଧରେ କଠୋର୍ କାର୍ଯ୍ୟାନୁଷ୍ଠାନ ନିଆଯିବ। ସେହିପରି ଆସନ୍ତା ଅକ୍ଟୋବର ୨ତାରିଖ ଅର୍ଥାତ୍ ଗାନ୍ଧୀଜୟନ୍ତୀରୁ ରାଜ୍ୟ ସରକାର ନିଶା ବିରୋଧୀ ସଚେତନତା କାର୍ଯ୍ୟକ୍ରମ ଆରମ୍ଭ କରିବେ। ମାସେ ବ୍ୟାପୀ 'ନିଶା ନୁହେଁ ଜୀବନ' ସଚେତନତା କାର୍ଯ୍ୟକ୍ରମ ହେବ ବୋଲି ମନ୍ତ୍ରୀ ସୂଚନା ଦେଇଛନ୍ତି।

## ବିଇଓଙ୍କୁ ମିଳିବ ସରକାରୀ ଗାଡ଼ି

ଭୁବନେଶ୍ୱର, ୧୦।୯ (ସମିସ): ବିଦ୍ୟାଳୟ ଶିକ୍ଷାକୁ ଅଧିକ କ୍ରିୟାଶୀଳ କରିବା ପାଇଁ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପଦକ୍ଷେପ ନେଇଛି। ତୃଣମୂଳସ୍ତରରେ ପାଠପଢ଼ା ସହ ମଧ୍ୟାହ୍ନ ଭୋଜନକୁ ଅଧିକ ବ୍ୟବସ୍ଥିତ କରିବା ପାଇଁ ଏଣିକି ବ୍ଲକ୍ ଶିକ୍ଷା ଅଧିକାରୀ (ବିଇଓ) ମାନେ ବିଦ୍ୟାଳୟ ବୁଲିବେ। ଶିକ୍ଷାଦାନ ସାଙ୍ଗକୁ ପ୍ରଶାସନିକ କାର୍ଯ୍ୟକୁ ତ୍ୱରାନ୍ୱିତ କରିବା ପାଇଁ ବିଇଓଙ୍କୁ ସ୍ୱତନ୍ତ୍ର ଗାଡ଼ି ପ୍ରଦାନ କରାଯିବ। ଗଣଶିକ୍ଷା ବିଭାଗ ପକ୍ଷରୁ ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶକ ଓ ଓସେପା ରାଜ୍ୟ ପ୍ରକଳ୍ପ ନିର୍ଦ୍ଦେଶିକାଙ୍କୁ ଲେଖାଯାଇଥିବା ଚିଠିରେ ଦର୍ଶାଇଛି ଯେ ବିଇଓମାନଙ୍କୁ ଗାଡ଼ି ଯୋଗାଇବାକୁ ସରକାର ଆବଶ୍ୟକ ମନେ କରୁଛନ୍ତି। ଏଣୁ କେତେ ସଂଖ୍ୟାରେ ଗାଡ଼ି ଆବଶ୍ୟକ ତା'ର ଏକ ପୂର୍ଣ୍ଣାଙ୍ଗ ରିପୋର୍ଟ ପ୍ରଦାନ କରିବାକୁ କୁହାଯାଇଛି। ଫଳରେ ଶିକ୍ଷା ସମ୍ବନ୍ଧୀୟ କାର୍ଯ୍ୟକ୍ରମକୁ ସଠିକ୍ ଭାବେ ତଦାରଖ କରାଯିବା ସହ ସରକାରୀ ଯୋଜନାର ସଫଳ ରୂପାୟନ ହୋଇପାରିବ।

**ସିଂହଦ୍ୱାରରେ ଅଭାବନୀୟ ଦୃଶ୍ୟ**

## ଚପଲ ପିନ୍ଧି ଶ୍ରୀମନ୍ଦିରକୁ ପଶିବାକୁ ଯୁବକଙ୍କ ଜିଦ୍

ପୁରୀ, ୧୦।୯ (ସମିସ): ଶ୍ରୀମନ୍ଦିର ସିଂହଦ୍ୱାରରେ ଆଜି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ଶ୍ରୀମନ୍ଦିର ଭିତରକୁ ଚପଲ ପିନ୍ଧି ପ୍ରବେଶ କରିବା ପାଇଁ ଜଣେ ଯୁବକ ଉଦ୍ୟମ କରିଛନ୍ତି। ସୂଚନାନୁଯାୟୀ, ଯୁବକଜଣଙ୍କ ହାତରେ ଏକ ବାଡ଼ି ଧରି ବାଇକ୍‌ରେ ଆସିଥିଲେ। ରାଧାବଲ୍ଲଭ ମଠ ବାହାରେ ଦୁଇ ଚକିଆ ଯାନ ପାର୍କିଂ କରିଥିଲେ। ଭୋର୍ ସମୟରେ ଭକ୍ତମାନଙ୍କ ପାଇଁ ସିଂହଦ୍ୱାର ଖୋଲିବା ପୂର୍ବରୁ ମନ୍ଦିର ଭିତରକୁ ଚପଲ ପିନ୍ଧି ପଶିବାକୁ ଉଦ୍ୟମ କରିଥିଲେ। ସୁରକ୍ଷା ଦାୟିତ୍ୱରେ ଥିବା ପୁଲିସ ଓ ଜେଟିପି ତାଙ୍କୁ ଅଟକାଇବା ବେଳେ ଯୁବକଜଣଙ୍କ ଶୁଣି ନଥିଲେ। ଶେଷରେ ସୁରକ୍ଷାକର୍ମୀ ଓ ଜେଟିପି ତାଙ୍କୁ ଧରି ସିଂହଦ୍ୱାର ଥାନା ଜିମା ଦେଇଥିଲେ। ଯୁବକଜଣଙ୍କ ଢେଙ୍କାନାଳ ଗଁଦିଆ ଗ୍ରାମର ଲାଲୁ ପ୍ରସାଦ ସାହୁ ବୋଲି ଜଣାପଡ଼ିଛି। ଏ ସମ୍ପର୍କରେ ଏସ୍‌ପି ପ୍ରତୀକ ସିଂ କହିଛନ୍ତି, ସମ୍ପୃକ୍ତ ବ୍ୟକ୍ତିଙ୍କ ମାନସିକ ସନ୍ତୁଳନ ଠିକ୍ ନାହିଁ। ତାଙ୍କର ଏବେ ଚିକିତ୍ସା ଚାଲିଥିବା ପରିବାର ଲୋକେ ସୂଚନା ଦେଇଛନ୍ତି।

## ବଢ଼ିଲା ବିଡିଓ-ଯନ୍ତ୍ରୀଙ୍କ କ୍ଷମତା

**୧୦ ଲକ୍ଷ ଯାଏ ବିଲ୍ ପାସ୍, ୨୦ ଲକ୍ଷ ଯାଏ ଅନୁମୋଦନ**

**୧ କୋଟି ଯାଏ ବୈଷୟିକ ମଞ୍ଜୁରୀ ଦେଇପାରିବେ ନିର୍ବାହୀ ଯନ୍ତ୍ରୀ**

ଭୁବନେଶ୍ୱର,୧୦।୯ (ସମିସ): ବୁଧବାର ଅନୁଷ୍ଠିତ ରାଜ୍ୟ କ୍ୟାବିନେଟ ବୈଠକରେ ବିଡିଓଙ୍କଠାରୁ ଆରମ୍ଭ କରି ବିଭିନ୍ନ ଯନ୍ତ୍ରୀମାନଙ୍କର ବୈଷୟିକ ମଞ୍ଜୁରୀ ଓ ପ୍ରଶାସନିକ ଅନୁମୋଦନ ସୀମା ବୃଦ୍ଧି ପ୍ରସ୍ତାବକୁ ଅନୁମୋଦନ ମିଳିଛି।

ଏହି ନିଷ୍ପତ୍ତି ପରେ ବିଡିଓମାନଙ୍କର ପଞ୍ଚାୟତ ସମିତି କାର୍ଯ୍ୟର ବିଲ ପାସ କରିବା ପାଇଁ ଆର୍ଥିକ କ୍ଷମତା ପ୍ରତି-ସ୍ୱାକ୍ଷର (କାଉଣ୍ଟର ସିଗ୍‌ନେଚର) ବିନା ୨ ଲକ୍ଷ ଟଙ୍କାରୁ ୧୦ ଲକ୍ଷ ଟଙ୍କାକୁ ବୃଦ୍ଧି କରାଯାଇଛି। ଏହାବ୍ୟତୀତ ୨୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସାଧାରଣ ବିକାଶମୂଳକ ଯୋଜନା ପାଇଁ(ମନରେଗା ବ୍ୟତୀତ) ପ୍ରଶାସନିକ ଅନୁମୋଦନ ଦେଇ ପାରିବେ। ସେହିପରି ବିକାଶ କାର୍ଯ୍ୟକୁ ସୁନିଶ୍ଚିତ କରିବା ପାଇଁ ପଞ୍ଚାୟତ ସମିତି ପ୍ରକଳ୍ପଗୁଡ଼ିକର ଯୋଜନା ଏବଂ ଆକଳନର ପ୍ରଶାସନିକ ଅନୁମୋଦନ ପ୍ରଦାନ କ୍ଷମତା ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀଙ୍କୁ ନ୍ୟସ୍ତ କରାଯାଇଛି। ସେହିପରି ସାଧାରଣ ବିକାଶମୂଳକ ଯୋଜନା(ମନରେଗା ବ୍ୟତୀତ) ପାଇଁ କନିଷ୍ଠ, ସହକାରୀ ଯନ୍ତ୍ରୀମାନେ ଏବେ ୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବୈଷୟିକ ମଞ୍ଜୁରୀ ପ୍ରଦାନ କରିପାରିବେ। ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ ମଞ୍ଜୁରୀ କ୍ଷମତା ୫ ଲକ୍ଷରୁ ୨୦ ଲକ୍ଷ, ନିର୍ବାହୀ ଯନ୍ତ୍ରୀଙ୍କର ୨୦ ଲକ୍ଷରୁ ୧ କୋଟି, ଅଧୀକ୍ଷଣ ଯନ୍ତ୍ରୀ ୧ କୋଟିରୁ ୪ କୋଟି ଏବଂ ପ୍ରକଳ୍ପ ମୁଖ୍ୟଯନ୍ତ୍ରୀ ୪ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ବୈଷୟିକ ମଞ୍ଜୁରୀ ପ୍ରଦାନ କରିପାରିବେ।

ମନରେଗା ଅଧୀନରେ କନିଷ୍ଠ/ସହାୟକ ଯନ୍ତ୍ରୀ/ଗ୍ରାମ ପଞ୍ଚାୟତ ସହାୟକମାନେ ଏଣିକି ୫ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବୈଷୟିକ ମଞ୍ଜୁରୀ ପ୍ରଦାନ କରିପାରିବେ। ସହକାରୀ ନିର୍ବାହୀ ଯନ୍ତ୍ରୀମାନଙ୍କୁ ୫ ଲକ୍ଷ ଟଙ୍କାରୁ ୨୦ ଲକ୍ଷ ଟଙ୍କା, ନିର୍ବାହୀ ଯନ୍ତ୍ରୀ, ଅତିରିକ୍ତ ନିର୍ବାହୀ ଅଧିକାରୀ(ବୈଷୟିକ) ମାନେ ୨୦ ଲକ୍ଷରୁ ୧ କୋଟି, ଅଧୀକ୍ଷଣ ଯନ୍ତ୍ରୀମାନେ ୧ କୋଟିରୁ ୪ କୋଟି ଏବଂ ପ୍ରକଳ୍ପ ମୁଖ୍ୟ ଯନ୍ତ୍ରୀମାନେ ୪ କୋଟି ଟଙ୍କାରୁ ଅଧିକ ଟଙ୍କାର ପ୍ରକଳ୍ପକୁ ବୈଷୟିକ ମଞ୍ଜୁରୀ ପ୍ରଦାନ କରିପାରିବେ।

ସେହିପରି ପଞ୍ଚାୟତ ସମିତି ଅଧ୍ୟକ୍ଷ ୨୦ ଲକ୍ଷରୁ ୫୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଏବଂ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ୫୦ ଲକ୍ଷ ଟଙ୍କାରୁ ଅଧିକ ପ୍ରକଳ୍ପ (ମନରେଗା ବ୍ୟତୀତ) ପ୍ରଶାସନିକ ଅନୁମୋଦନ କରିପାରିବେ। ମନରେଗା ଯୋଜନା ଅଧୀନରେ ବିଡିଓ ୨୦ ଲକ୍ଷଟଙ୍କା, ପଞ୍ଚାୟତ ସମିତି ଅଧ୍ୟକ୍ଷ ୨୦ ଲକ୍ଷରୁ ୫୦ ଲକ୍ଷଟଙ୍କା ଏବଂ ଜିଲ୍ଲାପାଳ ୫୦ ଲକ୍ଷ ଟଙ୍କାରୁ ଅଧିକ ମୂଲ୍ୟର ପ୍ରକଳ୍ପ ଅନୁମୋଦନ କରିପାରିବେ ବୋଲି ନିଷ୍ପତ୍ତି ନିଆଯାଇଛି।

**■ ଛେଣ୍ଡିପଦାରେ ଲଜ୍ଜା**

## ଭିନ୍ନକ୍ଷମ ଯୁବତୀଙ୍କୁ ଦୁଷ୍କର୍ମ

ଛେଣ୍ଡିପଦା,୧୦।୯ (ସମିସ): ଅନୁଗୋଳ ଜିଲ୍ଲା ଛେଣ୍ଡିପଦାରେ ପୁଣି ଲଜ୍ଜା। ଜଣେ ମୂକବଧିର ଯୁବତୀଙ୍କୁ ଦୁଷ୍କର୍ମ କରାଯାଇଥିବା ଅଭିଯୋଗ ହୋଇଛି। ଏ ସମ୍ପର୍କରେ ପୀଡ଼ିତାଙ୍କ ପରିବାର ପକ୍ଷରୁ ଛେଣ୍ଡିପଦା ଥାନାରେ ଅଭିଯୋଗ ପରେ ପୁଲିସ ଅଭିଯୁକ୍ତ ବୃଦ୍ଧଙ୍କୁ ଅଟକ ରଖି ପଚରାଉଚରା ଚଳାଇଛି। ଏନେଇ ଥାନାରେ ଏକ ମାମଲା ରୁଜୁ କରାଯାଇଛି। ଯୁବତୀ ଜଣକ ମୂକବଧିର ହୋଇଥିବାରୁ ତାଙ୍କ ଭାଷା ବୁଝିପାରୁଥିବା ଜଣେ ଏକ୍ସପର୍ଟଙ୍କ ଦ୍ୱାରା ତାଙ୍କ ବୟାନ ରେକର୍ଡ କରିବା ସହ ପୁଲିସ ବିଭିନ୍ନ ଦିଗକୁ ନେଇ ତଦନ୍ତ ଜାରି ରଖିଛି। ସୂଚନା ଅନୁଯାୟୀ, ଯୁବତୀ ଜଣକ ଛେଣ୍ଡିପଦା ଥାନା ଅଞ୍ଚଳରେ ଜଣେ ସମ୍ପର୍କୀୟଙ୍କ ଘରେ ରୁହନ୍ତି। ଛେଳି ଚରାଇବାକୁ ଯାଇଥିବା ବେଳେ ଏକୁଟିଆ ପାଇ ଜଣେ ବୃଦ୍ଧ ତାଙ୍କୁ ଦୁଷ୍କର୍ମ କରିଥିଲେ। ପୀଡ଼ିତା ଜଣକ ଏବେ ୮ ମାସର ଗର୍ଭବତୀ ହେବା ପରେ ଘଟଣା ଲୋକଲୋଚନକୁ ଆସିଛି।

## ପୁଣି ଶିଥିଳ ପଡ଼ିଲା ମନ୍ତ୍ରିମଣ୍ଡଳ ପୁନର୍ଗଠନ ଚର୍ଚ୍ଚା

### ଠିକ୍ ସମୟରେ ନିଆଯିବ ନିଷ୍ପତ୍ତି: ମନମୋହନ

**ଭୁବନେଶ୍ୱର,୧୦।୯ (ସମିସ): ରାଜ୍ୟରେ ମନ୍ତ୍ରିମଣ୍ଡଳ ପୁନର୍ଗଠନକୁ ନେଇ ଚାଲିଥିବା ଚର୍ଚ୍ଚା ପୁଣିଥରେ ଶିଥିଳ ପଡ଼ିଛି।** ଗତ କିଛିମାସ ହେଲା ଏକାଧିକବାର ଉଭୟ ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝିଙ୍କ ଏକ ସମୟରେ ଦିଲ୍ଲୀ ଗସ୍ତ ମନ୍ତ୍ରୀ ଆଶାୟୀଙ୍କ ମନରେ ସୃଷ୍ଟି କରିଥିବା ଆଶା ମଉଳି ଯାଇଛି। ପ୍ରାୟ ସପ୍ତାହେ ଧରି ଉତ୍ସାହିତ ଥିବା ମନ୍ତ୍ରୀ ଆଶାୟୀଙ୍କ ଆଶାରେ ପାଣି ଢାଳି ଦେଇଛନ୍ତି ରାଜ୍ୟ ବିଜେପି ସଭାପତି। ବୁଧବାର ଦିଲ୍ଲୀରୁ ଫେରିବା ପରେ ଶ୍ରୀ ସାମଲ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ଠିକ୍ ସମୟରେ ହେବ ବୋଲି ଦେଇଥିବା ମନ୍ତବ୍ୟ ଅନେକଙ୍କୁ ନିରାଶ କରିଛି।

ମନମୋହନ କହିଛନ୍ତି ଯେ ଦିଲ୍ଲୀରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ଓ ନିଗମ ନେଇ କୌଣସି ଆଲୋଚନା ହୋଇନାହିଁ। ଏନେଇ ଠିକ୍ ସମୟରେ ନିଷ୍ପତ୍ତି ନିଆଯିବ।

**ନିଗମ ଓ ବୋର୍ଡରେ ନିଯୁକ୍ତି ଆଶାୟୀଙ୍କ ଅସନ୍ତୋଷ ବଢୁଛି**

**ବିଳମ୍ବିତ ନିଷ୍ପତ୍ତି ଯୋଗୁଁ ଉନ୍ନୟନ କାମ ବାଧାପ୍ରାପ୍ତ**

ମନମୋହନଙ୍କ ଏହି ସଂକ୍ଷିପ୍ତ ମନ୍ତବ୍ୟ ମନ୍ତ୍ରୀ ଆଶାୟୀଙ୍କୁ ନିରାଶ କରିଥିବାବେଳେ ନିଗମ ଓ ବୋର୍ଡରେ ଥଇଥାନ ହେବାକୁ ଆଶା ବାନ୍ଧିଥିବା ଅନେକଙ୍କ ମନରେ ମଧ୍ୟ ଅସନ୍ତୋଷ ସୃଷ୍ଟି କରିଛି। ଏହା ସତ୍ତ୍ୱେ ଚଳିତ ମାସ ଶେଷ ସପ୍ତାହରେ ଦୁର୍ଗାପୂଜା ଅବକାଶ ପୂର୍ବରୁ ରାଜ୍ୟରେ ନିଗମ ଓ ବୋର୍ଡ ନିଯୁକ୍ତି ସହ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହୋଇପାରେ ବୋଲି ଅନେକ ଆଶା କରୁଛନ୍ତି । ଦିନକ ପରେ ସରକାରକୁ ପୂରିବ ୧୫ ମାସ। ମାତ୍ର ମନ୍ତ୍ରୀ ପରିଷଦରେ ଆବଶ୍ୟକ ଥିବା ଆଉ ୬ ମନ୍ତ୍ରୀ ପଦ ସହ ନିଗମ ଏବଂ ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ପଦ ଖାଲି ପଡ଼ିଥିବାରୁ ବିକାଶମୂଳକ କାମ ଅଟକି ରହିଛି। ଏସବୁ ପଦବୀ ପୂରଣରେ ଅହେତୁକ ବିଳମ୍ବ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଥିବାବେଳେ ଦଳୀୟ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ କୁହୁଳିବା ଆରମ୍ଭ କରିଛି। ଏପରିକି ଖୋଦ ଦଳର କର୍ମୀ ଓ କର୍ମକର୍ତ୍ତାମାନେ ସରକାର ଓ ସଂଗଠନର ନିଷ୍ପତ୍ତି ନେବାର କ୍ଷମତାକୁ ନେଇ ମଧ୍ୟ ପ୍ରଶ୍ନ ଉଠାଇଛନ୍ତି।

**■ ୪ କୋଟିର ସାଇବର୍ ଠକେଇ**

## ଅଭିଯୁକ୍ତଙ୍କୁ ଉଠାଇନେଲା ପଶ୍ଚିମବଙ୍ଗ ପୁଲିସ

ଭୁବନେଶ୍ୱର,୧୦।୯ (ସମିସ): ପଶ୍ଚିମବଙ୍ଗରେ ଠକେଇ କରି ଓଡ଼ିଶାରେ ଆତ୍ମଗୋପନ କରିଥିବା ଏକ ଠକକୁ ଉଠାଇନେଇଛି ପୁଲିସ। ଗିରଫ ଅଭିଯୁକ୍ତ ହେଉଛି ହରିହର ମହାପାତ୍ର। ମିଳିଥିବା ସୂଚନା ଅନୁସାରେ, ହରିହର ଟ୍ରେଡିଂ କରିବା ପାଇଁ ବିଭିନ୍ନ ଲୋକଙ୍କୁ ପ୍ରବର୍ତ୍ତାଇଥିଲା। ଏକ ନିର୍ଦ୍ଦିଷ୍ଟ ଆପ୍ ମାଧ୍ୟମରେ ନିବେଶ କରିଲେ ଭଲ ଲାଭ ମିଳିବ ବୋଲି ପ୍ରତିଶ୍ରୁତି ଦେବାପରେ ଲୋକମାନେ ସେହି ଆପରେ ଟଙ୍କା ବିନିଯୋଗ କରିଥିଲେ। ହେଲେ ଲାଭ କଥା ଦୂରରେ ଥାଉ, ମୂଳ ମଧ୍ୟ ମିଳିନଥିଲା। ଏହିପରି ଉପାୟରେ ହରିହର ପ୍ରାୟ ୪ କୋଟି ଟଙ୍କା ଠକି ନେଇଥିଲା। ଏନେଇ ପଶ୍ଚିମବଙ୍ଗର ପ୍ରଗତି ମଇଦାନ ଥାନାରେ ଅଭିଯୋଗ ହେବା ପରେ ପୁଲିସ ମାମଲା ରୁଜୁ କରିଥିଲା। ମାମଲା ରୁଜୁ ହେବାପରେ ହରିହର ପଶ୍ଚିମବଙ୍ଗ ଛାଡ଼ି ଓଡ଼ିଶା ପଳାଇ ଆସିଥିଲା। ଦୁଇ ଦିନ ପୂର୍ବେ ଖଣ୍ଡଗିରି ଥାନା ଅଧିନସ୍ଥ ଏକ ତାରକା ହୋଟେଲରେ ଆସି ଆତ୍ମଗୋପନ କରିଥିଲା। ହରିହରକୁ ଧରିବାକୁ ପଶ୍ଚିମବଙ୍ଗ ପୁଲିସ କାଲିଠାରୁ ଭୁବନେଶ୍ୱରରେ ଡେରା ପକାଇଥିଲା। ଫୋନ୍ ଟ୍ରାକିଂ ଜରିଆରେ ସେ ଖଣ୍ଡଗିରି ଥାନା ଅନ୍ତର୍ଗତ ତାରକା ହୋଟେଲରେ ଥିବା ଜାଣିବାକୁ ପାଇଥିଲା। ବୁଧବାର ଭୋରରୁ ଖଣ୍ଡଗିରି ଥାନା ପୁଲିସ ସହାୟତାରେ ଉକ୍ତ ତାରକା ହୋଟେଲରେ ଚଢ଼ଉ କରିଥିଲା। ସେଠାରୁ ହରିହରକୁ ଗିରଫ କରି ପଶ୍ଚିମବଙ୍ଗ ନେଇଛି।

**ବିଶ୍ୱ ଆତ୍ମହତ୍ୟା ନିବାରଣ ଦିବସ**

## ସମସ୍ୟାକୁ ହରାଇବା, ଜୀବନକୁ ଭଲ ପାଇବା: ମୁଖ୍ୟମନ୍ତ୍ରୀ

**ଭୁବନେଶ୍ୱର,୧୦।୯ (ସମିସ):** ଆତ୍ମହତ୍ୟା ସମାଧାନର ରାସ୍ତା ନୁହେଁ, ଏହା ଏକ ଦୁର୍ବଳ ମାନସିକତା। ଆତ୍ମହତ୍ୟା ନିବାରଣ ପାଇଁ ରାଜ୍ୟ ସରକାର ରାଜ୍ୟବ୍ୟାପୀ 'ଜୀବନ ଜିନ୍ଦାବାଦ' କାର୍ଯ୍ୟକ୍ରମ ଆରମ୍ଭ କରିଛନ୍ତି। ଆଜି ବିଶ୍ୱ ଆତ୍ମହତ୍ୟା ନିବାରଣ ଦିବସରେ ଆସନ୍ତୁ ସଂକଳ୍ପ ନେବା- ସମସ୍ୟାକୁ ହରାଇବା, ଜୀବନକୁ ଭଲ ପାଇବା ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ସାମାଜିକ ଗଣମାଧ୍ୟମ 'ଏକ୍ସ'ରେ ମୁଖ୍ୟମନ୍ତ୍ରୀ ଏପରି ପୋଷ୍ଟ କରି ଆତ୍ମହତ୍ୟାର ନିବାରଣ ପାଇଁ ବ୍ୟାପକ ସାମାଜିକ ସଚେତନତା ସୃଷ୍ଟି କରିବା ଦିଗରେ ସମସ୍ତେ କାମ କରିବାକୁ ଆହ୍ୱାନ ଦେଇଛନ୍ତି।



ଉକ୍ତ ପୋଷ୍ଟରେ ମୁଖ୍ୟମନ୍ତ୍ରୀ ଉଲ୍ଲେଖ କରିଛନ୍ତି ଯେ ବିଶ୍ୱନିୟନ୍ତାଙ୍କ ପ୍ରଦତ୍ତ ଜୀବନ ହେଉଛି ଅମୂଲ୍ୟ। ଜୀବନରେ ଏମିତି କିଛି ସମସ୍ୟା ନାହିଁ, ଯାହାର କୌଣସି ସମାଧାନ ନାହିଁ। ଆପଣ ସମ୍ମୁଖୀନ ହେଉଥିବା ସମସ୍ତ ଛୋଟବଡ଼ ସମସ୍ୟାର ସମାଧାନ କରିବା ପାଇଁ ସରକାର ସବୁବେଳେ ଆପଣଙ୍କ ସହ ଛିଡ଼ା ହୋଇଛନ୍ତି। ଯଦି ବ୍ୟକ୍ତିଗତ ସ୍ତରରେ କେହି ବ୍ଲାକମେଲ କିମ୍ବା ହାରାସମେଣ୍ଟ କରୁଛନ୍ତି, ତୁରନ୍ତ କର୍ତ୍ତୃପକ୍ଷଙ୍କୁ ଅବଗତ କରାନ୍ତୁ। ସରକାରଙ୍କ ପକ୍ଷରୁ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନିଆଯିବ। ଆଜିର 'ବିଶ୍ୱ ଆତ୍ମହତ୍ୟା ନିବାରଣ ଦିବସ' କେବଳ ଅନ୍ୟ ଦିବସ ପାଳନ କରିବା ପରି ଔପଚାରିକତାରେ ସୀମାବଦ୍ଧ ହେଇ ନରହୁ। ଆତ୍ମହତ୍ୟା ସମାଧାନ ନୁହେଁ। ଏହା ପରିବାରକୁ ସବୁଦିନ ପାଇଁ ଅକଥନୀୟ ଦୁଃଖଦୁର୍ଦ୍ଦଶା ଦେଇଥାଏ। ଆଜିର ଦିନରେ ଆଉ ଥରେ ସଂକଳ୍ପ ନେବା ଜୀବନକୁ ହର୍ଷ ଓ ଉଲ୍ଲାସର ସହ ଉପଭୋଗ କରିବା ଏବଂ ସବୁ ସମସ୍ୟାକୁ ପରିବାର ତଥା ସରକାରଙ୍କ ସହଯୋଗରେ ସମାଧାନ କରି ଆଗକୁ ବଢ଼ିବା ବୋଲି ମୁଖ୍ୟମନ୍ତ୍ରୀ ମତ ପ୍ରକାଶ କରିଛନ୍ତି।

**ଲା-ନିନା ସକ୍ରିୟ**

## ବଢୁଛି ବାତ୍ୟା ଭୟ

**ଭୁବନେଶ୍ୱର, ୧୦।୯ (ସମିସ):** ଆଉ ଦିନ କେଇଟା ପରେ ଦେଶରୁ ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ଅପସାରଣ ଆରମ୍ଭ ହେବ। ଏହି ସମୟରେ କିଛି କାରକ ଚଳିତ ବର୍ଷ ବାତ୍ୟା ଆଶଙ୍କା ସହ ବାତ୍ୟା ବାତାବରଣକୁ ଅନୁକୂଳ କରିଛି। ନେଗେଟିଭ୍ ଆଇଓଡି ଓ ଲା-ନିନା ସକ୍ରିୟ ରହିଲେ ବାତ୍ୟା ସୃଷ୍ଟି ନିମନ୍ତେ ପରିବେଶକୁ ଅନୁକୂଳ କରିଥାଏ। ସାମୁଦ୍ରିକ ତାପମାତ୍ରା ୨୬.୫ ଡିଗ୍ରୀରୁ ଅଧିକ ରହିଲେ ଏହା ମଧ୍ୟ ବାତ୍ୟା ସୃଷ୍ଟି ସାଙ୍ଗକୁ ବାତ୍ୟାକୁ ଅଧିକ ଘନୀଭୂତ କରାଏ। ଚଳିତ ବର୍ଷ ଏହି ସବୁ ସ୍ଥିତି ଅନୁକୂଳ ରହୁଥିବାରୁ ବାତ୍ୟା ସୃଷ୍ଟି ହେବାର ଆଶଙ୍କାକୁ ଦୃଢ଼ୀଭୂତ କରିଛି। ବିଶ୍ୱ ପାଣିପାଗ ସଂସ୍ଥା ସହ ଅନେକ ପାଣିପାଗ ବିଜ୍ଞାନୀ ଭାରତର ପୂର୍ବ ଉପକୂଳ ଓ ବିଶେଷ କରି ଆନ୍ଧ୍ରରୁ ପଶ୍ଚିମବଙ୍ଗ ଅଞ୍ଚଳ ପ୍ରଭାବିତ ହୋଇପାରେ ବୋଲି ଆଶଙ୍କା ପ୍ରକାଶ କରିଛନ୍ତି। ଯାହା ଓଡ଼ିଶା ପାଇଁ ଚିନ୍ତା ବଢ଼ାଇଛି ଓ ଅକ୍ଟୋବର ୧ରୁ ବାତ୍ୟା ଋତୁ ଓଡ଼ିଶା ପାଇଁ ବିପଦ ଆଣିପାରେ ବୋଲି କୁହାଯାଉଛି ।

ସାଧାରଣତଃ ଜଳବାୟୁ ପ୍ରକ୍ରିୟା ଲା-ନିନା ପରିସ୍ଥିତି ସଂଘଠିତ ହେଲେ ବଙ୍ଗୋପସାଗରରେ ସାମୁଦ୍ରିକ ଝଡ଼ ବା ବାତ୍ୟାକୁ ବଳ ଯୋଗାଇଥାଏ ଓ ଏହାର ତୀବ୍ରତାକୁ ବୃଦ୍ଧିରେ ସହାୟକ ହୋଇଥାଏ। ଜଳବାୟୁ ପ୍ରକ୍ରିୟା ଲା-ନିନା ପ୍ରଭାବରେ ଉଚ୍ଚ

**ପୂର୍ବରୁ ଲା-ନିନା ଆଣିଛି ଏକାଧିକ ବଡ଼ ବାତ୍ୟା**

**ଅକ୍ଟୋବରରୁ ଡିସେମ୍ବର ସ୍ଥିତି ସମ୍ବେଦନଶୀଳ**

ସାମୁଦ୍ରିକ ପୃଷ୍ଠ ତାପମାତ୍ରାର ଉପସ୍ଥିତି ହେତୁ ପଶ୍ଚିମ ପ୍ରଶାନ୍ତ ମହାସାଗର ତଥା ଚାଇନା ସାଗର ଅଞ୍ଚଳରେ ସୃଷ୍ଟି ହେଉଥିବା ବାତ୍ୟାଗୁଡିକର ଅବଶିଷ୍ଟାଂଶ ବଙ୍ଗୋପସାଗରରେ ପ୍ରବେଶ କରିଥାଏ। ଏହା ମୌସୁମୀ ପରବର୍ତ୍ତୀ ବାତ୍ୟା ଋତୁକୁ ସକ୍ରିୟ କରାଇବାରେ ଯଥେଷ୍ଟ ସାହାଯ୍ୟ କରିଥାଏ। ବିଶେଷ କରି ପ୍ରଶାନ୍ତ ମହାସାଗର ଅଞ୍ଚଳରୁ ବଙ୍ଗୋପସାଗର ଅଞ୍ଚଳକୁ ପ୍ରବେଶ କରୁଥିବା ଅବଶିଷ୍ଟାଂଶ ଗୁଡ଼ିକ ମୁଖ୍ୟତଃ ଆଣ୍ଡାମାନ ସାଗର ଅଞ୍ଚଳରେ ପ୍ରବେଶ କରିଥାଏ। ଯେହେତୁ ଏହା ଏକ ଦ୍ୱୀପାଞ୍ଚଳ, ତେଣୁ ଏଠାରେ ତାପମାତ୍ରା ୩୦ ଡିଗ୍ରୀ କିମ୍ବା ଅଧିକ ରହିଥାଏ ଓ ବାତ୍ୟା ଏଠାରେ ମାଡ଼ ହେବା ପରେ ସାମୁଦ୍ରିକ ଆଭ୍ୟନ୍ତରୀଣ ତରଙ୍ଗ ସୃଷ୍ଟି କରିବା ସହ ଅଧିକ ଶକ୍ତିଶାଳୀ ହୋଇ ଆଗକୁ ବଢ଼ିଥାଏ।

ବିଶେଷକରି ଅକ୍ଟୋବରରୁ ଡିସେମ୍ବର ମାସ ମଧ୍ୟରେ ଉଚ୍ଚ ଆର୍ଦ୍ରତା, ବାୟୁପ୍ରବାହ ତାରତମ୍ୟ ଓ ଉଚ୍ଚ ସମୁଦ୍ରପୃଷ୍ଠ ତାପମାତ୍ରା ଆଦି ଯୋଗୁଁ ବାତ୍ୟାଗୁଡ଼ିକ ଶକ୍ତିଶାଳୀ ହୋଇଥାଏ। ଏହା ସହିତ ପ୍ରବଳ ବର୍ଷା ଏବଂ ବନ୍ୟା ପରିସ୍ଥିତି ସୃଷ୍ଟି ହୋଇଥାଏ। ପୂର୍ବରୁ ଲା-ନିନା ପ୍ରଭାବ ଯୋଗୁଁ ଓଡ଼ିଶା ୧୯୯୯ରେ ସୁପର ସାଇକ୍ଲୋନ ସମ୍ମୁଖୀନ ହୋଇଥିଲା। ସେହିପରି ୨୦୦୯ ଅଇଲା, ୨୦୧୮ ରତିତିଲି, ୨୦୨୧ରେ ଗୁଲାବ ଏବଂ ଜୱାଦ, ୨୦୨୨ର ଅସାନି ଭଳି ବାତ୍ୟା ଲା-ନିନା ସକ୍ରିୟ ରହିଥିବା ବର୍ଷରେ ସୃଷ୍ଟି ହୋଇଛି। ସେହିପରି ପ୍ରାକ୍ ମୌସୁମୀ ଋତୁରେ ଆସିଥିବା ବାତ୍ୟାଗୁଡ଼ିକ ମଧ୍ୟରୁ ୨୦୧୯ ରେ ଆସିଥିବା ଫନି, ୨୦୨୦ରେ ଅମ୍ଫନ, ୨୦୨୧ର ୟସ ଭଳି ବାତ୍ୟା ମଧ୍ୟ ଲା-ନିନା ବର୍ଷରେ ସୃଷ୍ଟି ହୋଇଛି ଓ ଏହାଦ୍ୱାରା ଓଡ଼ିଶା ବ୍ୟାପକ ଭାବେ କ୍ଷତିଗ୍ରସ୍ତ ହୋଇଛି। ଅନ୍ୟପଟେ ଗତ ୬୦ ବର୍ଷ ମଧ୍ୟରେ ବଙ୍ଗୋପସାଗର ଓ ଆରବ ସାଗରରେ ବାତ୍ୟା ସଂଖ୍ୟା ବଢ଼ି ଚାଲୁଥିବା ନେଇ ବିଭିନ୍ନ ରିପୋର୍ଟରେ ଦର୍ଶାଯାଇଛି। ଏହି ବାତ୍ୟାଗୁଡ଼ିକ ଉଭୟ ମୌସୁମୀ ପୂର୍ବବର୍ତ୍ତିକାଳୀନ ଓ ପରବର୍ତ୍ତିକାଳୀନ ସମୟରେ ସୃଷ୍ଟି ହେଉଛି। ସେହିପରି ଭୀଷଣ ବାତ୍ୟା କିମ୍ବା ଏହାଠାରୁ ଅଧିକ ଶକ୍ତିଶାଳୀ ହେଉଥିବା ବାତ୍ୟାଗୁଡ଼ିକ ସଂଖ୍ୟା ମୌସୁମୀ ପରବର୍ତ୍ତୀକାଳନୀ ସମୟରେ ବଙ୍ଗୋପସାଗରରେ ବୃଦ୍ଧି ପାଇଛି। ଏ ଦୃଷ୍ଟିରୁ ଆଗାମୀ ଅକ୍ଟୋବର ମାସରୁ ଡିସେମ୍ବର ମାସ ପର୍ଯ୍ୟନ୍ତ ରାଜ୍ୟ ପାଇଁ ଏକ ସମ୍ବେଦନଶୀଳ ସମୟ ସୃଷ୍ଟି ପାଇଁ ଯାଉଥିବା ଆଶଙ୍କା ରହିଛି।

## ସୋଆ ଯୁବ ସାହିତ୍ୟ ପୁରସ୍କାର-୨୦୨୫ ପାଇଁ ପୁସ୍ତକ ଆମନ୍ତ୍ରଣ

ଭୁବନେଶ୍ୱର,୧୦।୯ (ସମିସ): ଓଡ଼ିଆ ସାହିତ୍ୟର ପ୍ରତିଶ୍ରୁତି ସମ୍ପନ୍ନ ଯୁବ ସାହିତ୍ୟିକଙ୍କୁ ସମ୍ମାନ ଓ ସ୍ୱୀକୃତି ପ୍ରଦାନ କରିବା ଉଦ୍ଦେଶ୍ୟରେ ଚଳିତବର୍ଷରୁ ଶିକ୍ଷା ଓ ଅନୁସନ୍ଧାନ ବିଶ୍ୱବିଦ୍ୟାଳୟ (ସୋଆ) 'ସୋଆ ଯୁବ ସାହିତ୍ୟ ପୁରସ୍କାର' ପ୍ରଦାନ ନିମନ୍ତେ ସିଦ୍ଧାନ୍ତ ନେଇଛି। ୪୦ ବର୍ଷ ବୟସ ସୀମା ମଧ୍ୟରେ ସାହିତ୍ୟ କ୍ଷେତ୍ରରେ ନୂତନ ସମ୍ଭାବନା ସୃଷ୍ଟି କରିଥିବା ଲେଖକ ଲେଖିକାଙ୍କର କବିତା, କଥା ସାହିତ୍ୟ, ନାଟକ ଓ ସାହିତ୍ୟ ସମାଲୋଚନା ଭଳି ସାହିତ୍ୟର ବିଭିନ୍ନ ବିଭାଗରେ ରଚିତ ସ୍ୱତନ୍ତ୍ର ସୃଜନଶୀଳ କାର୍ଯ୍ୟକୁ ସମ୍ମାନିତ କରାଯିବ। ଏହି ପୁରସ୍କାର ସ୍ୱରୂପ ଏକ ଲକ୍ଷ ଟଙ୍କାର ଅର୍ଥ ରାଶି, ଉତ୍ତରୀୟ ଓ ମାନପତ୍ର ପ୍ରଦାନ କରାଯିବ। ଏଥିପାଇଁ ଗତ ୫ବର୍ଷ (୨୦୨୦ ଠାରୁ ୨୦୨୪) ମଧ୍ୟରେ ପ୍ରକାଶିତ ମୌଳିକ ଏବଂ ଶ୍ରେଷ୍ଠ ପୁସ୍ତକକୁ ବିଚାରକୁ ନିଆଯିବ। ଜାନୁଆରୀ ୧, ୨୦୨୫ ସୁଦ୍ଧା ଯେଉଁମାନଙ୍କ ବୟସ ୪୦ ବର୍ଷ ବା ତା' ଠାରୁ କମ୍ ସେମାନେ ଆବେଦନ କରିପାରିବେ। ସ୍ୱୟଂ ଲେଖକ ବା ପ୍ରକାଶକ ପୁସ୍ତକ ଦାଖଲ କରିପାରିବେ। ପୁସ୍ତକର ଦୁଇଟି ପ୍ରତିଲିପି ସହିତ ଲେଖକଙ୍କ ସଂକ୍ଷିପ୍ତ ପରିଚୟ, ଜନ୍ମ ତାରିଖର ସ୍ୱ-ସ୍ୱାକ୍ଷରିତ ପ୍ରମାଣପତ୍ର (ଆଧାର କାର୍ଡ, ପାସପୋର୍ଟ, ଡ୍ରାଇଭିଂ ଲାଇସେନ୍ସ ବା ଭୋଟର ଆଇଡି) ସହ ପ୍ରକାଶକଙ୍କ ପକ୍ଷରୁ ପଠାଗଲେ ଲେଖକଙ୍କ ବୟସ ସ୍ଥିର କରିଥିବା ଶପଥପତ୍ର ଦେବା ଆବଶ୍ୟକ। ଏହି ପୁସ୍ତକ ଓ ପ୍ରସ୍ତାବନାଗୁଡ଼ିକ 'ପ୍ରଫେସର ଓ ମୁଖ୍ୟ, ପ୍ରାଚୀନ, ଜେ-୧୫, ଶିକ୍ଷା ଓ ଅନୁସନ୍ଧାନ, ଖଣ୍ଡଗିରି, ଭୁବନେଶ୍ୱର-୩୦, ଓଡ଼ିଶା' ଠିକଣାରେ ଅକ୍ଟୋବର ୭, ୨୦୨୫ ସୁଦ୍ଧା ପହଞ୍ଚିବା ଆବଶ୍ୟକ ।

■ ଡକାୟତି ଉଦ୍ୟମବେଳେ ୩ ଚୋର ଗିରଫ

# ଦେଶୀ ବନ୍ଧୁକ ଓ ମନ୍ଦିରରୁ ଚୋରି ସାମଗ୍ରୀ ଜବତ



**ଚାରିଛକ,୧୦।୯ (ସମିସ):** ଡକାୟତି ପାଇଁ ଉଦ୍ୟମ କରୁଥିବାବେଳେ ୩ ଜଣ ଚୋରଙ୍କୁ ଚାରିଛକ ପୁଲିସ ଧରି ବୁଧବାର କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି । ଉକ୍ତ ଅଭିଯୁକ୍ତମାନେ ହେଲେ ନୟାଗଡ଼ ଫତେଗଡ଼ ଥାନା ଅଞ୍ଚଳର ସଞ୍ଜୟ ପାତ୍ର, ଜଗତସିଂହପୁର ଏରସମା ଥାନା ଅଞ୍ଚଳର ସତ୍ୟ ପ୍ରକାଶ ସ୍ୱାଇଁ ଓ ଭୁବନେଶ୍ୱର ମଞ୍ଚେଶ୍ୱର ଥାନା ଅଞ୍ଚଳର ଗୋବିନ୍ଦ କୁମାର ଉପାଧ୍ୟାୟ ବୋଲି ପୁଲିସ ସୂଚନା ଦେଇଛି ।

ସୂଚନା ମୁତାବକ, ଚାରିଛକ ଥାନା ଅନ୍ତର୍ଗତ ଛବାଟିଆ ଗ୍ରାମ ନିକଟ ଏକ ନିଛାଟିଆ ସ୍ଥାନରେ କେତେକ ଯୁବକ ଡକାୟତି ପାଇଁ ଉଦ୍ୟମ କରୁଥିବାବେଳେ କୌଣସି ସୂତ୍ରରୁ ଖବର ପାଇ ପୁରୀ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ପ୍ରତୀକ ସିଂଙ୍କ ନିର୍ଦ୍ଦେଶକ୍ରମେ କାକଟପୁର ପୁଲିସ, ଗୋପ ପୁଲିସ ଓ ଚାରିଛକ ପୁଲିସ ମିଳିତ ଭାବେ ଉକ୍ତ ସ୍ଥାନରେ ଚଢ଼ଉ କରି ୩ଜଣଙ୍କୁ କାବୁ କରିଥିବାବେଳେ ଅନ୍ୟମାନେ ଫେରାର୍ ହୋଇଯାଇଥିବା ଜଣାପଡ଼ିଛି । ପୁଲିସ ସେମାନଙ୍କ ନିକଟରୁ ଗୋଟିଏ ଦେଶୀ ବନ୍ଧୁକ ଓ ମନ୍ଦିରରୁ ଚୋରି ହୋଇଥିବା ବିଭିନ୍ନ ସାମଗ୍ରୀ ଓ ନଗଦ କିଛି ଟଙ୍କା ଜବତ କରିଛି । ଗତ ଅଗଷ୍ଟ ୩୦ ତାରିଖରେ ଚାରିଛକ ନିକଟସ୍ଥ ବ୍ରହ୍ମକୁଣ୍ଡୀ ଗ୍ରାମର ବ୍ରହ୍ମେଶ୍ୱରଙ୍କ ମନ୍ଦିରରୁ ଚୋରି ହୋଇଥିବା ନେଇ ମନ୍ଦିର କମିଟି ସଭାପତି ଚକ୍ରଧର ସା ଚାରିଛକ ଥାନାରେ ଏକ ଲିଖିତ ଅଭିଯୋଗ କରିଥିଲେ । ଚାରିଛକ ପୁଲିସ ସେହିଦିନଠାରୁ ବିଭିନ୍ନ ସ୍ଥାନରେ ଚଢ଼ଉ ଜାରି ରଖିଥିଲା । ଧରାପଡ଼ିଥିବା ଅଭିଯୁକ୍ତମାନେ ମନ୍ଦିରରୁ ଚୋରି କରିଥିବା ନେଇ ପୁଲିସ ନିକଟରେ ସ୍ୱୀକାର କରିଥିଲେ । ଉକ୍ତ ଅଭିଯୁକ୍ତମାନଙ୍କ ନାମରେ ବିଭିନ୍ନ ଥାନାରେ ଏକାଧିକ ମାମଲା ରହିଥିବା ବୁଧବାର ଏକ ସାମ୍ବାଦିକ ସମ୍ମିଳନୀରେ ନିମାପଡ଼ା ଏସ୍‌ଡିପିଓ ଜନାର୍ଦ୍ଦନ ପାଢ଼ୀ, ଚାରିଛକ ଥାନା ଅଧିକାରୀ ମମତା ବିଶ୍ୱାଳ ପ୍ରକାଶ କରିଛନ୍ତି ।

# ଦାଦାବଟି ଆଦାୟ କରି ୩ ଗିରଫ



**କାକଟପୁର,୧୦।୯ (ସମିସ):** ମଙ୍ଗଳବାର ମଧ୍ୟରାତିରେ କାକଟପୁର ବ୍ଲକ୍ ଛକ ନିକଟରେ ଦାଦାବଟି ଆଦାୟ କରୁଥିବା ୩ ଜଣଙ୍କୁ କାକଟପୁର ପୁଲିସ ଗିରଫ କରିଛି । ଅଭିଯୁକ୍ତମାନେ ହେଲେ କାକଟପୁର ଥାନା ଦହିଖିଆ ଗ୍ରାମରେ ଶିବ ପ୍ରସାଦ ପରିଡ଼ା ଓରଫ ଚିଣ୍ଟୁ(୨୩), ନୀଳକଣ୍ଠପୁର ଗ୍ରାମର ଦୁଷ୍ମନ୍ତ ସାହୁ ଓରଫ ଗୁଡ୍ଡୁ(୩୦) ଓ ଆଶିଷ ଖୁଣ୍ଟିଆ ଓରଫ ଗୁଗୁଲି(୨୭) । ପ୍ରକାଶ ଉକ୍ତ ଅଭିଯୁକ୍ତମାନେ କାକଟପୁର ବ୍ଲକ୍ ଛକ ମୁଖ୍ୟରାସ୍ତାରେ ଯାଉଥିବା ଲୋକମାନଙ୍କୁ ମାରଣାସ୍ତ୍ର ଦେଖାଇ ଡରାଇ ଧମକାଇ ଜୋର୍‌ଜବରଦସ୍ତ ଦାଦାବଟି ଆଦାୟ କରୁଥିଲେ । କାକଟପୁର ପୁଲିସ ପାଟ୍ରୋଲିଂ କରୁଥିବାବେଳେ ଖବର ପାଇ ଘଟଣାସ୍ଥଳରେ ଚଢ଼ଉ କରି ସେମାନଙ୍କୁ କାବୁ କରିଥିଲା । ପୁଲିସ ସେମାନଙ୍କଠାରୁ ଗୋଟିଏ ଭୁଜାଲି, ଦୁଇଟି ଲୁହା ରଡ୍, ୪୫୦ ଟଙ୍କା ଜବତ କରିଛି । ଏ ସଂକ୍ରାନ୍ତରେ କାକଟପୁର ପୁଲିସ ପକ୍ଷରୁ ଏକ ମାମଲା ରୁଜୁ କରି ବୁଧବାର କୋର୍ଟ ଚାଲାଣ କରାଯାଇଛି । ଏ ସମସ୍ତ ଅଭିଯୁକ୍ତଙ୍କ ନାମରେ ପୂର୍ବରୁ ବିଭିନ୍ନ ଥାନାରେ ଏକାଧିକ ଅପରାଧିକ ମାମଲା ରହିଥିବା ପୁଲିସ ପକ୍ଷରୁ ଜଣାପଡ଼ିଛି । ଏହାର ଅଧିକ ତଦନ୍ତ ଚାଲୁ ରହିଛି ବୋଲି ଆଇଆଇସି ବସନ୍ତ କୁମାର ସାହୁ ସୂଚନା ଦେଇଛନ୍ତି ।

ଗୋପ ପଞ୍ଚାୟତ ସମିତି ବୈଠକ

# ଉନ୍ନୟନମୂଳକ କାର୍ଯ୍ୟରେ ମନ୍ଥରତାକୁ ନେଇ ଅସନ୍ତୋଷ



**ଗୋପ,୧୦।୯ (ସମିସ):** ବୁଧବାର ୮ମ ଗୋପ ପଞ୍ଚାୟତ ସମିତି ବୈଠକ ଅନୁଷ୍ଠିତ ହୋଇଯାଇଛି । ପଞ୍ଚାୟତ ସମିତି ଅଧକ୍ଷା ଝୁନୁ ମଲ୍ଲିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍ୟାନ ବିଭାଗ, ଶିଶୁ ଓ ମହିଳା ବିକାଶ, ଶିକ୍ଷା, ସ୍ୱାସ୍ଥ୍ୟ, ପଶୁପାଳନ, ପାନୀୟଜଳ, ଗ୍ରାମୀଣ ଗୃହ ନିର୍ମାଣ, ଯୋଗାଣ ବିଭାଗ, ସାମାଜିକ ସୁରକ୍ଷା ଆଦି ବିଭିନ୍ନ ବିଭାଗର

- ବୈଠକରେ ଯୋଗଦେଲେ ଏକାଧିକ ସାଂସଦଙ୍କ ପ୍ରତିନିଧି
- ବିଧାୟକଙ୍କ ପ୍ରଶ୍ନରେ ଘାଇଲା ହେଲେ ବିଡିଓ
- ୨୦ ମିନିଟ୍ ମୁଲତବୀ ରହିଲା ବୈଠକ
- ସାର ଅଭାବ ଓ ଯୋଗାଣ ବିଭାଗରେ ଦୁର୍ନୀତିକୁ ନେଇ ଅସନ୍ତୋଷ

ବିଷୟବସ୍ତୁ ଉପରେ ଆଲୋଚନା କରାଯାଇଥିଲା । ଗୋପ ବୈଠକରେ ଆରମ୍ଭରୁ ବିବାଦ ଦେଖାଦେଇଥିଲା । ବୈଠକରେ ଏକାଧିକ ସାଂସଦଙ୍କ ପ୍ରତିନିଧି ଯୋଗଦେଇଥିବା ଯୋଗୁଁ କାକଟପୁର ବିଧାୟକ ତୁଷାରକାନ୍ତି ବେହେରା ଗୋପ ବିଡିଓ ଛବିରାଣୀ ସାହୁଙ୍କୁ ଗୋଟିଏ ବ୍ଲକ୍‌ରେ କେତେଜଣ ସାଂସଦଙ୍କ ପ୍ରତିନିଧି ରହିପାରିବେ ବୋଲି ସ୍ପଷ୍ଟ କରନ୍ତୁ ବୋଲି ପ୍ରଶ୍ନ କରିଥିବାବେଳେ ବିଡିଓ ଶ୍ରୀମତୀ ସାହୁ କୌଣସି ଉତ୍ତର ରଖିପାରି ନ ଥିବାବେଳେ ଦୀର୍ଘ ୨୦ ମିନିଟ୍ ପର୍ଯ୍ୟନ୍ତ ବୈଠକ ବନ୍ଦ ରହିଥିଲା । ଏହି ବୈଠକରେ କୃଷି ଓ ବିଷୟବସ୍ତୁ ଉପରେ ଆଲୋଚନା କରାଯାଇଥିଲା । ଗୋପ ଅଞ୍ଚଳରେ ସାରର ଅଭାବ ଓ ଚଢ଼ା ଦରରେ ସାର ବିକ୍ରିକୁ ନେଇ କେତେକ ଜନପ୍ରତିନିଧି ପ୍ରଶ୍ନ କରିଥିବାବେଳେ ବୈଠକରେ ଅସନ୍ତୋଷ ଦେଖିବାକୁ ମିଳିଥିଲା । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଜନ୍ମଦିନରେ ବିଭିନ୍ନ ବିଦ୍ୟାଳୟରେ ବୃକ୍ଷରୋପଣ କାର୍ଯ୍ୟକ୍ରମ କରାଯିବ ବୋଲି ଶିକ୍ଷା ବିଭାଗ ପକ୍ଷରୁ ସୂଚନା ଦିଆଯାଇଥିଲା । ସେହିପରି ଯୋଗାଣ ବିଭାଗରେ ବ୍ୟାପକ ଅନିୟମିତତା ଓ ଦୁର୍ନୀତି ହୋଇଥିବାବେଳେ ଜଣେ ବ୍ୟକ୍ତିଙ୍କ ନାମରେ ଦୁଇଟି ଡିଲର ଲାଇସେନ୍ସ ଥିବା ନେଇ କେତେକ ଜନ ପ୍ରତିନିଧି ଅଭିଯୋଗ କରିଥିଲେ । ବାରମ୍ବାର ରାସନ କାର୍ଡରେ ନାମ ସଂଯୋଗ କରିବାକୁ ହଜାର ହଜାର ହିତାଧିକାରୀ ଆବେଦନ କରୁଥିଲେ ମଧ୍ୟ ଏହା କେବଳ ଆବେଦନରେ ସୀମିତ ରହୁଛି ବୋଲି ଜନପ୍ରତିନିଧିମାନେ ଅଭିଯୋଗ କରିଥିଲେ । ଏନେଇ ଯୋଗାଣ ଅଧିକାରୀ ରଚିତା ପଣ୍ଡା କୌଣସି ସନ୍ତୋଷଜନକ ଉତ୍ତର ଦେଇପାରି ନ ଥିଲେ ।

ପାନୀୟଜଳ ସମସ୍ୟାକୁ ନେଇ ତରକୋର ସରପଞ୍ଚ ସୁଶାନ୍ତ ପରିଡ଼ା ଅଭିଯୋଗ କରିଥିଲେ । ଦଶନ୍ଧି ଦଶନ୍ଧି ଧରି ପଞ୍ଚାୟତର ଲୋକମାନେ ପାନୀୟଜଳ ପାଇବାରୁ ବଞ୍ଚିତ ହେଉଛନ୍ତି । ଟ୍ୟାଙ୍କର ଯୋଗେ ଜଳଯୋଗାଣ କରାଯାଉଥିବା ବେଳେ ଏହା ପର୍ଯ୍ୟାପ୍ତ ହେଉନାହିଁ । ଫଳରେ କେତେକ ଜନସାଧାରଣ ବାଧହୋଇ ନଦୀପାଣି ବ୍ୟବହାର କରୁଛନ୍ତି । ଟ୍ୟାଙ୍କର ଯୋଗେ ଜଳଯୋଗାଣ ହେଉଥିଲେ ମଧ୍ୟ ସେମାନଙ୍କୁ ଦୀର୍ଘ ୭ ମାସ ଧରି ଅର୍ଥ ମିଳି ନାହିଁ ବୋଲି ଶ୍ରୀ ପରିଡ଼ା ଅଭିଯୋଗ କରିବା ସହ କେବେ ମେଗା ପାନୀୟଜଳ ପ୍ରକଳ୍ପ କାର୍ଯ୍ୟକ୍ଷମ ହେବ ବୋଲି ପ୍ରଶ୍ନ କରିଥିଲେ । ସେହିପରି ବିଭିନ୍ନ ପଞ୍ଚାୟତରୁ ଆସିଥିବା ଜନପ୍ରତିନିଧିମାନେ ଉନ୍ନୟନ ଯୋଜନାକୁ ନେଇ ପ୍ରଶ୍ନ କରିଥିଲେ । ବିଭିନ୍ନ କାର୍ଯ୍ୟର ମନ୍ଥରଗତିକୁ ନେଇ ବୈଠକରେ ଅସନ୍ତୋଷ ଦେଖାଦେଇଥିଲା । ଏହି ବୈଠକରେ ଉପାଧକ୍ଷ ବନ ରଞ୍ଜନ ପଟ୍ଟନାୟକ, ଜିଲ୍ଲା ପରିଷଦ ସଭ୍ୟ ପ୍ରମୋଦ ରାୟ, ପୁଷ୍ପାରାଣୀ ସ୍ୱାଇଁ, ନିହାରିକା ନାୟକ, ଅତିରିକ୍ତ ବିଡିଓ ଦୀପକ କୁମାର ଜେନାଙ୍କ ସମେତ ସାଂସଦଙ୍କ ପ୍ରତିନିଧି ଓ ସମସ୍ତ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ ।

## କାଇପଦର କ୍ଲଷ୍ଟରରେ ମାସିକ ବୈଠକ

**ଖୋର୍ଦ୍ଧା,୧୦।୯ (ସମିସ):** ଖୋର୍ଦ୍ଧା ଶିକ୍ଷା ବ୍ଲକ୍ ଅଧୀନ ସରକାରୀ ଉଚ୍ଚ ବିଦ୍ୟାଳୟ ବଙ୍ଗିଦାଠାରେ କାଇପଦର କ୍ଲଷ୍ଟରର ତୃତୀୟ କ୍ଲଷ୍ଟରସ୍ତରୀୟ ମାସିକ ବୈଠକ ଶନିବାର ସିଆର୍‌ସିସି ବାଗେଶ୍ରୀ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ହୋଇଯାଇଛି । ଏହି ବୈଠକରେ କ୍ଲଷ୍ଟରର ସମସ୍ତ ବିଦ୍ୟାଳୟର ପ୍ରଧାନଶିକ୍ଷକଙ୍କ ସମେତ ସମସ୍ତ ଏଫ୍‌ଏଲ୍‌ଏନ୍ ଶିକ୍ଷକ-ଶିକ୍ଷୟିତ୍ରୀ ଯୋଗଦେଇଥିଲେ । ଏଠାରେ ଉକ୍ତ ବିଦ୍ୟାଳୟର ଶିଶୁ ବାଟିକା, ପ୍ରଥମ, ଦ୍ୱିତୀୟ, ତୃତୀୟ ଶ୍ରେଣୀ ପିଲାମାନଙ୍କୁ ନେଇ ବହୁଶ୍ରେଣୀୟ ଶିକ୍ଷଣ କାର୍ଯ୍ୟ ଉଭୟ ସଂଖ୍ୟାଜ୍ଞାନ ଓ ଭାଷା ଉପରେ କରାଯାଇଥିଲା । ଏଥିରେ ସମସ୍ତେ ସକ୍ରିୟ ଅଂଶଗ୍ରହଣ କରିବା ସହିତ ନିଜ ନିଜର ବହୁ ମୂଲ୍ୟ ମତ ରଖିଥିଲେ । ପରେ କ୍ରମାଗତ ଦ୍ୱିତୀୟ ଥର ପାଇଁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇ କ୍ଲଷ୍ଟରକୁ ଗୌରବାନ୍ୱିତ କରିଥିବା ଆଶିଷ କୁମାର ରାୟ ଓ ରାଜ୍ୟ ପ୍ରାଥମିକ ସଙ୍ଘରେ ନିଜର ସ୍ଥାନ ବଜାୟ ରଖିଥିବା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଭାଟପଡ଼ାର ପ୍ରଧାନଶିକ୍ଷକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା ।

● ସତ୍ୟବାଦୀ ବିକାଶ ପରିଷଦର ଗୁରୁତ୍ୱପୂର୍ଣ୍ଣ ବୈଠକ

# ସତ୍ୟବାଦୀକୁ ଏନ୍‌ଏସି ଘୋଷଣା ପାଇଁ ଦୃଢ଼ ଦାବି



**ସାକ୍ଷୀଗୋପାଳ,୧୦।୯ (ସମିସ):** ସତ୍ୟବାଦୀକୁ ଏନ୍‌ଏସି ଘୋଷଣା ପାଇଁ ବୁଧବାରୁ ସନ୍ଧ୍ୟାରେ ସତ୍ୟବାଦୀ ବିକାଶ ପରିଷଦ ପକ୍ଷରୁ ସ୍ଥାନୀୟ ପଞ୍ଚସଖା ପାଠାଗାର ପରିସରରେ ଏକ ବୈଠକ ଅନୁଷ୍ଠିତ ହୋଇଛି । ଏଥିରେ ସରକାରଙ୍କ ପକ୍ଷରୁ ସତ୍ୟବାଦୀକୁ ଏନ୍‌ଏସି ଘୋଷଣା ନ ହେବାକୁ ନେଇ ବୈଠକରେ ଅସନ୍ତୋଷ ପ୍ରକାଶ ପାଇଥିଲା । ପୁରୀ ସାଂସଦ ଡ. ସମ୍ବିତ୍ ପାତ୍ର ଓ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର ସତ୍ୟବାଦୀର ସ୍ୱାର୍ଥ ଉପରେ ଗୁରୁତ୍ୱ ଦେବାକୁ ଦାବି ହୋଇଥିଲା । ସତ୍ୟବାଦୀର ସ୍ୱାର୍ଥ ପ୍ରତି ସଠିକ୍ ନିର୍ଣ୍ଣୟ ନେବାରେ ରାଜନୈତିକ ସ୍ତରରେ ଗୁରୁତ୍ୱ ପ୍ରଦାନ ଆବଶ୍ୟକ ବୋଲି ବିକାଶ ପରିଷଦର ସଭାପତି ଗୁଣ୍ଡିଚା ବରାଳ, ଉପସଭାପତି ବିରେନ୍ଦ୍ର ଭୂଷଣ ହୋତା, ସମ୍ପାଦକ ଅମର ନନ୍ଦ, ଜୟନ୍ତ କୁମାର ତ୍ରିପାଠୀ, ବନମାଳୀ ବେହେରା, ପ୍ରଫୁଲ୍ଲ ମହାପାତ୍ର, ବୁଦ୍ଧନାଥ ମଲ୍ଲିକ, ଧଡ଼ିଆ ପ୍ରଧାନ, ମିନାକ୍ଷୀ ଶତପଥୀଙ୍କ ସମେତ ଶତାଧିକ ବ୍ୟକ୍ତି ଦାବି କରିଥିଲେ ।

ବିଜେଡି ସରକାର ସମୟରେ ସତ୍ୟବାଦୀକୁ ଏନ୍‌ଏସି ଘୋଷଣା କରାଯାଇଥିଲା । ମାତ୍ର ଏବେକାର ସରକାର କେଉଁ ଉଦ୍ଦେଶ୍ୟରେ ସତ୍ୟବାଦୀକୁ ପୂର୍ବ ସରକାରଙ୍କ ଘୋଷିତ ଏନ୍‌ଏସି ତାଲିକାରୁ ବାଦ୍ ଦେଲେ ବଡ଼ ଆଶ୍ଚର୍ଯ୍ୟ ଓ ଚକିତ କରୁଛି ବୋଲି ସଭାପତି ଶ୍ରୀ ବରାଳ ପ୍ରକାଶ କରିଥିଲେ । ତୁରନ୍ତ ସତ୍ୟବାଦୀକୁ ଏନ୍‌ଏସି ଘୋଷଣା କରା ନ ଗଲେ ଅନୁଷ୍ଠାନର ଶତାଧିକ ବରିଷ୍ଠ ନାଗରିକ ସାକ୍ଷୀଗୋପାଳ ମନ୍ଦିରଠାରୁ ବସ୍‌ଷ୍ଟାଣ୍ଡ ପର୍ଯ୍ୟନ୍ତ ଏକ ନିରବ ପଦଯାତ୍ରା କରି ଆଗାମୀ ଦିନରେ ଏହି ଉଦାସୀନତାର ଜବାବ ମାଗିବେ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି । ଏହା ସହ ଓଡ଼ିଆ ବିଶ୍ୱବିଦ୍ୟାଳୟ ଅଧୀନରୁ ସାକ୍ଷୀଗୋପାଳଙ୍କ ଏକମାତ୍ର ଯାତ୍ରୀନିବସ ଓ ପାନ୍ଥନିବାସ ମନ୍ଦିର ପ୍ରଶାସନକୁ ଶୀଘ୍ର ଫେରିବା ପାଇଁ ମଧ୍ୟ ବିଧାୟକ ଶ୍ରୀ ମିଶ୍ର ଓ ସାଂସଦ ଡ. ପାତ୍ର ଦୃଷ୍ଟି ଦେବା ପାଇଁ ବାରମ୍ବାର ଅନୁରୋଧ ସତ୍ତ୍ୱେ ଏହାର ପ୍ରକ୍ରିୟା ବିଳମ୍ବ ହେଉଥିବା ଯୋଗୁଁ ବୈଠକରେ ସଦସ୍ୟମାନେ ଅସନ୍ତୋଷ ପ୍ରକାଶ କରିଥିଲେ । ଶେଷରେ ସମ୍ପାଦକ ଅମର ନନ୍ଦ ଧନ୍ୟବାଦ ଦେଇଥିଲେ ।

## ଡ୍ରେନେଜ୍ ବିଭାଗ ଅଧିକାରୀଙ୍କ ନଦୀ, ନାଳ ପରିଦର୍ଶନ

**କଣାସ,୧୦।୯ (ସମିସ):** ଡ୍ରେନେଜ୍ ବିଭାଗର ବରିଷ୍ଠ ଅଧିକାରୀମାନେ ବୁଧବାର ମକରା ନଦୀ, ଦୋଛିଆଁ ନାଳ, ଆଡ଼ିନଦୀ, ବଡ଼ଗୋଠାରେ ମିଶ୍ରଣ ହୋଇଥିବା ଦୟା, ଲୁଣା, ଭାର୍ଗବୀ ଓ ନଦୀମୁହାଁଣ ପରିଦର୍ଶନ କରି ଜଳନିଷ୍କାସନରେ ବାଧା ଉପୁଜୁଥିବାରୁ କିପରି ତାହାର ସମାଧାନ କରାଯିବ ଯାଞ୍ଚ କରିଛନ୍ତି । ଡ୍ରେନେଜ୍ ବିଭାଗର କନିଷ୍ଠ ଯନ୍ତ୍ରୀ ପ୍ରଦୀପ କୁମାର ସାହୁ ଅଧିକାରୀମାନଙ୍କୁ ସମସ୍ତ ନାଳ ଓ ନଦୀ ବୁଲାଇବା ସହିତ ଜଳ ଅବରୋଧ ସମ୍ପର୍କରେ ଟିକିନିଖି ତଥ୍ୟ ପ୍ରଦାନ କରିଥିଲେ ।

## ବିଜେପିର ସମୀକ୍ଷା ବୈଠକ

**ଚାରିଛକ,୧୦।୯ (ସମିସ):** ଚାରିଛକ ନିକଟସ୍ଥ କଳାପାଞ୍ଚଣ ପଞ୍ଚାୟତରେ ନିମାପଡ଼ା ବିଧାୟିକା ତଥା ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ନିର୍ଦ୍ଦେଶରେ ଉକ୍ତ ପଞ୍ଚାୟତର ସଭାପତି ମନୋଜ କୁମାର ନାୟକଙ୍କ ନେତୃତ୍ୱରେ ବିଜେପିର ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ଏଥିରେ ଉକ୍ତ ପଞ୍ଚାୟତର ପର୍ଯ୍ୟବେକ୍ଷକ ତଥା ପୂର୍ବତନ ଚାରିଛକ ମଣ୍ଡଳ ସଭାପତି କୃଷ୍ଣଚନ୍ଦ୍ର ସ୍ୱାଇଁ ଯୋଗଦେଇଥିଲେ । ବୈଠକରେ ଉକ୍ତ ପଞ୍ଚାୟତରେ ୱାର୍ଡଠାରୁ ବୁଥ୍‌ସ୍ତରରେ ଥିବା ସମସ୍ତ ସମସ୍ୟା ଉପରେ ପୁଙ୍ଖାନୁପୁଙ୍ଖ ଆଲୋଚନା କରାଯାଇଥିଲା । ପ୍ରଶାନ୍ତ ଗିରି, ମାଧବ କାଣ୍ଡି, ବିନୋଦ ବେହେରା, ସଞ୍ଜୟ ରାଉତ, ବିପିନ ଭୋଇ, ନରେନ୍ଦ୍ର ଲେଙ୍କା, କାଶୀନାଥ ଚଇନି, ବୃନ୍ଦାବନ ସ୍ୱାଇଁ, ବାବୁରାମ ପାତ୍ର, ଅମିନ କାଣ୍ଡି ପ୍ରମୁଖ ଉପସ୍ଥିତ ଥିଲେ ।

## ମଣ୍ଡଳସ୍ତରୀୟ ଭଲିବଲ୍ ଓ ବିଚ୍ ଭଲିବଲ୍ ପ୍ରତିଯୋଗିତା



**କଣାସ,୧୦।୯ (ସମିସ):** କଣାସ ମଣ୍ଡଳସ୍ତରୀୟ ବିଦ୍ୟାଳୟ ସମୂହ ଭଲିବଲ୍ ଓ ବିଚ୍ ଭଲିବଲ୍ ପ୍ରତିଯୋଗିତା ୨୦୨୫-୨୬ ଶିକ୍ଷା ବର୍ଷ ପାଇଁ ବୁଧବାର କଣାସ ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଅନୁଷ୍ଠିତ ହୋଇଯାଇଛି । କଣାସ ମଣ୍ଡଳ ଗୋଷ୍ଠୀ ଶିକ୍ଷାଧିକାରୀ ରାମଚନ୍ଦ୍ର ବେହେରା ମୁଖ୍ୟ ଅତିଥି ଭାବେ ଯୋଗଦେଇ ଉଦ୍‌ଘାଟନ କରିବା ସହିତ କ୍ରୀଡ଼ା ପତାକାକୁ ଉତ୍ତୋଳନ କରିଥିଲେ । ଏହି ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିବା ଛାତ୍ରଛାତ୍ରୀମାନଙ୍କୁ ଶପଥପାଠ କରାଇଥିଲେ । କଣାସ ମଣ୍ଡଳର କ୍ରୀଡ଼ା ସମ୍ପାଦକ ଶାରୀରିକ ଶିକ୍ଷା ଶିକ୍ଷକ ବିଭୂତି ଭୂଷଣ ରାଉତ ପ୍ରତିଯୋଗିତାର ଅଭିମୁଖ୍ୟ ଉଦ୍ଦେଶ୍ୟରେ ବକ୍ତବ୍ୟ ରଖିଥିଲେ । ଏହି ପ୍ରତିଯୋଗିତାରେ ଶାରୀରିକ ଶିକ୍ଷା ଶିକ୍ଷକ ଶ୍ରୀକାନ୍ତ ନାୟକ, ଦୀପ୍ତିରଞ୍ଜନ ରାଉତ, ବିପିନ ମହାପାତ୍ର, ମନୋରଞ୍ଜନ ଦଳାଇ, ରଜନୀକାନ୍ତ ପ୍ରଧାନ, ପଦ୍ମଲୋଚନ ପାଇକରାୟ, ଗୁଣନିଧି ମତଗଜସିଂହ ଖେଳ ପରିଚାଳନା କରିଥିଲେ ।

# ନୟାହାଟ ଫାଣ୍ଡିକୁ ୩୬ ବର୍ଷ; ମିଳୁନି ଥାନା ମାନ୍ୟତା

**ନୟାହାଟ,୧୦।୯ (ସମିସ):** ପୁରୀ ଜିଲ୍ଲା ଗୋପ ଥାନା ଅଧୀନରେ ଥିବା ନୟାହାଟ ଫାଣ୍ଡି ୧୯୮୯ ମସିହାରେ ପ୍ରତିଷ୍ଠା ହୋଇଥିଲା । ଦୀର୍ଘ ୩୬ ବର୍ଷ ବିତିଯାଇଥିଲେ ମଧ୍ୟ ନୟାହାଟ ଫାଣ୍ଡିକୁ ଥାନା ବୋଲି ଘୋଷଣା କରାଯାଉନାହିଁ । ଅନ୍ୟପକ୍ଷରେ ଏହା ପଛରେ ହୋଇଥିବା ଚାରିଛକ ଫାଣ୍ଡି ଥାନାର ମାନ୍ୟତା ପାଇସାରିଲାଣି । ତେବେ ନୟାହାଟ ଫାଣ୍ଡିକୁ କାହିଁକି ଥାନା ଘୋଷଣା କରିବାରେ ବିଳମ୍ବ କରାଯାଉଛି ନୟାହାଟର ବୁଦ୍ଧିଜୀବୀ, ବରିଷ୍ଠ ନାଗରିକ ମଞ୍ଚ ଓ ବ୍ୟବସାୟୀ ସଂଘ ପ୍ରଶ୍ନ ଉଠାଇଛନ୍ତି ।

ନୟାହାଟ ଫାଣ୍ଡି ଅଧୀନରେ ଧୂମାଲ, ଜଙ୍ଗଲବୋରି, ଦେସ୍ଥଳୀ, ଇଶାନପୁର, ବାଉଳାଙ୍ଗ, ସୋରଭା ଆଦି ୬ ପଞ୍ଚାୟତର ୭୪ ଗ୍ରାମ ଓ ସୁହାନପୁର ପଞ୍ଚାୟତର ଗୋଟିଏ ଗ୍ରାମର ପ୍ରାୟ ୫୦ ହଜାର ଜନସାଧାରଣ ରହିଛନ୍ତି । ଏଠାରେ ଆବଶ୍ୟକୀୟ କର୍ମଚାରୀ ଓ ଭ୍ୟାନ୍ ନଥିବା ଯୋଗୁଁ ଉକ୍ତ ଫାଣ୍ଡି କର୍ମଚାରୀ ଜନସାଧାରଣଙ୍କୁ ଉଚିତ୍ ନ୍ୟାୟ ଦେଇପାରୁନାହାନ୍ତି । ଫଳରେ ଜନସାଧାରଣ ଅନେକ ସମୟରେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ଫାଣ୍ଡି କର୍ମଚାରୀଙ୍କ ଆଖିରେ ଆଙ୍ଗୁଠି ଗେଞ୍ଜି ଦୁର୍ବୃତ୍ତମାନେ ବିଭିନ୍ନ ଅପରାଧିକ କାର୍ଯ୍ୟକଳାପ କରିଚାଲିଛନ୍ତି । ଲୋକେ ଗୋପ ଥାନାକୁ ଅଭିଯୋଗ କରିବାକୁ

- ଉଚିତ୍ ନ୍ୟାୟ ପାଇପାରୁ ନାହାନ୍ତି ଜନସାଧାରଣ
- ଦାନା ବାନ୍ଧୁଚି ଜନଆନ୍ଦୋଳନ

ଆସିବାକୁ ହେଲେ ନୟାହାଟଠାରୁ ୨୦ କି.ମି. ଦୂର ଯିବାଆସିବା ପାଇଁ ହାରାହାରି ୧୦୦ ଟଙ୍କା ଖର୍ଚ୍ଚ କରିବାକୁ ପଡ଼ିଥାଏ । ରାତିରେ ଫେରିବା ପାଇଁ ନୟାହାଟକୁ ଗାଡ଼ି ନ ଥିବାରୁ ସେଥିପାଇଁ ୩୦୦ ଟଙ୍କା ଅଟୋ ଭଡ଼ା କରିବାକୁ ପଡ଼େ । ଜଣେ ଗରିବ ଶ୍ରେଣୀର ଲୋକ ନୟାହାଟ ଆସିବାକୁ ହେଲେ ଦିନକର ରୋଜଗାର ବନ୍ଦ ହୋଇଥାଏ । ନୟାହାଟରେ ଆଇନଶୃଙ୍ଖଳା ସୃଷ୍ଟିହେଲେ ଗୋପ ଥାନାରୁ ଫାଣ୍ଡିକୁ ଭ୍ୟାନ୍ ଆସିବାକୁ ଘଣ୍ଟାଏ ଲାଗିଥାଏ । ଫଳରେ ଅଭିଯୁକ୍ତମାନେ ଘଟଣାସ୍ଥଳରୁ ଖସିଯିବାରେ ସକ୍ଷମ ହୁଅନ୍ତି । ନୟାହାଟ ଏକ ବ୍ୟାବସାୟିକ ପେଣ୍ଠସ୍ଥଳୀ ହୋଇଥିବାବେଳେ ଏଠାରେ କଲେଜ, ଡାକଘର, ଜଳସେଚନ ବିଭାଗ, ଜଙ୍ଗଲ ବିଭାଗ, ରାଜସ୍ୱ ବିଭାଗ, ବିଦ୍ୟାଳୟ, ୪ଟି ବ୍ୟାଙ୍କ, ବିଦ୍ୟୁତ୍ ବିଭାଗ ରହିଛି । ନୟାହାଟ ଫାଣ୍ଡିକୁ ଥାନା କରିବାରେ ବିଭିନ୍ନ ସମୟରେ ଦାବି ହୋଇଆସୁଥିବା ବେଳେ ରାଜନୈତିକ ଇଚ୍ଛାଶକ୍ତି, ପ୍ରଶାସନିକ ଅବହେଳା ଯୋଗୁଁ ହୋଇପାରୁ ନାହିଁ ବୋଲି ବ୍ୟବସାୟୀ ସଂଘ ସଭାପତି ଫକୀର ଚରଣ ବାରିକ, ସମ୍ପାଦକ ସୁବାସ ପାତ୍ର ଓ ବରିଷ୍ଠ ନାଗରିକ ସଂଘର ଉପସଭାପତି ସୁରେନ୍ଦ୍ର ମୋହନ ବିଟି, ସମ୍ପାଦକ କୃଷ୍ଣଚନ୍ଦ୍ର ବାରିକ, ସମାଜସେବୀ ଅନନ୍ତ ସାହୁ, କେଦାର ସାହୁ ପ୍ରମୁଖ ମତବ୍ୟକ୍ତ କରିବା ସହ ଅଗାମୀ ଦିନରେ ଜନଆନ୍ଦୋଳନ କରିବେ ବୋଲି ଚେତାବନୀ ଦେଇଛନ୍ତି ।

କଣାସରେ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ବିପର୍ଯ୍ୟସ୍ତ ସ୍ୱାସ୍ଥ୍ୟସେବା

# ୧୭ ଡାକ୍ତର ପଦ ଖାଲି; ଧାଡ଼ିରେ ଠିଆ ହୋଇ ରୋଗୀ କଲବଲ




**କଣାସ,୧୦।୯ (ସମିସ):** କେନ୍ଦ୍ର ଓ ରାଜ୍ୟ ସରକାର ଗ୍ରାମାଞ୍ଚଳର ଜନସାଧାରଣଙ୍କୁ ଉତ୍ତମ ସ୍ୱାସ୍ଥ୍ୟସେବା ଯୋଗାଇଦେବା ପାଇଁ ବିଭିନ୍ନ ଯୋଜନାମାନ କରି କୋଟି କୋଟି ଟଙ୍କା ଖର୍ଚ୍ଚ କରିଚାଲିଥିବା ବେଳେ ପୁରୀ ଜିଲ୍ଲାର ଚିଲିକା ଉପକୂଳରେ ଅବସ୍ଥାପିତ କଣାସ ବ୍ଲକ୍‌ରେ ସ୍ୱାସ୍ଥ୍ୟ ସେବା ସମ୍ପୂର୍ଣ୍ଣ ବିପର୍ଯ୍ୟସ୍ତ ହୋଇପଡ଼ିଛି । କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ୨୧ ଜଣ ଡାକ୍ତର ରହିବାର ବ୍ୟବସ୍ଥା ଥିବାବେଳେ ବର୍ତ୍ତମାନ ୪ ଜଣରେ ସ୍ୱାସ୍ଥ୍ୟସେବା ଚାଲିଛି । ୧୭ଟି ଡାକ୍ତର ପଦ ଖାଲି ପଡ଼ିଛି । ଯେଉଁ ୪ ଜଣ ଡାକ୍ତର ଅଛନ୍ତି ସେମାନେ ନିୟମିତ ଆସୁ ନ ଥିବାରୁ ତଥା ବିଳମ୍ବରେ ଆସୁଥିବାରୁ ରୋଗୀମାନେ ଧାଡ଼ିରେ ଠିଆ ହୋଇ ନାକେଦମ୍ ହେଉଛନ୍ତି । ରୋଗୀ ଡାକ୍ତରଖାନାକୁ ଯାଇ ଚିକିତ୍ସା ନିମନ୍ତେ ହଇରାଣ ହରକତ ହେବା ଫଳରେ ଗାଁ ଗହଳିର କ୍ୱାକ୍ ଓ ଭଗବାନଙ୍କ ଭରସାରେ ରହିଛନ୍ତି ।

କଣାସ ବ୍ଲକ୍‌ଟି ଚିଲିକା ଉପକୂଳରେ ଅବସ୍ଥାପିତ ହୋଇଥିବାରୁ ବର୍ଷ ସାରା ଜଳଜନିତ ରୋଗ ଝାଡ଼ାବାନ୍ତି, ଚର୍ମରୋଗ ଓ ପେଟରୋଗ ଲାଗିରହୁଛି । କଣାସ ବ୍ଲକ୍‌ର ୨୮ଟି ଗ୍ରାମପଞ୍ଚାୟତର ୧୩୯ଟି ରାଜସ୍ୱ ଗ୍ରାମ ଓ ୧୦୮ଟି ପଡ଼ାଗ୍ରାମର ୧ଲକ୍ଷ ୬୦ହଜାରରୁ ଉର୍ଦ୍ଧ୍ୱ ଜନସାଧାରଣଙ୍କ ପାଇଁ କଣାସଠାରେ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଖୋଲାଯାଇଥିବାବେଳେ ମନ୍ଦାରବସ୍ତ, ବିରକେଶରପୁର, ସାହୁପଡ଼ା, ଗଡ଼ିଶାଗୋଦା ଓ ନନ୍ଦିଗୋଦାଠାରେ ୫ଟି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଖୋଲାଯାଇଛି । କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ୨୧ଜଣ ଡାକ୍ତର ରହିବାର ବ୍ୟବସ୍ଥା ଥିବାବେଳେ ମାତ୍ର ୪ଜଣ ଡାକ୍ତର କାମ ଚଳାଉଛନ୍ତି । ୧୭ଟି ଡାକ୍ତର ପଦ ଖାଲିପଡ଼ିଛି । କଣାସ ବ୍ଲକ୍‌ର ପ୍ରତ୍ୟେକ ଗ୍ରାମ ପଞ୍ଚାୟତକୁ ୬ଟି ମୋ ବସ୍ ଦୈନନ୍ଦିନ ଯାତାୟାତ କରୁଥିବାରୁ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ବିଭିନ୍ନ ପଞ୍ଚାୟତର ୪ଶହରୁ ଉର୍ଦ୍ଧ୍ୱ ରୋଗୀ ଦୈନନ୍ଦିନ ଆସୁଛନ୍ତି । ଜଣେ ଜଣେ ରୋଗୀ ଧାଡ଼ିବାନ୍ଧି ଦୀର୍ଘ ୫/୬ ଘଣ୍ଟା ଅପେକ୍ଷା କରିବାକୁ ପଡୁଛି । ଅନେକ ରୋଗୀ ଧାଡ଼ିରେ ଦୀର୍ଘ ସମୟ ଠିଆ ହେବାପରେ ନିରାଶ ହୋଇ ଘରକୁ ଫେରିବା ପରେ ଭଗବାନଙ୍କୁ ଭରସା କରି ଗାଁରେ ଥିବା କ୍ୱାକ୍‌ମାନଙ୍କ ଆଶ୍ରୟ ନେଉଛନ୍ତି । ବାରମ୍ବାର ରୋଗୀ କଲ୍ୟାଣ ସମିତି ବୈଠକରେ ସ୍ଥାନୀୟ ବିଧାୟକଙ୍କୁ ଖାଲିପଡ଼ିଥିବା ଡାକ୍ତରୀ ପଦ ପୂରଣ କରିବାକୁ ରୋଗୀ କଲ୍ୟାଣ ସମିତିର ସଭ୍ୟ ଏବଂ ଜନସାଧାରଣ ଦାବି କରିଆସୁଥିଲେ ମଧ୍ୟ ଜଣେ ହେଲେ ଡାକ୍ତର ଆଜି ସୁଦ୍ଧା ନିଯୁକ୍ତି ହୋଇନାହାନ୍ତି । ଏ ସମ୍ପର୍କରେ କଣାସ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ଭାରପ୍ରାପ୍ତ ଅଧିକାରୀ ଡାକ୍ତର କ୍ଷମାନିଧି ସେଠୀଙ୍କୁ ପଚାରିବାରୁ ସେ କୁହନ୍ତି, ମୁଁ ବାରମ୍ବାର ଜିଲ୍ଲା ମୁଖ୍ୟ ସ୍ୱାସ୍ଥ୍ୟ ଅଧିକାରୀଙ୍କୁ ଡାକ୍ତର ନିଯୁକ୍ତି ପାଇଁ ଦାବିକରି ଆସୁଛି । ଯେଉଁ ୪ଜଣ ଡାକ୍ତର ଅଛନ୍ତି ସେମାନେ ନିୟମିତ ଆସୁ ନ ଥିବାରୁ କିମ୍ବା ବିଳମ୍ବରେ ଆସିବାରୁ ଭିଡ଼ ଜମିରହୁଛି । ଏ ସମ୍ପର୍କରେ ବାରମ୍ବାର ରୋଗୀ କଲ୍ୟାଣ ସମିତି ବୈଠକରେ ଅଭିଯୋଗ ହୋଇଥିଲେ ମଧ୍ୟ କୌଣସି ଫଳପ୍ରଦ ହୋଇନାହିଁ ।

● ଅଲ୍ ଓଡ଼ିଶା କଣ୍ଟ୍ରାକ୍ଟର ଆସୋସିଏସନ୍‌ର ବୈଠକ


# ୫ଦଫା ଦାବି ପୂରଣ ନ ହେଲେ ଆନ୍ଦୋଳନ

**ଖୋର୍ଦ୍ଧା,୧୦।୯ (ସମିସ):** ଅଲ୍ ଓଡ଼ିଶା ଠିକାଦାର ସଙ୍ଘ ଏବଂ ଅଲ୍ ଓଡ଼ିଶା ଠିକାଦାର କଲ୍ୟାଣ ସଙ୍ଘର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ସ୍ଥାନୀୟ ଏକ ହୋଟେଲରେ ଦିଲ୍ଲୀପ କୁମାର ଜେନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ଖୋର୍ଦ୍ଧା ଜିଲ୍ଲାର ଠିକାଦାରମାନଙ୍କୁ ଏକତ୍ରିତ କରିବା ଏବଂ ସଙ୍ଘର ବିଭିନ୍ନ ଦାବିଗୁଡ଼ିକ ସରକାରଙ୍କ ନିକଟରେ ଉପସ୍ଥାପନା କରିବା ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଥିଲା । ସଙ୍ଘ ପକ୍ଷରୁ ସମସ୍ତଙ୍କୁ ନିର୍ଦ୍ଧାରିତ ଦରରେ ଟେଣ୍ଡର ଦେବାକୁ ଅନୁରୋଧ କରାଯାଇଥିଲା । କାରଣ ୨୦୨୨ ପରଠାରୁ ଦରରେ କୌଣସି ସଂଶୋଧନ କରାଯାଇନାହିଁ । ନୂତନ ସରକାର ବାହାର ଠିକାଦାରଙ୍କୁ ସ୍ଥାନୀୟ ଅଞ୍ଚଳରେ କାର୍ଯ୍ୟ କରିବାକୁ ଅନୁମତି ନ ଦେବାକୁ ପ୍ରତିଶ୍ରୁତି ଦେଇଥିଲେ ମଧ୍ୟ ଆଜି ପର୍ଯ୍ୟନ୍ତ ତାହା କାର୍ଯ୍ୟକାରୀ କରିନାହାନ୍ତି । ଏବେ ବି ବାହାର ଠିକାଦାର ସ୍ଥାନୀୟ ଅଞ୍ଚଳରେ କାର୍ଯ୍ୟ କରୁଛନ୍ତି । ଅନ୍ୟ ଦାବିଗୁଡ଼ିକ ମଧ୍ୟରୁ ମାନକ ବିଡିଂ ଡକ୍ୟୁମେଣ୍ଟ ଗଠନ, ୨୦୧୨ରୁ ୨୦୧୯ ପର୍ଯ୍ୟନ୍ତ ଏସ୍‌କେଲେସନ୍ ବିଲ୍ ପ୍ରଦାନ, ପ୍ରତିବର୍ଷ ଦରସୂଚୀର ସଂଶୋଧନ-୧୪.୯.୯ କମ୍ ଟେଣ୍ଡର ପ୍ରିମିୟମ୍ ହାର ଉଚ୍ଛେଦ, ଟାଇମ୍ ଏକ୍ସଟେନ୍‌ସନରେ ଦିନ ଅନୁସାରେ ଲଗାଯାଉଥିବା ପେନାଲିଟି କ୍ୟାନ୍ସଲ ପ୍ରମୁଖ ଦାବି ଉପରେ ଆଲୋଚନା କରିଥିଲେ । ଏହି ୫ଦଫା ଦାବି ଯଥାଶୀଘ୍ର ପୂରଣ ନ ହେଲେ ଆସନ୍ତା ଅକ୍ଟୋବରରେ ସଙ୍ଘ ସାରା ରାଜ୍ୟରେ ଆନ୍ଦୋଳନକୁ ଓହ୍ଲାଇବ ବୋଲି ଚେତାବନୀ ଦେଇଛି । ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଅଲ୍ ଓଡ଼ିଶା ଠିକାଦାର କଲ୍ୟାଣ ସଙ୍ଘର ସଭାପତି ଜଗଦିଶ ପାତ୍ର, ସମ୍ପାଦକ ଚିନ୍ମୟ କୁମାର ସ୍ୱାଇଁ, ଅଲ୍ ଓଡ଼ିଶା ଠିକାଦାର ସଙ୍ଘ ରାଜ୍ୟ କାର୍ଯ୍ୟକାରୀ ସଦସ୍ୟ ଅଶୋକ ତରାଇ, ପ୍ରଭଞ୍ଜନ ସେନାପତି, ନିଲୁ ଚକ୍ରବର୍ତ୍ତୀ, ଖୋର୍ଦ୍ଧା ଜିଲ୍ଲା କାର୍ଯ୍ୟକାରୀ ସଦସ୍ୟ ସୁରେନ୍ଦ୍ର ପ୍ରଧାନ, ଚିତ୍ତ ନାୟକ, ଅଭିଶେକ ସିଂସାମନ୍ତ ପ୍ରମୁଖ ସଙ୍ଘର ୬୦ରୁ ଉର୍ଦ୍ଧ୍ୱ ସଦସ୍ୟ ଉପସ୍ଥିତ ଥିଲେ ।



୧୦/୯/୨୦୨୫ (ବୁଧବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୫,୫୯,୧୭୮/- ସୁନା: ୦୧.୬୫୦ ଗ୍ରାମ୍ ରୁପା: ୧୨୩.୪୦୦ ଗ୍ରାମ୍





## ଅପରାଧମୁକ୍ତ ପୁରୀ ପାଇଁ ଅପରେସନ 'ଚକ୍ର'

# ୪ ଦୁର୍ଦ୍ଧାନ୍ତ ଅପରାଧୀ ଗିରଫ, କାର୍ ଓ ବୋମା ଜବତ



ପୁରୀ,୧୦।୯ (ସମିସ): ପୁରୀ ସହରକୁ ଅପରାଧମୁକ୍ତ ଓ ନିଶାମୁକ୍ତ କରିବା ପାଇଁ ଏସ୍‌ପି ପ୍ରତୀକ ସିଂଙ୍କ ତତ୍ତ୍ୱାବଧାନରେ ଆରମ୍ଭ ହୋଇଛି 'ଅପରେସନ ଚକ୍ର'। ବିଭିନ୍ନ ଥାନାର ବରିଷ୍ଠ ପୁଲିସ ଅଧିକାରୀଙ୍କୁ ନେଇ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ସଞ୍ଜ ନଇଁଲେ ପ୍ରମୁଖ ସ୍ଥାନରେ ଚାଲିଛି ନାକାବନ୍ଦୀ। ଗାଡ଼ିମୋଟର ଯାଞ୍ଚ ସାଙ୍ଗକୁ ଅପରାଧୀଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ବୁଲାଉଛି ପୁଲିସ। ସେହିପରି ବେଆଇନ ନିଶା କାରବାର ହେଉ କି ଅପରାଧିକ କାର୍ଯ୍ୟକଳାପ ଉପରେ କଡ଼ା ଆଭିମୁଖ୍ୟ ଗ୍ରହଣ କରାଯାଉଛି। କିଛିଦିନ ହେବ ଜିଲ୍ଲାବ୍ୟାପୀ ଧରପଗଡ଼ ଚାଲିଥିବାବେଳେ ପୁଲିସର ଆକ୍ସନ ଦେଖି ଅପରାଧୀମାନେ ଛାନିଆଁ ହୋଇପଡ଼ିଲେଣି। ଏହାରି ଭିତରେ ଅପରେସନ 'ଚକ୍ର'କୁ ମିଳିଛି ବଡ଼ ସଫଳତା। ଚନ୍ଦନପୁର ଥାନା ପୁଲିସ ୪ ଜଣ ଦୁର୍ଦ୍ଧାନ୍ତ ଅପରାଧୀଙ୍କୁ କାବୁ କରିଥିବାବେଳେ ସଦର ଥାନା ପୁଲିସ ୩ ଜଣ ନିଶା ବେପାରୀଙ୍କୁ ଧରିବାରେ ସଫଳ ହୋଇଛି। ଏ ସଂକ୍ରାନ୍ତରେ ବୁଧବାର ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି ଏସ୍‌ପି ଶ୍ରୀ ସିଂ।



ଏସ୍‌ପି କହିଛନ୍ତି, ପୁରୀ ସହରକୁ ଅପରାଧମୁକ୍ତ ଓ ନିଶାମୁକ୍ତ କରିବା ପାଇଁ ପୁଲିସ ପକ୍ଷରୁ ଅପରେସନ ଚକ୍ର ଅଭିଯାନ ଜାରି ରହିଛି। ପ୍ରତ୍ୟେକ ଥାନାର ଅଧିକାରୀମାନେ ନିଜ ନିଜ ଅଞ୍ଚଳରେ ବ୍ଲକିଂ, ଚେକିଂକୁ ଜୋର୍‌ଦାର କରିଛନ୍ତି। ମଙ୍ଗଳବାର ସନ୍ଧ୍ୟାରେ ଚନ୍ଦନପୁର ଥାନା ଅନ୍ତର୍ଗତ ବାଲିପଡ଼ା ପଞ୍ଚାୟତ ଗୋପୀନାଥପୁର ଗାଁରେ 'ବସୁଧା' ଯୋଜନାରେ ଚାଲିଥିବା ମେଗା ପାନୀୟଜଳ ପ୍ରକଳ୍ପ ନିକଟରେ କିଛି ଅପରାଧୀ ଏକାଠି ହୋଇ ଦାଦାବଟି ଆଦାୟ କରୁଥିବା ବିଶେଷ ସୂତ୍ରରୁ ପୁଲିସ ଖବର ପାଇଥିଲା। ସଙ୍ଗେ ସଙ୍ଗେ ଚନ୍ଦନପୁର ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ସେତେବେଳେ ୪ ଅଭିଯୁକ୍ତ ବାଲିପଡ଼ାର ସଞ୍ଜୟ ବେହେରା, ନୃସିଂହ ସୁବୁଦ୍ଧି, ବଳଙ୍ଗା ଥାନା ଅନ୍ତର୍ଗତ କହଳପଡ଼ାର ରାକେଶ ବେହେରା ଏବଂ ଚନ୍ଦନପୁର ଥାନା ବାଲିବେହେରା ସାହିର ମନୋଜ ବେହେରା ବୋମା, ଛୁରୀ, ଖଣ୍ଡା ଦେଖାଇ ପାନୀୟଜଳ ପ୍ରକଳ୍ପ କର୍ମଚାରୀ ଏବଂ ସ୍ଥାନୀୟ ଲୋକଙ୍କୁ ଭୟଭୀତ କରି ଦାଦାବଟି ଆଦାୟ କରୁଥିଲେ। ପୁଲିସକୁ ଦେଖି ସେମାନେ ଖସିଯିବାକୁ ଚେଷ୍ଟା କରୁଥିବାବେଳେ ପୁଲିସ ୪ ଅଭିଯୁକ୍ତଙ୍କୁ କାବୁ କରିଥିଲା। ସେମାନଙ୍କ ନିକଟରୁ ଗୋଟିଏ ମାରୁତି କାର୍, ୨ଟି ବୋମା, ଗୋଟିଏ ଛୁରୀ, ଗୋଟିଏ ଖଣ୍ଡା, ୧,୦୩୦ ଟଙ୍କା ଓ ୨ଟି ମୋବାଇଲ୍ ଫୋନ୍ ଜବତ କରାଯାଇଛି।

ଅଭିଯୁକ୍ତଙ୍କ ଅପରାଧ ତାଲିକା ଖୋଳତାଡ଼ବେଳେ ସେମାନଙ୍କ ମଧ୍ୟରୁ ସଞ୍ଜୟ ବେହେରା ଜଣେ ଦୁର୍ଦ୍ଧାନ୍ତ ଅପରାଧୀ ବୋଲି ପୁଲିସ ଜାଣିବାକୁ ପାଇଥିଲା। ତା' ନାଁରେ ପୂର୍ବରୁ ଚନ୍ଦନପୁର ଥାନାରେ ୬ଟି ମାମଲା ରହିଛି। ଯେଉଁଥିରେ ହତ୍ୟା ଉଦ୍ୟମ, ରାହାଜାନି, ହିଂସା ଭିଆଇବା ଆଦି ଅପରାଧରେ ସେ ସମ୍ପୃକ୍ତ ଅଛି। ଏତଦ୍‌ବ୍ୟତୀତ ସେ କିଛି ଅସାମାଜିକ ପିଲାଙ୍କୁ ଏକାଠି କରି ଏକ ଗ୍ୟାଙ୍ଗ୍ ଗଠନ କରିଛି। ସ୍ଥାନୀୟ ଅଞ୍ଚଳରେ ଅପରାଧ ବିଶେଷକରି ଏମାନେ ଦାଦାବଟି ଆଦାୟ କରିଥା'ନ୍ତି ବୋଲି ଏସ୍‌ପି ଶ୍ରୀ ସିଂହ କହିଛନ୍ତି। ସେହିପରି ଅଭିଯୁକ୍ତ ନୃସିଂହ ନାଁରେ ଚନ୍ଦନପୁର ଥାନାରେ ୪ଟି, ରାକେଶ ଓ ମନୋଜ ନାଁରେ ଚନ୍ଦନପୁର ଥାନାରେ ୩ଟି ଲେଖାଏଁ ମାମଲା ରହିଥିବା ଏସ୍‌ପି ସୂଚନା ଦେଇଥିଲେ। ଏହି ସାମ୍ବାଦିକ ସମ୍ମିଳନୀରେ ପୁରୀ ସଦର ଏସ୍‌ଡିପିଓ ରବିନାରାୟଣ ଭଞ୍ଜ ଏବଂ ପୁରୀ ସଦର ଥାନାଧିକାରୀ ସୁନୀଲ କୁମାର ପ୍ରଧାନ ଉପସ୍ଥିତ ଥିଲେ।

## ୧୪ କେଜି ଗଞ୍ଜେଇ ଜବତ, ୩ ଗିରଫ

ପୁରୀ,୧୦।୯ (ସମିସ): ପୁରୀ ଜିଲ୍ଲାରେ ବେଆଇନ ନିଶା କାରବାର ଉପରେ ରୋକ୍ ଲଗାଇବା ପାଇଁ ପୁଲିସ ପକ୍ଷରୁ ସ୍ୱତନ୍ତ୍ର ଅଭିଯାନ 'ଅପରେସନ ଚକ୍ର' ଆରମ୍ଭ ହୋଇଛି। ବିଶେଷକରି ବ୍ରାଉନ୍‌ସୁଗର, ଗଞ୍ଜେଇ କାରବାର କରୁଥିବା ଅଭିଯୁକ୍ତଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ। ଯେଉଁମାନେ ଏହି କାରବାରରେ ସମ୍ପୃକ୍ତ ସେମାନଙ୍କ ପୁରୁଣା ତଥ୍ୟକୁ ଖୋଜି ଧରପଗଡ଼କୁ ଜୋର୍‌ଦାର କରାଯାଉଛି। ପୁରୀ ସହର ସମେତ ଜିଲ୍ଲାର ବିଭିନ୍ନ ସ୍ଥାନରେ ବ୍ଲକିଂ, ଚେକିଂ ଚାଲିଛି। ଏହି କ୍ରମରେ ପୁରୀ ସଦର ଥାନା ପୁଲିସକୁ ମିଳିଛି ବିଶେଷ ସଫଳତା। ୧୪ କେଜି ଗଞ୍ଜେଇ ଜବତ କରିବା ସହ ୩ ଜଣଙ୍କୁ ଗିରଫ କରାଯାଇଛି। ବୁଧବାର ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏ ସଂକ୍ରାନ୍ତରେ ସୂଚନା ଦେଇଛନ୍ତି ଏସ୍‌ପି ପ୍ରତୀକ ସିଂ।

ଏସ୍‌ପି ଶ୍ରୀ ସିଂ କହିଛନ୍ତି, ଜିଲ୍ଲାବ୍ୟାପୀ ବେଆଇନ ନିଶା କାରବାର ଉପରେ ରୋକ୍ ଲଗାଇବା ପାଇଁ ଥାନାଧିକାରୀଙ୍କୁ ସଜାଗ ଏବଂ ସତର୍କ କରିଦିଆଯାଇଛି। ମଙ୍ଗଳବାର ସଦର ଥାନା ପୁଲିସ ବିଶେଷ ସୂତ୍ରରୁ ଖବର ପାଇ ୩ ଅଭିଯୁକ୍ତଙ୍କୁ ଗିରଫ କରିବା ସହ ୧୪ କେଜି ଗଞ୍ଜେଇ ଜବତ କରିଛି। ଗିରଫ ଅଭିଯୁକ୍ତମାନେ ହେଲେ ପୁରୀ ସମୁଦ୍ରକୂଳ ଥାନା ପେଣ୍ଠକଟାର ସୁକାନ୍ତ ସାହୁ, ଚନ୍ଦନପୁର ଥାନା ପରମାନନ୍ଦପୁର ଗ୍ରାମର ଜିତେନ୍ଦ୍ର ପରିଡ଼ା ଓ ଉଆସ ସାହିର ଓମ୍‌କାର ପରିଡ଼ା। ଏକ ଜରି ବ୍ୟାଗ୍‌ରେ ଏମାନେ ଗଞ୍ଜେଇ ନେଇ ଯାଉଥିବା ସଦର ଥାନା ପୁଲିସ ଖବର ପାଇ ଏମାନଙ୍କୁ ଗୋଡ଼ାଇଥିଲା। କାଠପୋଲ ନିକଟରେ କାବୁ କରିବା ସହ ସେମାନଙ୍କ ନିକଟରୁ ଜରି ବ୍ୟାଗ୍‌ରେ ଭର୍ତ୍ତି ୧୪ କେଜି ଗଞ୍ଜେଇ ଜବତ କରିଥିଲା। ଏଥିସହ ପୁଲିସ ଏକ ସ୍କୁଟି ଜବତ କରିଛି। ଏମାନେ ଭୁବନେଶ୍ୱରରୁ ଗଞ୍ଜେଇ ଆଣି ବିକ୍ରି କରିଥା'ନ୍ତି ବୋଲି ତଦନ୍ତରୁ ଜଣାପଡ଼ିଛି। ଏ ନେଇ ସଦର ଥାନାରେ ଏକ ମାମଲା (ନଂ. ୫୩୮/୨୫) ରୁଜୁ କରାଯାଇ ଅଭିଯୁକ୍ତମାନଙ୍କୁ କୋର୍ଟଚାଲାଣ କରାଯାଇଥିଲା ଏସ୍‌ପି ଶ୍ରୀ ସିଂ ସୂଚନା ଦେଇଛନ୍ତି।



## ଆଜି ମହାପ୍ରଭୁଙ୍କ ବନକଲାଗି

● ୫ ଘଣ୍ଟା ବନ୍ଦ ରହିବ ଦର୍ଶନ

ପୁରୀ,୧୦।୯ (ସମିସ): ଗୁରୁବାର ଆଶ୍ୱିନ କୃଷ୍ଣ ଚତୁର୍ଥୀ ତିଥିରେ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ବନକଲାଗି ବା ଶ୍ରୀମୁଖ ଶୃଙ୍ଗାର ନୀତି ଅନୁଷ୍ଠିତ ହେବ। ଏଥିପାଇଁ ଅପରାହ୍ଣ ୫ଟାରୁ ରାତି ୧୦ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ କାର୍ଯ୍ୟାଳୟ ପକ୍ଷରୁ ସୂଚନା ଦିଆଯାଇଛି। ବନକଲାଗି ହେଉଛି ମହାପ୍ରଭୁଙ୍କର ଏକ ଗୁପ୍ତ ନୀତି। ଏହି ନୀତି ପାଇଁ ଜୟ ବିଜୟ ଦ୍ୱାର ବନ୍ଦ ରହିବ। ଦ୍ୱିପ୍ରହର ଧୂପ ସରିବା ପରେ ଦତ୍ତମହାପାତ୍ର ସେବକମାନେ ମହାପ୍ରଭୁଙ୍କ ଶ୍ରୀମୁଖ ଶୃଙ୍ଗାର କରିବେ। ଏଥିପାଇଁ ଦତ୍ତମହାପାତ୍ର ସେବକ ପ୍ରାକୃତିକ ରଙ୍ଗ ପ୍ରସ୍ତୁତ କରିଥା'ନ୍ତି।

## ଚାଷୀଙ୍କୁ ଦିଆଯାଇଛି ୨୬,୭୨୮ ମେଟ୍ରିକ୍ ଟନ୍ ସାର

ପୁରୀ,୧୦।୯ (ସମିସ): ପୁରୀ ଜିଲ୍ଲାରେ ଖରିଫ୍ ଚାଷ ପାଇଁ ଚାଷୀଙ୍କୁ ୨୬,୭୨୮ ମେଟ୍ରିକ୍ ଟନ୍ ବିଭିନ୍ନ ସାର ଯୋଗାଇ ଦିଆଯାଇଛି। ପୂର୍ବରୁ ବକେୟା ଥିବା ୨୦,୧୬୩ ମେଟ୍ରିକ୍ ଟନ୍ ସହ ଚଳିତ ସିଜିନ୍ ପାଇଁ ମିଳିଥିବା ୧୭,୪୮୧ ମେଟ୍ରିକ୍ ଟନ୍ ଏହିଭଳି ମୋଟ ୩୭,୬୪୪ ମେଟ୍ରିକ୍ ଟନ୍ ସାର ଜିଲ୍ଲାରେ ଉପଲବ୍ଧ ହୋଇଥିଲା। ସେଥିରୁ ୨୬,୭୨୮ ମେଟ୍ରିକ ଟନ୍ ସାର କୃଷକ କ୍ରୟ କରିଥିଲେ। ୧୧ଟି ବ୍ଲକ୍‌ର ୪୧ଟି ପାକ୍ସ ମାଧ୍ୟମରେ ଓ ବିଭିନ୍ନ ସାର ବିକ୍ରୟ ଦୋକାନରେ ବିକ୍ରି ହେଉଛି। ମଙ୍ଗଳବାର ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଆଭାସୀ ମାଧ୍ୟମରେ କୃଷି ଅଧିକାରୀ ଓ ସମବାୟ ଅଧିକାରୀଙ୍କ ସହ ଆଲୋଚନା କରି ଚାଷୀଙ୍କୁ ଆବଶ୍ୟକତା ଅନୁସାରେ ସାର ଯୋଗାଣ ପାଇଁ ପରାମର୍ଶ ଦେଇଥିଲେ। ସେହିପରି କୃଷି ବିଭାଗ ପ୍ରମୁଖ ସଚିବ, ନିର୍ଦ୍ଦେଶକ ଓ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା ମଧ୍ୟ ଅଧିକାରୀଙ୍କୁ ସାର ଯୋଗାଣ ସମ୍ପର୍କରେ ଉପଯୁକ୍ତ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଛନ୍ତି। ଅପରପକ୍ଷରେ ଆଉ ୨୦୦୦ ମେଟ୍ରିକ୍ ଟନ୍ ୟୁରିଆ ସାର ପୁରୀ ଜିଲ୍ଲାକୁ ଯୋଗାଇଦେବାକୁ କୃଷି ବିଭାଗକୁ ଅନୁରୋଧ କରାଯାଇଛି। ଚାଷୀଙ୍କ ଆବଶ୍ୟକତା ଅନୁସାରେ ସାର ଯୋଗାଇ ଦିଆଯାଉଛି ବୋଲି ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ସୁଶାନ୍ତ ଦାସ ସୂଚନା ଦେଇଛନ୍ତି।




ଆଟ୍ରୋସିଟି ଆକ୍ଟକୁ ଦୁର୍ବଳ କରିବା ନିମନ୍ତେ ରାଜ୍ୟ ସରକାରଙ୍କ ଗୃହ ବିଭାଗ ପକ୍ଷରୁ ଜାରି କରାଯାଇଥିବା ବିଜ୍ଞପ୍ତି ପ୍ରତ୍ୟାହାର ଦାବିରେ ବୁଧବାର ଅନୁସୂଚିତ ଜାତି, ଜନଜାତି, ପଛୁଆବର୍ଗ ଓ ସଂଖ୍ୟାଲଘୁ ସମନ୍ୱୟ ସମିତି ପକ୍ଷରୁ ପୁରୀ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ। ଜିଲ୍ଲାପାଳଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ପ୍ରଦାନ

**ଶ୍ରୀଅଲାରନାଥ ଦେବ ମନ୍ଦିର ଟ୍ରଷ୍ଟ ବୋର୍ଡ ବୈଠକ**

## ଠାକୁରଙ୍କ ଜମି ଜବରଦଖଲମୁକ୍ତ ଦାବି

ବ୍ରହ୍ମଗିରି,୧୦।୯ (ସମିସ): ଶ୍ରୀଅଲାରନାଥ ଦେବ ମନ୍ଦିର ଟ୍ରଷ୍ଟ ବୋର୍ଡର ଏକ ବୈଠକ ବ୍ରହ୍ମଗିରି ତହସିଲ୍‌ଦାରଙ୍କ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ପରିଚାଳନା କମିଟି ମୁଖ୍ୟ ତହସିଲ୍‌ଦାର ଶଶୀଭୂଷଣ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ କାର୍ଯ୍ୟନିର୍ବାହୀ ଅଧିକାରୀ କୃଷ୍ଣଚନ୍ଦ୍ର ମାଝୀ ପୂର୍ବ ବୈଠକର ବିବରଣୀ ପଠନ କରିଥିଲେ ଏବଂ ଏହାକୁ ଦୃଢ଼ୀକରଣ କରାଯାଇଥିଲା। ମନ୍ଦିରର ଆୟ ବ୍ୟୟ ସମ୍ପର୍କରେ ଆଲୋଚନା କରାଯାଇଥିଲା। ଠାକୁରଙ୍କ ସେବା ପୂଜା, ରୀତିନୀତି, ପର୍ବପର୍ବାଣୀ ସମସ୍ତ ସେବାୟତଙ୍କ ସହଯୋଗରେ ସୁରୁଖୁରୁରେ ସମ୍ପାଦିତ ହେଉଛି। ଠାକୁରଙ୍କ ସୁନା, ରତ୍ନ ଅଳଙ୍କାର ଗଣତିମଣତି ସମ୍ପର୍କରେ ଆଲୋଚନା କରାଯାଇଥିଲା। ତହସିଲ୍‌ଦାର ଶ୍ରୀ ମିଶ୍ର କହିଥିଲେ, ପୂର୍ବରୁ ଠାକୁରଙ୍କ ଅଳଙ୍କାର ସବୁ ଗଣତିମଣତି ହୋଇ ତାଲିକାଭୁକ୍ତ ହୋଇଛି। ଚଳିତ ବର୍ଷର ଦାନ ଅଳଙ୍କାର ତାଲିକାଭୁକ୍ତ ହୋଇନାହିଁ। ଚଳିତ ବର୍ଷ ମିଳିଥିବା ଦାନ ଏବଂ ଅନ୍ୟାନ୍ୟ ସୂତ୍ରରୁ ମିଳିଥିବା ଅଳଙ୍କାର ମଣତି କରାଯିବାକୁ ସ୍ଥିର ହେଲା।

ଶ୍ରୀଅଲାରନାଥ ଦେବଙ୍କ ଭୂସମ୍ପତ୍ତି କେତେକ ସ୍ଥାନରେ କିଛି ବ୍ୟକ୍ତି ଜବରଦଖଲ କରିବାକୁ ଉଦ୍ୟମ କରୁଥିବା ସଭାରେ ପ୍ରକାଶ ପାଇଥିଲା। ପରମ୍ପରା କ୍ରମେ ସେବାୟତମାନେ ଭୋଗଦଖଲରେ ଥିବା ସମ୍ପତ୍ତିକୁ ବାଦ୍ ଦେଇ ଅନ୍ୟାନ୍ୟ ଜବରଦଖଲକାରୀଙ୍କ କବଳରୁ ଜମିକୁ ମୁକ୍ତ ରଖିବାକୁ ତହସିଲ୍‌ଦାରଙ୍କୁ ଅନୁରୋଧ କରାଯାଇଥିଲା। ତହସିଲ୍‌ଦାର ଆଇନ ଅନୁଯାୟୀ ପଦକ୍ଷେପ ନେବେ ବୋଲି ମତ ରଖିଛନ୍ତି। ମନ୍ଦିର ଉନ୍ନୟନ, ଶ୍ରଦ୍ଧାଳୁଙ୍କ ଶୃଙ୍ଖଳିତ ଦର୍ଶନ ଆଦି ବିଷୟରେ ଆଲୋଚନା କରାଯାଇଥିଲା। ବୈଠକରେ ଅତିରିକ୍ତ ତହସିଲ୍‌ଦାର ଶରତ କୁମାର ଦେଉରି, ଟ୍ରଷ୍ଟ ବୋର୍ଡ ସଭ୍ୟ ତଥା ବରିଷ୍ଠ ସେବାୟତ ନାରାୟଣ ପୂଜାପଣ୍ଡା, ଲୋକନାଥ ସୁଆର, ସଭ୍ୟ ନୃସିଂହ ଜେନା, ସବ୍‌ରେଜିଷ୍ଟ୍ରାର ବ୍ରହ୍ମଗିରି, ପୂର୍ତ୍ତ ବିଭାଗ ଯନ୍ତ୍ରୀଙ୍କ ପ୍ରତିନିଧି ରଞ୍ଜନ କୁମାର ଚିନାରା, ବରିଷ୍ଠ ସେବକ ମଧୁସୂଦନ ପୂଜାପଣ୍ଡା ପ୍ରମୁଖ ଆଲୋଚନାରେ ଭାଗନେଇଥିଲେ। କମିଟି ସଭ୍ୟ କାଶୀନାଥ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ଯୌନ ନିର୍ଯାତନା କର୍ମଶାଳା ଓ ସଚେତନତା ଶିବିର

ପୁରୀ,୧୦।୯ (ସମିସ): ଜିଲ୍ଲା ସାମାଜିକ ସୁରକ୍ଷା ଓ ସମାଜ ମଙ୍ଗଳକାରୀ କାର୍ଯ୍ୟାଳୟ ପକ୍ଷରୁ ବୁଧବାର ସର୍କିଟ୍ ହାଉସ୍‌ରେ ମହିଳାଙ୍କ ଯୌନ ନିର୍ଯାତନା ଉପରେ ଏକ କର୍ମଶାଳା ଓ ସଚେତନତା ଶିବିର ଅନୁଷ୍ଠିତ ହୋଇଛି। ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ତନୁପ୍ରଭା ବେଉରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କର୍ମଶାଳାରେ ସମ୍ମାନିତ ଅତିଥି ଭାବେ ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ମନୋଜ କୁମାର ତ୍ରିପାଠୀ, ମହିଳା ଯୌନ ନିର୍ଯାତନା ଓ ଶିଶୁ ନିର୍ଯାତନା ଉପରେ ଆଲୋକପାତ କରିଥିଲେ। ଶିଶୁ ସୁରକ୍ଷା ପାଇଁ ବ୍ଲକ୍‌ସ୍ତରରେ ୧୦ ଜଣଙ୍କୁ ନେଇ ଏକ ୟୁନିଟ୍ ଗଠନ କରାଯାଇଛି। ସେହିପରି କୌଣସି ମହିଳା ଘରୋଇ ସଂସ୍ଥା ଓ ସରକାରୀ ସଂସ୍ଥାରେ କାର୍ଯ୍ୟ କରୁଥିବାବେଳେ ଯୌନ ଓ ମାନସିକ ଶିକାର ହୁଅନ୍ତି ସେମାନେ କମ୍ପେ୍ଲନ୍ କମିଟିରେ ଅଭିଯୋଗ କରିପାରିବେ ବୋଲି କହିଥିଲେ। ଏଥିରେ ବାଲ୍ୟ ବିବାହ ନିରୋଧ ଅଧିନିୟମ ୨୦୦୬, ଓଡ଼ିଶା ବାଲ୍ୟବିବାହ ନିରୋଧ ଆଇନ ୨୦୦୯ ଉପରେ ଆଲୋଚନା କରାଯାଇଥିଲା। ଏଥିରେ ଭାଗ ନେଇଥିବା ଅଧିକାରୀ ତଥା ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ମନୋଜ ତ୍ରିପାଠୀ, ସମ୍ମାନିତ ଅତିଥି ମହିଳା ଡିଏସ୍‌ପି ତାରାଜସ୍ମିନ୍ ଗୌଡ଼, ଏଲ୍‌ସିସି ମେମ୍ବର ଶିବପ୍ରସାଦ ରଥ, ଲିଗାଲ ଆଡ୍‌ଭାଇଜର ମୋହନ ସୁନ୍ଦର ଜେନା, କଣାସ ସିଡିପିଓ ସ୍ମିତା ମହାନ୍ତି, ଆସିଷ୍ଟାଣ୍ଟ ଫରେଷ୍ଟ ଅଫିସର୍ ମୋନାଲି ମହାପାତ୍ର ଓ ଉପଖଣ୍ଡ ସୂଚନା ଲୋକସମ୍ପର୍କ ଅଧିକାରୀ ପ୍ରଦୀପ୍ତ ସେନାପତି ପ୍ରମୁଖ ଯୋଗଦେଇଥିଲେ।

## ୧୭ରୁ ସୁସ୍ଥ ନାରୀ ସଶକ୍ତ ପରିବାର ଅଭିଯାନ

ପୁରୀ,୧୦।୯ (ସମିସ): ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ାଙ୍କ ଅଧ୍ୟକ୍ଷତାରେ ସୁସ୍ଥ ନାରୀ ସଶକ୍ତ ପରିବାର ଅଭିଯାନ ନିମନ୍ତେ ଜିଲ୍ଲାସ୍ତରୀୟ ସମନ୍ୱୟ ବୈଠକ ଆଭାସୀ ମାଧ୍ୟମରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ସ୍ୱାସ୍ଥ୍ୟ, ଶିକ୍ଷା, ମହିଳା ଓ ଶିଶୁ ବିକାଶ, ଜିଲ୍ଲା ସମାଜ ମଙ୍ଗଳ ତଥା ମିଶନ ଶକ୍ତି, ସୂଚନା ଓ ଗଣଯୋଗାଯୋଗ ବିଭାଗର ସମସ୍ତ ଅଧିକାରୀ ଉପସ୍ଥିତ ଥିଲେ। ଏହି ଅଭିଯାନ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ, ସମସ୍ତ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର, ଆୟୁଷ୍ମାନ ଆରୋଗ୍ୟ ମନ୍ଦିର (ଉପକେନ୍ଦ୍ର)ରେ ଆସନ୍ତା ୧୭ରୁ ଆରମ୍ଭ ହୋଇ ଅକ୍ଟୋବର ୨ ପର୍ଯ୍ୟନ୍ତ ଚାଲିବ। ଏହି ଅଭିଯାନରେ ନାରୀଙ୍କ ପାଇଁ ଅନେକ କାର୍ଯ୍ୟକ୍ରମ କରାଯିବ ଯେମିତି କି ସ୍ୱାସ୍ଥ୍ୟ ପରୀକ୍ଷା, ସ୍ୱାସ୍ଥ୍ୟ ସେବା ସହିତ ପ୍ରତ୍ୟେକ ବୟସର ଝିଅମାନଙ୍କର (ବିଶେଷକରି କିଶୋରୀମାନଙ୍କ) ମଧ୍ୟ ସ୍ୱାସ୍ଥ୍ୟ ପରୀକ୍ଷା ଶିବିର ମାଧ୍ୟମରେ କରାଯିବ। ଏଥିସହିତ ରକ୍ତ ପରୀକ୍ଷା, ରକ୍ତଦାନ ଶିବିର, ଅଣସଂକ୍ରାମକ ରୋଗ ପରୀକ୍ଷା, ରକ୍ତହୀନତା, ରକ୍ତ ଶର୍କରା, ରକ୍ତ ଶିକୁଳି ପରୀକ୍ଷା, ଗର୍ଭବତୀମାନଙ୍କ ସ୍ୱାସ୍ଥ୍ୟ ପରୀକ୍ଷା ଇତ୍ୟାଦି ଆୟୋଜନ କରାଯିବ। କେବଳ ଜିଲ୍ଲାସ୍ତରରେ ନୁହେଁ ଏହି ଶିବିର ସମସ୍ତ ୧୬ଟି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ୪୪ଟି ପ୍ରାଥମିକ ସ୍ୱାସ୍ଥ୍ୟ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର, ୫ଟି ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର, ୨୪୧ଟି ଉପସ୍ୱାସ୍ଥ୍ୟ ଓ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ଏବଂ ୫ଟି ସହରାଞ୍ଚଳ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର, ୭ଟି ଉପସ୍ୱାସ୍ଥ୍ୟ ଓ ଆୟୁଷ୍ମାନ ଆରୋଗ୍ୟ ମନ୍ଦିରରେ ମଧ୍ୟ କରାଯିବ। ବୈଠକରେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡା. ଅକ୍ଷୟ ଶତପଥୀ କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଆହ୍ୱାନ ଦେଇଥିଲେ। ଜିଲ୍ଲା ପ୍ରକଳ୍ପ ଅଧିକାରୀ ଶ୍ୟାମ ସୁନ୍ଦର ତ୍ରିପାଠୀ ସମସ୍ତଙ୍କ ସହଯୋଗ କାମନା କରିଥିଲେ।

## 'ବାପା' ସ୍ନେହ ଓ ଶାସନର ମହାଦ୍ରୁମ

ପୁରୀ,୧୦।୯ (ସମିସ): ଅଭିନନ୍ଦନିକାର ପ୍ରତିଷ୍ଠାତା ସମ୍ପାଦକ ତଥା କବି ଶ୍ୟାମପ୍ରକାଶ ସେନାପତିଙ୍କ କବିତା ପୁସ୍ତକ 'ବାପା'ର ସମୀକ୍ଷା ଆସର ବଡ଼ଦାଣ୍ଡସ୍ଥିତ ସେନାପତି ଭବନ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଶିଷ୍ଟ ସାହିତ୍ୟିକ ଡ. ଗୋବିନ୍ଦ ଚନ୍ଦ୍ର ଚାନ୍ଦ, ସୁନାମଧନ୍ୟ ବେତାର କଣ୍ଠଶିଳ୍ପୀ ଜୀବନାନନ୍ଦ ଅଧିକାରୀ, 'ଅନନ୍ତ ନିର୍ଝର' ପତ୍ରିକାର ସମ୍ପାଦିକା ସରୋଜିନୀ ମିଶ୍ର, ବରିଷ୍ଠ ନାଟ୍ୟକାର ହେମନ୍ତ କୁମାର ଛୋଟରାୟ ଏବଂ ଚିତ୍ରଶିଳ୍ପୀ ଶଶିକାନ୍ତ ରାଉତ ପ୍ରମୁଖ ଯୋଗଦେଇ ପୁସ୍ତକର ସମୀକ୍ଷା କରିଥିଲେ। 'ବାପା' ହେଉଛନ୍ତି ଅନୁଶାସନର ପ୍ରତୀକ ଓ ମୁଠାଏ ମାଟିକୁ ଚନ୍ଦନ କରିବାର ମନ୍ତ୍ର ଶିଖାନ୍ତି। ସ୍ନେହ ଓ ଶାସନର ସେ ମହାଦ୍ରୁମ। ଯାହାଙ୍କର ଆଦର୍ଶକୁ ପ୍ରକାଶ କରିହୁଏ ନା ଭାଷାରେ, ଭାବରେ ଆଉ ଜ୍ଞାନରେ ସେ ହେଉଛନ୍ତି ବାପା। ମା' ଘରର ଗୌରବ ହେଲେ ବାପା ହିଁ ଏହାର ଅସ୍ତିତ୍ୱ। ମା'ର ଆଖିରେ ପ୍ରଚୁର ମମତା ଭରି ରହିଥିବାବେଳେ ବାପାଙ୍କ ଆଖିରେ ଥାଏ କର୍ତ୍ତବ୍ୟବୋଧ। ସମୀକ୍ଷକମାନେ ଏହା ପ୍ରକାଶ କରିବା ସହିତ 'ବାପା' ଏକ ସାର୍ଥକ କବିତା ସଂକଳନ ବୋଲି ମତବ୍ୟକ୍ତ କରିଥିଲେ।



**ଛାତ୍ରଛାତ୍ରୀଙ୍କୁ ଅଭିମୁଖୀକରଣ**

## 'ନିରବଚ୍ଛିନ୍ନ ପ୍ରଚେଷ୍ଟା ସଫଳତାର ଶୀର୍ଷ ଛୁଆଁଏ'

ପୁରୀ,୧୦।୯ (ସମିସ): ସାମନ୍ତ ଚନ୍ଦ୍ରଶେଖର ସ୍ୱୟଂଶାସିତ ମହାବିଦ୍ୟାଳୟରେ ୨୦୨୫-୨୬ ଶିକ୍ଷା ବର୍ଷ ପାଇଁ ନାମ ଲେଖାଇଥିବା ଏମ୍‌ବିଏ ଏବଂ ଏମ୍‌କମ୍ ଫାଇନାନ୍ସ ଓ କଣ୍ଟ୍ରୋଲ (ଏମ୍‌ଏଫ୍‌ସି) ବିଭାଗର ନୂତନ ଛାତ୍ରଛାତ୍ରୀଙ୍କର ଅଭିମୁଖୀକରଣ କାର୍ଯ୍ୟକ୍ରମ ମହାବିଦ୍ୟାଳୟରେ ବୁଧବାର ଅନୁଷ୍ଠିତ ହୋଇଯାଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷ ଡ. ଚିତ୍ତରଞ୍ଜନ ଦ୍ୱିବେଦୀ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରି ଅଭିଭାଷଣରେ ସଫଳତା ହାସଲ ନିମନ୍ତେ ଏକ ଶୃଙ୍ଖଳିତ ଜୀବନଯାପନ ଉପରେ ଗୁରୁତ୍ୱାରୋପ କରିଥିଲେ। ଏମ୍‌ବିଏ ଏବଂ ଏମ୍‌ଏଫ୍‌ସି ବିଭାଗ ମୁଖ୍ୟ ଡ. ସତ୍ୟ ପ୍ରକାଶ ମିଶ୍ର ଛାତ୍ରଛାତ୍ରୀଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ବିଭାଗୀୟ ଅଧ୍ୟାପକ ଶିବପ୍ରସନ୍ନ ପଟ୍ଟନାୟକ କ୍ୟାମ୍ପସ୍ ପ୍ଲେସ୍‌ମେଣ୍ଟ ସମ୍ପର୍କରେ ସୂଚନା ଦେଇଥିଲେ। ମୁଖ୍ୟଅତିଥି ଉତ୍କଳ ବିଶ୍ୱବିଦ୍ୟାଳୟ ବ୍ୟବସାୟ ପରିଚାଳନା ବିଭାଗର ପ୍ରଫେସର ଡ. ଦାଶରଥି ସାହୁ, ଶିକ୍ଷାର୍ଥୀ ଜୀବନରେ ସମୟ ଓ ସମ୍ବଳର ଉପଯୁକ୍ତ ପରିଚାଳନା ଏବଂ ନିରବଚ୍ଛିନ୍ନ ପ୍ରଚେଷ୍ଟା କିପରି ସଫଳତାର ଶୀର୍ଷରେ ଜଣଙ୍କୁ ପ୍ରତିଷ୍ଠିତ କରେ ସେ ସମ୍ପର୍କରେ ବକ୍ତବ୍ୟ ଦେଇଥିଲେ। ମୁଖ୍ୟବକ୍ତା ବାଣୀବିହାର ଡିଡିସିଇର ଆସୋସିଏଟ୍ ପ୍ରଫେସର ଡ. ସୁଜିତ କୁମାର ଆଚାର୍ଯ୍ୟ ଛାତ୍ରଛାତ୍ରୀମାନଙ୍କୁ ବ୍ୟକ୍ତିଗତ ଜୀବନ ଓ ବୃତ୍ତିଗତ ଜୀବନରେ ମ୍ୟାନେଜ୍‌ମେଣ୍ଟ ଶିକ୍ଷା କିଭଳି ପ୍ରତ୍ୟେକ ସମୟରେ କାର୍ଯ୍ୟକାରୀ ହେଉଛି ସେ ସମ୍ପର୍କରେ କହିଥିଲେ। ପରିବେଶବିତ୍ ଜଗନ୍ନାଥ ବସ୍ତିଆ ସମ୍ମାନିତ ଅତିଥି ଭାବେ ଯୋଗଦେଇ ଯେକୌଣସି କ୍ଷେତ୍ରରେ ସଫଳ ହେବା ପାଇଁ ଆର୍ôଥକ ସମ୍ବଳ ଓ ମାନବ ସମ୍ବଳର ସୁପରିଚାଳନା ଏକାନ୍ତ ଆବଶ୍ୟକ ବୋଲି କହିଥିଲେ। ଅଧ୍ୟାପିକା ସୌମ୍ୟା ମହାନ୍ତି ସଭାକାର୍ଯ୍ୟ ପରିଚାଳନା କରିଥିବାବେଳେ ବରିଷ୍ଠ ଅଧ୍ୟାପକ ଡ. ଅଭିଷେକ ଶତପଥୀ, ପ୍ୟାରୀମୋହନ ଜେନା, ବିଷ୍ଣୁ ପ୍ରସାଦ ସାମନ୍ତରାୟ ଏବଂ ଅଧ୍ୟାପିକା ବିଜୟଲକ୍ଷ୍ମୀ ଭୋଳ ସହଯୋଗ କରିଥିଲେ। ବିଭାଗୀୟ ଅଧ୍ୟାପିକା ମଧୁସ୍ମିତା ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

**ସାହିରେ ନିଶାଡ଼ିଙ୍କ ଉତ୍ପାତ**

## ଏସ୍‌ପିଙ୍କୁ ଫେରାଦହେଲେ ମହିଳା

ପୁରୀ,୧୦।୯ (ସମିସ)

ପୁରୀ ସହରରେ ବେଆଇନ ନିଶା କାରବାର ବଢ଼ିଚାଲିଛି। ବିଶେଷକରି କମ୍ ବୟସର ଅସାମାଜିକ ଯୁବକ ଏହି କାରବାର ଚଳାଉଛନ୍ତି। ଫଳରେ ବିଭିନ୍ନ ସାହି ଗଳିକନ୍ଦିରେ ନିଶାଡ଼ିଙ୍କ ଆଡ୍ଡା ଜମୁଛି। ନିଶା ପାଇଁ ଅପରାଧ ଘଟୁଛି। ଏହାକୁ ନେଇ ସାହି ବାସିନ୍ଦା ଏବେ ଭୟଭୀତ ହୋଇପଡ଼ିଛନ୍ତି। ଏମିତି ଅଭିଯୋଗ ଆଣିଛନ୍ତି ମାର୍କଣ୍ଡେଶ୍ୱର ସାହି ଅଧୀନସ୍ଥ ମିଶ୍ର ସାହି ବାସିନ୍ଦା। ଏ ନେଇ ସାହିର କିଛି ମହିଳା ବୁଧବାର ଏସ୍‌ପିଙ୍କୁ ଫେରାଦ୍ ହୋଇଛନ୍ତି। ସେମାନେ ଅଭିଯୋଗ କରିଛନ୍ତି ଯେ କିଛି ଅସାମାଜିକ ବ୍ୟକ୍ତି ନିଶାଦ୍ରବ୍ୟ ସେବନ କରି ସାହିରେ ଆତଙ୍କରାଜ ସୃଷ୍ଟି କରି ମୋବାଇଲ୍ ଛଡ଼ାଇବା ସହ ମନିପର୍ସ ଓ ଧନ ଜୀବନ ନଷ୍ଟ କରୁଛନ୍ତି। ବିଭିନ୍ନ ସମୟରେ ମାରଣାସ୍ତ୍ର ଦେଖାଇ ଧମକଚମକ ମଧ୍ୟ ଦେଉଛନ୍ତି।




ରାସ୍ତାଘାଟରେ ମୋବାଇଲ୍, ମନିପର୍ସ ଇତ୍ୟାଦି ଲୁଟ୍‌ପାଟ୍ କରିବା ସହିତ ଘରେ ବଳପୂର୍ବକ ପ୍ରବେଶ କରି ବିଭିନ୍ନ ପ୍ରକାର ମାରଣାସ୍ତ୍ର ଦେଖାଇ ଟଙ୍କା ମାଗୁଛନ୍ତି, ନ ଦେଲେ ହାଣିଦେବାର ଭୟ ଦେଖାଉଛନ୍ତି। ପ୍ରତିବାଦ କଲେ କି ପୁଲିସକୁ ଜଣାଇବୁ କହିଲେ, ଓଲଟି କହୁଛନ୍ତି 'ଜେଲ୍ ଆମର ଘର, କେସ୍ ଦେଲେ ପରିଣାମ ଭୋଗିବ'। ଏଥିସହିତ ଖୋଲାଖୋଲି ଭାବେ ବୋମା ପକାଇବାର ଧମକ ଦେଉଛନ୍ତି, ଯେଉଁଥିପାଇଁ ଛୋଟ ଛୋଟ ପିଲା, ମହିଳା ତଥା ବୟସ୍କମାନେ ରାସ୍ତାରେ ଚାଲିକି ଯିବାକୁ ଭୟ କରୁଛନ୍ତି। ମିଶ୍ର ସାହିରେ ଥିବା ଏକ ପରିତ୍ୟକ୍ତ କୋଠାଘର ଆଡ୍ଡାସ୍ଥଳୀ ପାଲଟିଛି। ସେଠାରେ ସେମାନେ ନିଶା କାରବାର ସହିତ ମାରଣାସ୍ତ୍ର ଲୁଚାଇ ରଖୁଛନ୍ତି। ଏ ବାବଦରେ ଘର ମାଲିକଙ୍କୁ ବାରମ୍ବାର ଅବଗତ କଲେ ମଧ୍ୟ ସେ ଶୁଣୁନାହାନ୍ତି। ଉକ୍ତ ରାସ୍ତାରେ ଯା'ଆସ କରୁଥିବା ଫେରିବାଲା, ଖଜାବାଲା, ଅଟୋବାଲା ସମସ୍ତେ ଲୁଟ୍‌ର ଶିକାର ହେଉଛନ୍ତି। ଫଳରେ ବୁଲା ବିକାଳି ସାହିକୁ ଆସିବାକୁ ଭୟ କରୁଛନ୍ତି। ଏମିତି ବାରମ୍ବାର ହେବା ଫଳରେ ଆମେ ପିଲାଛୁଆଙ୍କୁ ଧରି ଏଠାରେ କେମିତି ଚଳିବୁ ବୋଲି ପ୍ରଶ୍ନ କରିଛନ୍ତି ମିଶ୍ର ସାହିର ମହିଳା।


ଏ ଘଟଣାର ପୁଙ୍ଖାନୁପୁଙ୍ଖ ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହିତ ରାସ୍ତା ତଥା ଗଳିରେ ସିସିଟିଭି କ୍ୟାମେରା ଲଗାଇବା, ନିୟମିତ ଭାବେ ପୁଲିସ ପାଟ୍ରୋଲିଂ କରିବା, ସାହିରେ ନିଶା କାରବାର ବନ୍ଦ କରାଇବା ପାଇଁ ଦାବି କରିଛନ୍ତି।

## ଲକ୍ଷ୍ମୀନାରାୟଣ ମହାସୁଆରଙ୍କ ଆତ୍ମାର ସଦ୍‌ଗତି ପାଇଁ ଦୀପଦାନ

ପୁରୀ,୧୦।୯ (ସମିସ): ପୁରୀ ଜିଲ୍ଲା କ୍ରୀଡ଼ା ସଂସଦ, ଶ୍ରୀମନ୍ଦିର ସେବାୟତ ନିଯୋଗ, ପୁରୀର କ୍ରୀଡ଼ାବିତ୍ ଓ ଅନୁଷ୍ଠାନ, ବିଭିନ୍ନ ଜାଗାଘର ଲକ୍ଷ୍ମୀନାରାୟଣ ମହାସୁଆରଙ୍କ ଅମର ଆତ୍ମାର ସଦ୍‌ଗତି ପାଇଁ ମଙ୍ଗଳବାର ସିଂହଦ୍ୱାରରେ ଦୀପଦାନ କରିଛନ୍ତି। ଏଥିରେ ରାମଚନ୍ଦ୍ର ଦାସ ମହାପାତ୍ର, ରାମଚନ୍ଦ୍ର ପାଢ଼ୀ, ଓଡ଼ିଶା କୁସ୍ତି ସଭାପତି ନାରାୟଣ ମହାସୁଆର, କେଦାରନାଥ ଖୁଣ୍ଟିଆ, ଶ୍ୟାମସୁନ୍ଦର ମହାପାତ୍ର, କୃଷ୍ଣଚନ୍ଦ୍ର ଦାସ, ହରିହର କର, ଲକ୍ଷ୍ମୀନାରାୟଣ ପଟ୍ଟନାୟକ, ଲକ୍ଷ୍ମୀକାନ୍ତ ବେହେରା, ନରସିଂହ ଲେଙ୍କା, ଗଣେଶ ମହାସୁଆର, ଭୀମସେନ ପଲଙ୍କଧାରୀ, ପ୍ରତାପ ପ୍ରଧାନ, ଆଲୋକ ଦଳେଇଙ୍କ ସମେତ ଖୁଣ୍ଟିଆ ଜାଗା, ମା' ବସନ୍ତେଇ, ବାରବାଟି ଜାଗା, ଗୁରୁ ହନୁମାନ, ଜଗନ୍ନାଥ ବଲ୍ଲଭ, ପଞ୍ଚମୁଖୀ, ସୁରଜମଲ ସାହା କଲେଜ, ନରସିଂହ ବଲ୍ଲଭ ଜାଗା, ବଡ଼ ଆଖଡ଼ା ଜାଗା, ବିଶୁନି ଜାଗା, ଓଡ଼ିଶା ପୋଷ୍ଟାଲ ପ୍ରଭୃତି ଅନୁଷ୍ଠାନର କ୍ରୀଡ଼ାବିତ୍ ପୁରୁଷ ଓ ମହିଳା କୁସ୍ତିବିତ୍‌ମାନେ ଉପସ୍ଥିତ ଥିଲେ। ସି ବିଟ୍ କ୍ଲବ୍ ସଂସଦ ସମ୍ପାଦକ ରବିଶଙ୍କର ପ୍ରତିହାରୀ ଏହାକୁ ସଂଯୋଜନା କରିଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ଦୁଇଟି ପରିସ୍ଥିତିରେ ନିରବ ରହିବା ଶ୍ରେୟସ୍କର - ଯେଉଁଠାରେ ତୁମେ କିଛି ନ କହିଲେ ମଧ୍ୟ ଲୋକେ ବୁଝିଯାଆନ୍ତି ଏବଂ ଯେଉଁଠାରେ ତୁମେ ଯେତେ କହିଲେ ମଧ୍ୟ ଲୋକେ ବୁଝିପାରନ୍ତି ନାହିଁ।
-ଡ. ଏ ପି ଜେ ଅବଦୁଲ୍ କାଲାମ୍

## ବିଡ଼ମ୍ବିତ ନେତୃତ୍ୱ

ପୁରୁଷଙ୍କ ସହ ମହିଳାଙ୍କୁ ସମାନ ଅଧିକାର ପ୍ରସଙ୍ଗ ଆଜିର ନୁହେଁ। ବ୍ୟବସ୍ଥାପିକାରେ ୩୩ ପ୍ରତିଶତ ଆସନ ମହିଳାଙ୍କ ସକାଶେ ସଂରକ୍ଷଣ ସୁବିଧା ପ୍ରଦାନ ବିଲ ସଂସଦରେ ଅନୁମୋଦନ ଲାଭ କରିଥିଲେ ମଧ୍ୟ ତାହା ଏବେ ମଧ୍ୟ ଆଇନଗତ ସ୍ୱୀକୃତି ଅପେକ୍ଷାରେ। ଯେତେଦୂର ସମ୍ଭବ ଆଗାମୀ ଜନଗଣନା ପରେ ସରକାର ଏହି ସଂରକ୍ଷଣ ସୁବିଧା କାର୍ଯ୍ୟକାରୀ କରିବେ। ତେବେ ତ୍ରିସ୍ତରୀୟ ପଞ୍ଚାୟତିରାଜ ବ୍ୟବସ୍ଥା ଓ ପୌରପାଳିକାରେ ମହିଳାମାନେ ଏହି ସୁବିଧା ପାଇଛନ୍ତି। ବିଜୁବାବୁଙ୍କ ଦ୍ୱିତୀୟ ପାଳି ମୁଖ୍ୟମନ୍ତ୍ରିତ୍ୱ ସମୟରେ ଓଡ଼ିଶା ଦେଶର ପ୍ରଥମ ରାଜ୍ୟ ଭାବେ ପଞ୍ଚାୟତ ଓ ପୌର ନିର୍ବାଚନରେ ମହିଳାଙ୍କ ପାଇଁ ୩୩% ସଂରକ୍ଷଣକୁ ଆଇନଗତ ସ୍ୱୀକୃତି ଦେଇଥିଲା।

ଆମ ଦେଶରେ ରାଜନୈତିକ ସ୍ତରରେ ପୁରୁଷଙ୍କ ସମକକ୍ଷ ହେବା ଭଳି ମହିଳାଙ୍କ ଦକ୍ଷତା ଓ ଯୋଗ୍ୟତା କିଛି କମ ନୁହେଁ। କିନ୍ତୁ ସେମାନଙ୍କ ପ୍ରାର୍ଥିତ୍ୱ ମନୋନୟନରେ ପୁରୁଷପ୍ରଧାନ ଦଳୀୟ ନେତୃତ୍ୱର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହୁଥିବାରୁ ଅଯୋଗ୍ୟ ପୁରୁଷ ପ୍ରାର୍ଥୀ କ୍ଷମତାକୁ ଆସୁଛନ୍ତି। ଅଥଚ ଯୋଗ୍ୟ ମହିଳା ପ୍ରାର୍ଥୀ ମୁଖ୍ୟସ୍ରୋତରୁ ବଞ୍ଚିତ ହେଉଛନ୍ତି। ତେବେ ଯେଉଁ କେତେକ କ୍ଷେତ୍ରରେ ନିର୍ବାଚିତ ମହିଳାମାନେ ନୀତି ନିର୍ଦ୍ଧାରକ ଭୂମିକାରେ ଅବତୀର୍ଣ୍ଣ ହେଉଛନ୍ତି ସେଠାରେ ମଧ୍ୟ ପୁରୁଷ ପ୍ରାଧାନ୍ୟ ମାନସିକତାର ଛାପ ରହୁଛି। ବିଶେଷକରି ପଞ୍ଚାୟତ ଓ ପୌରପାଳିକା ସ୍ତରରେ କ୍ଷମତା ଓ ଦାୟିତ୍ୱ ପରିଚାଳନାରେ ମହିଳା ଜନପ୍ରତିନିଧିଙ୍କ ସ୍ୱାମୀଙ୍କ ପ୍ରଚ୍ଛନ୍ନ ହସ୍ତକ୍ଷେପ ଓ ପ୍ରତ୍ୟକ୍ଷ ସହଯୋଗ ଏକ ବ୍ୟବସ୍ଥାରେ ପରିଣତ ହୋଇସାରିଛି। ମହାନଗର ନିଗମ ସ୍ତରରେ ମଧ୍ୟ ମହିଳା କର୍ପୋରେଟରଙ୍କ ସ୍ୱାମୀମାନେ ସରକାରୀ ସ୍ତରରେ କର୍ପୋରେଟରଙ୍କ ସ୍ୱୀକୃତ ପ୍ରତିନିଧି ରୂପେ କାର୍ଯ୍ୟ ସମ୍ପାଦନ କରୁଛନ୍ତି। ସତେଯେପରି ସବୁସ୍ତରରେ ଏହା ଗ୍ରହଣଯୋଗ୍ୟ ହୋଇଯାଇଛି। କିନ୍ତୁ ରାଜନୀତିରେ ଉଚ୍ଚତର ସୋପାନରେ ସାଧାରଣତଃ ମହିଳା ପଦାଧିକାରୀ ସ୍ୱୟଂସଂପୂର୍ଣ୍ଣ ଓ ସୁଦକ୍ଷ। ପ୍ରତିଦ୍ୱନ୍ଦ୍ୱୀ ପୁରୁଷଙ୍କଠାରୁ ମଧ୍ୟ ଅତି ନିପୁଣତାର ସହ ଦାୟିତ୍ୱ ତୁଲାଇ ସମସ୍ତଙ୍କ ପ୍ରଶଂସାଭାଜନ ହୋଇପାରିଥିବାର ସ୍ୱର୍ଣ୍ଣିମ ଇତିହାସ ଆମ ଦେଶରେ ରହିଛି। ଅଥଚ ନିକଟରେ ଏହାର ଏକ ବିରଳ ବ୍ୟତିକ୍ରମ ଦେଖିବାକୁ ମିଳିଛି।

ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖାଗୁପ୍ତାଙ୍କୁ ନେଇ ଉପୁଜିଥିବା ବିବାଦୀୟ ପରିସ୍ଥିତି ପ୍ରେକ୍ଷାପଟ୍ଟରେ ଆମେ ଏଠାରେ ଏହି ପ୍ରସଙ୍ଗ ଉପସ୍ଥାପନ କରୁଛୁ। ଗତ ଶନିବାର ଦିନ ଶାଲିମାରବାଗ୍ ସ୍ଥିତ ଜନସେବା ସଦନରେ ଅନୁଷ୍ଠିତ ସରକାରୀ ବୈଠକରେ ମୁଖ୍ୟମନ୍ତ୍ରୀଙ୍କ ସହ ତାଙ୍କ ବ୍ୟବସାୟୀ ସ୍ୱାମୀ ମନୀଷ ଗୁପ୍ତାଙ୍କ ଯୋଗଦାନ ଓ ସରକାରୀ ପଦାଧିକାରୀଙ୍କ ସହ ତାଙ୍କର ମତବିନିମୟ ପ୍ରତିପକ୍ଷକୁ ଆଲୋଚନାର ଖୋରାକ୍ ଯୋଗାଇଛି। ପଞ୍ଚାୟତ ସ୍ତରରେ ପରିଲକ୍ଷିତ ଦୃଶ୍ୟପଟ୍ଟ ରାଜ୍ୟ ନେତୃତ୍ୱ କ୍ଷେତ୍ରରେ ପୁନରାବୃତ୍ତି ଘଟିବା ଅସମୀଚୀନ। ଏହି ଘଟଣାକୁ ଦିଲ୍ଲୀର ଆପ ନେତା ସୌରଭ ଭରଦ୍ୱାଜ କଡ଼ା ସମାଲୋଚନା କରିବା ସହ ଅସାମ୍ବିଧାନିକ ଓ ଅଗଣତାନ୍ତ୍ରିକ ବୋଲି ଆକ୍ଷେପ କରିଛନ୍ତି। କ୍ଷମତା ରାଜନୀତିରେ ସରକାରୀ ଓ ବିରୋଧୀ ପକ୍ଷ ମଧ୍ୟରେ ଏପ୍ରକାର ଆରୋପ ଓ ପ୍ରତିଆରୋପ ନୂଆକଥା ନହେଲେ ମଧ୍ୟ ଦିଲ୍ଲୀ ମୁଖ୍ୟମନ୍ତ୍ରୀ ରେଖାଗୁପ୍ତାଙ୍କ ପାରଦର୍ଶିତା ସନ୍ଦେହ ଘେରକୁ ଆସିଯାଇଛି।

ରେଖାଗୁପ୍ତାଙ୍କ ପୂର୍ବରୁ ସୁଷମା ସ୍ୱରାଜ ଓ ଶୀଲା ଦୀକ୍ଷିତ ଦିଲ୍ଲୀ ମୁଖ୍ୟମନ୍ତ୍ରୀ ପଦରେ ରହି ମହିଳା ସଶକ୍ତୀକରଣ ଓ କାର୍ଯ୍ୟଦକ୍ଷତାର ଛାପ ସମଗ୍ର ଦେଶରେ ଛାଡ଼ି ଯାଇଛନ୍ତି। ଶୀର୍ଷସ୍ତରରେ ମହିଳାଙ୍କ ନେତୃତ୍ୱ ସଂପର୍କରେ ଉଲ୍ଲେଖ କଲାବେଳେ ଇନ୍ଦିରା ଗାନ୍ଧୀ ଓ ମାର୍ଗରେଟ ଥାଚରଙ୍କ କାର୍ଯ୍ୟଦକ୍ଷତା ଓ ପ୍ରଭାବୀ ଭୂମିକା ପ୍ରତି ବିଶ୍ୱ ନେତୃତ୍ୱବର୍ଗଙ୍କ ଥିବା ସ୍ୱତନ୍ତ୍ର ଶ୍ରଦ୍ଧା ଓ ସମ୍ମାନ ସାମ୍ନାକୁ ଆସିଯାଏ। ବ୍ୟବସ୍ଥାପିକା ସଂସ୍ଥାରେ ପ୍ରତିନିଧିତ୍ୱ କରି ଆଇନ ପ୍ରଣୟନକାରୀ ଭୂମିକା ତୁଲାଇବାରେ ଆମ ଦେଶର ମହିଳାମାନେ ବେଶ ଯୋଗ୍ୟ ଓ ସମର୍ଥ। ତେଣୁ ୩୩ ପ୍ରତିଶତ ସ୍ଥାନ ସଂରକ୍ଷଣ ନିଷ୍ପତ୍ତିକୁ ସବୁସ୍ତରରେ ସ୍ୱାଗତ କରାଯାଉଛି। ତେବେ ଏକ୍ଷେତ୍ରରେ ରାଜନୈତିକ ଦଳଗୁଡ଼ିକ ସୁଚାରୁ ରୂପେ ନିଜର ଦାୟିତ୍ୱ ତୁଲାଇବା ଜରୁରୀ। ଆମ ଜନସଂଖ୍ୟାର ଆପାତତଃ ୫୦ ପ୍ରତିଶତ ମହିଳାଙ୍କ କ୍ଷେତ୍ରରେ ବାଛବିଚାର ମୁକ୍ତ ସହଯୋଗ ମିଳିଲେ ସୁସ୍ଥ ସାମାଜିକ ବ୍ୟବସ୍ଥା ଗଠନ ସମ୍ଭବ ହେବ।

## ଆକାଂକ୍ଷିତ ବିଜୟ

ଦେଶର ୧୭ତମ ଉପରାଷ୍ଟ୍ରପତି ନିର୍ବାଚନକୁ ନେଇ ଚାଲିଥିବା କଳ୍ପନା ଜଳ୍ପନାର ଅବସାନ ଘଟିଛି। ଏନଡିଏ ପ୍ରାର୍ଥୀ ମହାରାଷ୍ଟ୍ରର ପୂର୍ବତନ ରାଜ୍ୟପାଳ ସିପି ରାଧାକ୍ରିଷ୍ଣନ ଆଶା କରାଯାଉଥିବା ଭୋଟଠାରୁ ଯଥେଷ୍ଟ ଅଧିକ ପାଇ ନିର୍ବାଚିତ ହୋଇଛନ୍ତି। ଏନଡିଏର ଲୋକସଭା ଓ ରାଜ୍ୟସଭା ସଦସ୍ୟ ସଂଖ୍ୟା ୪୨୫ ଥିବା ବେଳେ ସେ ପାଇଛନ୍ତି ୪୫୨ ଭୋଟ। ଅନ୍ୟପକ୍ଷରେ ଇଣ୍ଡିମେଣ୍ଟର ସଦସ୍ୟ ସଂଖ୍ୟା ୩୧୨ ହୋଇଥିବା ବେଳେ ବିରୋଧୀ ପ୍ରାର୍ଥୀ ଜଷ୍ଟିସ ବି. ସୁଦର୍ଶନ ରେଡ୍ଡୀଙ୍କ ସପକ୍ଷରେ ୩୦୦ ଭୋଟ ପଡ଼ିଛି। ଉପରାଷ୍ଟ୍ରପତି ନିର୍ବାଚନ ପାଇଁ ଗଠିତ ଇଲେକ୍ଟୋରାଲ କଲେଜର ସଦସ୍ୟ ସଂଖ୍ୟା ୭୮୧। ନିର୍ବାଚନ ପୂର୍ବରୁ ବିଜେଡି, ବିଆରଏସ ଓ ଶିରୋମଣି ଅକାଳୀ ଦଳ. ମତଦାନରୁ ବିରତ ରହିବେ ଘୋଷଣା କରିଥିବାରୁ ମୋଟ ୭୬୭ ସଦସ୍ୟ ନିର୍ବାଚନରେ ଅଂଶଗ୍ରହଣ କରିଛନ୍ତି। ସବୁଠାରୁ ଉଲ୍ଲେଖଯୋଗ୍ୟ କଥା ହେଲା, ଉପରାଷ୍ଟ୍ରପତି ପଦଭଳି ଗୁରୁତ୍ୱପୂର୍ଣ୍ଣ ନିର୍ବାଚନରେ ୧୫ ମତଦାତାଙ୍କ ଭୋଟ ନାକଚ ହୋଇଛି। ମତଦାନ ପ୍ରକ୍ରିୟାରେ ଗୋପନୀୟତା ଦୃଷ୍ଟିରୁ କିଏ କାହାକୁ ଭୋଟ ଦେଲା ଏବଂ କାହାର ନାକଚ ହେଲା ତାହା ଜାଣିବାର ଅବକାଶ ନାହିଁ। ଅନ୍ୟପକ୍ଷରେ ଇଣ୍ଡିମେଣ୍ଟ ପ୍ରାର୍ଥୀ ଜଷ୍ଟିସ ରେଡ୍ଡୀଙ୍କୁ ଏଆଇଏମଆଇଏମ ସମର୍ଥନ କରୁଥିବାରୁ ତାଙ୍କ ସପକ୍ଷରେ ୩୧୩ ଭୋଟ ମିଳିବ ବୋଲି ଆଶା କରାଯାଇଥିଲା। ତେବେ ତାଙ୍କ ସପକ୍ଷରେ ୩୦୦ ଭୋଟ ମିଳିଛି। ଏହି ୧୩ ଭୋଟ ମଧ୍ୟରୁ କେତେ ଖଣ୍ଡ ନାକଚ ହୋଇଛି, କେତେ ଏନ୍‌ଡିଏ ପ୍ରାର୍ଥୀଙ୍କ ସପକ୍ଷରେ ଯାଇଛି, ତାହା ଜାଣିବାର ଅବକାଶ ନାହିଁ। ଉଭୟ ଏନ୍‌ଡିଏ ଓ ଇଣ୍ଡି ମେଣ୍ଟରେ ସାମିଲ୍ ହୋଇ ନଥିବା ୪୪ ଜଣ ସଦସ୍ୟଙ୍କ ମଧ୍ୟରୁ ୧୨ ଜଣ ନିର୍ବାଚନରେ ଅଂଶଗ୍ରହଣ କରିନଥିବା ବେଳେ ୱାଇଏସ ଆର ନେତା ଜଗନ ମୋହନ ରେଡ୍ଡୀଙ୍କ ଦଳର ୧୧ ସଦସ୍ୟ ସିପି ରାଧାକ୍ରିଷ୍ଣନ୍‌ଙ୍କ ସପକ୍ଷରେ ମତଦାନ କରିଛନ୍ତି। ଏକଥା ବି ହୋଇପାରେ ବିରୋଧୀ ମେଣ୍ଟରେ କିଛି ସଦସ୍ୟ ଏନଡିଏ ମେଣ୍ଟ ସପକ୍ଷରେ ମତଦାନ କରିଛନ୍ତି। ମେଣ୍ଟରେ ମୁଖପାତ୍ର ଯାହା ଦାବି କରନ୍ତୁ ନା କାହିଁକି କ୍ରସ ଭୋଟିଙ୍ଗକୁ ଅସ୍ୱୀକାର କରାଯାଇପାରିବ ନାହିଁ। ମତଦାନ ପୂର୍ବରୁ ତେଲେଗୁ ଅସ୍ମିତା ଓ ଏନ୍‌ଡିଏରେ ଆଭ୍ୟନ୍ତରୀଣ ଅସନ୍ତୋଷକୁ ନେଇ ଚାଲିଥିବା ଗୁଜବ ରାଜନୀତି ଯେ ଅବାସ୍ତବ ତାହା ପ୍ରମାଣିତ ହୋଇଛି ଏବଂ ବିରୋଧୀ ମେଣ୍ଟର ଚାଲ୍ ନିଷ୍ପ୍ରଭ ହୋଇଯାଇଛି।

# ସକାରାତ୍ମକ ରାଷ୍ଟ୍ରବାଦର ଆବଶ୍ୟକତା

**ଅଧ୍ୟାପକ ଗୋପବନ୍ଧୁ**

ରାଷ୍ଟ୍ରବାଦ ଏକ ଉନ୍ନତ ଗୁଣାତ୍ମକ ଚିନ୍ତନ। ଏହା ଏପରି ଏକ ଜାତୀୟ ଭାବନା, ଯାହା ଗୋଟିଏ ରାଷ୍ଟ୍ରକୁ ସର୍ବୋଚ୍ଚ ସୋପାନରେ ପହଞ୍ଚାଇବା ପାଇଁ ପ୍ରେରଣା ଯୋଗାଏ। ପରସ୍ପରକୁ ସମ୍ମାନ, ସମସ୍ତ ଗୋଷ୍ଠୀ ଓ ସମ୍ପ୍ରଦାୟର ମଧ୍ୟରେ ସହାବସ୍ଥାନ, ମାନବୀୟ ମୂଲ୍ୟବୋଧର ବିକାଶ ଓ ଶ୍ରେଷ୍ଠତା ପ୍ରାପ୍ତି ଦିଗରେ ସାମୂହିକ ଜାଗୃତି ହିଁ ରାଷ୍ଟ୍ରବାଦ। ସେହିଁ ପ୍ରକୃତ ରାଷ୍ଟ୍ରବାଦୀ, ଯିଏ ଏ ସମସ୍ତର ଅନୁଗାମୀ। ରାଷ୍ଟ୍ରବାଦୀ ହେବା ଏକ ସାଧନା। ସମସ୍ତ କ୍ଷେତ୍ରରେ ନାକାରାତ୍ମକ ଭାବନାର ପରିତ୍ୟାଗ ଓ ସକାରାତ୍ମକ ଭାବନାରେ ଉଦବୁଦ୍ଧ ହେବା ରାଷ୍ଟ୍ରବାଦର ମୂଳ ଆଧାର। ସ୍ୱଚ୍ଛ ରାଷ୍ଟ୍ରବାଦ ନା ଆଭ୍ୟନ୍ତରୀଣ ହିଂସାକୁ ପ୍ରୋତ୍ସାହିତ କରେ ନା ଆନ୍ତର୍ଜାତିକ ହିଂସା ଓ ପ୍ରତିହିଂସାକୁ ଉତ୍ସାହିତ କରେ। ବରଂ ଏହା ସାମାଜିକ ସଂହତି ଓ ଆନ୍ତର୍ଜାତିକ ଶାନ୍ତି ସ୍ଥାପନକୁ ଗୁରୁତ୍ୱ ଦିଏ। ରାଷ୍ଟ୍ର କହିଲେ କେବଳ ଏହାର ସାର୍ବଭୌମତ୍ୱକୁ ବୁଝାଏ ନାହିଁ। ଏହା ସହିତ ସାମାଜିକ ସ୍ଥିତି, ରାଜନୈତିକ ପରିବେଶ, ବ୍ୟକ୍ତିବିଶେଷଙ୍କ ଆଭିମୁଖ୍ୟ ଏବଂ ସର୍ବୋପରି ରାଷ୍ଟ୍ର ରୂପକ ଗୋଟିଏ ଭୂଖଣ୍ଡରେ ବସବାସ କରୁଥିବା ଲୋକମାନଙ୍କ ଆଭିମୁଖ୍ୟ ଓ ମୌଳିକ ଚିନ୍ତନକୁ ବୁଝାଏ। ତେଣୁ ରାଷ୍ଟ୍ରବାଦ ଏ ସମସ୍ତର ସାମଗ୍ରିକତାକୁ ଓ ଉନ୍ନତ ଚିନ୍ତନକୁ ବୁଝାଏ।

ଅନ୍ୟପକ୍ଷରେ ମିଥ୍ୟା ରାଷ୍ଟ୍ରବାଦ ଅତ୍ୟନ୍ତ ଭୟଙ୍କର। ଏହା ରାଷ୍ଟ୍ରକୁ ଧ୍ୱଂସ ଆଡ଼କୁ ଟାଣିନିଏ। ଏଥିରେ ମିଥ୍ୟାଚାର ଓ ଅନାଦର୍ଶକୁ ରାଷ୍ଟ୍ରବାଦର ମୁଖା ପିନ୍ଧାଯାଏ। ଅପପ୍ରଚାର ମାଧ୍ୟମରେ ଏଗୁଡ଼ିକୁ ସତ୍ୟ ଓ ଆଦର୍ଶ ରୂପରେ ଉପସ୍ଥାପିତ କରାଯାଏ। ଲୋକଙ୍କ ମଧ୍ୟରେ ସାମ୍ପ୍ରଦାୟିକ ଭାବାବେଗକୁ ବଢ଼ାଯାଏ। ସମାଜରେ ହିଂସାଭାବକୁ ଯୋଜନାବଦ୍ଧ ଭାବେ ରୋପଣ କରାଯାଏ। ସାମ୍ପ୍ରଦାୟିକ ହିଂସା ଓ ଜାତିଗତ ବିଦ୍ୱେଷକୁ ରାଜନୈତିକ ଅସ୍ତ୍ରଭାବେ ବ୍ୟବହାର କରାଯାଏ। ସାମାଜିକ ବିଶୃଙ୍ଖଳାରୁ ରାଜନୈତିକ ଫାଇଦା ନେବାର ପ୍ରୟାସ ହୁଏ। ସଂଖ୍ୟାଧିକଙ୍କ ମତକୁ ସଂଖ୍ୟାନ୍ୟୂନଙ୍କ ଉପରେ ଲଦାଯାଏ ଏବଂ ତାହାକୁ ହିଁ ରାଷ୍ଟ୍ରବାଦ ଆଖ୍ୟା ଦିଆଯାଏ। ସାଂସ୍କୃତିକ ଆନ୍ଦୋଳନ ନାମରେ ଅପସଂସ୍କୃତିକୁ ସ୍ଥାପନ କରାଯାଏ। ସମାନତା ପରିବର୍ତ୍ତେ ଅସମାନତାକୁ ଯୁକ୍ତିସଙ୍ଗତ କରଯାଏ। ବିଜ୍ଞାନ ବଦଳରେ ଅବୈଜ୍ଞାନିକ ଭାବନାକୁ ଆଗକୁ ବଢ଼ାଯାଏ। ଏମାନଙ୍କ ସହିତ ଯେଉଁମାନେ ଏକମତ ହୁଅନ୍ତି ନାହିଁ, ସେମାନଙ୍କୁ ଦେଶଦ୍ରୋହୀ ଆଖ୍ୟା ଦିଆଯାଏ। ନିଜ ସପକ୍ଷରେ ଅନ୍ଧଭକ୍ତଙ୍କ ଫୌଜ ତିଆରି କରାଯାଏ। ଏମାନେ ମିଥ୍ୟା ରାଷ୍ଟ୍ରବାଦର ରକ୍ଷାକବଚ ସାଜନ୍ତି। ଏମାନଙ୍କ ଜରିଆରେ ଅନାଦର୍ଶକୁ ଆଦର୍ଶ ବୋଲି ପ୍ରଚାର କରଯାଏ। ଦେଶ ଏକଛତ୍ରବାଦୀ ଶାସନ ଆଡ଼କୁ ଗତିକରେ।

ପ୍ରଥମ ଓ ଦ୍ୱିତୀୟ ବିଶ୍ୱଯୁଦ୍ଧର କାରଣ ଥିଲା ମିଥ୍ୟା ରାଷ୍ଟ୍ରବାଦ। ଏହାରି ଜରିଆରେ ଜର୍ମାନିରେ ନାଜିବାଦ ଓ ଇଟାଲିରେ ଫାଶିବାଦର ଆବିର୍ଭାବ ହୋଇଥିଲା। ଉଭୟ ଦେଶରେ ଉଗ୍ର ଜାତୀୟତାବାଦର ପ୍ରଚାର ମାଧ୍ୟମରେ ଯେଉଁ ରାଷ୍ଟ୍ରବାଦର ଉପସ୍ଥାପନ କରାଯାଇଥିଲା, ତାହା ରାଷ୍ଟ୍ରବାଦର ସଠିକ ପରିଭାଷା ନଥିଲା। ଉଭୟ ରାଷ୍ଟ୍ରରେ ଧର୍ମକୁ ନେଇ ସୃଷ୍ଟି ହୋଇଥିବା ଗୋଷ୍ଠୀଗତ ଚେତନା ଉଗ୍ରରୂପ ଧାରଣ କରିଥିଲା। ଦୀର୍ଘ ଶତାବ୍ଦୀ ଧରି ଭାଇଚାରା ମଧ୍ୟରେ ବସବାସ କରିଆସୁଥିବା ଗୋଷ୍ଠୀମାନଙ୍କ ମଧ୍ୟରେ ତିକ୍ତତା ଦେଖାଦେଲା। ଦକ୍ଷିଣପନ୍ଥୀ ନାଜି ସଂଗଠନ ତିଆରି ହେଲା। ଏମାନେ ପ୍ରଚାର କରିବା ଆରମ୍ଭ କଲେ ଯେ ସେମାନେ ହିଁ ଶ୍ରେଷ୍ଠ ଓ ଅନ୍ୟମାନେ ନିକୃଷ୍ଟ। ଏମାନଙ୍କ ସଂସ୍କୃତି ଓ ପରମ୍ପରା ଉନ୍ନତ। ତେଣୁ ଦେଶରେ ଏମାନଙ୍କ ରାଜ ଚାଲିବ। ଅନ୍ୟମାନଙ୍କୁ ରଖାଇ ଦିଆଯିବ ନାହିଁ। ଏହା ରାଷ୍ଟ୍ରବାଦର ଭ୍ରାନ୍ତ ପରିଭାଷା ଥିଲା। କାରଣ ସ୍ୱଚ୍ଛ ରାଷ୍ଟ୍ରବାଦରେ ଗୋଷ୍ଠୀଗତ, ଜାତିଗତ ଓ ଧର୍ମଗତ ଶ୍ରେଷ୍ଠତାର କୌଣସି ସ୍ଥାନ ନାହିଁ। ସମାନତା, ଭ୍ରାତୃତ୍ୱଭାବ ଓ ବ୍ୟକ୍ତି ସ୍ୱତନ୍ତ୍ରତା ହେଉଛି ରାଷ୍ଟ୍ରବାଦର ଆଭୂଷଣ। ଜର୍ମାନି ଓ ଇଟାଲିରେ ଏଗୁଡ଼ିକର ହନନ ହେଲା। ମିଥ୍ୟା ରାଷ୍ଟ୍ରବାଦ ଦେଶ ମଧ୍ୟରେ ସୀମିତ ରହିଲା ନାହିଁ। ଏହା ଆନ୍ତର୍ଜାତିକ ସ୍ତରକୁ ଚାଲିଗଲା, ଯେତେବେଳେ ନାଜିମାନେ ଘୋଷଣା କଲେ ସେମାନେ ହେଉଛନ୍ତି ବିଶ୍ୱର ଶ୍ରେଷ୍ଠଜାତି। ତେଣୁ ସମଗ୍ର ବିଶ୍ୱକୁ ଶାସନ କରିବାର ଅଧିକାର ତାଙ୍କର ରହିଛି। ଦେଶ ମଧ୍ୟରେ ସଂଖ୍ୟାଲଘୁଙ୍କ ଉପରେ ଦମନ ଆରମ୍ଭ ହେଲା। ଲକ୍ଷ ଲକ୍ଷ ଲୋକଙ୍କୁ ହତ୍ୟା କରାଗଲା। ପଡ଼ୋଶୀ ରାଜ୍ୟଗୁଡ଼ିକୁ ଆକ୍ରମଣ କରି ଅଧିକାର କରି ନିଆଗଲା।



ମିଥ୍ୟା ରାଷ୍ଟ୍ରବାଦ ଗଣତନ୍ତ୍ର ପାଇଁ ବିପଦ। କ୍ଷମତା ଦଖଲ ପାଇଁ ଏହା ଏକ ସହଜ ମାଧ୍ୟମ। ଏହା ମାଧ୍ୟମରେ ସାଧାରଣ ଜନତାଙ୍କୁ ଉନ୍ମାଦିତ କରି ସମର୍ଥନ ହାସଲ କରାଯାଇ ପାରେ। ଧର୍ମାନ୍ଧ, ଏକତରଫା ବିଚାରଯୁକ୍ତ, ଉନ୍ମାଦନାର ଶିକାର ଓ ସଂକୀର୍ଣ୍ଣ ମାନସିକତାର ଲୋକମାନେ ସ୍ୱାର୍ଥ ହାସଲ ପାଇଁ ଏହାକୁ ଏକ ସହଜ ମାଧ୍ୟମ ଭାବେ ବ୍ୟବହାର କରନ୍ତି। ଏପରି ପଦକ୍ଷେପ ଗୋଟିଏ ରାଷ୍ଟ୍ରର ଅଶେଷ କ୍ଷତିସାଧନ କରେ। ଜର୍ମାନି ଓ ଇଟାଲୀରେ ଗଣତାନ୍ତ୍ରିକ ପ୍ରକ୍ରିୟାର ଅନୁସରଣରେ ନିର୍ବାଚନ ମାଧ୍ୟମରେ ସରକାର ଗଠିତ ହୋଇଥିଲା। ଜର୍ମାନିରେ ହିଟଲର ଓ ଇଟାଲିରେ ମୁସୋଲିନୀ ନିର୍ବାଚିତ ହୋଇ ରାଷ୍ଟ୍ରର ସର୍ବୋଚ୍ଚ ଶାସକ ହୋଇଥିଲେ। କିନ୍ତୁ ସେମାନେ ମିଥ୍ୟା ରାଷ୍ଟ୍ରବାଦର ଆଶ୍ରୟ ନେଇଥିଲେ। ତାଙ୍କ ରାଷ୍ଟ୍ରବାଦ ହିଂସା, ପ୍ରତିହିଂସା, ଆଧିପତ୍ୟବାଦ, ମାନବୀୟ ମୂଲ୍ୟବୋଧର ପରିପନ୍ଥୀ ଏବଂ ଅନୈତିକତା ଉପରେ ପର୍ଯ୍ୟବସିତ ଥିଲା। ତେଣୁ ଏପରି ରାଷ୍ଟ୍ରବାଦ ଦୀର୍ଘସ୍ଥାୟୀ ହେଲାନାହିଁ। ପ୍ରଥମ ଓ ଦ୍ୱିତୀୟ ବିଶ୍ୱଯୁଦ୍ଧରେ ଉଭୟ ରାଷ୍ଟ୍ର ଧ୍ୱସ୍ତବିଧ୍ୱସ୍ତ ହୋଇ ଯାଇଥିଲା। ଦ୍ୱିତୀୟ ବିଶ୍ୱଯୁଦ୍ଧର ମୁଖ୍ୟ ଖଳନାୟକ ଆଡଲଫ୍ ହିଟଲର ଶେଷରେ ଆତ୍ମହତ୍ୟା କଲେ। ମୁସୋଲିନୀଙ୍କୁ ନିଜ ଲୋକମାନେ ହତ୍ୟାକଲେ। ମିଥ୍ୟା ରାଷ୍ଟ୍ରବାଦର ଏହା ହିଁ ଅନ୍ତିମ ପରିଣତି ହୁଏ।

ସମୟ ସମୟରେ ବିଭିନ୍ନ ରାଷ୍ଟ୍ରରେ ମିଥ୍ୟା ରାଷ୍ଟ୍ରବାଦର ଭାବନା ଅଙ୍କୁରିତ ହୁଏ। ବେଳେବେଳେ ଏମାନେ ଫାଙ୍କା ରାଷ୍ଟ୍ରବାଦର ସ୍ଲୋଗାନ ଦେଇ ଉନ୍ମାଦନା ସୃଷ୍ଟି କରି କ୍ଷମତାକୁ ବି ଚାଲିଆସନ୍ତି। ପ୍ରାରମ୍ଭରେ ଜନସାଧାରଣ ଏହାକୁ ବୁଝି ପାରନ୍ତି ନାହିଁ। ବୁଝିବା ବେଳକୁ ଏମାନେ ଦେଶର ତଥା ସମାଜର ଅନେକ କ୍ଷତି କରିପକାନ୍ତି। ଏବେ ବିଶ୍ୱର କୌଣସି ଗଣତାନ୍ତ୍ରିକ ଦେଶ ମିଥ୍ୟା ରାଷ୍ଟ୍ରବାଦରୁ ମୁକ୍ତ ନୁହେଁ। ଏହା ହିଁ ରାଷ୍ଟ୍ରକୁ ଏକଛତ୍ରବାଦୀ ଶାସନ ଆଡ଼କୁ ଟାଣି ନେଉଛି। ମିଥ୍ୟା ରାଷ୍ଟ୍ରବାଦ ଦେଶର ଏକତା, ଅଖଣ୍ଡତା ଓ ସାର୍ବଭୌମତ୍ୱ ପ୍ରତି ଘୋର ବିପଦ। ଏଥିପାଇଁ ସର୍ବଦା ସତର୍କ ରହିବାକୁ ହେବ। ଏହାକୁ ପ୍ରତିହତ କାରିବାକୁ ପଡ଼ିବ। ଆମକୁ ଜର୍ମାନି ଓ ଇଟାଲିର ପରିଣତିକୁ ମନେ ରଖିବାକୁ ହେବ। ପ୍ରକୃତ ରାଷ୍ଟ୍ରବାଦର ଅନୁଗାମୀ ହେବାକୁ ହେବ।

ବାରିପଦା(ମୟୂରଭଞ୍ଜ),
ମୋ: ୭୦୦୮ ୯୭ ୬୧୮୦

# ପ୍ରାଚୀନ ଜ୍ଞାନର ମର୍ଯ୍ୟାଦା ପ୍ରତି ବିପଦ

**ମାନସ କୁମାର କର**

ଆଜିର ଡିଜିଟାଲ ଯୁଗରେ, ଯେଉଁଠାରେ ସାମାଜିକ ଗଣମାଧ୍ୟମ ଓ ଅନଲାଇନ୍ ପ୍ଲାଟଫର୍ମ ସୂଚନା ପ୍ରସାରଣକୁ ଅଭୂତପୂର୍ବ ଗତି ଦେଇଛି, ଜ୍ୟୋତିଷ ବିଦ୍ୟା ମଧ୍ୟ ଡିଜିଟାଲ ବିପ୍ଳବର ଏକ ଅଂଶ ପାଲଟିଯାଇଛି। ୟୁଟ୍ୟୁବ, ଇନ୍‌ଷ୍ଟାଗ୍ରାମ ଓ ଅନ୍ୟାନ୍ୟ ସାମାଜିକ ଗଣମାଧ୍ୟମ ପ୍ଲାଟଫର୍ମଗୁଡ଼ିକ ଜ୍ୟୋତିଷ ସମ୍ବନ୍ଧୀୟ ପ୍ରଚାରପ୍ରସାରରେ ପରିପୂର୍ଣ୍ଣ। ଏହି ଭିଡିଓଗୁଡ଼ିକ ମଧ୍ୟରୁ ଅନେକ 'ତୁରନ୍ତ ସଫଳତା' ମନ୍ତ୍ର, ପ୍ରତିକାର କିମ୍ବା ଟୋଟକା ପ୍ରଦାନ କରିବାର ଦାବି କରନ୍ତି, ଯାହା କିଛିଦିନ ମଧ୍ୟରେ ଜୀବନର ସମସ୍ୟାର ସମାଧାନ କରିପାରିବ। ଜନ୍ମ ଚାର୍ଟର ବିସ୍ତୃତ ବିଶ୍ଳେଷଣ ପରେ ପ୍ରତିକାର ପରାମର୍ଶ ଦେଉଥିବା ପାରମ୍ପରିକ ଏବଂ ଅଭିଜ୍ଞ ଜ୍ୟୋତିଷମାନଙ୍କ ବିଶ୍ୱସନୀୟତା ତୁଳନାରେ ଏହି ତଥାକଥିତ 'ଶୀଘ୍ର ଉପଚାର' କେତେ ପ୍ରଭାବଶାଳୀ ତାହା ବିଚାର କରିବାର ସମୟ ଆସିଛି।

ସାମାଜିକ ଗଣମାଧ୍ୟମରେ ଉପଲବ୍ଧ ଜ୍ୟୋତିଷ ଭିଡିଓଗୁଡ଼ିକର ପ୍ରାୟତଃ ଆକର୍ଷଣୀୟ ଶୀର୍ଷକ ଥାଏ - 'ତିନି ଦିନରେ ଧନପ୍ରାପ୍ତିର ଚମତ୍କାରୀ ଉପାୟ' କିମ୍ବା 'ମନ୍ତ୍ରରୁ ବଦଳି ଯିବ ଆପଣଙ୍କ ଭାଗ୍ୟ'। ଏହି ଭିଡିଓଗୁଡ଼ିକ ସାଧାରଣତଃ ଛୋଟ, ଶୀଘ୍ର ସମ୍ପାଦିତ ଓ ମନୋରଞ୍ଜନକାରୀ, ଯାହା ତୁରନ୍ତ ଦର୍ଶକଙ୍କ ଦୃଷ୍ଟି ଆକର୍ଷଣ କରେ। ଏଥିରେ ସୁପାରିସ କରାଯାଇଥିବା ଉପଚାରଗୁଡ଼ିକ ସରଳ ଓ ଶୀଘ୍ର ମନେହୁଏ, ଯେପରିକି ଏକ ନିର୍ଦ୍ଦିଷ୍ଟ ରଙ୍ଗର ସୂତା ବାନ୍ଧିବା, ମନ୍ତ୍ର ଜପ କରିବା କିମ୍ବା ଘରେ କୌଣସି ବସ୍ତୁ ରଖିବା। ଏହି ଉପଚାରଗୁଡ଼ିକର କୌଣସି ବୈଦିକ କିମ୍ବା



ଜ୍ୟୋତିଷଶାସ୍ତ୍ରୀୟ ଆଧାର ନାହିଁ। ମୋ ଜେଜେ ବାପା ଜ୍ୟୋତିଷଚାର୍ଯ୍ୟ ସ୍ୱର୍ଗତ ପଣ୍ଡିତ ସଦାଶିବ କରଙ୍କ କହିବା ଅନୁଯାୟୀ ଜ୍ୟୋତିଷ ଏକ ଜଟିଳ ବିଜ୍ଞାନ, ଯେଉଁଥିରେ ଗ୍ରହ, ନକ୍ଷତ୍ର ଓ କୁଣ୍ଡଳୀର ବାରଟି ଘରର ଗଭୀର ଅଧ୍ୟୟନ ଜଡ଼ିତ। ଜଣେ ବ୍ୟକ୍ତିଙ୍କ କୁଣ୍ଡଳୀ ବିଶ୍ଳେଷଣ ନକରି ସାଧାରଣ ଉପଚାର ଦେବା କେବଳ ଦାୟିତ୍ୱହୀନ ନୁହେଁ, ବରଂ ଲୋକଙ୍କୁ ଭୁଲ ଦିଗରେ ନେଇପାରେ। ଏପରି ଭିଡିଓର ଉଦ୍ଦେଶ୍ୟ ପ୍ରାୟତଃ ଦର୍ଶକଙ୍କୁ ଭ୍ରମିତ କରିବା।

ଜ୍ୟୋତିଷ ଶାସ୍ତ୍ର କେବେବି କମ୍ ସମୟ ମଧ୍ୟରେ ଶିଖି ହେବ ନାହିଁ। ବିଶେଷଜ୍ଞଙ୍କ ମତରେ, ପ୍ରାମାଣିକ ଓ ଅଭିଜ୍ଞ ଜ୍ୟୋତିଷମାନେ କୌଣସି ପ୍ରତିକାର ପରାମର୍ଶ ଦେବା ପୂର୍ବରୁ ଜନ୍ମ କୁଣ୍ଡଳୀକୁ ଗଭୀର ଭାବରେ ଅଧ୍ୟୟନ କରନ୍ତି। ଜ୍ୟୋତିଷ ଶାସ୍ତ୍ରରେ ପ୍ରତ୍ୟେକ ବ୍ୟକ୍ତିଙ୍କ ଜନ୍ମ ସମୟରେ ଗ୍ରହଗୁଡ଼ିକର ସ୍ଥିତି ଉପରେ ଆଧାରିତ। କୁଣ୍ଡଳୀରେ ଗ୍ରହଗୁଡ଼ିକର ଗୋଚର, ଦଶା, ଅନ୍ତରଦଶା ଏବଂ ବିଭିନ୍ନ ଯୋଗ ବିଶ୍ଳେଷଣ କରାଯାଇ ଜଣେ ବ୍ୟକ୍ତିଙ୍କୁ କି ପ୍ରକାରର ପ୍ରତିକାର ଆବଶ୍ୟକ ତାହା ନିର୍ଣ୍ଣୟ କରାଯାଏ। ଏହି ପ୍ରକ୍ରିୟା ସମୟସାପେକ୍ଷ ଓ ଜଟିଳ, କିନ୍ତୁ ଅଧିକ ନିର୍ଭରଯୋଗ୍ୟ ଓ ପ୍ରଭାବଶାଳୀ। ଶୀଘ୍ର ସଫଳତାର ମନ୍ତ୍ର ଦେଉଥିବା ଭିଡିଓଗୁଡ଼ିକ ଲୋକପ୍ରିୟତା ବୃଦ୍ଧି କରିବା ପାଇଁ କେବଳ ଏକ ଭ୍ରମାତ୍ମକ କି ନାହିଁ ତାହା ବିଚାର କରିବା ଉଚିତ।

ସାମାଜିକ ଗଣମାଧ୍ୟମରେ ଭିଉ, ଲାଇକ୍ ଓ ସବସ୍କ୍ରାଇବର୍ ସଂଖ୍ୟା ସିଧାସଳଖ ଆୟ ସହିତ ଜଡ଼ିତ। ତେଣୁ ଅନେକ ଅନଭିଜ୍ଞ ଓ ଆତ୍ମଘୋଷିତ ଜ୍ୟୋତିଷ ଆକର୍ଷଣୀୟ ଓ ଚାଞ୍ଚଲ୍ୟକର ବିଷୟବସ୍ତୁ ସୃଷ୍ଟି କରି ଦର୍ଶକଙ୍କୁ ଆକର୍ଷିତ କରିବାକୁ ଚେଷ୍ଟା କରନ୍ତି। ସେମାନେ ଜଟିଳ ଜ୍ୟୋତିଷ ନୀତିଗୁଡ଼ିକୁ ସରଳୀକରଣ କରନ୍ତି। ଭିଡିଓଗୁଡ଼ିକୁ ଶୀଘ୍ର ସମାଧାନର ସୂତ୍ରରେ ପରିଣତ କରନ୍ତି, ଯାହା ପ୍ରକୃତରେ ଜ୍ୟୋତିଷ ଶାସ୍ତ୍ରର ଗଭୀରତାକୁ ଦୁର୍ବଳ କରିଦିଏ। କିଛି ଲୋକ ଉପରସ୍ତରର ସୂଚନା ଉପରେ ଆଧାରିତ ଭିଡିଓ ତିଆରି କରନ୍ତି, ଯାହା ପୁସ୍ତକ, ଇଣ୍ଟରନେଟ୍ କିମ୍ବା ଅନ୍ୟାନ୍ୟ ଉତ୍ସରୁ ନିଆଯାଇଥାଏ। ଅନେକ ଆତ୍ମଘୋଷିତ ଜ୍ୟୋତିଷଙ୍କର ନା ଆନୁଷ୍ଠାନିକ ତାଲିମ ଅଛି ନା ଅଭିଜ୍ଞତା। ତଥାପି ସେମାନେ ସେମାନଙ୍କର ଆତ୍ମବିଶ୍ୱାସ, ଆକର୍ଷଣୀୟ ଉପସ୍ଥାପନା ଓ ବଜାର ରଣନୀତି ଆଧାରରେ ଲକ୍ଷ ଲକ୍ଷ ଦର୍ଶକଙ୍କ ପାଖରେ ପହଞ୍ଚନ୍ତି। ଏହା କେବଳ ଜ୍ୟୋତିଷ ଶାସ୍ତ୍ରର ବିଶ୍ୱସନୀୟତାକୁ ହ୍ରାସ କରେ ନାହିଁ, ବରଂ ଏହି ଉପଚାର ଉପରେ ନିର୍ଭର କରୁଥିବା ଲୋକଙ୍କୁ ମଧ୍ୟ ନିରାଶ କରେ।

ଜ୍ୟୋତିଷ ଏକ ପ୍ରାଚୀନ ଓ ସମ୍ମାନିତ ବିଜ୍ଞାନ, ଯାହା ଶତାବ୍ଦୀ ଶତାବ୍ଦୀ ଧରି ଲୋକଙ୍କୁ ମାର୍ଗଦର୍ଶନ କରିବା ପାଇଁ ବ୍ୟବହୃତ ହୋଇଆସୁଛି। କିନ୍ତୁ ସାମାଜିକ ଗଣମାଧ୍ୟମରେ ସମ୍ପ୍ରତି ପ୍ରଚାରିତ ଏପରି ଭ୍ରମାତ୍ମକ ଭିଡିଓ ସେହି ମହାନ୍ ପ୍ରାଚୀନ ବିଜ୍ଞାନସମ୍ମତ ବିଦ୍ୟାର ବିଶ୍ୱସନୀୟତାକୁ କ୍ଷତି ପହଞ୍ଚାଉଛି। ଯେତେବେଳେ ଲୋକମାନେ ଏହି ତଥାକଥିତ ଉପଚାରଗୁଡ଼ିକୁ ପ୍ରୟୋଗ କରିବାର ଚେଷ୍ଟା କରନ୍ତି ଏବଂ କୌଣସି ଲାଭ ପାଆନ୍ତି ନାହିଁ, ସେମାନେ କେବଳ ସେହି ଭିଡିଓଗୁଡ଼ିକ ଉପରେ ବିଶ୍ୱାସ ହରାନ୍ତି ନାହିଁ, ବରଂ ଜ୍ୟୋତିଷ ବିଷୟରେ ପ୍ରଶ୍ନ ଉଠାନ୍ତି। ଏହା ଅଭିଜ୍ଞ ଜ୍ୟୋତିଷମାନଙ୍କ ପାଇଁ ମଧ୍ୟ ଏକ ଆହ୍ୱାନ ସୃଷ୍ଟି କରେ।

ଶେଷରେ ଏହା କହିବା ଭୁଲ ହେବ ନାହିଁ ଯେ ଶୀଘ୍ର ସଫଳତା ପାଇଁ ମନ୍ତ୍ର ଦେଉଥିବା ଜ୍ୟୋତିଷ ଭିଡିଓଗୁଡ଼ିକ ଅଧିକାଂଶ ଭାବରେ ଭ୍ରମାତ୍ମକ ଓ ଲୋକପ୍ରିୟତା ପାଇଁ ତିଆରି ହୋଇଥାଏ। ସେମାନେ ଲୋକଙ୍କ ଭାବନା ଓ ଆଶାକୁ ଶୋଷଣ କରନ୍ତି, ତାହା ମଧ୍ୟ କୌଣସି ଦୃଢ଼ ଆଧାର ବିନା। ଅନ୍ୟପକ୍ଷରେ ପ୍ରକୃତ ଜ୍ୟୋତିଷମାନେ, ଯେଉଁମାନେ କୁଣ୍ଡଳୀର ସମ୍ପୂର୍ଣ୍ଣ ବିଶ୍ଳେଷଣ ପରେ ପ୍ରତିକାର ପରାମର୍ଶ ଦିଅନ୍ତି, ସେମାନେ ଅଧିକ ନିର୍ଭରଯୋଗ୍ୟ ଓ ପ୍ରଭାବଶାଳୀ। ଜ୍ୟୋତିଷ ହେଉଛି ବିଜ୍ଞାନ ଓ କଳାର ମିଶ୍ରଣ, ଯାହା କେବଳ ସେତେବେଳେ ପ୍ରଭାବଶାଳୀ ହୁଏ, ଯେତେବେଳେ ଏହାକୁ ଗମ୍ଭୀରତା ଓ ଦାୟିତ୍ୱର ସହିତ ଗ୍ରହଣ କରାଯାଏ। ଆମେ ଶୀଘ୍ର ସଫଳତାର ଲୋଭକୁ ପଛରେ ପକାଇ ଧୈର୍ଯ୍ୟ ଓ ବୁଝାମଣା ସହିତ ସଠିକ୍ ମାର୍ଗଦର୍ଶନ ଖୋଜିବା ଉଚିତ। ତେବେ ହିଁ ଆମେ ଜ୍ୟୋତିଷର ପ୍ରକୃତ ଲାଭ ପାଇପାରିବା ଏବଂ ଏହି ପ୍ରାଚୀନ ଜ୍ଞାନର ମର୍ଯ୍ୟାଦା ବଜାୟ ରଖିପାରିବା।

କୋତାଙ୍ଗ(କୋଣାର୍କ), ମୋ: ୭୩୮ ୧୩୮ ୨୨୧୦

# ଧୂପର ଧ୍ରୁପଦୀ ମାନସିଂହ ସାହିତ୍ୟ

**ସାହିତ୍ୟ ସରିତ୍**

**ପ୍ରଫେସର ମଣୀନ୍ଦ୍ର କୁମାର ମେହେର**

କବି ଓ ଲେଖକ ଭାବରେ ମାୟାଧର ମାନସିଂହ କେତେ ଉଚ୍ଚକୋଟୀର ପୁସ୍ତକର ସଫଳ ସ୍ରଷ୍ଟା, ତାହା ସଚେତନ ପାଠକ ମାତ୍ରକେ ଅବଗତ। ତେବେ ତାଙ୍କ ନିଜ ଦୃଷ୍ଟିରେ ସ୍ୱରଚିତ କବିତା ପୁସ୍ତକ 'ଧୂପ'ହିଁ ଥିଲା ତାଙ୍କର ସବୁଠାରୁ ପ୍ରିୟ। ଓଡ଼ିଆ ପାଠକମାନଙ୍କ କଣ୍ଠରେ ଏହାର ପ୍ରାଣସ୍ପର୍ଶୀ ପଦପଂକ୍ତି କି ମାର୍ମିକ ଭାବରେ ଏ ପର୍ଯ୍ୟନ୍ତ ଆବୃତ୍ତି ହେଉଛି, ଏହା ବି ଜାଣନ୍ତି ସଭିଏଁ। ରୋମାଣ୍ଟିକ ଆବେଗର ପରିଶୁଦ୍ଧତା ବହନ କରି ଏହା ହୋଇଛି ଲୋକାଦୃତ। କିନ୍ତୁ କ'ଣ ସେତିକି ହିଁ ଏ ବହିଟିର ବିଶେଷତ୍ୱ? ଏହା ଯେ 'କ୍ଲାସିକ-ଧର୍ମୀ ରୋମାଣ୍ଟିକ' ଭାବଧାରାର ପ୍ରବାହ - ଏହି ସତ୍ୟକୁ ପୁନଃପୁନଃ ଆବିଷ୍କାର କରିପାରିଲେ ମାନସିଂହଙ୍କ ବ୍ୟକ୍ତିତ୍ୱ ଓ ସାହିତ୍ୟର ମର୍ମଧ୍ୱନି ସ୍ପଷ୍ଟରୁ ଅଧିକ ସ୍ପଷ୍ଟତର ହୋଇଉଠିବ।

ରୋମାଣ୍ଟିକ-କବିଙ୍କ ଲକ୍ଷଣ ସମ୍ପର୍କରେ କୁହାଯାଇଛି, ସେମାନେ ହେଉଛନ୍ତି ପଳାୟନବାଦୀ। ସମାଜର ବିଷାକ୍ତ ବଳୟରୁ ମୁକ୍ତ ହେବା ପାଇଁ ସେମାନେ ଲୋଡ଼ନ୍ତି ପ୍ରକୃତିର ନିର୍ଭୟଆଶ୍ରୟ। ଆଉ କ୍ଲାସିକ-କବିଙ୍କ ଗୁଣଧର୍ମ ବିଶ୍ଳେଷଣ କରି ଏହାହିଁ ପ୍ରତିପାଦନ କରାଯାଇଛି ଯେ ସେମାନେ ଦୁଃଖ କଷ୍ଟ ବରଣ କରି ନିଅନ୍ତି ଅବିଚଳିତ ଚିତ୍ତରେ। ସେମାନଙ୍କ ବିଶ୍ୱାସ ହେଉଛି ଏହି ବେଦନା ଗ୍ରହଣ କରିବା ଦ୍ୱାରା ଅନ୍ତରାତ୍ମା ହୋଇଯାଏ ସ୍ୱଚ୍ଛ ଓ ନିର୍ମଳ। 'କ୍ଲାସିକ-ସାହିତ୍ୟ'କୁ 'ଧ୍ରୁପଦୀ' ନାମରେ ପରିଚିତ କରିଦିଆଯାଇଛି ହିନ୍ଦୀ, ବଙ୍ଗଳା ଓ ଓଡ଼ିଆ ସାହିତ୍ୟରେ। ଏ ଦୃଷ୍ଟିଭଙ୍ଗୀରୁ ବିଚାର କଲେ କେବଳ 'ଧୂପ' କବିତା ସଂକଳନ ନୁହେଁ, ସମଗ୍ର ମାନସିଂହ ସାହିତ୍ୟ ହେଉଛି ଉଚ୍ଚମାନର 'କ୍ଲାସିକ' ବା 'ଧ୍ରୁପଦୀ-ସାହିତ୍ୟ'। ଆଉ ତାଙ୍କ ସଂଘର୍ଷମୟ ଜୀବନ ମଧ୍ୟ ହେଉଛି ସମାନ ପର୍ଯ୍ୟାୟର।

ଏ ପ୍ରସଙ୍ଗରେ 'ଧୂପ' କବିତା ପୁସ୍ତକର ଏକାଧିକ ପଦ ଉପରେ ଦୃଷ୍ଟି କେନ୍ଦ୍ରୀଭୂତ କଲେ ସେହି ମହତ୍ତର ସତ୍ୟର ସ୍ୱରୂପ ହୋଇଉଠିବ ପ୍ରଜ୍ଞାଦୀପ୍ତ। କବିଙ୍କ ବର୍ଣ୍ଣନା ଏହିପରି - 'ମନେହୁଏ ଧୂପ ସମ ଦଗ୍ଧ ହୋଇ ବାଷ୍ପ ଯିବିହୋଇ / ପ୍ରଣୟର ଅଗ୍ନିଶେଷେ ପ୍ରଣୟର ଭସ୍ମ ଯିବ ଥୋଇ / ବକ୍ଷେ ମୋର ଯଜ୍ଞ ଜଳେ, ତୁମେ ତହିଁ ଜୀବନ ଦେବତା / ଆତ୍ମାମୋର ଯଜ୍ଞ-କାଷ୍ଠ ଘୃତାହୁତି ତୁମର ମମତା।' କିମ୍ବା 'ଅଶ୍ରୁ-ଆହୁତି, ପ୍ରଣୟଯଜ୍ଞ ମମ / ବ୍ୟଥାର ଅଗ୍ନି ଜଳୁଅଛି ନିର୍ମମ / ପ୍ରିୟଗୋ ମୋର / ଭାବୁଛ କି ମୁହିଁ ଚାହେଁ ତା'ର ଉପଶମ?'

ଦୁଃଖ, ଯନ୍ତ୍ରଣା, ବିରହ, ଅପବାଦ-ଏସବୁକୁ ବରଣ କରିନେବାର ଶକ୍ତି ଆହରଣ କରି ସାରିଥିଲେ ମାନସିଂହ। ସେଥିପାଇଁ ପଦ୍ୟ ହେଉ ବା ଗଦ୍ୟ ପରବର୍ତ୍ତୀ କାଳରେ ଯାହା ସେ ରଚନା କରିଛନ୍ତି, ଏହାଠାରୁ ତାହା ଭିନ୍ନ ହୋଇପାରିନି। 'ହେମଶସ୍ୟ', 'ପୂଜାରିଣୀ', 'ଜେମା', 'ସାଧବ ଝିଅ', 'କୋଣାର୍କ' କବିତା ପୁସ୍ତକ, 'କମଳାୟନ' ମହାକାବ୍ୟ, 'ଜୀବନୀ ଓ ପ୍ରବନ୍ଧ', 'କବି ଓ କବିତା', 'ସରସ୍ୱତୀ ଫକୀରମୋହନ' ଆଦି ସମସ୍ତ ଗ୍ରନ୍ଥର ଯଦି ସାରନିର୍ଯାସ କାଢ଼ି ଦିଆଯାଏ, ତାହା 'ଧୂପ'ର ଅନ୍ତଃସ୍ୱରଠାରୁ କଦାପି ଭିନ୍ନ ହେବ ନାହିଁ। ଓଡ଼ିଆ ସାହିତ୍ୟର ଇତିହାସ ରଚନା କରି ତୀବ୍ର ସମାଲୋଚନାର ଶରବ୍ୟ ହୋଇଛନ୍ତି ସେ। ଗଙ୍ଗାଧର ମେହେର ମହାବିଦ୍ୟାଳୟର ଅଧ୍ୟକ୍ଷ ଭାବରେ କାର୍ଯ୍ୟ କରି ସେ ଯେଉଁ ଉଚ୍ଚତାକୁ ନେଇ ଯାଇପାରିଥିଲେ ଅନୁଷ୍ଠାନକୁ ଆଉ ତାହାର ଦ୍ୱିତୀୟ ଉଦାହରଣ ନାହିଁ। ସେଠାରେ ମଧ୍ୟ ସେ ସମ୍ମୁଖୀନ ହୋଇଛନ୍ତି ଯେଉଁ ଜଟିଳ ପରିସ୍ଥିତିର, ତାହାର ବିସ୍ତୃତ ବର୍ଣ୍ଣନା ରଖି ଯାଇଛନ୍ତି 'ଶିକ୍ଷାବିତର ଗାଥା' ଗ୍ରନ୍ଥରେ। କର୍ମକ୍ଷେତ୍ରରେ ଯେଉଁମାନଙ୍କ ନିକଟରୁ ସେ ହୋଇଛନ୍ତି ଲାଞ୍ଛିତ ଓ ଅପମାନିତ ସେମାନଙ୍କ ପ୍ରତି ପ୍ରତିଶୋଧ ପରାୟଣ ହେବାର ଅପରିଚ୍ଛନ୍ନ ଉପାଦାନରେ ଗଠିତ ହୋଇ ନ ଥିଲା ତାଙ୍କ ଚେତନା। ଗ୍ରନ୍ଥଟିରେ ତାଙ୍କ ବର୍ଣ୍ଣିତ ବାକ୍ୟ ଉପରେ ଧ୍ୟାନ ଦେଲେ ବୁଝିହୁଏ କି ବିଶାଳ ଥିଲା ତାଙ୍କ ହୃଦୟ। ସେଠାରେ ସେ ଲେଖୁଛନ୍ତି - 'ଦୁଃଖ-ନିର୍ଯାତନା ସବୁକୁ ନିରବରେ ସହି, ଅତ୍ୟାଚାରୀକୁ, ଶତ୍ରୁକୁ ଆଶୀର୍ବାଦ କରି କରି ଓ ଭଗବାନଙ୍କୁ ଅନ୍ତରରେ ଡାକି ଡାକି ସହିଯିବା ହିଁ ସଙ୍କଟ ବିପଦର ସବୁଠୁ ବଡ଼ ଔଷଧ।'

ମାନସିଂହ ଯୀଶୁ, ଗାନ୍ଧୀ, ରାମକୃଷ୍ଣ ପରମହଂସ ପ୍ରମୁଖ କେଉଁ ମହାପୁରୁଷଙ୍କ ଜୀବନ-ଚିତ୍ର ବା ଅଙ୍କନ କରିନାହାନ୍ତି! ବିଶ୍ୱକବି ରବୀନ୍ଦ୍ରନାଥଙ୍କ 'ଏକଲା ଚଲୋ' ସଂଗୀତ ତାଙ୍କୁ ଏକୁଟିଆ ଚାଲିବାର ସାହସ ଦେଇଛି ବୋଲି 'କବି ଓ କବିତା'ଗ୍ରନ୍ଥରେ ଆବେଗର ସହ ଉଦ୍ଧାର କରିଛନ୍ତି। ପ୍ରେମର ଯଜ୍ଞବେଦୀରେ ସେ ଧୂପ ପରି ଜଳି ଜଳି ଚତୁଃର୍ଦ୍ଦିଗରେ ବାଣ୍ଟି ଦେଇ ପାରିଛନ୍ତି ଜୀବନର ସୌରଭ। ନୀଳକଣ୍ଠ ସଦୃଶ ବିଷପାନ କରି ଯିଏ ଜଗତକୁ କରନ୍ତି ଅମୃତ ଦାନ ସିଏ ହିଁ ହେଉଛନ୍ତି କ୍ଲାସିକ ସ୍ରଷ୍ଟା। ମାନସିଂହ ସାହିତ୍ୟ ହେଉଛି ସେଥିପାଇଁ ଧୂପର ଧ୍ରୁପଦୀ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ସେନା କବ୍ଜାରେ...

ଆନ୍ଦୋଳନକାରୀ ତାଙ୍କ ଘର ଉପରେ ଆକ୍ରମଣ କରି ନିଆଁ ଲଗାଇ ଦେଇଥିଲେ । ଏଥିରେ ପତ୍ନୀଙ୍କ ମୃତ୍ୟୁ ହୋଇଥଇଲା ବୋଲି କୁହାଯାଇଛି । ତେବେ ମୃତଦେହ ଏ ପର୍ଯ୍ୟନ୍ତ ଚିହ୍ନଟ କରାଯାଇ ନାହିଁ । ଏପରି ସମୟରେ ପୂର୍ବତନ ପ୍ରଧାନମନ୍ତ୍ରୀ କେପି ଶର୍ମା ଓଲି ଯୁବ ଗୋଷ୍ଠୀଙ୍କ ନାମରେ ଖୋଲା ଚିଠି ଲେଖିଛନ୍ତି । ସେ ଏଥିରେ ବିକ୍ଷୋଭକୁ ବଡ଼ ଷଡ଼ଯନ୍ତ୍ର କହିଛନ୍ତି । କାର୍ଯ୍ୟାଳୟ ଜାଳିଦେବା ଏବଂ ଜେଲ୍‌ରୁ କଏଦୀଙ୍କୁ ଭଗାଇବା ଘଟଣାକୁ ଯୋଜନାବଦ୍ଧ ଥିଲା ବୋଲି ଉଲ୍ଲେଖ କରିଛନ୍ତି । ଏପରି ସମୟରେ ଜେନ୍ ଜେଡ୍ ଗୋଷ୍ଠୀ ନିଜ ଦାବି ରଖିଛନ୍ତି । ସରକାରରେ ସଂସ୍କାରେ, ପ୍ରତିନିଧି ସଭା ଭଙ୍ଗ, ନୂତନ ଭାବେ ସମ୍ବିଧାନ ଲେଖିବା କିମ୍ବା ସଂଶୋଧନ ଏବଂ ଗତ ତିନି ଦଶନ୍ଧି ମଧ୍ୟରେ ରାଜନେତାଙ୍କ ଦ୍ୱାରା ହୋଇଥିବା ଲୁଟର୍ ତଦନ୍ତ କରିବାକୁ ଦାବି ହୋଇଛି । ବିକ୍ଷୋଭରେ ପ୍ରାଣ ହରାଇଥିବା ଲୋକଙ୍କୁ ସହିଦ ମାନ୍ୟତା, ତାଙ୍କ ପରିବାର ସଦସ୍ୟଙ୍କୁ ସମ୍ମାନ ଦେବାକୁ କୁହାଯାଇଛି ।

ନେପାଳ ହିଂସା କଏଦୀଙ୍କ ପାଇଁ ଏକ ସୁଯୋଗ ସାବ୍ୟସ୍ତ ହୋଇଛି । ପୁଲିସର ସୂଚନା ଅନୁଯାୟୀ, ସାରା ଦେଶର ଜେଲ୍‌ରୁ ପ୍ରାୟ ୧୧ ହଜାର କଏଦୀ ଫେରାର ହୋଇଯାଇଛନ୍ତି । ପଶ୍ଚିମ ନେପାଳର ଏକ ଜେଲ୍‌ରେ ସୁରକ୍ଷାକର୍ମୀ ଏବଂ କଏଦୀଙ୍କ ମଧ୍ୟରେ ସଂଘର୍ଷ ହୋଇଛି । ଏଠାରେ ପୁଲିସ ଗୁଳିରେ ୫ କଏଦୀ (ନାବାଳକ)ଙ୍କ ମୃତ୍ୟୁ ହୋଇଛି । ୪ ଜଣ ମଧ୍ୟ ଗୁରୁତର ଆହତ ହୋଇଛନ୍ତି । ଅନ୍ୟପକ୍ଷରେ ଉତ୍ତର ପ୍ରଦେଶକୁ ଲାଗିଥିବା ନେପାଳୀ ଜିଲ୍ଲା ଏହି ହିଂସାରେ ପ୍ରଭାବିତ ହୋଇଛି । ଏଠାରେ ବୁଧବାର ପୁଣି ହିଂସା ହୋଇଛି । ସରକାରୀ କାର୍ଯ୍ୟାଳୟକୁ ଆନ୍ଦୋଳନକାରୀ ଜାଳି ଦେଇଛନ୍ତି । କିଛି ସ୍ଥାନରେ ଭଙ୍ଗାରୁଜା ମଧ୍ୟ କରିଛନ୍ତି । ଏହାକୁ ଦେଖି ସୀମାରେ ସୁରକ୍ଷା କଡ଼ାକଡ଼ି କରାଯାଇଛି । ନେପାଳ ଜେଲ୍‌ରୁ ଫେରାର ୯ କଏଦୀଙ୍କୁ ମହାରାଜଗଞ୍ଜର ସୋନୌଲି ସୀମାରୁ ସଶସ୍ତ୍ର ସୀମା ବଳ (ଏସ୍‌ଏସ୍‌ବି) ଗିରଫ କରିଛି । ସେହିପରି ଲକ୍ଷ୍ମୀପୁର, ମହାରାଜଗଞ୍ଜ ଏବଂ ବହରାଇଚ ସୀମା ସିଲ୍ ହୋଇଥିବାରୁ ଭାରତର ୨୦୦ରୁ ଅଧିକ ଟ୍ରକ୍ ଡ୍ରାଇଭର ନେପାଳରେ ଫସି ରହିଛନ୍ତି । ହିଂସାରେ ସେମାନଙ୍କର ଟ୍ରକ୍‌କୁ ପୋଡ଼ି ଦେବାର ଭୟ ରହିଛି । ସୋନୌଲି ସୀମାରେ ଭାରତ ଅଭିମୁଖେ ୮ କିମି ପର୍ଯ୍ୟନ୍ତ ଲମ୍ବା ଲାଇନ ଲାଗି ରହିଛି । ଶୀଘ୍ର ଛାଡ଼ିବା ପାଇଁ ସେମାନେ ଏଜେନ୍ସିଗୁଡିକୁ ଅନୁରୋଧ କରୁଛନ୍ତି ।

### କାଠମାଣ୍ଡୁରେ ଫସିଛନ୍ତି...

ପାଇଁ ଦକ୍ଷିଣକାଳୀକୁ ଯାଇ ସେଠାରେ ଫସି ରହିଛନ୍ତି । ସେହିପରି ଶ୍ରୀରାମପୁରର ସଂଗ୍ରାମ ମହାପାତ୍ର କାଠମାଣ୍ଡୁରେ ଥିବା ବେଳେ ଆସନ୍ତା ୨୫ତାରିଖରେ ଘରକୁ ଫେରିବାର ଥିଲା । କିନ୍ତୁ ତାଙ୍କ ଫେରିବା ରାସ୍ତା ବନ୍ଦ ହୋଇ ଯାଇଥିବାରୁ ଓ ଫୋନ୍‌ରେ ଯୋଗାଯୋଗ ହୋଇପାରୁନଥିବାରୁ ପତ୍ନୀ ପାର୍ବତୀ ମହାପାତ୍ର ଚିନ୍ତାରେ ପଡ଼ିଛନ୍ତି । ତାଙ୍କ ସ୍ୱାମୀଙ୍କୁ ନିରାପଦରେ ଭାରତ ଫେରାଇ ଆଣିବା ପାଇଁ ସେ ସରକାରଙ୍କ ନିକଟରେ ଦାବି କରିଛନ୍ତି । ସେହିପରି ପଟ୍ଟାମୁଣ୍ଡାଇ ଧୋୟା ଅଞ୍ଚଳର ତରଡିପାଳ ଏବଂ ପେଣ୍ଠପାଳ ପଞ୍ଚାୟତର ଚନ୍ଦନ ବେହେରା, ମାନସ ମଲ୍ଲିକ, ନିରଞ୍ଜନ ମଲ୍ଲିକ, ଦୁର୍ଯ୍ୟୋଧନ ମଲ୍ଲିକ, ସଞ୍ଜୟ ବିଶ୍ୱାଳ, ଉମାକାନ୍ତ ବିଶ୍ୱାଳ, କଳନ୍ଦୀ ଗୋଚ୍ଛାୟତ, ବିଭୂତି ଭୂଷଣ ଦାସ, ଭାସ୍କର ସେଠୀ, ପ୍ରତାପ ସେଠୀ, ପୁରୁଷୋତ୍ତମ ଦାସ, ଶତ୍ରୁଘ୍ନ ଦାସ, ସୁଦର୍ଶନ ଦାସ, ଦିନେଶ ସେଠୀ, ଭୋଲାନାଥ ସେଠୀ ପ୍ରମୁଖ ବହୁ ଲୋକ ନେପାଳ କାଠମାଣ୍ଡୁରେ ଫସି ରହିଛନ୍ତି ।

### ଅକ୍ଟୋବରରୁ ସାରା...

ଉପସ୍ଥାପନ କରିଥିଲେ । ଏସ୍‌ଆଇଆର୍ ପାଇଁ ସେମାନେ ପ୍ରସ୍ତୁତ ବୋଲି କହିଥିଲେ । ନିର୍ବାଚନ କମିସନ ଏହି ପ୍ରସ୍ତୁତିର ସମୀକ୍ଷା କରିବା ସହିତ ବୁଥ ସ୍ତରରେ ଅଧିକାରୀମାନଙ୍କ ନିଯୁକ୍ତି ଏବଂ ସେମାନଙ୍କୁ ଆବଶ୍ୟକ ତାଲିମ ଦେବାପାଇଁ କହିଥିଲେ । ନିଜ ନିଜ ରାଜ୍ୟରେ ଥିବା ଭୋଟରଙ୍କ ସଂଖ୍ୟା, ତାଲିକାରେ ନୂଆ ଭୋଟର ସାମିଲ ପାଇଁ ଏସ୍‌ଆଇଆର୍ ଯୋଗ୍ୟତା ତାରିଖ ଏବଂ ତାଲିକାର ଡିଜିଟାଇଜେସନ ଓ ଅପଲୋଡିଂ ସଂପର୍କରେ ବ୍ୟାପକ ଆଲୋଚନା ହୋଇଥିଲା । ଗୋଟିଏ ପୋଲିଂ ବୁଥ୍‌ରେ ଭୋଟର ସଂଖ୍ୟା ୧୨୦୦ରୁ ଅଧିକ ହେବା ଉଚିତ ନୁହେଁ ବୋଲି ନିର୍ବାଚନ ଅଧିକାରୀ ମତ ଦେଇଥିଲେ ।

ବୈଠକରେ ବିହାରର ମୁଖ୍ୟ ନିର୍ବାଚନ ଅଧିକାରୀ ସ୍ୱତନ୍ତ୍ର ଉପସ୍ଥାପନ କରିଥିଲେ । ରାଜ୍ୟରେ ଏସ୍‌ଆଇଆର୍ ବେଳେ ଅଧିକାରୀମାନେ ସମ୍ମୁଖୀନ ହୋଇଥିବା ସମସ୍ୟା ଏବଂ ଏହାର କିପରି ମୁକାବିଲା କରାଯାଇଥିଲା, ସେସଂପର୍କରେ କହିଥିଲେ । ଏହି ଅବସରରେ ନିର୍ବାଚନ କମିସନ କହିଥିଲେ ଯେ ବିହାରରେ ଏସ୍‌ଆଇଆର୍ ପାଇଁ ଗତବର୍ଷ ଜୁନ୍ ୨୪ରେ ବିଜ୍ଞପ୍ତି ଜାରି କରାଯାଇଥିଲା । ଦେଶର ଅବଶିଷ୍ଟ ଅଞ୍ଚଳ ପାଇଁ ଖୁବଶୀଘ୍ର ତାରିଖ ଘୋଷଣା କରାଯିବ । ନିର୍ବାଚନ କମିସନ କହିଥିଲେ ଯେ ଏସ୍‌ଆଇଆର୍‌ର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ।।ଭୋଟର ତାଲିକାରେ ସ୍ୱଚ୍ଛତା ଆଣିବା । ଯେଉଁମାନେ ମୃତ୍ୟୁ ବରଣ କରିଛନ୍ତି, ଯେଉଁମାନେ ଅନ୍ୟ ଅଞ୍ଚଳକୁ ସ୍ଥାୟୀ ଭାବେ ଚାଲିଯାଇଛନ୍ତି, ଯେଉଁମାନଙ୍କର ଦୁଇଟି ସ୍ଥାନରେ ନାମ ରହିଛି ଏବଂ ଯେଉଁମାନେ ଭାରତୀୟ ନାଗରିକ ନୁହନ୍ତି, ସେମାନଙ୍କ ନାମକୁ ଏହି ପ୍ରକ୍ରିୟାରେ କାଟି ଦିଆଯିବ । ତେବେ ସଂଶୋଧିତ ତାଲିକାରେ ଯେପରି ଅଧିକରୁ ଅଧିକ ଲୋକଙ୍କୁ ସାମିଲ କରାଯିବ, ସେଥିପାଇଁ ଉଦ୍ୟମ କରାଯିବ । ଏସ୍‌ଆଇଆର।।ରେ ନାମ ପଞ୍ଜୀକରଣ ପାଇଁ କମିସନ ବିହାରରେ ଯେଉଁ ୧୧ଟି ଦସ୍ତାବିଜ ଲୋଡ଼ିଥିଲେ, ସେଥିରେ ଆଧାର ନଥିଲା । ଏହାକୁ ନେଇ ବିବାଦ ଦେଖାଦେବାରୁ ଆଧାରକୁ ଏହି ଦସ୍ତାବିଜ ତାଲିକାରେ ସାମିଲ କରିବାପାଇଁ ସୁପ୍ରିମ କୋର୍ଟ ନିର୍ବାଚନ କମିସନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

### 'ଭୁବନେଶ୍ୱର ନୂଆ ସହର'...

ଏମଓୟୁ ହୋଇଛି । ଏହି ଚୁକ୍ତି ଅନୁଯାୟୀ ଏସଜେଆଇ ନିୟୁ ସିଟି ପାଇଁ ମାଷ୍ଟର ପ୍ଲାନ ତିଆରି ଓ ଭିତ୍ତିଭୂମି ବିକାଶ ପାଇଁ ପରାମର୍ଶ ଦେବ । ପୂରା ପ୍ରକଳ୍ପ ପାଇଁ ବିଡିଏ ଆଗାମୀ ୧୫ ବର୍ଷରେ ୮୧୭୯ କୋଟି ଟଙ୍କା ଖର୍ଚ୍ଚ କରିବାର ଯୋଜନା ରଖିଛି । ପ୍ରଥମ ୫ ବର୍ଷ ଅର୍ଥାତ୍ ୨୦୨୫-୨୬ରୁ ୨୦୨୯-୩୦ ପାଇଁ ରାଜ୍ୟ ବଜେଟରୁ ୧୩୪୨ କୋଟି ଟଙ୍କା ପ୍ରସ୍ତାବ ରଖିଛି ।

ସେହିପରି ଅନ୍ୟ ଏକ ପ୍ରସ୍ତାବ ଅନୁଯାୟୀ ରାଜ୍ୟରେ ବର୍ତ୍ତମାନ ୮୬୦ଟି ଆମ୍ବୁଲାନ୍ସ/ ଜରୁରୀକାଳୀନ ମେଡିକାଲ ଆମ୍ବୁଲାନ୍ସ ସେବା(ଇଏମଏଏସ) ମଧ୍ୟରୁ ୪୨୧ଟି ଆମ୍ବୁଲାନ୍ସ ୫ ବର୍ଷରୁ ଅଧିକ ପୁରୁଣା ହୋଇଥିବା ବେଳେ ୨୫୦୦୦୦ କିମିରୁ ଅଧିକ ଚାଲିସାରିଲାଣି । ଉନ୍ନତମାନର ସେବା ପାଇଁ ଏଗୁଡ଼ିକର ପରିବର୍ତ୍ତନ ଆବଶ୍ୟକ ହୋଇପଡ଼ିଛି । ଏହାବ୍ୟତୀତ କାର୍ଡିଆକ୍ କେୟାର ହସ୍ପିଟାଲ, ଝାରସୁଗୁଡାଠାରେ ୨ଟି ଏଏଲଏସ ଆମ୍ବୁଲାନ୍ସ ଏବଂ ବିମାନବନ୍ଦର ପାଇଁ ୫ଟି ଏଏଲଏସ ଆମ୍ବୁଲାନ୍ସ କ୍ରୟ ନିଷ୍ପତ୍ତିକୁ ରାଜ୍ୟ କ୍ୟାବିନେଟ ଅନୁମୋଦନ ଦେଇଛି । ୪୨୮ଟି ଆମ୍ବୁଲାନ୍ସ ପାଇଁ ୧୧୮.୯୮ କୋଟି ଟଙ୍କାର ଆନୁମାନିକ ବ୍ୟୟ ଅଟକଳ ରଖାଯାଇଛି । ଅନ୍ୟ ଏକ ପ୍ରସ୍ତାବ ଅନୁଯାୟୀ ଗତ ଜୁଲାଇ ୩୧ ତାରିଖ ସୁଦ୍ଧା ମୋଟର ଯାନ ଅଧିନିୟମ ଉଲ୍ଲଂଘନ କ୍ଷେତ୍ରରେ ବକେୟା ଥିବା ନିର୍ଦ୍ଦିଷ୍ଟ ଇ-ଚାଲାଣ ପାଇଁ ରାଜ୍ୟ ସରକାର ଏକକାଳୀନ ସମାଧାନ ଯୋଜନା(ଓଟିଏସ) ଘୋଷଣା କରିଛନ୍ତି । ଏହାର କାର୍ଯ୍ୟକାରିତା ତଦାରଖ ପରିବହନ ବିଭାଗ କରିବ ଏବଂ ସଡ଼କ ସୁରକ୍ଷା ବୃଦ୍ଧି ପାଇଁ ମୋଟର ଯାନ ଅଧିନିୟମର ସମସ୍ତ ପ୍ରାବଧାନକୁ କଡ଼ାକଡ଼ି ଭାବେ କାର୍ଯ୍ୟକାରୀ କରିବ । ବିଭିନ୍ନ କୋର୍ଟକୁ ପଠାଯାଇଥିବା ଚାଲାଣ ଗୁଡ଼ିକର ଫଇସଲା ପାଇଁ ଉପଯୁକ୍ତ ନିଷ୍ପତ୍ତି ନେବା ପାଇଁ ବିଧି ବିଭାଗର ପ୍ରମୁଖ ସଚିବଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରାଯିବାକୁ ନିଷ୍ପତ୍ତି ହୋଇଛି । ଏହି ଏକକାଳୀନ ଯୋଜନା ଅଧିସୂଚନା ଜାରି ହେବା ତାରିଖଠାରୁ ୬ ମାସ ପର୍ଯ୍ୟନ୍ତ ବଳବତ୍ତର ରହିବ । ସେହିପରି ରାଜ୍ୟ କ୍ୟାବିନେଟ ଓଡ଼ିଶା ନିଯୁକ୍ତି ପରୀକ୍ଷା ଫିସ୍ ପ୍ରଦାନ ଏବଂ ଛୁଟ୍ ନିୟମାବଳୀ ୨୦୨୫ର ପ୍ରଣୟନକୁ ମଞ୍ଜୁରୀ ପ୍ରଦାନ କରିଛନ୍ତି । ଯାହାଫଳରେ ନିଯୁକ୍ତି ପ୍ରକ୍ରିୟାରେ ଅଂଶ ଗ୍ରହଣ କରିବା ପାଇଁ ଏସସି, ଏସଟି ଏବଂ ଭିନ୍ନକ୍ଷମ ବର୍ଗ ବ୍ୟତୀତ ଅନ୍ୟ ସମସ୍ତ ଆବେଦନକାରୀଙ୍କଠାରୁ ନିଯୁକ୍ତି ସଂସ୍ଥାଗୁଡ଼ିକ ଦ୍ୱାରା ସ୍ଥିରୀକୃତ ପରୀକ୍ଷା ଫିସ୍ ସଂଗ୍ରହ କରାଯିବ ।

### ୩ ବର୍ଷରେ...

ଯଥେଷ୍ଟ ବୃଦ୍ଧି ପାଇଛି । ଗ୍ରାମାଞ୍ଚଳରେ ବସବାସ କରୁଥିବା ଲୋକଙ୍କ ଖର୍ଚ୍ଚ ବୃଦ୍ଧି ପାଇଥିଲେ ହେଁ ସେମାନେ ଏହାକୁ ଏଡ଼ାଇବାକୁ ବିଳାସପୂର୍ଣ୍ଣ ସାମଗ୍ରୀ ଓ ପ୍ରିମିୟମ ଉତ୍ପାଦଗୁଡ଼ିକରେ କରୁଥିବା ବ୍ୟୟକୁ ହ୍ରାସ କରିବାକୁ ବାଧ ହୋଇଛନ୍ତି । ଯାହାର ନକରାତ୍ମକ ପ୍ରଭାବ ବଜାର ଉପରେ ପଡୁଛି ।

ପାରିବାରିକ ଖର୍ଚ୍ଚ ବୃଦ୍ଧି ଲୋକଙ୍କ ଗ୍ରାହକ ବା ଉପଭୋକ୍ତା ଭାବନାକୁ ଦୁର୍ବଳ କରିଛି । ରିଜର୍ଭବ୍ୟାଙ୍କ ଅଫ୍ ଇଣ୍ଡିଆ ପକ୍ଷରୁ ପ୍ରକାଶିତ ଗ୍ରାହକ ଆତ୍ମବିଶ୍ୱାସ ସୂଚକାଙ୍କ ଗତ ଏକ ବର୍ଷ ମଧ୍ୟରେ ୩%ରୁ ଊର୍ଦ୍ଧ୍ୱ ହ୍ରାସ ପାଇଛି । ୨୦୨୪ ମାର୍ଚ୍ଚରେ ଦେଶରେ ଉପଭୋକ୍ତା ଆତ୍ମବିଶ୍ୱାସ ସୂଚକାଙ୍କ ୯୮.୫% ରହିଥିବାବେଳେ ୨୦୨୫ ମେ ମାସରେ ଏହା ୯୫.୪%କୁ ଖସିଥବା ଦେଖାଯାଇଛି । ଦେଶର ୫୯%ରୁ ଊର୍ଦ୍ଧ୍ୱ ପରିବାର ଆଗାମୀ କେଇମାସ ମଧ୍ୟରେ ସେମାନଙ୍କର ଆର୍ଥିକ ଅବସ୍ଥାରେ ପରିବର୍ତ୍ତନ ହେବ ନାହିଁ ବୋଲି ଆଶଙ୍କା କରୁଛନ୍ତି ଓ ୩୦% ଲୋକ ସେମାନଙ୍କ ପରିବାରର ଆର୍ଥିକ ଅବସ୍ଥା ଭବିଷ୍ୟତରେ ଅଧିକ ଖରାପ ହୋଇପାରେ ବୋଲି ଆଶଙ୍କା ପ୍ରକାଶ କରିଛନ୍ତି ।

ଅପରପକ୍ଷରେ ଦେଶର ଉପଭୋକ୍ତାମାନେ ଏବେ ସେମାନଙ୍କର ଆୟର ପ୍ରମୁଖ ଅଂଶ ଶିକ୍ଷା, ଅତ୍ୟାବଶ୍ୟକୀୟ ସାମଗ୍ରୀ କ୍ରୟ ଓ ଋଣ ପରିଶୋଧ ନିମନ୍ତେ ବ୍ୟୟ କରୁଛନ୍ତି । ସେମାନଙ୍କ ପାଖରେ ସଞ୍ଚୟ ପାଇଁ କମ୍ ଅର୍ଥ ରହୁଛି । ଯଦି ଭବିଷ୍ୟତରେ ଅଧିକ ଆୟ ହୁଏ ତେବେ ୫୪ ପ୍ରତିଶତ ପରିବାର ସଞ୍ଚୟ କରିବାକୁ ଆଗ୍ରହ ପ୍ରକାଶ କରିବେ ବୋଲି ମତ ଦେଇଥିବାବେଳେ ୩୮% ପରିବାର ସେମାନଙ୍କ ଦୈନନ୍ଦିନ ଆବଶ୍ୟକତା ପାଇଁ ଏହାକୁ ଖର୍ଚ୍ଚ କରିବେ ବୋଲି ମତ ଦେଇଛନ୍ତି । ଅନ୍ୟପକ୍ଷରେ ମାତ୍ର ୭% ପରିବାର ଅଧିକ ଆୟକୁ ବିଳାସପୂର୍ଣ୍ଣ ସାମଗ୍ରୀ କ୍ରୟ ନିମନ୍ତେ ବ୍ୟବହାର କରିବେ ବୋଲି ଆଗ୍ରହ ପ୍ରକାଶ କରିଛନ୍ତି ।

ଏପ୍ରସଙ୍ଗରେ ୱାର୍ଲ୍ଡପ୍ୟାନେଲ୍ ବାଏ ନ୍ୟୁମେରେଟରର ଦକ୍ଷିଣ ଏସିଆର ପରିଚାଳନା ନିର୍ଦ୍ଦେଶକ କେ ରାମକ୍ରିଷ୍ଣନ୍ କହିଛନ୍ତି ଯେ ଦେଶର ସହରୀ ଏବଂ ଗ୍ରାମୀଣ ଉଭୟ କ୍ଷେତ୍ରରେ ଖର୍ଚ୍ଚ ବୃଦ୍ଧି ପାଉଥିବାରୁ ଏବଂ ଅଧିକାଂଶ ପରିବାର ଅତ୍ୟାବଶ୍ୟକୀୟ ଜିନିଷ, ସଞ୍ଚୟ ଏବଂ ଋଣ ପରିଶୋଧକୁ ପ୍ରାଥମିକତା ଦେଉଛନ୍ତି । ସେମାନଙ୍କ ପାଇଁ ପରିବାରର ଖର୍ଚ୍ଚ ଭରଣା କରିବା ପ୍ରାଥମିକତା ହୋଇଛି ।

### ପେଟ୍ରୋଲ ଢାଳି...

କୌଣସି କାରଣକୁ ନେଇ ଆଜି ରାତି ପ୍ରାୟ ୯ଟା ବେଳେ ସୂରଜ ମେଣ୍ଟୁ ଛକରେ ପହଞ୍ଚି ନିଜ ସହ ଆଣିଥିବା ପେଟ୍ରୋଲକୁ ଶରୀରରେ ଢାଳିବା ପରେ ନିଆଁ ଲଗାଇ ଦେଇଥିଲେ । ସେ ହୁତୁହୁତୁ ହୋଇ ଜଳୁଥିବା ଦେଖି ଉପସ୍ଥିତ ଲୋକେ ଦୌଡ଼ି ଯାଇ ନିଆଁ ଲିଭାଇଥିଲେ । ତେବେ କ'ଣ ପାଇଁ ସେ ଏପରି ପଦକ୍ଷେପ ନେଲେ ଜଣାପଡ଼ିନାହିଁ । ଅନ୍ୟପକ୍ଷରେ, ଆଜି ସେ ଇନ୍‌ଷ୍ଟାଗ୍ରାମରେ ଦୁଃଖଭରା ଷ୍ଟାଟସ୍ ଦେବା ସହ 'ମୋର କିଛି ହେଲେ କାହାର ଦୋଷ ନାହିଁ' ଲେଖି ପୋଷ୍ଟ କରିଥିବା ଦେଖିବାକୁ ମିଳିଛି । ପ୍ରେମକୁ ନେଇ ଝଗଡ଼ା ପରେ ଏଭଳି ଚରମ ନିଷ୍ପତ୍ତି ନେଇଥିବା ଏଥିରୁ ଅନୁମାନ କରାଯାଉଛି । ପୁଲିସ ଏନେଇ ଅଧିକ ତଦନ୍ତ ଚଳାଇଛି ।

### ସୁଭଦ୍ରାରୁ ୨ ଲକ୍ଷ...

ମଧ୍ୟରୁ ୧୮୦୫ ଜଣ ଜୀବିତ ଥିବା ଜଣାପଡ଼ିଛି । ଅଭିଯୋଗ ପରେ ଏ ବିଷୟରେ ତଦନ୍ତ କରିବାକୁ ସରକାର ଅଣ୍ଟା ଭିଡ଼ିଛନ୍ତି ।

ଉପମୁଖ୍ୟମନ୍ତ୍ରୀ କହିଛନ୍ତି, ସୁଭଦ୍ରା ଯୋଜନାରୁ ବଞ୍ଚିତ ଯୋଗ୍ୟ ହିତାଧିକାରୀଙ୍କ ସମ୍ପର୍କରେ ଘରକୁ ଘର ବୁଲି ଯାଞ୍ଚ କରାଯିବ । ବାଦ୍ ପଡ଼ିଥିବା ହିତାଧିକାରୀମାନଙ୍କ ମଧ୍ୟରୁ ଯେଉଁମାନେ ଯୋଗ୍ୟ ବିବେଚିତ ହେବେ, ସେମାନଙ୍କୁ ବକେୟା ସହ ୩ କିସ୍ତିର 'ସୁଭଦ୍ରା' ଟଙ୍କା ଏକାଥରକେ ମିଳିବ । ଯେଉଁ ଯୋଗ୍ୟ ହିତାଧିକାରୀ ସୁଭଦ୍ରା ଟଙ୍କା ପାଇବାରୁ ବଞ୍ଚିତ ହୋଇଛନ୍ତି, ପୁଣି ଥରେ ତର୍ଜମା କରାଯାଇ ସେମାନଙ୍କୁ ଏହି ଯୋଜନାରେ ଯୋଡ଼ାଯିବ ।

ଉପମୁଖ୍ୟମନ୍ତ୍ରୀ ଶ୍ରୀମତି ପରିଡ଼ା କହିଛନ୍ତି, ମୃତ୍ୟୁ କାରଣରୁ ବଞ୍ଚିତ ହୋଇଥିବା ହିତାଧିକାରୀଙ୍କ ତାଲିକା ଯାଞ୍ଚ କରିବା ପାଇଁ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି । ସେହିପରି ଚାରିଚକିଆ ଯାନ ଥିବା ହିତାଧିକାରୀଙ୍କ ତାଲିକାକୁ ବାଣିଜ୍ୟ ଓ ପରିବହନ ବିଭାଗକୁ ଯାଞ୍ଚ ପାଇଁ ଦାୟିତ୍ୱ ଦିଆଯାଇଥିବା ବେଳେ ଜମି ପାଇଁ ବାଦ୍ ପଡ଼ିଥିବା ହିତାଧିକାରୀଙ୍କ ତାଲିକା ଯାଞ୍ଚ ପାଇଁ କ୍ଷେତ୍ର ଅନୁଧ୍ୟାନ କରାଯିବାକୁ କୁହାଯାଇଛି । ସେହିପରି ବୟସାଧିକ ହିତାଧିକାରୀଙ୍କ ଆଧାରକୁ ପୁନର୍ବାର ଯାଞ୍ଚ କରିବା ପରେ ବାଦ୍ ପଡ଼ିଥିବା ଯୋଗ୍ୟ ମହିଳାଙ୍କୁ ସୁଭଦ୍ରାରେ ସାମିଲ କରାଯିବ । ଅଧିକାରୀମାନେ ଆଗାମୀ ୧୫ ଦିନ ଭିତରେ ଫିଲ୍ଡ ଭିଜିଟ କରି ତଦନ୍ତ ରିପୋର୍ଟ ଦେବେ । ଏଥିପାଇଁ ଦୁଇ ଦିନ ଭିତରେ ଅଭିଯୋଗ ପୋର୍ଟାଲ ଖୋଲିବ । ବାଦ ପଡ଼ିଥିବା ହିତାଧିକାରୀମାନେ ପୋର୍ଟାଲରେ ଅଭିଯୋଗ କରି ଆଉ ଥରେ ସାମିଲ ପାଇଁ ଆବେଦନ କରି ପାରିବେ । ତେବେ ସୁଭଦ୍ରା ଅଭିଯୋଗ ସମାଧାନ ମଡ୍ୟୁଲ୍‌କୁ ଯଥାଶୀଘ୍ର କାର୍ଯ୍ୟକାରୀ କରିବା ପାଇଁ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା ନିର୍ଦ୍ଦେଶ ଦେଇଛନ୍ତି ।

### ରକ୍ତ ଭଣ୍ଡାରରେ ଚିହ୍ନଟ...

ମାମଲାଗୁଡ଼ିକର ଏକତ୍ର ଶୁଣାଣି ପାଇଁ ନିବେଦନ କରାଯାଇଛି । ୨୦୨୩ରେ ଏ ସମ୍ପର୍କିତ ଜନସ୍ୱାର୍ଥ ମାମଲାର ଶୁଣାଣି କରି ସମସ୍ତ ରକ୍ତଭଣ୍ଡାରରେ ଏନ୍‌ଏଟି-ପିସିଆର ପରୀକ୍ଷା ସୁବିଧା ଉପଲବ୍ଧ କରିବା ପାଇଁ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ । ରାଜ୍ୟର ୧୧ଟି ରକ୍ତଭଣ୍ଡାରରେ ଏହି ସୁବିଧା ରହିଛି । ଏବଂ ୨୦୨୫ ମାର୍ଚ୍ଚ ଶେଷ ସୁଦ୍ଧା ଅବଶିଷ୍ଟ ୪୫ଟି କେନ୍ଦ୍ରରେ ଏହି ପରୀକ୍ଷା ଉପଲବ୍ଧ ହେବ ବୋଲି ସରକାର ଜବାବ ରଖିଥିଲେ । ମାମଲାର ପରବର୍ତ୍ତୀ ଶୁଣାଣି ଆସନ୍ତା ୧୫କୁ ଧାର୍ଯ୍ୟ କରାଯାଇଛି । ଆବେଦନକାରୀଙ୍କ ତରଫରୁ ଆଇନଜୀବୀ ସତ୍ୟସୁନ୍ଦର କାନୁନଗୋ ମାମଲା ପରିଚାଳନା କରୁଛନ୍ତି ।

## ହେଲମେଟ୍ ନ ପିନ୍ଧି ବର୍ଷକରେ ମଲେଣି ୧୬୯୬

କଟକ, ୧୦।୯(ସମିସ): ସଡ଼କ ଦୁର୍ଘଟଣା ଏବେ ସମସ୍ତଙ୍କ ପାଇଁ ଚିନ୍ତାର କାରଣ ହୋଇଥିବା ବେଳେ ଗାଡି ଚାଳକ ଓ ପଛରେ ବସୁଥିବା ଯାତ୍ରୀମାନଙ୍କ ମଧ୍ୟରେ ସଚେତନତା ଅଭାବ ଏହି ଚିନ୍ତାକୁ ଦ୍ୱିଗୁଣିତ କରିଦେଉଛି । ଦୁଇଚକିଆ ଗାଡ଼ିର ଚାଳକ ଓ ପଛରେ ବସୁଥିବା ବ୍ୟକ୍ତି ହେଲମେଟ ପିନ୍ଧିବା ବାଧ୍ୟତାମୂଳକ । ହେଲେ ଏହି ନିୟମ ଉଲ୍ଲଂଘନ ପାଇଁ ସଡ଼କ ଦୁର୍ଘଟଣାରେ ଅକାଳରେ ଅନେକ ଜୀବନ ଚାଲିଯାଉଛି । ବିଶେଷକରି ହେଲମେଟ୍ ପିନ୍ଧି ନଥିବା କାରଣରୁ ଗତ ୨୦୨୪ରେ ମୋଟ ୧୬୯୬ଜଣଙ୍କ ପ୍ରାଣହାନୀ ଘଟିଛି । ୨୦୨୪ରେ ରାଜ୍ୟରେ ହୋଇଥିବା ସମୁଦାୟ ସଡ଼କ ଦୁର୍ଘଟଣା ଓ ତଦଜନିତ ମୃତ୍ୟୁସଂଖ୍ୟା ବିଶ୍ଳେଷଣରୁ ରାଜ୍ୟ ପରିବହନ ପ୍ରାଧିକରଣ ଏଭଳି କିଛି ତଥ୍ୟ ସାମ୍ନାକୁ ଆଣିଛି ।

ହେଲମେଟ୍ ପିନ୍ଧିବାରେ ଅବହେଳା କରିବା କେତେ ମହଙ୍ଗା ସାବ୍ୟସ୍ତ ହେଉଛି, ତାହା ଗତ ବର୍ଷର ଦୁର୍ଘଟଣା ତଥ୍ୟରୁ ସାମ୍ନାକୁ ଆସିଛି । ସଡ଼କ ଦୁର୍ଘଟଣାଜନିତ ମୃତ୍ୟୁର କାରଣ ଅନୁଧ୍ୟାନରୁ ଜଣାପଡ଼ିଛି, ଦୁଇ ଚକିଆ ଦୁର୍ଘଟଣାଜନିତ ମୃତ୍ୟୁସଂଖ୍ୟା ବୃଦ୍ଧି ପାଉଛି ।

ସବୁଠୁ ବଡ଼ କଥା ହେଉଛି, ଯଦି ଗତବର୍ଷର ତଥ୍ୟ ଦେଖିବା ତେବେ କେବଳ ଯଦି ହେଲମେଟ୍ ପିନ୍ଧିଥାନ୍ତେ, ତେବେ ଦୁର୍ଘଟଣା ସତ୍ତ୍ୱେ ବର୍ଷକରେ ୧୬୯୬ଜଣଙ୍କ ଜୀବନ ରକ୍ଷା ପାଇଯାଇଥାନ୍ତା । ୨୦୨୪ରେ ରାଜ୍ୟରେ ଦୁଇଚକିଆଯାନସଂପୃକ୍ତଥାଇ ୫୪୯୦ଦୁର୍ଘଟଣାଘଟିଥିବା ବେଳେ ୩୦୧୭ଜଣଙ୍କ ଜୀବନହାନି ଘଟିଛି । ମୃତକଙ୍କ ଭିତରୁ ହେଲମେଟ୍ ପିନ୍ଧି ନ ଥିବାରୁ ୧୬୯୬ଜଣଙ୍କ ମୃତ୍ୟୁ ଘଟିଥିବା ଜଣାପଡ଼ିଛି । ସେହିଭଳି ଯଦି ବିଗତ ତିନିବର୍ଷର ତଥ୍ୟ ଦେଖିବା ଆମ ରାଜ୍ୟରେ ସଡ଼କ ଦୁର୍ଘଟଣା ମୃତକଙ୍କ ମଧ୍ୟରୁ କେବଳ ଯଦି ହେଲମେଟ୍ ପିନ୍ଧିଥାନ୍ତେ ତେବେ ୫୧୬୦ଜଣଙ୍କ ଜୀବନ ରକ୍ଷା ପାଇଯାଇଥାନ୍ତା । ୨୦୨୪ରେ ଦୁଇ ଚକିଆ ଗାଡି ଯାତାୟତ ବେଳେ ୭୮୯୦୧୫ଟି ହେଲମେଟ୍ ନିୟମ ଉଲ୍ଲଙ୍ଘନ ଚିହ୍ନଟ କରାଯାଇଛି । ନିୟମ ଉଲ୍ଲଙ୍ଘନକାରୀଙ୍କ ବିରୋଧରେ ମୋଟର ଯାନ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇଛି । ଅନେକ ସମୟରେ ଏନଫୋର୍ସମେଣ୍ଟ ଅଧିକାରୀଙ୍କ ଦ୍ୱାରା ନିୟମ ଉଲ୍ଲଙ୍ଘନକାରୀଙ୍କୁ ସେମାନଙ୍କ ମାନସିକତା ପରିବର୍ତ୍ତନ କରିବାକୁ କାଉନସେଲିଂ କରାଯାଇଛି । କିନ୍ତୁ ଦୁର୍ଭାଗ୍ୟର ବିଷୟ ହେଉଛି, ଅନେକ ଗାଡ଼ି ଚାଳକ ସଡ଼କ ସୁରକ୍ଷା ନିୟମ ସଂପର୍କରେ ଅବଗତ ଥିଲେ ମଧ୍ୟ ଏହାକୁ ପାଳନରେ ଅବହେଳା ପ୍ରଦର୍ଶନ କରୁଛନ୍ତି । ଫଳରେ ଅକାଳରେ ଅନେକ ଜୀବନ ଝରିପଡୁଛି । ହେଲମେଟର ମୂଲ୍ୟ ଓ ହେଲମେଟର ବୋଝ ଆମ ଜୀବନ ତୁଳନାରେ କିଛି ବି ନୁହେଁ । ତଥାପି ଅନେକ ଲୋକ ଏହା ଜାଣି ବି ଏହାର ବ୍ୟବହାର କରିବାରେ ଅବହେଳା ଦେଖାଇବା ଦୃଷ୍ଟିକୁ ଆସୁଛି । ତେଣୁ ଆଗକୁ ହେଲମେଟ୍ ବ୍ୟବହାର ଉପରେ ଅଧିକରୁ ଅଧିକ ସଚେତନତା ସୃଷ୍ଟି ଏବଂ ଏନ୍‌ଫୋର୍ସମେଣ୍ଟ ବୃଦ୍ଧି ଉପରେ ବାଣିଜ୍ୟ ଓ ପରିବହନ ବିଭାଗ ନିଷ୍ପତ୍ତି ନେଇଛି ।

## ଭିଜିଲାନ୍ସ ଜାଲରେ କିରାଣି

ଚମ୍ପୁଆ, ୧୦।୯(ସମିସ): ଭିଜିଲାନ୍ସ ଜାଲରେ କେନ୍ଦୁଝର ଜିଲ୍ଲା ଚମ୍ପୁଆସ୍ଥିତ ନିକୋଲସନ୍ ବନ ବିଦ୍ୟାଳୟର କନିଷ୍ଠ କିରାଣି ରୂପଚାନ୍ଦ ନାଏକ । ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କ ପେନସନ୍ ଆବେଦନ କରିବା ପାଇଁ ୩୦ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ଧରିଛନ୍ତି ।

ସୂଚନାନୁସାରେ, ସ୍କୁଲରେ କାର୍ଯ୍ୟରତ ଜଣେ ଚତୁର୍ଥ ଶ୍ରେଣୀ କର୍ମଚାରୀ ୨୦୨୪ରୁ ଚାକିରିରୁ ସ୍ୱେଚ୍ଛାକୃତ ଅବସର ନେଇଥିଲେ । ତାଙ୍କର ପେନସନ୍ ପାଇବା ପାଇଁ ଏଚ୍‌ଆର୍‌ଏମ୍‌ଏସ୍‌ରେ ସର୍ଭିସ୍ ବହି ଏବଂ ଅନ୍ୟାନ୍ୟ କାଗଜପତ୍ର ଅପଲୋଡ୍ କରିବା ପାଇଁ ୩୦ହଜାର ଟଙ୍କା ଲାଞ୍ଚ ମାଗିଥିଲେ ଶ୍ରୀ ନାଏକ । ଏ ସଂପର୍କରେ ସେ କେନ୍ଦୁଝର ଭିଜିଲାନ୍ସର ଦ୍ୱାରସ୍ଥ ହେବା ପରେ ତାଙ୍କୁ ଧରିବା ପାଇଁ ଜାଲ ବିଛାଯାଇଥିଲା । ପୂର୍ବ ଯୋଜନା ମୁତାବକ, ଆଜି କିରାଣି ଶ୍ରୀ ନାଏକ ତାଙ୍କ କାର୍ଯ୍ୟାଳୟରେ ୩୦ ହଜାର ଟଙ୍କା ଲାଞ୍ଚ ନେଉଥିବା ବେଳେ ସେଠାରେ ପୂର୍ବରୁ ଛକି ରହିଥିବା ଭିଜିଲାନ୍ସ ଅଧିକାରୀମାନେ ତାଙ୍କୁ ମାଡ଼ି ବସିଥିଲେ । ପରେ ଆୟ ବହିର୍ଭୂତ ସଂପତ୍ତି ଠୁଳ ସନ୍ଦେହରେ ଭିଜିଲାନ୍ସ ପକ୍ଷରୁ ଏକକାଳୀନ ଭାବେ ତାଙ୍କ କାର୍ଯ୍ୟାଳୟ ଓ ସରକାରୀ ବାସଭବନରେ ଚଢ଼ଉ କରାଯାଇଥିଲା ।

କିରାଣି ଶ୍ରୀ ନାଏକ ଏହି ଫରେଷ୍ଟ ଟ୍ରେନିଂ ସ୍କୁଲରେ ୨୦୦୪ରୁ କାର୍ଯ୍ୟ କରି ଆସୁଛନ୍ତି । ଚଢ଼ଉ ଦଳରେ କେନ୍ଦୁଝର ଭିଜିଲାନ୍ସ ଡିଏସ୍‌ପି ସୁଧାଂଶୁ ଶେଖର ପୂଜାରୀ, ଇନସପେକ୍ଟର୍ ଉଳପି ବେହେରା, ସବଇନ୍ସପେକ୍ଟର୍ ସୁଶାନ୍ତ କୁମାର ସେଠୀ, ଷ୍ଟେନୋ ଧ୍ରୁବେନ୍ଦ୍ର କୁମାର ପାତ୍ର, କନେଷ୍ଟବଳ ସର୍ବେଶ୍ୱର ସାହୁ, ମଳୟ କୁମାର ବାରିକ ଏବଂ ବାଲେଶ୍ୱର ଭିଜିଲାନ୍ସ ଡିଭିଜନର କର୍ମଚାରୀମାନେ ସାମିଲ ଥିଲେ । ଏନେଇ ଭିଜିଲାନ୍ସ ନମ୍ବର ୯/୨୫ରେ ଏକ ମାମଲା ରୁଜୁ କରି ତାଙ୍କୁ କୋର୍ଟଚାଲାଣ କରିଥିବା ଡିଏସ୍‌ପି ଶ୍ରୀ ପୂଜାରୀ ସୂଚନା ଦେଇଛନ୍ତି ।

## ୬୨୮ ଫୁଟ୍ ଡେଇଁଲା ହୀରାକୁଦ ଜଳସ୍ତର

ସମ୍ବଲପୁର, ୧୦।୯ (ସମିସ): ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୮ ଫୁଟ୍ ଟପିଛି । ନଦୀବନ୍ଧର କର୍ଭରୁଲ୍ ଅନୁଯାୟୀ ଜଳସ୍ତର ରହିଥିବା ନଦୀବନ୍ଧ ସୂତ୍ରରୁ କୁହାଯାଇଛି । ଆଜି ଅପରାହ୍ଣ ୩ଟା ସୁଦ୍ଧା ଜଳଭଣ୍ଡାରର ଜଳସ୍ତର ୬୨୮.୨୫ଫୁଟ୍ ରହିଥିଲା । ନଦୀବନ୍ଧର ବାମ ପାର୍ଶ୍ୱର ଗୋଟିଏ ସ୍ଲୁଇସ୍ ଗେଟ୍ ଖୋଲାଯାଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି । ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୯୦,୩୯୫ ଘନଫୁଟ୍ ଜଳ ପ୍ରବେଶ କରୁଥିବା ବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୫୨,୨୭୬ ଘନଫୁଟ ଜଳ ନିଷ୍କାସିତ ହେଉଛି । ସ୍ପିଲୱେ ଦେଇ ୧୬,୩୦୫ ଘନଫୁଟ ଜଳ ପ୍ରବାହିତ ହେଉଥିବା ବେଳେ ପାୱାର ଚ୍ୟାନେଲ ଦେଇ ୩୧,୫୬୯ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ପାଇଁ ୪,୧୫୯ ଘନଫୁଟ ଜଳ ନିଷ୍କାସିତ ହେଉଛି । ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୦.୮୯ମିମି ବର୍ଷା ହୋଇଥିବା ବେଳେ ତଳମୁଣ୍ଡରେ ୦.୦୧ ମିମି ବର୍ଷା ହୋଇଥିବା ସୂଚନା ମିଳିଛି । ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୪.୨୫ ଫୁଟ୍ ରହିଥିଲା ।

### ଛାତ୍ରୀଙ୍କୁ ଦୁଷ୍କର୍ମ ଓ ଅଶ୍ଳୀଳ ଭିଡିଓ ଭାଇରାଲ

## ଅଧ୍ୟାପକଙ୍କୁ ୨୦ ବର୍ଷ ଜେଲ୍

ବାରିପଦା, ୧୦।୯(ସମିସ): ମୟୂରଭଞ୍ଜ ଆଡହକ୍ ଅତିରିକ୍ତ ଜିଲ୍ଲା ଓ ଦୌରାଜଜ୍ ତଥା ସ୍ୱତନ୍ତ୍ର ଫାଷ୍ଟଟ୍ରାକ୍ ପୋକ୍‌ସୋ କୋର୍ଟରେ ଜଣେ କଲେଜ ଛାତ୍ରୀଙ୍କୁ ଦୁଷ୍କର୍ମ ଓ ଅଶ୍ଳୀଳ ଭିଡିଓ ଭାଇରାଲ ମାମଲାର ରାୟ ପ୍ରକାଶ ପାଇଛି । ବିଚାରପତି ସନ୍ତୋଷ କୁମାର ନାୟକ ମାମଲାର ବିଚାର କରି ଅଭିଯୁକ୍ତ ଅଧ୍ୟାପକ ମାନସ ରଞ୍ଜନ ବାରିକଙ୍କୁ ଦୋଷୀ ସାବ୍ୟସ୍ତ କରି ୨୦ ବର୍ଷ ଜେଲ୍ ଓ ୨ଲକ୍ଷ ୧୦ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି । ଜରିମାନା ଅନାଦେୟ ହେଲେ ଅଧିକ ୨ ବର୍ଷ ୬ ମାସ ଜେଲ୍‌ଦଣ୍ଡ ଭୋଗିବାକୁ ରାୟରେ ଉଲ୍ଲେଖ ରହିଛି । ମାନସଙ୍କ ଘର ରାସଗୋବିନ୍ଦପୁର ଥାନା ଅନ୍ତର୍ଗତ ବୁଢ଼ୀମୁହାଁଣ ଅମର୍ଦ୍ଦା ଗ୍ରାମରେ । ସେ ଉଦଳାସ୍ଥିତ ସାଇସାଧନା ଯୁକ୍ତଦୁଇ ମହାବିଦ୍ୟାଳୟରେ ଅଧ୍ୟାପକ ଭାବେ କାର୍ଯ୍ୟରତ ଥିଲେ । ଅପରପକ୍ଷେ, ପୀଡ଼ିତାଙ୍କୁ ୧ଲକ୍ଷ ଟଙ୍କାର ସହାୟତା ରାଶି ଦେବାକୁ ଜିଲ୍ଲା ଆଇନ ସେବା ପ୍ରାଧିକରଣକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି ।

ସୂଚନାନୁଯାୟୀ, କଲେଜରେ ପାଠ ପଢ଼ାଇବା ବେଳେ ମାନସ ଜଣେ ନାବାଳିକା ଛାତ୍ରୀଙ୍କୁ ପ୍ରେମ ଜାଲରେ ଫସାଇଥିଲେ । ବିଭିନ୍ନ ସମୟରେ ସେ ନାବାଳିକାଙ୍କ ସହ ଶାରୀରିକ ସମ୍ପର୍କ ରଖିବା ସହ ତାଙ୍କ ଅଗୋଚରରେ ଉକ୍ତ ସମୟର ଭିଡିଓ ଏବଂ ଫଟୋ ଉତ୍ତୋଳନ କରି ରଖିଥିଲେ । ତେବେ ନାବାଳିକାଜଣଙ୍କ ତାଙ୍କ ସହ ସଂପର୍କ ଭାଙ୍ଗିଦେବାରୁ ପରବର୍ତ୍ତୀ ସମୟରେ ମାନସ ସମସ୍ତ ଅଶ୍ଳୀଳ ଭିଡିଓ ଓ ଫଟୋକୁ ଭାଇରାଲ କରିଦେଇଥିଲେ । ଏ ବାବଦରେ ପୀଡ଼ିତାଙ୍କ ପରିବାରଲୋକେ ବାରିପଦା ଟାଉନ୍ ଥାନାରେ ଅଭିଯୋଗ କରିଥିଲେ । ଅଭିଯୋଗ ଆଧାରରେ ପୁଲିସ ଏକ ମାମଲା ରୁଜୁ କରି ପୀଡିତାଙ୍କ ବୟାନ ରେକର୍ଡ କରିଥିଲେ । ପରେ ପୁଲିସ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା ।


**NOTICE (for Minor)**

By virtue of an affidavit sworn before Executive Magistrate, Bhubaneswar Dated. 04.09.2025 I Bichitrananda Dalai Address At- Soti, Po- Hatsahi, Ps. Panikoili, Dist- Jajpur, Odisha, pin-755043, declare that i have changed the name of my daughter from Jaeyinaseni Dalai to Jagyanseni Dalai. Henceforth, she shall be known as Jagyanseni Dalai for all purpose.

Bichitrananda Dalai

**NOTICE**

By virtue of an affidavit sworn before the Executive Magistrate, Talcher, Dist.-Angul, dated 09th day of September 2025 I, Dipak Debta, At- Ghantapada, Podachalgarh, Po- Ghantapada, Ps – Colliery, Dist.- Angul, Odisha - 759103 declare that I have change my minor son name from ABHINAM DEBATA to ABHINAM DEBTA. Henceforth, my minor son shall be known as ABHINAM DEBTA for all purpose.

Sd/- Dipak Debta

**NOTICE**

By virtue of an affidavit sworn before Executive Magistrate, Birmaharajpur, dated 06/09/2025, I Prashanna Kumar Padhan, At- Kanpur, Po/Ps- Birmaharajpur, Dist- Subarnapur, Pin-767018 declare that I have changed my name from Prasanna Kumar Padhan to Prashanna Kumar Padhan. Henceforth, I shall be known as Prashanna Kumar Padhan for all purposes.

Prashanna Kumar Padhan

**AFFIDAVIT**

I Susanta Kumar Sahu, aged about 47 years, S/o- Gandharba Sahoo, resident of Shyampur, Near Sum Hospital, PO- Ghatikia, Ps- Bharatpur, Bhubaneswar, Dist- Khordha, PIN- 751029 declare that by this affidavit Sl No. 1838, dtd. 09/09/2025 that now onwards I shall be known as **SUSANTA KUMAR SAHOO** for all future purposes.

**AFFIDAVIT**

By virtue of an affidavit in the court of the Executive Magistrate, Nabarangpur vide Sl.No.985, dtd. 08.09.2025,I, Sanu Mali, have changed my minor daughter's name from Debaki Mali to Chandrika Mali. Henceforth She will be known as Chandrika Mali for all purposes.

Sd/- Sanu Mali

**NOTICE**

By virtue of an affidavit sworn before Executive Magistrate, Udala, Mayurbhanj No-4844, dated 09.09.2025 I, Suryakanta Nayak, Address At- Nandursahi, Po-Sarbanaghaty, Ps- Kaptipada, Dist- Mayurbhanj, Odisha-757077 declare that I have changed my name from Sruyakanta Nayak to Suryakanta Nayak. Henceforth, I will be known as **Suryakanta Nayak** for all purposes.

**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.ETCECONIIIBBS2025 033, ତା.21.08.2025ରିଖର

**ଶୁଦ୍ଧିପତ୍ର ସଂ. 01**

ଉପରୋକ୍ତ ଟେଣ୍ଡରର ବିଜ୍ଞପ୍ତିରେ ନିମ୍ନଲିଖିତ ସଂଶୋଧନ କରାଯାଇଛି, ଯାହାକୁ ଦୟାକରି ଧ୍ୟାନ ଦେବା ଆବଶ୍ୟକ ।

**ବିଷୟ :** କାର୍ଯ୍ୟ ଶେଷ ହେବା ଅବଧି :

| ପ୍ରକାଶିତ ଅନୁଯାୟୀ | ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ |
|---|---|
| 18 (ଅଠର) ମାସ | 24 (ଚବିଶି) ମାସ |

ବିସ୍ତୃତ ବିବରଣୀ ନିମନ୍ତେ ଇଚ୍ଛୁକ ଟେଣ୍ଡରଦାତାଙ୍କୁ ପରାମର୍ଶ ଦିଆଯାଉଛି ଯେ, ଦୟାକରି ୱେବସାଇଟ୍ : www.ireps.gov.in ଅବଲୋକନ କରନ୍ତୁ ।

ମୁଖ୍ୟ ପ୍ରଶାସନିକ ଅଧିକାରୀ (ନିର୍ମାଣ)/ ଭୁବନେଶ୍ୱର

PR-102/CI/25-26

**AFFIDAVIT**

I Arpita Sahu, aged about 45 years, W/o- Susanta Kumar Sahoo, resident of Shyampur, Near Sum Hospital, PO- Ghatikia, Ps-Bharatpur, Bhubaneswar, Dist- Khordha, PIN- 751029 declare that by this affidavit Sl No. 1839, dtd. 09/09/2025 that now onwards I shall be known as **ARPITA SAHOO** for all future purposes.

**AFFIDAVIT**

I, **Jayanta Kumar Giri,** aged about 49 years, son of Pratap Chandra Giri, resident of at Plot No.: 371/4086, Nandighosh Nagar, Sisupal, P.O.: Sisupalgarh, P.S.: Dhauli, Bhubaneswar-751002, Dist.: Khordha, Odisha, declare that I have changed the name of my daughter from **Sadhanamani Padmagiri** (old name to **Sadhana Manipadma Giri** (new name). Henceforth, she shall be known as **Sadhana Manipadma Giri** (new name) for all purposes.

**NOTICE**

By virtue of an affidavit sworn before the Executive Magistrate, Bhubaneswar, CF No. 47, on dated 09/09/2025, I **MANASI BEHERA**, W/o Kalandi Behera resident of Village At- Bilipada, Po- Binayakpur, Ps - Pipili, Dist- Puri, State- Odisha, Pin- 752104 declare that I have changed my name from **MANASI BHOI** to **MANASI BEHERA.** Henceforth, I shall be known as **MANASI BEHERA** for all future purposes.

(Sd- **MANASI BEHERA**)

| GOVERNMENT OF ODISHA A-604 | | |
|---|---|---|
| DEPARTMENT OF WATER RESOURCES | | |
| 'e' Procurement Notice No 03 (BGR) / 2025-26 | | |
| 1 | Name of work | Construction of Check Dam & Repair and Renovation of M.I.Ps |
| 2 | Total No. of work | 26 (Twenty-Six) |
| 3 | Estimated cost | Rs.12.58 Lakhs to 99.96 Lakhs |
| 4 | Period of completion | (05) Five calendar months |
| 5 | Date & time of availability of Bid Document in the portal | 10.00 hours of 12.09.2025 to 17.00 hours 21.09.2025 |
| 6 | Last date/ Time for receipt of Bids in the Portal | 21.09.2025 up to 17.00 hours |
| 7 | Date and place of opening of Technical Bid | Dt. 22.09.2025 at 10.00 Hours in the office of the Superintending Engineer, Minor Irrigation Division, Balangir |
| 8 | Date and place of opening of Financial Bid | 24.09.2025 |
| 9 | Date of lottery scheduled to be held (If required) | 26.09.2025 |
| 10 | Name and address of the O.I.T (Officer Inviting Tender) | Superintending Engineer, Minor Irrigation Division, Balangir. |

Further details can be seen from the e-Procurement Portal "https://tendersodisha.gov.in"

Superintending Engineer, Minor Irrigation Division, Balangir.

OIPR-32550/11/0007/2526

**AFFIDAVIT**

By virtue of an affidavit No-1489, sworn before the Executive magistrate, Gondia, Dhenkanal on dtd- 08/09/2025, I **Ambuja Dehuri,** S/o- Ratanakar Dehuri, resident of At-Balipasi, Po/Ps- Nihalprasad, Dist- Dhenkanal, Pin-759016. My Aadhar Card bearing No: 3293 5768 8989, My LIC Policy Bond vide No: 585273373 & my SBI Account Passbook vide A/C No: 35711518947. I have changed my name from **Kalandi Dehury** (old name) to **Ambuja Dehuri** (new name). Henceforth both the names Kalandi Dehury and Ambuja Dehuri is one & same person & I will be known as **Ambuja Dehuri** (new name) for all future purposes.

**Ambuja Dehuri**

**AFFIDAVIT**

By the virtue of an affidavit sworn before Notary Public Daringibadi, Dated 21.08.2025. I JAMINRAJ NAYAK , S/o. AJAYA Nayak, Address Jhimabadi, Po: Partamaha, Ps: Daringibadi, Dist : Kandhamal, State: Odisha-762104 declare that I have chaged my Name from Jaminraj Digal to JAMINRAJ NAYAK son of Ajaya Pradhan to AJAYA NAYAK. Henceforth, I shall be known as JAMINRAJ NAYAK son of AJAYA NAYAK for all purposes.

**AFFIDAVIT**

I, Bijay Kumar Sahu, S/o- Prahallad Chandra Sahoo, Resident of Village- Kundibag, PO- Bhadrak By-Pass, PS- Sabarang, Dist-Bhadrak, Pin -756181, Odisha, declare by this affidavit No -.8365, dated - 09.09.2025, that now onwards I shall be known as **BIJAY KUMAR SAHOO** for all future purposes.

**AFFIDAVIT**

I, Minarani Sahu, W/o- Bijay Kumar Sahoo, Resident of Village- Kundibag, PO - Bhadrak By- Pass, PS - Sabarang, Dist-Bhadrak, Pin - 756181, Odisha, declare by this affidavit No - 8369, dated - 0 9.09.2025, that now onwards I shall be known as **MEENARANI SAHOO** for all future purposes.

**AFFIDAVIT**

I, Prahallad Chandra Sahu, S/o Late Karunakar Sahoo, Resident of Village- Kundibag, PO-Bhadrak By-Pass, PS-Sabarang, Dist-Bhadrak, Pin - 756181, Odisha, declare by this affidavit No -932, dated - 09.09.2025, that now onwards I shall be known as **PRAHALLAD CHANDRA SAHOO** for all future purposes.

## ରଣପୁରରେ ୧୫ କୋଟି ଟଙ୍କାର ଜମି କେଳେଙ୍କାରୀ

# କାର୍ଯ୍ୟାନୁଷ୍ଠାନ ବଦଳରେ ଥଇଥାନ

- କାହା ଆଶୀର୍ବାଦରେ ହୋଇଛି କେଳେଙ୍କାରୀ
- ପ୍ରଚ୍ଛଦ ପଟରେ ରହିଥିବା ନେତା କିଏ

ନୟାଗଡ଼,୧୦।୯ (ସମିସ)

ନୟାଗଡ଼ ଜିଲ୍ଲା ରଣପୁର ତହସିଲରେ ୧୫ କୋଟି ମୂଲ୍ୟର ସରକାରୀ ଜମିକୁ କିଛି ମାଫିଆଙ୍କ ହାତକୁ ଟେକି ଦେଇଛନ୍ତି ତହସିଲ କର୍ମଚାରୀ। ରଣପୁର ତହସିଲଦାର ଆର୍ଯ୍ୟକୁମାର ଦମନ ଛୁଟିରେ ଥିବା ବେଳେ ଅତିରିକ୍ତ ତହସିଲଦାର କୃଷ୍ଣଚନ୍ଦ୍ର ନାୟକ, ବରିଷ୍ଠ ରାଜସ୍ୱ ନୀରିକ୍ଷକ ପ୍ରଭୁଦତ୍ତ ଡେଙ୍ଗା ଓ ଅମିନ ପ୍ରଭାସ ରଞ୍ଜନ ସାହୁ ଏଭଳି କାରସାଦି କରିଥିବା ଖୋଦ୍ ତହସିଲଦାର ଉପଜିଲ୍ଲାପାଳଙ୍କୁ ଚିଠିରେ ଜଣାଇଛନ୍ତି। ଗତ ୨ ତାରିଖରେ ତହସିଲଦାର ଶ୍ରୀ ଦମନ ଏହି କର୍ମଚାରୀଙ୍କ ବିରୁଦ୍ଧରେ ବିଭାଗୀୟ ପ୍ରୋସିଡିଂ କରିବାକୁ ଚିଠି ଲେଖିଥିଲେ। ଉକ୍ତ ଘଟଣାର ତଦନ୍ତ ଚାଲିଥିବା ବେଳେ ଅତିରିକ୍ତ ତହସିଲଦାରଙ୍କୁ ଥାଇଥାନ କରାଯିବାକୁ ନେଇ ପ୍ରଶ୍ନ ଉଠିଛି। ଅତିରିକ୍ତ ତହସିଲଦାର କୃଷ୍ଣଚନ୍ଦ୍ର ନାୟକଙ୍କୁ ଗତକାଲି ନୟାଗଡ଼ ପର୍ଯ୍ୟଟନ ଅଧିକାରୀ ଭାବେ ନିଯୁକ୍ତି ଦିଆଯାଇଛି। ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ନିର୍ଦ୍ଦେଶ ଅନୁସାରେ, ସେ ପର୍ଯ୍ୟଟନ ଅଧିକାରୀ ଭାବେ କାର୍ଯ୍ୟ କରିବେ ବୋଲି ଜଣାପଡ଼ିଛି। ଏହାକୁ ନେଇ ରଣପୁର ଅଞ୍ଚଳରେ ଚାପା ଗୁଞ୍ଜରଣ ସୃଷ୍ଟି ହୋଇଛି। କାହା ଇଙ୍ଗିତରେ ଜମି କେଳେଙ୍କାରୀ ହୋଇଥିଲା ଏବଂ କିଏ ସରକାରୀ ଅଧିକାରୀଙ୍କୁ ସୁରକ୍ଷା ଦେଉଛି ବୋଲି ପ୍ରଶ୍ନ ଉଠିଛି। ଏହା ପଛରେ କିଛି ରାଜନୈତିକ ବ୍ୟକ୍ତିଙ୍କ ପ୍ରଚ୍ଛନ୍ନ ହାତ ରହିଥିବା ଆଲୋଚନା ହେଉଛି। ଦୀର୍ଘଦିନ ତଳୁ ଖାରଜ ହୋଇଥିବା ମାମଲାକୁ ମ୍ୟୁଟେସନ୍ କରି ଜମି ହଡ଼ପ ପଛରେ ଜୈନିକ ନେତ୍ରୀଙ୍କ ଭୂମିକା ସନ୍ଦେହ ଘେରକୁ ଆସିଛି।

ମିଳିଥିବା ସୂଚନା ମୁତାବକ, ରଣପୁର ରାଜା ବ୍ରଜେନ୍ଦ୍ର ଚନ୍ଦ୍ରଙ୍କ ନାଁରେ ପ୍ରାୟ ୧୯୫୨ ମସିହାରେ ୧୨୦ ଏକର ସମ୍ପତ୍ତି ରହିଥିଲା। ଏହା ଭିତରେ ଖାତା ନମ୍ବର- ୯୯୯ରେ ଏକାଧିକ ପୁଷ୍କରଣୀ ଓ ପଡ଼ିଆ ରହିଥିଲା। ପରେ ଧୀରେ ଧୀରେ ନିୟମ ବଦଳିଲା। ଜଣେ ରାଜା କେତେ ଜମି ରଖିପାରିବେ, ଏହା ସରକାର ସ୍ଥିର କରିଥିଲେ। ଏଣୁ ରାଜାଙ୍କ ଅଧୀନରେ ଥିବା ତିନୋଟି ପ୍ଲଟର ଜମିକୁ ମିଶାଇ ୧.୯୫ ଏକର ଜମି ସରକାରଙ୍କ ଅଧୀନକୁ ଆସି ଯାଇଥିଲା। ଏହି ସମୟରେ ରାଜା ଉକ୍ତ ଜମିକୁ ଜଣେ ବ୍ୟକ୍ତିଙ୍କୁ ବିକ୍ରି କରି ଦେଇଥିଲେ। ସେତେବେଳେ ଏହା ତାଙ୍କ ନାଁରେ ରେକର୍ଡଭୁକ୍ତ ହୋଇପାରିନଥିଲା। ୧୯୯୬ ମସିହା ବନ୍ଦୋବସ୍ତରେ ସେହି ଜମିକୁ ସରକାରୀ ଖାତାରେ ରଖାଯାଇଥିଲା। ଫଳରେ ଏହାକୁ ନେଇ ଜମି କିଣିଥିବା ବ୍ୟକ୍ତି ଜଣକ ରେଭିନ୍ୟୁ ବୋର୍ଡଙ୍କ ନିକଟରେ ଫେରାଦ ହୋଇଥିଲେ। ଏ ନେଇ (୩୮/୨୦୦୭)ରେ ଏକ ମାମଲା ରୁଜୁ କରାଯାଇଥିଲା। ଏଣୁ ଉକ୍ତ ଜାଗାରେ ଥିବା ସମସ୍ୟାର ସମାଧାନ ପାଇଁ କୋର୍ଟ ଜିଲ୍ଲାପାଳ ଓ ତହସିଲଦାରଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଏ ନେଇ ରଣପୁର ତହସିଲରେ ମ୍ୟୁଟେସନ କେସ୍ ନଂ (୨୧୩୮/୧୦ ଓ ୨୦୩୦/୧୦)ରେ ମାମଲା କରାଯାଇଥିଲା। ୨୦୧୩ ଅପ୍ରେଲ ୨୬ରେ ଶୁଣାଣି କରି ଏହି ମାମଲାକୁ ଖାରଜ କରିଥିଲେ। ଏଣୁ ଏହି ଜମି ପୁଣି ଥରେ ସରକାରଙ୍କ ଖାତାକୁ ଫେରି ଆସିଥିଲା। ଫଳରେ ପୁଣି ଥରେ ଏହି ଜମି କିଣିଥିବା ବ୍ୟକ୍ତି ଜଣକ ରଣପୁର ତହସିଲରେ ଆବେଦନ କରିଥିଲେ। ଏହାକୁ ତହସିଲଦାର ଆର୍ଯ୍ୟ କୁମାର ଦମନ ପୁଣି ଥରେ ଖାରଜ କରିଥିଲେ। ମାତ୍ର ଚଳିତ ବର୍ଷ ମାର୍ଚ୍ଚ ୨୭ରେ ଏହି ଜମିକୁ ଆବେଦନକାରୀଙ୍କ ନାଁରେ କରି ଦିଆଯାଇଛି। ଏହି ସମୟରେ ତହସିଲଦାର ଶ୍ରୀ ଦମନ ଛୁଟିରେ ରହିଥିବା ବେଳେ ଦାୟିତ୍ୱରେ ଥିବା ଅତିରିକ୍ତ ତହସିଲଦାର କୃଷ୍ଣଚନ୍ଦ୍ର ନାୟକ ଏହାକୁ ଆବେଦନକାରୀଙ୍କୁ ଟେକି ଦେଇଥିବା ଜଣାପଡ଼ିଛି। ଉକ୍ତ ଜମିର ମୂଲ୍ୟ ୧୫ କୋଟି ଟଙ୍କାରୁ ଊର୍ଦ୍ଧ୍ୱ ହୋଇଥିବା ବେଳେ ଏହି କେଳେଙ୍କାରୀ ପଛରେ ବହୁ ବଡ଼ ବଡ଼ିଆଙ୍କ ହାତ ରହିଥିବା ଅନୁମାନ କରାଯାଉଛି। ୨୦୧୩ ମସିହାରେ ଖାରଜ ହୋଇଥିବା ମାମଲାକୁ ପୁନଃ ଆବେଦନ କରାଯିବା ଏବଂ ସରକାରୀ ଖାତାରୁ ଉକ୍ତ ଜମିକୁ ମାଫିଆଙ୍କ ହାତକୁ ଟେକି ଦିଆଯିବା ଘଟଣାରେ ରାଜନୈତିକ ଗନ୍ଧ ବାରି ହେଉଛି। ଏହି ଘଟଣାର ତଦନ୍ତ କରାଯାଇ ଜମି ମାଫିଆ ଓ ସମ୍ପୃକ୍ତ ଅଧିକାରୀଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଦାବି ହେଉଛି।

## ବ୍ଲକ୍ କାର୍ଯ୍ୟାଳୟରୁ ନାଗସାପ ଉଦ୍ଧାର

ଭାପୁର,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ କାର୍ଯ୍ୟାଳୟ ପରିସରରୁ ବୁଧବାର ଏକ କୋଳିଥିଆ ନାଗସାପ ଉଦ୍ଧାର ହୋଇଛି। ଉଦ୍ଧାର ପରେ ନାଗସାପକୁ ଜଙ୍ଗଲରେ ଛାଡି ଦିଆଯାଇଛି। ବୁଧବାର ଅଫିସ କାର୍ଯ୍ୟ ଆରମ୍ଭ ହେବାର ଏକଘଣ୍ଟା ମଧ୍ୟରେ କ୍ୟାସିଅରଙ୍କ ରୁମରେ ଏକ କୋଳଥିଆ ନାଗସାପ ଦେଖାଯିବା ପରେ କର୍ମଚାରୀଙ୍କ ମଧ୍ୟରେ ଭୟର ବାତାବରଣ ସୃଷ୍ଟି ହୋଇଥିଲା। ଉପସ୍ଥିତ ଥିବା ବ୍ୟକ୍ତି ମାନେ ମରିଚିଆ ଗ୍ରାମର ସାପଧରାଳି ତୁଷାର ଦଳବେହେରାଙ୍କୁ ଫୋନ ଯୋଗେ ଡକାଇବା ପରେ ସେ ଆସି ନାଗସାପକୁ ଉଦ୍ଧାର କରିଥିଲେ। ବ୍ଲକ ପରିସରରେ ଥିବା କୃଷି ଅଧିକାରୀଙ୍କ ଅଫିସ, ମିଶନଶକ୍ତି ଅଫିସ, ରାଜୀବଗାନ୍ଧୀ କାର୍ଯ୍ୟାଳୟ, ସିଡିପିଓ ଅଫିସ, ଯନ୍ତ୍ରୀ ମାନଙ୍କ ଅଫିସ ଓ ମନରେଗା ଅଫିସ ପଛପଟ ଜଙ୍ଗଲ ଭଳି ଗଛଲତା ହୋଇଯାଇଛି। ତୁରନ୍ତ ଏହାକୁ ସଫା ନ କଲେ ଆଗାମୀ ଦିନରେ ଏହିପରି ଅନେକ ଜୀବଜନ୍ତୁ ବାହାରିବା ସମ୍ଭାବନା ରହିଛି।

## ୨୦ କେଜି ଗଞ୍ଜେଇ ଜବତ, ଦୁଇ ଗିରଫ



ଗଣିଆ, ୧୦।୯ (ସମିସ): ଗଣିଆରେ ଥିବା ମା' କଳାପାଟ ଠାକୁରାଣୀଙ୍କ ପୀଠ ନିକଟରୁ ଗଞ୍ଜେଇ ସହିତ ୨ଜଣଙ୍କୁ ଗିରଫ କରିଛି ଗଣିଆ ପୁଲିସ। ଘଟଣାରୁ ଜଣାପଡିଛି ଯେ ବୁଧବାର ଛାମୁଣ୍ଡିଆ ପଞ୍ଚାୟତ ବଡମୂଳ ଠାରେ ପୁଲିସ ପାଟ୍ରୋଲିଂ କରୁଥିବା ବେଳେ ଏକ ପଲସର ଦ୍ରୁତ ଗତିରେ ଆସୁଥିଲା। ଗଣିଆ ପୁଲିସ ଉକ୍ତ ଗାଡିକୁ ପ୍ରାୟ ୨୦ କିଲୋମିଟର ଗୋଡ଼ାଇ ଗୋଡ଼ାଇ ଧରିବା ପରେ ତାଙ୍କୁ ଧରିବାରେ ସକ୍ଷମ ହୋଇଥିଲା। ଏକ ନୀଳରଙ୍ଗର ପଲସର ଗାଡିରେ କାନ୍ଧରେ ଥିବା ବ୍ୟାଗରେ ଗଞ୍ଜେଇ ଥିବା ଦେଖିବାକୁ ମିଳିଥିଲା। ଗଣିଆ ଥାନାକୁ ଆଣି ପଚରାଉଚରା କରିବା ପରେ ଗିରଫ ଅଭିଯୁକ୍ତ ପ୍ରମୋଦ ରଣାଙ୍କ ପୁଅ ଯୁଧିଷ୍ଠିର ରଣାଙ୍କ ଘର ବାଲୁଗାଁ ହୋଇଥିବା ବେଳେ ସେ ଯାଜପୁରର ଉଦୟପୁର ଠାରେ ରହୁଥିବା ପ୍ରକାଶ କରିଥିଲେ। ଆଉ ଜଣେ ଯାଜପୁର ବ୍ରହ୍ମବରଦା ଗ୍ରାମର ଅଜୟ ଜେନାଙ୍କ ପୁଅ ଅଭୟ ଜେନା ବୋଲି ଜଣାପଡିଥିଲା। ତହସିଲଦାର ପ୍ରୀତିବାଳା ରଣାଙ୍କ ଉପସ୍ଥିତିରେ ଜବତ ଗଞ୍ଜେଇ ଓଜନ କରାଯାଇଥିବା ବେଳେ ପ୍ରାୟ ୨୦ କିଲୋ ୧୦୦ ଗ୍ରାମ ବୋଲି ଜଣାପଡିଛି। ଗଞ୍ଜେଇ ସହିତ ଏକ ନୀଳରଙ୍ଗର ପଲସର ମଧ୍ୟ ଜବତ କରାଯାଇଛି। ଏହି ଚଢ଼ଉରେ ଥାନା ଅଧିକାରୀ ଲକ୍ଷ୍ମଣ ଦଣ୍ଡସେନା, ଏସଆଇ ଶ୍ୟାମସୁନ୍ଦର ପ୍ରଧାନ, ଏଏସଆଇ ଦେବାଶିଷ ସେଠୀ ପ୍ରମୁଖ ଉପସ୍ଥିତ ଥିଲେ। ଗୁରୁବାର ଉଭୟଙ୍କୁ କୋର୍ଟଚାଲାଣ କରାଯିବ ବୋଲି ଥାନା ଅଧିକାରୀ ପ୍ରକାଶ କରିଛନ୍ତି। ତେବେ ଗିରଫ ମୁଖ୍ୟଅଭିଯୁକ୍ତ ଜଣକ ନିଜର ପାରିବାରିକ ଅସୁବିଧା ପାଇଁ ଗଞ୍ଜେଇ ବ୍ୟବସାୟକୁ ଆପଣେଇଥିବା ଜଣାଇବା ସହିତ ସେ ପିଲାଙ୍କୁ ଟ୍ୟୁସନ କରି ନିଜର ଗୁଜୁରାଣ ମେଣ୍ଟାଉଥିବା ପ୍ରକାଶ କରିଛନ୍ତି।

## ଟ୍ରେଡ୍ ଲାଇସେନ୍ସ ଓ ହୋଲଡିଂ ଟ୍ୟାକ୍ସ ପ୍ରଦାନ ପାଇଁ ଆହ୍ୱାନ

ଓଡ଼ଗାଁ,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବିଜ୍ଞାପିତ ଅଞ୍ଚଳ ପରିଷଦ ଓଡଗାଁରେ ଥିବା ସମସ୍ତ ଦୋକାନ ଓ ବ୍ୟାବସାୟିକ ପ୍ରତିଷ୍ଠାନ ଆଗାମୀ ୭ଦିନ ମଧ୍ୟରେ ନିଜ ନିଜର ଦୋକାନ ଓ ପ୍ରତିଷ୍ଠାନର ଟ୍ରେଡ ଲାଇସେନ୍ସ କରାଇ ନେବାକୁ ଆହ୍ୱାନ ଦେଇଛନ୍ତି। ମ୍ୟୁନିସିପାଲିଟି ଧାରା ୨୯୦ ଅନୁଯାୟୀ ଟ୍ରେଡ୍ ଲାଇସେନ୍ସ ପ୍ରତ୍ୟେକ ବ୍ୟବସାୟୀଙ୍କ ପାଇଁ ବାଧ୍ୟତା ମୂଳକ। ଏହାର ଅମାନ୍ୟ କଲେ ଆର୍ଥିକ ଜରିମାନା ସହ ଦୋକାନ ଘରକୁ ସିଲ୍ କରିବାର ବ୍ୟବସ୍ଥା ରହିଛି। ବିଜ୍ଞାପିତ ଅଞ୍ଚଳ ପରିଷଦ ଦ୍ୱାରା ପୂର୍ବରୁ ଏନେଇ ନିବେଦନ କରାଯାଇଥିଲେ ମଧ୍ୟ ବର୍ତ୍ତମାନ ପର୍ଯ୍ୟନ୍ତ ମାତ୍ର ୧୦୮ ଜଣ ବ୍ୟବସାୟୀ ଟ୍ରେଡ୍ ଲାଇସେନସ୍ କରିଛନ୍ତି। ଏଥି ସହିତ ଅନେକ ଘର ହୋଲଡିଙ୍ଗ୍ ଟ୍ୟାକ୍ସ ପ୍ରଦାନ କରୁନାହାନ୍ତି। ଏନଏସି ଗଠନ ହେବା ଠାରୁ ଘର ମାଲିକ ମାନଙ୍କୁ ଏନେଇ ବାରମ୍ବାର ସୂଚନା ପ୍ରଦାନ କରାଯାଉଛି। ଏଥି ସହିତ ବ୍ୟବସାୟୀକ ପ୍ରତିଷ୍ଠାନ ନିଜ ଦୋକାନର ନାମ ଫଳକ ଓଡିଆରେ ଲେଖିବା ପାଇଁ ମଧ୍ୟ ଅନୁରୋଧ କରାଯାଉଅଛି। ତେବେ ଏନେଇ ବାରମ୍ବାର ସୂଚନା ପ୍ରଦାନ କରିଥିଲେ ମଧ୍ୟ ଯେଉଁମାନେ ଉଚିତ ସମୟସୀମା ମଧ୍ୟରେ ସମସ୍ତ କାର୍ଯ୍ୟ ସମାପନ ନକରିବେ ସେମାନଙ୍କ ଉପରେ ଓଡ଼ଗାଁ ବିଜ୍ଞାପିତ ଅଞ୍ଚଳ ପରିଷଦ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ନିଷ୍ପତ୍ତି ଗ୍ରହଣ କରାଯାଇଥିବା ନେଇ କାର୍ଯ୍ୟନିର୍ବାହୀ ଅଧିକାରୀ ନିହାର ରଞ୍ଜନ ବେହେରା କହିଛନ୍ତି।

## ଛାମୁଣ୍ଡିଆରେ ସବୁଜ ରଥ କାର୍ଯ୍ୟକ୍ରମ

ଗଣିଆ,୧୦।୯ (ସମିସ): ଗଣିଆ ବ୍ଲକ ଅନ୍ତର୍ଗତ ଛାମୁଣ୍ଡିଆ ବନ୍ୟପ୍ରାଣୀ ବନାଞ୍ଚଳ ପରିସରରେ ସବୁଜ ରଥ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଏସିଏଫ ଦେବୀପ୍ରସାଦ ରାଉତ, ତହସିଲଦାର ପ୍ରିତିବାଳା ରଣା, କନ୍ଧମାଳ ସାଂସଦଙ୍କ ପ୍ରତିନିଧି ଶରତ କୁମାର କର, ରେଞ୍ଜର ଲକ୍ଷ୍ମୀନାରାୟଣ ପଣ୍ଡା, ଛାମୁଣ୍ଡିଆ ସରପଞ୍ଚ ଦୀପ୍ତି ରେଖା ସେନାପତି, ପୂର୍ବତନ ବ୍ଲକ ଅଧକ୍ଷ ଅନ୍ତର୍ଯ୍ୟାମୀ ମିଶ୍ରଙ୍କ ସମେତ ବନବିଭାଗ କର୍ମଚାରୀ, ଲୋକପ୍ରତିନିଧି ଉପସ୍ଥିତ ଥିଲେ। ସରକାରଙ୍କର ଏକ ପେଡ ମାକେ ନାମ ସମ୍ପର୍କରେ ରେଞ୍ଜର ପ୍ରକାଶ କରିଥିଲେ। ବନବିଭାଗ ତରଫରୁ ୫ ଶହ ବୃକ୍ଷ ପ୍ରଦାନ କରାଯାଇଥିଲା। ସେଥିମଧ୍ୟରୁ ଆମ୍ବଗଛ ୧୦୦ଟି, ପିଜୁଳି ୫୦ଟି, ଅଁଳା ୫୦ଟି, ଶାଳ ୧୦୦ଟି, ବାହାଡ଼ା ୫୦ଟି, ଗମ୍ବାରୀ ୪୦ଟି, କୁମକୁମ୍ ୧୦ଟି ଦିଆଯାଇଥିବା ରେଞ୍ଜର ସୂଚନା ପ୍ରଦାନ କରିଛନ୍ତି। ଉପସ୍ଥିତ ଜନସାଧାରଣ ମା' ପାଇଁ ଗଛଟିଏ ସ୍ଲୋଗାନ ଦେଇଥିଲେ।

### ନେତୃତ୍ୱ ପରିବର୍ତ୍ତନକୁ ବିରୋଧ

## ମହିଳାଙ୍କ ଓଡ଼ଗାଁ ବ୍ଲକ୍ ଆଗରେ ଧାରଣା



ଓଡ଼ଗାଁ,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ମହିଳା ସ୍ୱୟଂ ସହାୟକ ଅନୁଷ୍ଠାନର ଗ୍ରାମରୁ ଆରମ୍ଭ କରି ବ୍ଲକ ଓ ଜିଲ୍ଲାସ୍ତରୀୟ ସଂଘର ନେତୃତ୍ୱ ପରିବର୍ତ୍ତନ ଓ ପୁନର୍ଗଠନ ପାଇଁ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶନାମାରେ ବିଦ୍ଧିବଦ୍ଧ ପାଳନ କରିବା ପାଇଁ ନିର୍ଦ୍ଦେଶ ରହିଛି। ଏହି ନିର୍ଦ୍ଦେଶା ବଳିକୁ ବିଭିନ୍ନ ପଦପଦବିରେ ପୂର୍ବରୁ ରହି ଆସିଥିବା ସଭାପତି ସମ୍ପାଦକ ମାନେ ବିରୋଧ କରିବା ସହିତ ନ୍ୟାୟାଳୟରେ ନ୍ୟାୟ ପାଇଁ ଆବେଦନ କରିବା ନିମନ୍ତେ ପଦବିରେ ରହିବାର ରେଜୁଲେନ କପି ଏମ୍‌ବିକେ ମାନଙ୍କୁ ମାଗିଥିଲେ। ସେମାନେ ଉକ୍ତ କପି ଦେବାକୁ ଅରାଜି ହେବାରୁ ୫୦ରୁ ଊର୍ଦ୍ଧ୍ୱ ପଦାଧିକାରୀ ଓଡ଼ଗାଁ ବ୍ଲକ ଆସି ଉପରୋକ୍ତ ରେଜୁଲେସନ କପି ପାଇବା ଦାବିରେ ବ୍ଲକ ସାମ୍ନାରେ ବସିଥିଲେ। ଖବରପାଇ ବିଡ଼ିଓ ମହିଳାମାନଙ୍କୁ ସମସ୍ୟା ବିଷୟରେ ପଚାରି ବୁଝିବା ପରେ ସେମାନଙ୍କୁ ରେଜୁଲେସନ କପି ଯୋଗାଇ ଦେବା ନିମନ୍ତେ ଜୀବିକା ମିଶନ ବ୍ଲକ ପ୍ରକଳ୍ପ ସଂଯୋଜକଙ୍କୁ କହିଥିଲେ। ପରେ ବିପିସି ସୁରେଶ କୁମାର ବେହେରା ମହିଳା ମାନଙ୍କ ଦାବି ପୁରଣ କରିବା ପରେ ସେମାନେ ସେଠାରୁ ଉଠିଯାଇଥିଲେ।

## ବୈଷ୍ଣୋଦେବୀଙ୍କ ପୀଠରେ ହେବ ନବରାତ୍ର ମହାଯଜ୍ଞ

ନୟାଗଡ଼,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ ଜାମୁକୋଣଠାରେ ଅଧିଷ୍ଠିତ ମା' ବୈଷ୍ଣୋଦେବୀ ପୀଠରେ ନବରାତ୍ର ମହାଯଜ୍ଞ ଅନୁଷ୍ଠିତ ହେବ। ଏଥିପାଇଁ ଆଜି ଶ୍ରୀମାତା ବୈଷ୍ଣୋଦେବୀ ଚାରିଟେବୁଲ୍ ଟ୍ରଷ୍ଟ ପକ୍ଷରୁ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଏନେଇ ସୂଚନା ଦିଆଯାଇଛି। ଟ୍ରଷ୍ଟି ଅଜାତି ରାଉତ ଏନେଇ ସୂଚନା ପ୍ରଦାନ କରିବା ସହ ଭକ୍ତମାନେ ଦର୍ଶନ ନିମନ୍ତେ ଆସିବା ପାଇଁ ଆହ୍ୱାନ କରିଛନ୍ତି। ଆସନ୍ତା ୨୨ ତାରିଖଠାରୁ ୩୦ ତାରିଖ ପର୍ଯ୍ୟନ୍ତ ମହାଯଜ୍ଞ ଅନୁଷ୍ଠିତ ହେବ। ଏହା ସହିତ ୨୮ ତାରିଖରୁ ୨ ତାରିଖ ପର୍ଯ୍ୟନ୍ତ ଅପରାହ୍ନରେ ସାଂସ୍କୃତିକ କାର୍ଯ୍ୟକ୍ରମ ସହ ଦାଣ୍ଡିଆ ନୃତ୍ୟ ଅନୁଷ୍ଠିତ ହେବ ବୋଲି ସୂଚନା ଦିଆଯାଇଛି। ଏହି ସମ୍ମିଳନୀକୁ ସାମ୍ବାଦିକ ରାମକୃଷ୍ଣ ରଥ ସଂଯୋଜନା କରିଥିଲେ। ବଳଭଦ୍ର ସାହୁ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

- ମଦ ବିକ୍ରିକୁ ବିରୋଧ; ଜଣେ ଗିରଫ

## ରାସ୍ତାରେ ବସିଲେ ଗ୍ରାମବାସୀ

ଓରଗାଁ,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ଓରଗାଁ ଥାନା ଶରଧାପୁର ଗ୍ରାମରେ ବେଆଇନ ମଦ ବିକ୍ରିକୁ ବିରୋଧ କରି ରାସ୍ତା ଉପରେ ଶତାଧିକ ମହିଳା ଓ ପୁରୁଷ ରାସ୍ତାରୋକ କରିଛନ୍ତି। ଘଟଣା ସମ୍ପର୍କରେ ଖବରପାଇ ଓଡ଼ଗାଁ ପୁଲିସ ଘଟଣା ସ୍ଥଳରେ ପହଞ୍ଚି ବେନିୟମ ମଦ ଜବତ କରିଛି। ସୂଚନା ଅନୁସାରେ ଶରଧାପୁର ଗ୍ରାମର ରବୀନ୍ଦ୍ର ସାହୁ ଏବଂ ତାଙ୍କ ପତ୍ନୀ ସ୍ୱର୍ଣ୍ଣଲତା ସାହୁ ପ୍ରାୟ ଏକବର୍ଷ ଧରି ଘରେ ବେଆଇନ୍ ମଦବିକ୍ରି କରି ଆସୁଛନ୍ତି। ଗ୍ରାମବାସୀ ମଦ ବିକ୍ରି ନକରିବା ପାଇଁ ବାରମ୍ବାର ତାଗିଦ୍ କରିଥିଲେ। ତେବେ ଲୋକଙ୍କୁ ଭୟ ଦେଖାଇ ଜବରଦସ୍ତ ମଦ ବିକ୍ରି କରୁଥିଲେ।। ଆଜି ଅପରାହ୍ନରେ ଘରେ ମଦ ବିକ୍ରି କରୁଥିବା ସମୟରେ ଗ୍ରାମବାସୀଙ୍କ ହାବୁଡ଼ରେ ଧରା ପଡ଼ିଥିଲେ। ମଦ କିଣିବାକୁ ଆସିଥିବା ନିକଟସ୍ଥ ଗ୍ରାମର ଦୁଇ ବ୍ୟକ୍ତିଙ୍କୁ ମଧ୍ୟ ଗ୍ରାମବାସୀ ଅଟକ ରଖିଥିଲେ। ଏହାକୁ ନେଇ ଗାଁରେ ଏକ ଅଶାନ୍ତିର ବାତାବରଣ ସୃଷ୍ଟି ହୋଇଥିଲା। ପରେ ଲୋକମାନେ ଓଡ଼ଗାଁ ପୁଲିସକୁ ଖବର ଦେଇଥିଲେ ମଧ୍ୟ ପୁଲିସ ପହଁଞ୍ଚିବାରେ ବିଳମ୍ବ ହେବାରୁ ଗ୍ରାମବାସୀ ଉତ୍ତେଜିତ ହୋଇ ରାଜରାସ୍ତାକୁ ଓହ୍ଲାଇ ପଞ୍ଚାୟତ ସମ୍ମୁଖ ରାସ୍ତାରେ ବସି ନାରା ଦେଇଥିଲେ। ଏହାର କିଛି ସମୟ ପରେ ଘଟଣା ସ୍ଥଳରେ ଓଡ଼ଗାଁ ପୁଲିସ ପହଞ୍ଚି ୩୨ଟି ବିଦେଶୀ ମଦ ବୋତଲ ଜବତ କରିଥିଲେ। ଏବଂ ମଦ ବିକ୍ରି କରିବା ଅଭିଯୋଗରେ ରବୀନ୍ଦ୍ର ସାହୁଙ୍କୁ ପୁଲିସ ଥାନାକୁ ଆଣିବା ପରେ ରାସ୍ତାରୋକ ହଟିଥିଲା।

## ଅଭିଯୋଗକଲେ ପଞ୍ଚସଖା ଶିକ୍ଷା ସେତୁ ସଂଗଠନ

### ଚତୁର୍ଥ ଶ୍ରେଣୀ କର୍ମଚାରୀଙ୍କ ଡେପୁଟେସନ୍ ବାତିଲ ଦାବି



ଗଣିଆ,୧୦।୯ (ସମିସ): ଗଣିଆରେ ଥିବା ପିଏମଶ୍ରୀ କିଶୋର ଚନ୍ଦ୍ର ନୋଡାଲ ବିଦ୍ୟାପୀଠରେ ଦୀର୍ଘ ଦିନ ହେବ ଚତୁର୍ଥ ଶ୍ରେଣୀ କର୍ମଚାରୀ ନଥିବାରୁ ବିଦ୍ୟାଳୟରେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି ଛାତ୍ରଛାତ୍ରୀ ତଥା ଶିକ୍ଷକ ଶିକ୍ଷୟିତ୍ରୀ। ଏହି ବିଦ୍ୟାଳୟଟି ବ୍ଲକ ହେଡକ୍ୱାର୍ଟର ସ୍କୁଲ ହୋଇଥିବାରୁ ଏଠାରେ ବ୍ଲକଠାରୁ ଆରମ୍ଭ କରି ଜିଲ୍ଲା ସ୍ତରୀୟ କାର୍ଯ୍ୟକ୍ରମ, ବିଜ୍ଞାନ ମେଳା, ଶିଶୁ ମହୋତ୍ସବ, ଭିନ୍ନକ୍ଷମ ମେଳା ତଥା ବିଭିନ୍ନ ସରକାରୀ ଟ୍ରେନିଂ ଅନୁଷ୍ଠିତ ହେଉଛି। ତେବେ ଏଠାରେ କାର୍ଯ୍ୟରତ ଚତୁର୍ଥ ଶ୍ରେଣୀ କର୍ମଚାରୀ ଦିଲ୍ଲୀପ ପ୍ରଧାନଙ୍କୁ ଡେପୁଟେସନରେ ବ୍ଲକ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟକୁ ନିଆଯାଇଛି। ସୋମବାର ବିଦ୍ୟାଳୟ ପରିସରରେ ପଞ୍ଚସଖା ଶିକ୍ଷା ସେତୁ ସଂଗଠନର ବୈଠକ ବସିଥିବା ବେଳେ ଏ ନେଇ ଆଲୋଚନା କରାଯାଇଥିଲା। ମଙ୍ଗଳବାର ବ୍ଲକ ଶିକ୍ଷା ଅଧିକାରୀଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିବାକୁ ନିଷ୍ପତି ଗ୍ରହଣ କରାଯାଇଥିଲା। ବୁଧବାର ସଭାପତି ଦେବାନନ୍ଦ ମିଶ୍ରଙ୍କ ନେତୃତ୍ୱରେ କମିଟିର ସମସ୍ତ ସଦସ୍ୟ ବ୍ଲକ ଶିକ୍ଷା ଅଧିକାରୀ ରବିନ୍ଦ୍ରନାଥ ରାଉତରାୟଙ୍କୁ ଭେଟି ସମସ୍ୟା ସମ୍ପର୍କରେ ଅବଗତ କରିବା ସହିତ ଲିଖିତ ଅଭିଯୋଗ ପ୍ରଦାନ କରିଛନ୍ତି। ଯଦି ଆସନ୍ତା ୭ ଦିନ ଭିତରେ ଚତୁର୍ଥ ଶ୍ରେଣୀ କର୍ମଚାରୀ ଶ୍ରୀ ପ୍ରଧାନଙ୍କ ଡେପୁଟେସନ ବାତିଲ କରାନଯାଏ ତେବେ ଶିକ୍ଷା ବିଭାଗ କାର୍ଯ୍ୟାଳୟ ସମ୍ମୁଖରେ ଆନ୍ଦୋଳନ ହେବ ବୋଲି ପଞ୍ଚସଖା ଶିକ୍ଷା ସେତୁ ସଂଗଠନ ସଭାପତି ପ୍ରକାଶ କରିଛନ୍ତି। ଏ ନେଇ ମଙ୍ଗଳବାର ଦୈନିକ ଖବରକାଗଜ 'ସକାଳ'ରେ ଚତୁର୍ଥ ଶ୍ରେଣୀ କର୍ମଚାରୀ ଡେପୁଟେସନକୁ ନେଇ ଅସନ୍ତୋଷ, ବିଦ୍ୟାଳୟକୁ ନ ଫେରାଇଲେ ଆନ୍ଦୋଳନ ଚେତାବନୀ' ସମ୍ପର୍କିତ ଖବର ପ୍ରକାଶିତ ହୋଇଥିଲା।

### ନିଶା ଖାଇ ବିଦ୍ୟାଳୟରେ ଶୋଇବା ମହଙ୍ଗା ପଡ଼ିଲା

## ଶିମିଳିସାହି ପ୍ରଧାନଶିକ୍ଷକ ନିଲମ୍ବିତ



ନୟାଗଡ଼,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ନୂଆଗାଁ ବ୍ଲକ ଜାକେଡ଼ା ଶିମିଳିସାହି ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ବିଦ୍ୟାଳୟକୁ ନିଶା ସେବନ କରି ଆସୁଥିବା ଏବଂ ମାତ୍ରାଧିକ ଅନୁପସ୍ଥିତ ରହୁଥିବା ନେଇ ବାରମ୍ବାର ଅଭିଯୋଗ ହୋଇ ଆସୁଥିଲା। ଯାହାକୁ ନେଇ ଆଜି ନୂଆଗାଁ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଜ୍ୟୋସ୍ନାରାଣୀ ସେଠୀ ଏବଂ ଜାକେଡ଼ା କ୍ଲଷ୍ଟର ସିଆର୍‌ସିସି ପ୍ରସନ୍ନ କୁମାର ବେହେରା ଅଚାନକ ବିଦ୍ୟାଳୟରେ ପହଞ୍ଚିଥିଲେ। ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଅର୍ଜୁନ ମଲ୍ଲିକ ମାତ୍ରାଧିକ ନିଶା ସେବନ କରି ବିଦ୍ୟାଳୟ ଚଟଣାରେ ପଡ଼ିଥିବା ଦେଖିବାକୁ ପାଇଥିଲେ। ଏବିଇଓ ତାଙ୍କୁ ଉଠାଇବାକୁ ଚେଷ୍ଟା କରିଥିଲେ ମଧ୍ୟ ସେ ଉଠିନଥିଲେ। ସ୍ଥାନୀୟ ଲୋକ ଏନେଇ ଏବିଇଓଙ୍କୁ ଘଟଣା ସମ୍ପର୍କରେ ଅବଗତ କରିଥିଲେ। ଯାହାକୁ ନେଇ ଆଜି ପ୍ରଧାନଶିକ୍ଷକ ଶ୍ରୀଯୁକ୍ତ ମଲ୍ଲିକଙ୍କୁ ନିଲମ୍ବନ କରାଯାଇଥିବା ସୂଚନା ମିଳିଛି। ନୂଆଗାଁ ବିଇଓ ତାଙ୍କୁ ନିଲମ୍ବନ କରିବା ସହ ବ୍ଲକ ଶିକ୍ଷା କାର୍ଯ୍ୟାଳୟରେ ହାଜିରା ହେବାକୁ ନିର୍ଦ୍ଦେଶ ଦେଇଛନ୍ତି।

## ସାର ଯୋଗାଇଦେବାକୁ ଦାବିପତ୍ର



ନୟାଗଡ଼,୧୦।୯ (ସମିସ): ନୟାଗଡ଼ ଜିଲ୍ଲାରେ ବ୍ୟାପକ ସାର ଅଭାବ ଓ କଳାବଜାରୀକୁ ନେଇ ନବନିର୍ମାଣ କୃଷକ ସଂଗଠନ ପକ୍ଷରୁ ଜିଲ୍ଲା ପ୍ରଶାସନକୁ ଦାବିପତ୍ର ପ୍ରଦାନ କରାଯାଇଛି। ସରକାରୀ ମୂଲ୍ୟଠାରୁ ଅଧିକ ଦାମରେ ସାର ବିକ୍ରି ରୋକିବାକୁ ଆବଶ୍ୟକ ପଦକ୍ଷେପ ନିଆଯିବା ଏବଂ କଳାବଜାରୀ ରୋକିବାକୁ ଚଢ଼ଉକୁ ଜୋରଦାର କରାଯିବାକୁ ନେଇ କୃଷକ ସଂଗଠନ ନେତା ରଣଜିତ ଦଳବେହେରା ଦାବି କରିଛନ୍ତି। ଏହା ସହିତ ଜିଲ୍ଲା କୃଷି କାର୍ଯ୍ୟାଳୟଠାରେ ଆଜି ସାମୟିକ ସମୟ ପାଇଁ ଧାରଣା ଦିଆଯାଇଥିବା ସୂଚନା ମିଳିଛି।

## ବ୍ଲକ୍‌ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା



ଭାପୁର,୧୦।୯ (ସମିସ): ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ କଇଁଫୁଲିଆ ହାଇସ୍କୁଲ ଖେଳପଡିଆରେ ବୁଧବାର ଦିନ ବ୍ଲକ ସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଆୟୋଜିତ ହୋଇଯାଇଛି। ଏହି ପ୍ରତିଯୋଗିତାରେ ବ୍ୟାଡମିଣ୍ଟନ ଓ ଭଲିବଲ କ୍ରିଡା ଆୟୋଜିତ ହୋଇଥିଲା। ଏଥିରେ ବ୍ଲକର ୮୦ ଜଣ ଛାତ୍ରଛାତ୍ରୀ ଭାଗ ନେଇଥିଲେ। ବ୍ଲକ ସମୁହ କ୍ରୀଡ଼ା ସଙ୍ଗଠନ ସମ୍ପାଦକ ଶଙ୍କର ପ୍ରସାଦ ମଲ୍ଲିକଙ୍କ ନେତୃତ୍ୱରେ ଆୟୋଜିତ କ୍ରିଡା ଉତ୍ସବକୁ ମୁଖ୍ୟଅତିଥି ଭାବେ ବ୍ଲକ ଅତିରିକ୍ତ ଶିକ୍ଷା ଅଧିକାରୀ ସନ୍ତୋଷ କୁମାର କର ଉଦଘାଟନ କରିଥିଲେ। ମୁଖ୍ୟବକ୍ତା ଭାବେ କଇଁଫୁଲିଆ ହାଇସ୍କୁଲର ପ୍ରଧାନ ଶିକ୍ଷକ ବିଜୟ କୁମାର ପ୍ରଧାନ, ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ ବାଲୁଙ୍କେଶ୍ୱର ଦେବ ଉଚ୍ଚ ବିଦ୍ୟାଳୟ ଭାପୁର ପ୍ରଧାନ ଶିକ୍ଷକ ନିତ୍ୟାନନ୍ଦ ଦାସ। ବ୍ୟାଡମିଣ୍ଟନ ପ୍ରତିଯୋଗିତାର ବରିଷ୍ଠ ବିଭାଗ ଓ କନିଷ୍ଠ ବିଭାଗରେ କରବର ସାମନ୍ତ ଚନ୍ଦ୍ରଶେଖର କପିଳମାର୍ଥା ଉଚ୍ଚ ବିଦ୍ୟାଳୟ ଚାମ୍ପିୟାନ ହୋଇଥିଲା। ବାଳିକା ବିଭାଗର ବରିଷ୍ଠ ବର୍ଗରେ ନଟବର ବାଳିକା ବିଦ୍ୟାଳୟ ପଦ୍ମାବତୀ ଓ କନିଷ୍ଠ ବିଭାଗରେ ଆଦର୍ଶ ବିଦ୍ୟାଳୟ ଫତେଗଡ ଚାମ୍ପିୟାନ ହୋଇଥିଲା। ସେହିପରି ଭଲିବଲ ପ୍ରତିଯୋଗିତାରେ ବାଘୁଆପଲ୍ଲୀ ହାଇସ୍କୁଲ ଜୋନ-୪ ଓ ଭାପୁର ଜୋନ -୩ ରନର୍ସ ଅପ ଆଖ୍ୟା ଅର୍ଜନ କରିଛି। ଏହି ପ୍ରତିଯୋଗିତା ଆୟୋଜିତ କରିବା ପାଇଁ ବ୍ଲକର ୧୬ ଜଣ କ୍ରିଡା ଶିକ୍ଷକ ଓ ଶିକ୍ଷୟିତ୍ରୀ ସହଯୋଗ କରିଥିଲେ। ଏହି କୃତି ପ୍ରତିଯୋଗୀମାନେ ଜିଲ୍ଲାସ୍ତରୀୟ ପ୍ରତିଯୋଗିତା ପାଇଁ ଯୋଗ୍ୟ ବିବେଚିତ ହୋଇଛନ୍ତି।

## କଣ୍ଟିଲୋକୁ ଏନ୍‌ଏସି ଦାବିରେ ତେଜୁଛି ଅସନ୍ତୋଷ

କଣ୍ଟିଲୋ,୧୦।୯ (ସମିସ)

ନୟାଗଡ଼ ଜିଲ୍ଲାର ପ୍ରମୁଖ ପର୍ଯ୍ୟଟନ କ୍ଷେତ୍ର ଜଗନ୍ନାଥଙ୍କ ଆଦିପୀଠ ତଥା କଂସା ପିତ୍ତଳ ଶିଳ୍ପ ସମୃଦ୍ଧ କଣ୍ଟିଲୋକୁ ଏନ୍‌ଏସି ମାନ୍ୟତା ମିଳି ନଥିବାରୁ ଏହାକୁ ନେଇ ଅସନ୍ତୋଷ ତୀବ୍ର ହେବାରେ ଲାଗିଛି। ପ୍ରାୟ ୨୦ ହଜାର ଜନସଂଖ୍ୟା ବିଶିଷ୍ଟ ଏକକ ଗ୍ରାମ କଣ୍ଟିଲୋକୁ ଏନ୍‌ଏସି ମାନ୍ୟତା ନେଇ ନିର୍ବାଚନ ପୂର୍ବରୁ ତତ୍କାଳୀନ ବିଜେଡି ସରକାର ଘୋଷଣା କରିଥିଲେ। ବର୍ତ୍ତମାନ ସରକାର ମଧ୍ୟ ପ୍ରାଥମିକତା ଭିତ୍ତିରେ କଣ୍ଟିଲୋକୁ ଏ୍‌ଏସି ନେଇ ପଦକ୍ଷେପ ନିଆଯିବା ପାଇଁ ଘୋଷଣା କରିଥିଲେ। ତେବେ ଏହି ନିଷ୍ପତ୍ତିକୁ ସରକାର ଝୁଲାଇ ରଖିଥିବାରୁ କଣ୍ଟିଲୋରେ ନୈରାଶ୍ୟ ଖେଳିଯାଇଛି। ସମସ୍ତ ଭିତ୍ତିଭୂମି ଥିବା ସତ୍ତ୍ୱେ ଦଳମତ ନିର୍ବିଶେଷରେ କଣ୍ଟିଲୋକୁ ଏନ୍‌ଏସି ମାନ୍ୟତା ପାଇଁ ଦାବି ହେଉଥିଲେ ବି ନୂଆ ଏନ୍‌ଏସି ଘୋଷଣା ତାଲିକାରୁ କଣ୍ଟିଲୋକୁ ବାଦ ଦିଆଯାଇଛି। ଫଳରେ ସ୍ଥାନୀୟ ଜନପ୍ରତିନିଧି, ବୁଦ୍ଧିଜୀବୀ, ଜନସାଧାରଣ ତଥା ସଂଗଠନ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ଜିଲ୍ଲା ପରିଷଦ ସଭ୍ୟା ଉଜ୍ଜ୍ୱଳ ମହାରଣା କହିଛନ୍ତି, ପୂର୍ବ ସରକାର କଣ୍ଟିଲୋକୁ ଏନ୍‌ଏସି ଘୋଷଣା କରିଥିଲେ। ଗତ ଫେବୃଆରୀରେ ରାଷ୍ଟ୍ରପତି ଓ ମୁଖ୍ୟମନ୍ତ୍ରୀଙ୍କ କଣ୍ଟିଲୋ ଗସ୍ତ ସମୟରେ ମଧ୍ୟ ଏନେଇ ମୁଖ୍ୟମନ୍ତ୍ରୀ ପ୍ରାଥମିକତା ଭିତ୍ତିରେ ଏନ୍‌ଏସି ମାନ୍ୟତା ଦିଆଯିବ ବୋଲି ଆଲୋଚନା କରିଥିଲେ। ତେବେ ସରକାରଙ୍କ ନିଷ୍ପତି ଅତ୍ୟନ୍ତ ଦୁର୍ଭାଗ୍ୟଜନକ ବୋଲି କହିଛନ୍ତି। ଜିଲ୍ଲା ପରିଷଦ ସଭ୍ୟ ରାମେଶ୍ୱର ଶତପଥିଙ୍କ ମତରେ ସମସ୍ତ ଭିତ୍ତିଭୂମି ଥାଇ ପର୍ଯ୍ୟଟନ ତଥା ଶିଳ୍ପୀ ଗ୍ରାମ କଣ୍ଟିଲୋକୁ ଏନ୍‌ଏସି ମାନ୍ୟତାରୁ ବଞ୍ଚିତ କରାଯିବା ଗ୍ରହଣୀୟ ନୁହେଁ। କଣ୍ଟିଲୋକୁ ବାଦ ଦିଆଯିବା ନିଷ୍ପତି ସରକାର ପୁନର୍ବିଚାର କରିବା ଆବଶ୍ୟକ ବୋଲି କହିଛନ୍ତି। ମାଧବ ଚନ୍ଦ୍ର ସାହୁ କହିଛନ୍ତି କି କଣ୍ଟିଲୋ ପର୍ଯ୍ୟଟନ ଗ୍ରାମ ଏନ୍‌ଏସିର ସମସ୍ତ ମାନଦଣ୍ଡ ପୂରଣ କରୁଛି। ଗ୍ରାମର ଭିତ୍ତିଭୂମି ଉନ୍ନତିର ଆବଶ୍ୟକତା ରହିଛି। ପଞ୍ଚାୟତକୁ ଆସୁଥିବା ଅନୁଦାନ ଯଥେଷ୍ଟ ହେଉନାହିଁ। ଏଣୁ ସରକାର କଣ୍ଟିଲୋକୁ ଅଣଦେଖା କରିଥିବାରୁ ପ୍ରତିବାଦରେ ଗଣଆନ୍ଦୋଳନ କରାଯିବ ବୋଲି ଚେତାବନୀ ଦେଇଛନ୍ତି। କଣ୍ଟିଲୋ ସରପଞ୍ଚ ଶ୍ରୀୟାରାଣୀ ବେହେରା କଣ୍ଟିଲୋ ଉଭୟ ବ୍ଲକ ଓ ଏନ୍‌ଏସି ପାଇଁ ସମସ୍ତ ଭିତ୍ତିଭୂମି ଥିବା ସତ୍ତ୍ୱେ ସରକାରଙ୍କ ଅବହେଳାର ଶିକାର ହୋଇଛି। ଏଥର ଏନ୍‌ଏସି ଘୋଷଣା ହେବା ନେଇ ସମସ୍ତେ ନିଶ୍ଚିତ ଥିବା ବେଳେ କଣ୍ଟିଲୋକୁ ବାଦ ଦିଆଯିବା ସରକାରଙ୍କ ବୈମାତୃକ ମନୋଭାବ ବୋଲି କହିବା ସହ ଏହି ନିଷ୍ପତିର ପ୍ରତିବାଦ ଆଗାମୀ ଦିନରେ କରାଯିବ କହିଛନ୍ତି। ଏଥିସହ ସମିତି ସଭ୍ୟା ଶିଖା ବେହେରା, ନୀଳମାଧବ ମନ୍ଦିର ପୂଜକ ସମାଜ ସଭାପତି ମନୋଜ ମିଶ୍ର, ଯୁଗଳ କିଶୋର ନାୟକ, ପ୍ରମୋଦ ଦଳେଇ, ଲକ୍ଷ୍ମୀକାନ୍ତ ଚିନ୍ନାରାଙ୍କ ସମେତ ବହୁ ବୁଦ୍ଧିଜୀବୀ କଣ୍ଟିଲୋକୁ ଏନ୍‌ଏସି ଘୋଷଣା ହୋଇନଥିବାରୁ ତୀବ୍ର ଅସନ୍ତୋଷ ପ୍ରକାଶ କରିଛନ୍ତି। ଆଗାମୀ ଦିନରେ ଏନ୍‌ଏସି ଦାବିକୁ ଜୋରଦାର ଗଣଆନ୍ଦୋଳନ କରାଯିବା ଚେତାବନୀ ଦେଇଛନ୍ତି।

# ୨୨ ଗ୍ରାମ୍ ବ୍ରାଉନ୍‌ସୁଗର ଜବତ; ୨ ଗିରଫ



ଖୋର୍ଦ୍ଧା, ୧୦।୯ (ସମିସ): ସଦର ଥାନା ପୁଲିସ ରାଇରଙ୍ଗ ଅଲିସର ମୋରମ୍ ମୁଣ୍ଡିଆ ନିକଟରୁ ୨ଜଣ ବ୍ରାଉନ୍‌ସୁଗର ବେପାରୀଙ୍କୁ ଗିରଫ କରିଛି। ଗିରଫ ଦ୍ୱୟ ହେଲେ ସ୍ଥାନୀୟ ବଣିଆଟାଙ୍ଗୀ ଗ୍ରାମର ସୁଦୀପ୍ତ ସାମନ୍ତରାୟ (୩୫) ଓ ପ୍ରତାପ ଭଞ୍ଜ (୪୦)। ପୁଲିସ ସେମାନଙ୍କଠାରୁ ୨୨.୩୦ ଗ୍ରାମ୍ ବ୍ରାଉନ୍‌ସୁଗର ସମେତ ୨ଟି ମୋବାଇଲ୍ ଫୋନ୍, ଏକ ସ୍କୁଟି ଓ ନଗଦ ୭୫୦ ଟଙ୍କାକୁ ଜବତ କରିଛି। ଜବତ ବ୍ରାଉନ୍‌ସୁଗରର ମୂଲ୍ୟ ୨ଲକ୍ଷ ୨୦ ହଜାରରୁ ଊର୍ଦ୍ଧ୍ୱ ହେବ ବୋଲି ଥାନା ଅଧିକାରୀ କାହ୍ନୁଚରଣ ସ୍ୱାଇଁ ସୂଚନା ଦେଇଛନ୍ତି।

ପ୍ରକାଶ ଥାଉକି, ସୁଦୀପ୍ତ ତା'ର ସହଯୋଗୀ ପ୍ରତାପ ସହ ଅଲିସର ମୋରମ୍ ମୁଣ୍ଡିଆ ନିକଟରେ ବୁଧବାର ବେପାର କରୁଥିବା ବିଶେଷ ସୂତ୍ରରୁ ପୁଲିସ ଖବର ପାଇଥିଲା। ସେମାନଙ୍କୁ ଧରିବା ପାଇଁ ଏସ୍‌ପି ବିବେକାନନ୍ଦ ଶର୍ମାଙ୍କ ନିର୍ଦ୍ଦେଶକ୍ରମେ ଭାରପ୍ରାପ୍ତ ଏସ୍‌ଡିପିଓ ଅନୀଲ ମହାନ୍ତି ଓ ଥାନା ଅଧିକାରୀ କାହ୍ନୁଚରଣ ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଏକ ଟିମ୍ ଗଠନ କରାଯାଇଥିଲା। ଏହି ଟିମ୍ ଏସ୍‌ଆଇ ଜୟନ୍ତ କୁମାର ଭଞ୍ଜଙ୍କ ନେତୃତ୍ୱରେ ଉକ୍ତ ମୋରମ୍ ମୁଣ୍ଡିଆ ନିକଟରେ ଦିନ ପ୍ରାୟ ୧୧.୪୦ରେ ଚଢ଼ଉ କରିଥିଲା। ଚଢ଼ଉବେଳେ ପୁଲିସକୁ ଦେଖି ଅଭିଯୁକ୍ତମାନେ ଖସିବାକୁ ଉଦ୍ୟମ କରିଥିଲେ ହେଁ ପୁଲିସ ସେମାନଙ୍କୁ କାବୁ କରିବାରେ ସକ୍ଷମ ହୋଇଥିଲା। ସେମାନଙ୍କଠାରୁ ବ୍ରାଉନ୍‌ସୁଗର, ନଗଦ ଟଙ୍କା, ମୋବାଇଲ୍ ଓ ସ୍କୁଟିକୁ ଜବତ କରିଥିବାବେଳେ ଏସ୍‌ଆଇ ଶ୍ରୀ ଭଞ୍ଜଙ୍କ ଅଭିଯୋଗ କ୍ରମେ ୨୬୭/୨୫ରେ ଏକ ମାମଲା ରୁଜୁ କରି ଗିରଫଦ୍ୱୟଙ୍କୁ କୋର୍ଟ ଚାଲାଣ କରାଯାଇଛି। ମାମଲାର ତଦନ୍ତଭାର ଏସ୍‌ଆଇ ଦେବସ୍ମିତା ବେହେରାଙ୍କୁ ଦିଆଯାଇଥିବା ବେଳେ ଏହି ଚଢ଼ଉରେ ଏସ୍‌ଆଇ ଶ୍ରୀ ଭଞ୍ଜଙ୍କ ସମେତ ଏଏସ୍‌ଆଇ ମନୋଜ ବେହେରା, ଏସ୍. ପାଟଶାଣୀ, ମନୋଜ ପ୍ରଧାନ, ପି.କେ.ଦେହୁରୀ ପ୍ରମୁଖ ସାମିଲ ଥିଲେ।

# ଫିଲ୍ମ ଷ୍ଟାଇଲ୍‌ରେ ଛାତ୍ରଙ୍କୁ ଅପହରଣ କଲେ ସହପାଠୀ

## ● ପୁଲିସ ଭୟରେ ଛାଡ଼ିଦେଲେ

ଖୋର୍ଦ୍ଧା, ୧୦।୯ (ସମିସ): ସାମାନ୍ୟ ବଚସାକୁ କେନ୍ଦ୍ରକରି ସହପାଠୀକୁ ଅନ୍ୟ ଦୁଇଜଣ ସାଙ୍ଗ ମିଶି ଫିଲ୍ମ ଷ୍ଟାଇଲ୍‌ରେ ବାଇକ୍‌ରେ ଆସି ଉଠାଇନେଲେ। ପୁଲିସ ଭୟରେ ପୁଣି ଉକ୍ତ ଛାତ୍ରଙ୍କୁ ଆଣି ଛାଡ଼ି ଚାଲିଗଲେ। ପରିବାର ଲୋକଙ୍କ ଅଭିଯୋଗ କ୍ରମେ ଆଦର୍ଶ ଥାନା ପୁଲିସ ଉକ୍ତ ଛାତ୍ର ଦ୍ୱୟଙ୍କୁ ଥାନାରେ ଅଟକ ରଖିଛି। ସିସିଟିଭିରେ ଏହାର ସମ୍ପୂର୍ଣ୍ଣ ଘଟଣା କଏଦ ହୋଇଛି।

ଅଭିଯୋଗ ଅନୁସାରେ, ମଳିପଡ଼ା ଗ୍ରାମର ବିଦ୍ୟାଧର ମହାରଣାଙ୍କ ପରିବାର ପଲ୍ଲା ହନୁମାନ ମନ୍ଦିର ନିକଟରେ ଜନୈକ ବ୍ୟକ୍ତିଙ୍କ ଘରେ ଭଡ଼ାରେ ରହୁଛନ୍ତି। ତାଙ୍କ ପୁଅ ପିତାପଲ୍ଲୀ ଛକସ୍ଥିତ ଏକ ଘରୋଇ ଶିକ୍ଷାନୁଷ୍ଠାନରେ +୩ର ପ୍ରଥମ ବର୍ଷ ଛାତ୍ରଭାବେ ଅଧ୍ୟୟନ କରୁଛନ୍ତି। କୌଣସି କାରଣକୁ ନେଇ ମଙ୍ଗଳବାର ଜଣେ ସହପାଠୀଙ୍କ ସହ ତାଙ୍କର ବଚସା ହୋଇଥିଲା। ଏଥିରେ ସେ ଉତ୍‌କ୍ଷିପ୍ତ ହୋଇ ବୁଧବାର ଅପରାହ୍ଣ ୫ଟାରେ ଅନ୍ୟଜଣେ ସାଙ୍ଗ ସହ ମିଶି ତାଙ୍କୁ ହନୁମାନ ମନ୍ଦିର ନିକଟରେ ଥିବା ଏକ ଭେରାଇଟି ଷ୍ଟୋର୍ ସମ୍ମୁଖରୁ ଜୋର୍‌ଜବରଦସ୍ତ ଉଠାଇ ନେଇଥିଲେ। ସେଠାରେ ଥିବା ସ୍ଥାନୀୟ ଲୋକ ସେମାନଙ୍କୁ ଧରିବାକୁ ଚେଷ୍ଟା କରିବାବେଳେ ସେମାନେ ଫେରାର୍ ହୋଇଯାଇଥିଲେ। ଖବର ପାଇ ବିଦ୍ୟାଧର ଏ ସମ୍ପର୍କରେ ଥାନାରେ ଅଭିଯୋଗ କରିଥିଲେ। ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ସିସିଟିଭି ଫୁଟେଜ୍‌କୁ ଆଧାର କରି ତଦନ୍ତ କରିବା ସହ ଉକ୍ତ ଛାତ୍ରଙ୍କୁ ଚିହ୍ନଟ କରି ଥାନାରେ ଅଟକ ରଖିଥିବା ଜଣାଯାଇଛି। ଏନେଇ ଆଦର୍ଶ ଥାନା ଅଧିକାରୀ ସଞ୍ଜୟ ନାୟକ କୁହନ୍ତି, ଉଭୟ ଛାତ୍ରଙ୍କ ମଧ୍ୟରେ କୌଣସି କାରଣରୁ ବଚସାକୁ ନେଇ ସେମାନେ ରାଗରେ ଉଠାଇ ନେଇ ପରବର୍ତ୍ତୀ ସମୟରେ ଛାଡ଼ିଥିବା କହିଛନ୍ତି। ଛାତ୍ରଙ୍କୁ ଅପହରଣ ପାଇଁ ନୁହେଁ ବରଂ ରାଗର ବଶବର୍ତ୍ତୀ ହୋଇ ତାଙ୍କୁ ଭୟଭୀତ କରିବା ଉଦ୍ଦେଶ୍ୟରେ ଉଠାଇ ନେଇଥିବା ପୁଲିସ ଆଗରେ ଜଣାଇଥିବା ଶ୍ରୀ ନାୟକ କହିଛନ୍ତି।

# ଶରଧାପୁର ଫୁଟ୍‌ବଲ୍ ଲିଗ୍: ସେମିରେ ଯୋଗମାୟା କ୍ଲବ୍

ଖୋର୍ଦ୍ଧା, ୧୦।୯ (ସମିସ): ଖୋର୍ଦ୍ଧା ଉପକଣ୍ଠ ଶରଧାପୁର ସ୍ପୋର୍ଟସ୍ ଆସୋସିଏସନ୍ ଆନୁକୂଲ୍ୟରେ ସ୍ଥାନୀୟ ଖେଳପଡ଼ିଆରେ ଶରଧାପୁର ଫୁଟ୍‌ବଲ୍ ଟୁର୍ଣ୍ଣାମେଣ୍ଟର ତୃତୀୟ କ୍ୱାର୍ଟର ଫାଇନାଲ୍ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି। ବୁଧବାର ରାଇଜିଂ ଷ୍ଟାର୍ ତରତୁଆ ଏବଂ ଯୋଗମାୟା କ୍ଲବ୍ ମଧ୍ୟରେ ଖେଳ ଅନୁଷ୍ଠିତ ହୋଇଥିଲା। ଖେଳର ପ୍ରଥମାର୍ଦ୍ଧ ସଂଘର୍ଷପୂର୍ଣ୍ଣ ହୋଇଥିଲା। କେହି କାହାରିକୁ ଗୋଲ୍ ଦେଇପାରି ନ ଥିଲେ। ଦ୍ୱିତୀୟାର୍ଦ୍ଧରେ ଯୋଗମାୟା କ୍ଲବ୍ ୨ଟି ଗୋଲ୍ ଦେଇ ବିଜୟୀ ହୋଇଥିଲା। ଫଳରେ ଯୋଗମାୟା କ୍ଲବ୍ ତୃତୀୟ ଦଳ ଭାବେ ସେମି ଫାଇନାଲକୁ ପ୍ରବେଶ କରିଛି। ଅତିଥି ଭାବେ ଶରଧାପୁର ଗାଁ ସଭାପତି ଅଲ୍ଲୀ ଅହେମ୍ମଦ, ସଂଘ ସଭାପତି ମହମ୍ମଦ ଜମିରୁଲ ରହେମନ, ପୂର୍ବତନ ସରପଞ୍ଚ ଲକ୍ଷ୍ମୀଧର ବଡ଼ଜେନା, ମୀନକେତନ ବଡ଼ଜେନା, ଜାପାନୀ ନାୟକ, ଲକ୍ଷ୍ମୀଧର ଘଡ଼େଇ ପ୍ରମୁଖ ଯୋଗଦେଇଥିଲେ। ଖେଳକୁ ସାଗିର ଅହମ୍ମଦ ପରିଚାଳନା କରିଥିବାବେଳେ ଇଜାଜ୍ ହୁସେନ, ଅମ୍‌ଜଦ ଖାଁ ଓ ସୌକତ ଅହମ୍ମଦ ତାଙ୍କୁ ଲାଇନ୍‌ରେ ସହାୟତା କରିଥିଲ।

## ସମବାୟ ସମିତିରେ ସାର ଅଭାବରୁ ବ୍ୟାପକ କଳାବଜାରୀ

# ଚଢ଼ାଦରରେ ସାର ବିକୁଛନ୍ତି ସମବାୟ ଓ ଡିଲର୍

ବାଲୁଗାଁ, ୧୦।୯ (ସମିସ)

ବର୍ତ୍ତମାନ ସାରା ରାଜ୍ୟର ସମବାୟ ସମିତିରୁ ପର୍ଯ୍ୟାପ୍ତ ପରିମାଣର ସାର ମିଳୁ ନ ଥିବାରୁ ଚାଷୀମାନେ ସାର କଳାବଜାରର ଶିକାର ହେଉଛନ୍ତି। ପ୍ରଶାସନର ସାର କଳାବଜାରୀ ଉପରେ ଲଗାମ ରହୁ ନଥିବା ଯୋଗୁଁ ଚାଷୀ ଶୋଷଣ ହୋଇ ଅସନ୍ତୋଷବ୍ୟକ୍ତ କରିଛନ୍ତି। ଏନେଇ ଚାଷୀମାନେ ବାରମ୍ବାର ଅଭିଯୋଗ କରୁଥିବାବେଳେ ପ୍ରଶାସନ ନିରବ ରହିବା ପଛରେ କ'ଣ ଯେ କାରଣ ରହିଛି ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସମବାୟ ସମିତି ଓ ଡିଲରଙ୍କ ସହ ପ୍ରଶାସନିକ ଅଧିକାରୀଙ୍କ ସଲାସୁତରା ଯୋଗୁଁ ଖୁଲମଖୁଲା ୟୁରିଆ ଓ ଡିଏପି ସାର ବ୍ୟାପକ କଳାବଜାର କାରୁଥିବା ନେଇ ଚାଷୀମାନେ ଅଭିଯୋଗ କରିଛନ୍ତି। ବର୍ତ୍ତମାନ ଚାଷଜମିରେ ଧାନରୁଆ ସରିଥିବାବେଳେ ସାରର ନିତାନ୍ତ ଆବଶ୍ୟକ ଥିବାରୁ ସମବାୟ ଓ ଡିଲରଙ୍କଠାରୁ ସାର ନ ପାଇ ଚାଷୀ ବାଧ ହୋଇ କଳାବଜାରର ଶିକାର ହେଉଥିବା ଅଭିଯୋଗ ହେଉଛି। ବର୍ତ୍ତମାନ ଡବଲ ଇଞ୍ଜିନ ବିଜେପି ସରକାରରେ ସାରର ଅଭାବ ଯୋଗୁଁ ଦୁଇଗୁଣାରୁ ଊର୍ଦ୍ଧ୍ୱ ଦରରେ ସାର କିଣି ଚାଷୀ ଶୋଷଣର ଶିକାର ହେଉଛି। ତେବେ ଏଥିପ୍ରତି ଜିଲ୍ଲା କୃଷି ଅଧିକାରୀ ଏବଂ ସରକାର ଦୃଷ୍ଟି ଦେବାକୁ ଚାଷୀମାନେ ଦୃଢ଼ ଦାବି କରିଛନ୍ତି।

ଅଭିଯୋଗରୁ ଜଣାଯାଏ ଯେ, ଖୋର୍ଦ୍ଧା ଜିଲ୍ଲା ବାଣପୁର ଓ ଚିଲିକା ବ୍ଲକର ଚାଷୀ ସମବାୟ ସମିତି ଓ ଡିଲର ପଏଣ୍ଟରୁ ୟୁରିଆ ସାର ପର୍ଯ୍ୟାପ୍ତ ପରିମାଣର ନ ପାଇ ଏହାର ଅଭାବରୁ ନାହିଁ ନଥିବା ହଇରାଣ ହରକତ ହେଉଛନ୍ତି। ନିୟମ ଅନୁଯାୟୀ ପ୍ରତ୍ୟେକ



ସମବାୟ ସମିତିକୁ ଜଟଣୀସ୍ଥିତ ମାର୍କଫେଡ୍ ସାର ଯୋଗାଉଥିବାବେଳେ ଚାହିଦା ସମୟରେ ସମବାୟ ସମିତି ପର୍ଯ୍ୟାପ୍ତ ପରିମାଣର ସାର ଯୋଗାଇପାରୁ ନ ଥିବା ନେଇ ଚାଷୀମାନେ ଅଭିଯୋଗ କରିଛନ୍ତି। ପ୍ରତ୍ୟେକ ସମିତି ତରଫରୁ ଚାଷୀମାନଙ୍କ ଚାହିଦା ଅନୁଯାୟୀ ସାର ଯୋଗାଇବା ପାଇଁ ବିଭାଗ ପକ୍ଷରୁ ଲିଖିତ ଭାବେ ଆଦେଶ ଦିଆଯାଇଥିବାବେଳେ ଅଦ୍ୟାବଧି ପର୍ଯ୍ୟାପ୍ତ ସାର ଯୋଗାଣ କରାଯାଉ ନାହିଁ। ସମବାୟ ସମିତି ଏବଂ ସରକାରଙ୍କ ଦ୍ୱାରା ନିଯୁକ୍ତ ଡିଲର ନିର୍ଦ୍ଧାରିତ ମୂଲ୍ୟ ଅନୁଯାୟୀ ୫୦ କେଜି ୟୁରିଆ ସାର ବସ୍ତା ପିଛା ୨୬୭ ଟଙ୍କା ଓ ଡିଏପି ୧୩୫୦ ଟଙ୍କା ଦର ଧାର୍ଯ୍ୟ ହୋଇଥିବାବେଳେ ସଲାସୁତରାରେ ସମବାୟ ସମିତି ଓ ଡିଲର ସାରର ଅଭାବ ଦର୍ଶାଇ ୟୁରିଆ ସାର ବସ୍ତା ପିଛା ୩୩୦ ଟଙ୍କା ଓ ଡିଏପି ୧୪୫୦ ଟଙ୍କାରୁ ଊର୍ଦ୍ଧ୍ୱ ଦରରେ ବିନା ବିଲ୍‌ରେ ବିକ୍ରି କରାଯାଉଛି। ଏହାସହ ଖୋଲା ବଜାରରେ ଡିଲରମାନେ ୟୁରିଆ ବସ୍ତା ପ୍ରତି ୪୫୦ରୁ ୫୦୦ ଟଙ୍କାରେ ଏବଂ ଡିଏପି ୧୫ଶହରୁ ୧୬ଶହ ଟଙ୍କା ଦରରେ ରସିଦ୍ ନ ଦେଇ ଚଢ଼ା ଦରରେ ସାର ବିକ୍ରୟ କରି ସମବାୟ ସମିତି କର୍ମଚାରୀ ଓ ଡିଲର ଚାଷୀଙ୍କୁ ଶୋଷଣ କରି ମାଲେମାଲ ହେଉଥିବା ନେଇ ଚାଷୀ ଅଭିଯୋଗ କରିଛନ୍ତି। ବାଣପୁରର ଭାଟପଡ଼ା ଛକ, ଆୟତପୁର ଛକ, ଆଙ୍କୁଲାପଦର, ସାନହନୁଆଡ଼, କଲେଜ ଛକ ଓ ଅନ୍ତରକିଆରୀ ଆଦି ସ୍ଥାନରେ ୟୁରିଆ ସାର ବସ୍ତା ପିଛା ୭୦୦ରୁ ୮୦୦ ଟଙ୍କାରେ ବିକ୍ରି କରୁଥିବା ଅଭିଯୋଗ କରୁଛନ୍ତି ଚାଷୀ। ଏ ସମ୍ପର୍କରେ ଜିଲ୍ଲା କୃଷୀ ଅଧିକାରୀଙ୍କୁ ପଚାରିବାରେ ସରକାରଙ୍କ ନିର୍ଦ୍ଧାରିତ ମୂଲ୍ୟଠାରୁ ଟଙ୍କାଟେ ମଧ୍ୟ ଅଧିକ ନେବାର କୌଣସି ନିୟମ ନାହିଁ। ଯଦି ଏଭଳି ସାରର କଳାବଜାରୀ ତଥା ସାର ଚଢ଼ାଦରରେ ବିକ୍ରି କରୁଥିବା ସମବାୟ ସମିତି କିମ୍ବା ଡିଲର ଧରାପଡ଼ିବେ ତେବେ କର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି କହିଛନ୍ତି।

### ଦେଖାଦେଇଛି କୃତ୍ରିମ ସାର ଅଭାବ

ନିରାକାରପୁର, ୧୦।୯ (ସମିସ): ଖୋର୍ଦ୍ଧା ଜିଲ୍ଲାର ୮୦ ଭାଗରୁ ଅଧିକ ଚାଷୀ ଚାଷ କାର୍ଯ୍ୟ କରି ପରିବାର ପ୍ରତିପୋଷଣ କରନ୍ତି। ଚଳିତ ବର୍ଷ ବିଳମ୍ବରେ ବର୍ଷା ହୋଇଥିବାରୁ ଚାଷ କାର୍ଯ୍ୟ ମଧ୍ୟ ବିଳମ୍ବରେ ଆରମ୍ଭ ହୋଇଛି। କିନ୍ତୁ ବର୍ତ୍ତମାନ ବେଉଷଣ କାର୍ଯ୍ୟ ଚାଲିଥିବାବେଳେ ସାର ସମିତିକୁ ଆସୁନି ଯାହା ଫଳରେ ଚାଷୀ ହଟହଟା ହେଉଛନ୍ତି। ଜିଲ୍ଲାରେ ନାହିଁ ପର୍ଯ୍ୟାପ୍ତ ପରିମାଣର ସାର। ଯାହା ଫଳରେ ଚାଷୀ ହତାଶ ହେଉଛନ୍ତି। ସମିତିକୁ ସାର ଅଭାବର କାରଣ ପଚାରିବାରୁ ସମ୍ପାଦକମାନେ କହୁଛନ୍ତି, ମାର୍କଫେଡ୍ ଜଟଣୀ ଗୋଦାମରେ ସାର ନାହିଁ, ଅର୍ଡର ଦିଆହୋଇଛି ଆସିଲେ ଦିଆଯିବ। ଆମେ ମାର୍କଫେଡ୍ ଜଟଣୀ ବଫର ଗୋଦାମ ପରିଚାଳକଙ୍କୁ ପଚାରିବାରୁ କହୁଛନ୍ତି, ଆମ ପାଖକୁ ଆମଦାନୀ ନାହିଁ ଆମେ କେମିତି ରପ୍ତାନୀ କରିବୁ। ଜିଲ୍ଲା କୃଷି ଅଧିକାରୀ, ଜିଲ୍ଲା ଉପନିବନ୍ଧକ, ମାର୍କଫେଡ୍ ଜଟଣୀ ଗୋଦାମ ପରିଚାଳକଙ୍କ ସାର ମନ୍ତବ୍ୟର ସଠିକ୍ ତାଳମେଳ ଅଭାବ ଯୋଗୁଁ ଏଭଳି ପରିସ୍ଥିତି ଉପୁଜିଛି।

## ● ଓସ୍ତପୁର-କୋଟପଲା ବଜାର ନାମକରଣ ସତ୍ତ୍ୱେ ଖୋଲୁନି ଦୋକାନ

# ବ୍ୟବସାୟୀ ହତୋତ୍ସାହିତ; ଦୋକାନ ସାମଗ୍ରୀ ନେବା ପାଇଁ କୋର୍ଟର ଦ୍ୱାରସ୍ଥ

ବେଗୁନିଆ, ୧୦।୯ (ସମିସ): ବାଘମାରୀ ଥାନା ଅନ୍ତର୍ଗତ ଓସ୍ତପୁର ମୌଜାର କୋଟପଲା ବଜାରର ନାମକରଣକୁ ନେଇ ଗତ ମାସ ୭ ତାରିଖରେ ଉଭୟ ଗ୍ରାମ ମଧ୍ୟରେ ଗଣ୍ଡଗୋଳ



ହୋଇଥିଲା। ଏଥିରେ ଉଭୟ ଗ୍ରାମରୁ ଅନେକ ଆହତ ହୋଇଥିବାବେଳେ ଦୋକାନ ବଜାର ଭଙ୍ଗାରୁଜା ହୋଇଥିବା ବେଳେ ଉତ୍ତେଜନାକୁ ଦୃଷ୍ଟିରେ ରଖି ପ୍ରଶାସନ ପକ୍ଷରୁ ଅନିର୍ଦ୍ଦିଷ୍ଟ କାଳ ପାଇଁ ୧୬୩ ଧାରା ଲାଗୁ କରାଯାଇଥିଲା। ଏପରିକି ୧୭ ଦିନ ପରେ ଶାନ୍ତି କମିଟି ଗଠନ କରାଯାଇ ନିମନ୍ତ୍ରିତ ଭଦ୍ରବ୍ୟକ୍ତିଙ୍କ ମାଧ୍ୟମରେ ସମାଧାନ କରିବାକୁ ଚେଷ୍ଟା ଜାରି ରଖିଥିବାବେଳେ ଉଭୟ ପକ୍ଷର ସହମତି କ୍ରମେ ଓସ୍ତପୁର-କୋଟପଲା ବଜାର ନାଁ ରଖିବା ପାଇଁ ପ୍ରସ୍ତାବ ଆଗତ ହୋଇଥିଲା। ଏପରିକି ଉଭୟ ଗ୍ରାମ ମଧ୍ୟରେ ଥିବା ମନୋମାଳିନ୍ୟକୁ ନେଇ ଭାଇଚାରା ମାଧ୍ୟମରେ ସମାଧାନ କରି ଆପୋଷ ସମାଧାନ ପାଇଁ ଚେଷ୍ଟା ଜାରି ହୋଇଥିଲା। ତେବେ ଏକ ମାସରୁ ଊର୍ଦ୍ଧ୍ୱ ବିତିଯାଇଥିଲେ ମଧ୍ୟ ଦୋକାନ ବଜାର ବନ୍ଦ ହେବା ଫଳରେ ସାଧାରଣ ଲୋକମାନେ ଅନ୍ୟ ଗ୍ରାମ ଦୋକାନରେ ଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ପାଇଁ ପ୍ରତ୍ୟହ ଅସୁବିଧାର ସମ୍ମୁଖିନ ହୋଇ ଯାଇଥାନ୍ତି। ତେବେ ବଜାର ରାତି ଓ ଦିନରେ ଜନଶୂନ୍ୟ ହୋଇ ଖାଁ ଖାଁ ଲାଗୁଛି। ଏପରିକି ଘଟଣାର ସମାଧାନ ନ ହେବାରୁ ଅନ୍ୟ ଗ୍ରାମରୁ ଆସି ବେପାର ବଣିଜ କରି ଗୁଜୁରାଣ ମେଣ୍ଟାଉଥିବାରୁ ହତୋତ୍ସାହିତ ହୋଇଥିବାର ଦେଖିବାକୁ ମିଳୁଛି। ଏଭଳି ପରିପ୍ରେକ୍ଷୀରେ ଅନ୍ୟ ଗ୍ରାମର ବ୍ୟବସାୟୀମାନେ ଦୋକାନରେ ଥିବା ଗଚ୍ଛିତ ଜିନିଷ ପତ୍ର ନେବା ପାଇଁ କୋର୍ଟଙ୍କ ଦ୍ୱାରସ୍ଥ ହୋଇ ଆବେଦନ କରିଛନ୍ତି।

# ଗ୍ୟାସ୍ ସିଲିଣ୍ଡର ଫାଟି ଜଳିଗଲା ଘର, ଜଣେ ଗୁରୁତର



ବୋଲଗଡ଼, ୧୦।୯ (ସମିସ): ରୋଷେଇ କରୁଥିବାବେଳେ ଗ୍ୟାସ୍ ଟାଙ୍କି ଫାଟିଯାଇ ଘର ଜଳିଯିବା ସହ ଜଣେ ଗୁରୁତର ହୋଇଥିବା ଜଣାପଡ଼ିଛି। ଖୋର୍ଦ୍ଧା ଜିଲ୍ଲା ବୋଲଗଡ଼ ବ୍ଲକ ଦଳେଇସାହି ପଞ୍ଚାୟତ ମାଣିକଗୋଡ଼ା ଗ୍ରାମରେ ଘଟିଛି ଏଭଳି ଅଘଟଣ। ଉକ୍ତ ଗ୍ରାମର ସରୋଜ ସ୍ୱାଇଁଙ୍କ ଘରେ ରୋଷେଇ ଚାଲିଥିବାବେଳେ ଘରର ଗ୍ୟାସ୍ ଟାଙ୍କି ପ୍ରଥମେ ଲିକ୍ ହୋଇଥିଲା। ପରେ ଗ୍ୟାସ୍ ଟାଙ୍କିଟି ଫାଟି ଯାଇଥିଲା। ଫଳରେ ଘରେ ନିଆଁ ଲାଗିଯାଇଥିଲା। ଏଥିରେ ସରୋଜଙ୍କ ପତ୍ନୀ ଗୁରୁତର ହୋଇ ସ୍ଥାନୀୟ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସିତ ହୋଇଛନ୍ତି। ଘରେ ଥିବା ଦୋକାନ ସାମଗ୍ରୀ ଏବଂ ଆସବାବପତ୍ର ସହିତ ଖାଦ୍ୟଶସ୍ୟ, ଖଟ, ଚେୟାର ଆଦି ପୋଡ଼ିଯାଇଛି। ସରୋଜ ତାଙ୍କ ଝିଅ ବାହାଘର ପାଇଁ ଘରେ ରଖିଥିବା ସଜ ସରଞ୍ଜାମ ସାମଗ୍ରୀ ଜଳି ନଷ୍ଟ ହୋଇଯାଇଛି। ଖବର ପାଇ ବୋଲଗଡ଼ ଅଗ୍ନିଶମ କର୍ମଚାରୀ ନିଆଁକୁ ଆୟତ୍ତ କରିଥିଲେ।

# ରୋଟାରୀ କ୍ଲବ୍ ପକ୍ଷରୁ ନିଃଶୁଳ୍କ ଚକ୍ଷୁ ଚିକିତ୍ସା ଶିବିର

ବାଲୁଗାଁ, ୧୦।୯ (ସମିସ): ବାଣପୁର ବାଲୁଗାଁ ରୋଟାରୀ କ୍ଲବ୍ ପକ୍ଷରୁ ଚିଲିକା ବ୍ଲକ ଅନ୍ତର୍ଗତ ହାଟବରଡିହି ଗ୍ରାମସ୍ଥିତ ଆୟୁଷ୍ମାନ ଆରୋଗ୍ୟ ମନ୍ଦିର ପରିସରରେ ବୁଧବାର ଏକ ନିଃଶୁଳ୍କ ଚକ୍ଷୁ ଚିକିତ୍ସା ଶିବିର ଅନୁଷ୍ଠିତ ହୋଇଯାଇଛି। ଆୟୋଜିତ ଶିବିରରେ ଭୁବନେଶ୍ୱର ରୋଟାରୀ କ୍ଲବ୍




ପକ୍ଷରୁ ଏକ ଭ୍ରାମ୍ୟମାଣ ଚକ୍ଷୁ ଚିକିତ୍ସା ଭ୍ୟାନ୍ ଆସିଥିବା ସହ ଖୋର୍ଦ୍ଧା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଚକ୍ଷୁ ବିଶେଷଜ୍ଞ ଡାକ୍ତର ଅଜୟ କୁମାର ସିଂ, ବାଲୁଗାଁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଅଧିକାରୀ ଡାକ୍ତର ସଂଗ୍ରାମ କେଶରୀ ସାହୁ, ବରିଷ୍ଠ ଚକ୍ଷୁ ଚିକିତ୍ସକ ତଥା କ୍ଲବ୍‌ର ପ୍ରାକ୍ତନ ସଭାପତି ବିଜୟ କୁମାର ବେହେରା, ହାଟବରଡିହି ଉପ ସ୍ୱାସ୍ଥ୍ୟ କେନ୍ଦ୍ରର ଗୋଷ୍ଠୀ ସ୍ୱାସ୍ଥ୍ୟ ଅଧିକାରୀ ବିସ୍ମିତା ଟୁଡୁଙ୍କ ସମେତ ପୁରୁଷ ସ୍ୱାସ୍ଥ୍ୟ କର୍ମୀ ସୁଶାନ୍ତ କୁମାର ରାଉତରାୟ, ଆଶାକର୍ମୀ ସାମିଲ୍ ରୋଗୀଙ୍କ ଚକ୍ଷୁ ପରୀକ୍ଷା କରି ସେମାନଙ୍କୁ ଔଷଧ ଓ ଚଷମା ଆଦି ପ୍ରଦାନ କରିଥିଲେ। ଏହି ଶିବିରରେ ୧୮୭ ଜଣ ଚକ୍ଷୁ ରୋଗୀ ନିଃଶୁଳ୍କ ଚିକିତ୍ସାର ଫାଇଦା ନେଇଥିଲେ। ୧୫ ଜଣଙ୍କୁ ମୋତିଆବିନ୍ଦୁ ଅସ୍ତ୍ରୋପଚାର ନିମନ୍ତେ ଭୁବନେଶ୍ୱରସ୍ଥିତ ରୋଟାରୀ ଚକ୍ଷୁ ଚିକିତ୍ସାଳୟକୁ ପଠାଯାଇଛି। କ୍ଲବ୍‌ର ସଭାପତି ସୁନୀଲ ପାତ୍ର, ସମ୍ପାଦକ ହିମାଂଶୁ ପାତ୍ର, ପ୍ରାକ୍ତନ ସଭାପତି ଧୀରେନ୍ଦ୍ରନାଥ ପାତ୍ର, ରବିନାରାୟଣ ନାୟକ, ବିଜୟ ନନ୍ଦ, ନନ୍ଦକିଶୋର ମିଶ୍ର, ଶ୍ୟାମସୁନ୍ଦର ପୃଷ୍ଟି, ସଚ୍ଚିଦାନନ୍ଦ ସେଠୀ, ସୂର୍ଯ୍ୟନାରାୟଣ ସେନାପତି, ସିଏ ମନୋରଞ୍ଜନ ବାରିକି, ବିଚିତ୍ରାନନ୍ଦ ପାତ୍ର, ଅଶୋକ ପାତ୍ର, ଗଗନ ବିହାରୀ ବେହେରା, ପ୍ରଶାନ୍ତ ଚୌଧୁରୀ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ● ଚିଲିକା ନୌଯାତ୍ରା ଉଦ୍‌ଯାପିତ


# ୨୧୨ କିମି ନୌଯାତ୍ରା କଲେ ଓଡ଼ିଶା ନାଭାଲ୍ ଏନ୍‌ସିସି କ୍ୟାଡେଟ୍

ବାଲୁଗାଁ, ୧୦।୯ (ସମିସ): ତୃତୀୟ ଓଡ଼ିଶା ନାଭାଲ୍ ୟୁନିଟ୍ ଏନ୍‌ସିସି, କଟକ ଅନୁକୂଲ୍ୟରେ ଗତ ୧ ତାରିଖରୁ ଆରମ୍ଭ ହୋଇଥିବା ଚିଲିକା ସେଲିଂ ଏକ୍ସପିଡିସନ-୨୦୨୫ ବୁଧବାର ସଫଳତାର ସହ ସମାପନ ହୋଇଯାଇଥିବା ବେଳେ ଭାରତୀୟ ନୌସେନା ତାଲିମ କେନ୍ଦ୍ର ଚିଲିକାରେ ବୁଧବାର ଚିଲିକା ନୌଯାତ୍ରାର ଉଦ୍‌ଯାପନୀ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଆଇଏନ୍‌ଏସ୍ ଚିଲିକାରେ ଆୟୋଜିତ ଏହି ନୌଯାତ୍ରାରେ ଓଡ଼ିଶାର ବିଭିନ୍ନ ପ୍ରାନ୍ତରୁ ୬୦ ଜଣ ନାଭାଲ୍ କ୍ୟାଡେଟ୍ ଅଂଶଗ୍ରହଣ କରି



୧୦ ଦିନ ଧରି ଚାଲିଥିବା ଏହି ଦୁଃସାହସିକ ଯାତ୍ରାରେ ସେମାନେ ବାଲୁଗାଁ, ଉପୁଲିଆଇଲପୁର, କୃଷ୍ଣପ୍ରସାଦ ଓ କାଳିଜାଇ ଦ୍ୱୀପ ଆଦି ବିଭିନ୍ନ ସ୍ଥାନ ପରିକ୍ରମା କରି ଚିଲିକାର ଜଳରାଶିରେ ଦୀର୍ଘ ୨୧୨ କିଲୋମିଟର ଦୂରତା ଅତିକ୍ରମ କରିଥିଲେ। ଏହି ଉଦ୍‌ଯାପନୀ ସମାରୋହରେ, ତୃତୀୟ ଓଡ଼ିଶା ନାଭାଲ୍ ୟୁନିଟ୍ ଏନ୍‌ସିସି, କଟକର କମାଣ୍ଡିଂ ଅଫିସର୍ କମାଣ୍ଡର ସୁଶାନ୍ତ କୁମାର ମହାନ୍ତି ଯୋଗଦେଇ ନିଜର ବକ୍ତବ୍ୟ ରଖିଥିବାବେଳେ ଏହି ନୌଯାତ୍ରା ଅଭିଯାନ କ୍ୟାଡେଟ୍‌ମାନଙ୍କୁ ସାମୁଦ୍ରିକ କୌଶଳ, ନୌକାଚାଳନା କୌଶଳ, ସାମାଜିକ ଦାୟିତ୍ୱବୋଧ, ନେତୃତ୍ୱବୋଧ, ଦଳୀୟ ସମନ୍ୱୟ, ଜାତୀୟ ଏକତା, ସହନଶୀଳତା, ସାହସ, ଶିଷ୍ଟାଚାର ଓ ଆଦର୍ଶ ଆଦି ପ୍ରଶିକ୍ଷଣ, ଜୀବନର ଚଲାପଥରେ ଆଗେଇବାକୁ ପ୍ରେରଣା ଦେବ ବୋଲି କହିଥିଲେ।

# ଧରଣୀ କୋଳରେ ଶୋଭାପାଉଛି ଶୁଭ୍ର କାଶତଣ୍ଡି



ଖୋର୍ଦ୍ଧା, ୧୦।୯ (ସମିସ): ବର୍ଷା ଋତୁର ଶୁଭ ବିଦାୟ ପରେ ଶରତ ଋତୁରେ ବେଶ୍ ଶୋଭା ପାଉଛି ଶୁଭ୍ର କାଶତଣ୍ଡି ଫୁଲ। ଧରଣୀ କୋଳରେ ମଳୟ ପବନ ସ୍ପର୍ଶରେ ଦୋଳି ଖେଳୁଛି ଶୁଭ୍ର କାଶତଣ୍ଡି। ଧଳା ଚାମର ଧରି ପାର୍ବଣକୁ ସ୍ୱାଗତ କରିବା ଅପେକ୍ଷାରେ ରହିଛି। ପ୍ରକୃତିର ଏହି ମୋନଲୋଭା ଦୃଶ୍ୟ ବେଶ୍ ଶୋଭାପାଉଛି ଏହି କାଶତଣ୍ଡି ଫୁଲ।

## ଖଣି ଓ ଶିଳ୍ପ ଉଜାଡ଼ୁଛି ଜଙ୍ଗଲ

# ବିପଦରେ ମୟୂର ଓ ବିରଳ ଔଷଧୀୟ ବୃକ୍ଷ

ନିରାକାରପୁର, ୧୦।୯ (ସମିସ)

ଖୋର୍ଦ୍ଧା ଗ୍ରାମାଞ୍ଚଳରେ ବେଲଗାମ ଖଣିଖାଦାନ ଓ ଶିଳ୍ପାୟନ ଯୋଗୁଁ ଏହାର ସୀମିତ ଜଙ୍ଗଲ ସମ୍ପଦ ନଷ୍ଟ ହେଉଛି। ଫଳରେ ଏକଦା ଅଞ୍ଚଳରେ ଦେଖାଯାଉଥିବା ଅନେକ ଜୀବଜନ୍ତୁ ଓ ବୃକ୍ଷ ବର୍ତ୍ତମାନ ଲୋପ୍ ପାଇଛନ୍ତି। ଏହି କ୍ରମରେ ଲୁଣା କୁମ୍ଭୀର ପରେ କୁଟୁରା ଏବଂ ସମ୍ପ୍ରତି ହାତୀ ଓ ଜାତୀୟ ପକ୍ଷୀ ମୟୂରଙ୍କ ପାଳିପଡ଼ିଛି। ଏହାସହ ବିଭିନ୍ନ ଔଷଧୀୟ ବୃକ୍ଷ ମଧ୍ୟ ଲୋପ୍ ପାଇବାକୁ ବସିଲାଣି।

ଦିନଥିଲା ରାମେଶ୍ୱରର ଧାନଘର ପାହାଡ଼, ଡିଆ ଓ ନିରାକାରପୁର ଅଞ୍ଚଳର ଚିତ୍ରକୂଟ ପାହାଡ଼, ଖଜୁରୀପଡ଼ା ମୁଣ୍ଡିଆ, ଅଚ୍ୟୁତପୁର ଟୁବୁରି ପାହାଡ଼, ବଘେଇପୁଟ ମୁଣ୍ଡିଆ, କମାଗୁରୁ ଜଙ୍ଗଲ, ଡମଣଭୂମି ଜଙ୍ଗଲ, ମୁଣ୍ଡା ଆମ୍ବ ଓ କାଳିବତୀ ଜଙ୍ଗଲ ଓ ପାହାଡ଼ ପାଦ ଦେଶରେ ଶତାଧିକ ମୟୂରଙ୍କୁ ଦେଖିବାକୁ ମିଳୁଥିଲା। ବର୍ଷାଋତୁରେ ଆକାଶରେ କଳାମେଘ ଦିଶିଲେ ମୟୂରଙ୍କ ନୃତ୍ୟ ଗାଁ ଗହଳିର ପରିବେଶକୁ ଅତ୍ୟନ୍ତ ମନୋରମ କରୁଥିଲା। ବର୍ତ୍ତମାନ ଏହି ସବୁ ଦୃଶ୍ୟ ଏବେ ସ୍ୱପ୍ନପ୍ରାୟ ହୋଇଯାଇଛି। ଜଙ୍ଗଲରେ କେଉଁଠି କାଁ



ଭାଁ ମୟୂରଙ୍କୁ ଦେଖିବାକୁ ମିଳୁଛି। ବିନା ବିଚାରରେ ନୂତନ ଶିଳ୍ପାନୁଷ୍ଠାନକୁ ଜଙ୍ଗଲ ନିକଟସ୍ଥ ଜମି, ଜଙ୍ଗଲ ମଧ୍ୟସ୍ଥ ପାହାଡ଼ରେ ଖଣିଖାଦାନ ଯୋଗୁଁ ଏଭଳି ସ୍ଥିତି ହୋଇଛି ବୋଲି ଜିଲ୍ଲାର ପରିବେଶବିତ୍‌ମାନେ ମତ ଦେଇଛନ୍ତି। ମୁଣ୍ଡାଆମ୍ବ, କାଳିବତୀ ଆଦି ମୌଜାରେ କିଛି କାରଖାନାରୁ ନିର୍ଗତ ଦୂଷିତ ଧୂଆଁ ଯୋଗୁଁ ପରିବେଶ ଅଧିକ ପ୍ରଭାବିତ ହେଉଛି। ହାତୀ ଭଳି ବନ୍ୟଜନ୍ତୁ ଏବେ ଗାଁମୁହାଁ ହୋଇଛନ୍ତି। ଅନେକ ସମୟରେ ବିଲୁଆ, ବାର୍‌ହା, ଠେକୁଆ ଭଳି ଜୀବଜନ୍ତୁ ଜାତୀୟ ରାଜପଥ କିମ୍ବା ଅନ୍ୟାନ୍ୟ ସଡ଼କ ଅତିକ୍ରମ କରି ଦୁର୍ଘଟଣାର ଶିକାର ହେଉଛନ୍ତି। ସ୍ଥାନୀୟ କବିରାଜମାନଙ୍କ କହିବା ଅନୁଯାୟୀ, ଏଠାକାର ଜଙ୍ଗଲ, ବଣ, ପାହାଡ଼ ଓ ମୁଣ୍ଡିଆରେ ପ୍ରାୟ ୪୦ରୁ ଊର୍ଦ୍ଧ୍ୱ ପ୍ରଜାତିର ଔଷଧୀୟ ବୃକ୍ଷ ଦେଖିବାକୁ ମିଳୁଥିଲା। ଶତାବରୀ, ଅଶୋକ, ଫଣଫଣା, ବରୁଣ, ରକ୍ତଚନ୍ଦନ, ସମୀ, ରାସ୍ନା, ଅଁଳା, ହରିଡ଼ା, ବାହାଡ଼ା, ମୁଥା, ବଜ୍ରମୂଳି, ବାଡ଼ି ଅଁଳା ଭଳି ଦରକାରୀ ଦୁର୍ମୂଲ୍ୟ ଚେରମୂଳି ଏବେ ଲୋପ୍ ପାଇବାକୁ ବସିଲାଣି। ଅନ୍ୟପଟେ ଯେଉଁଭଳି ଜଙ୍ଗଲ ନଷ୍ଟ ହେଉଛି କୃତ୍ରିମ ଉପାୟରେ ଲଗାଯାଉଥିବା ଏହି ଔଷଧୀୟ ବୃକ୍ଷଗୁଡ଼ିକର ସୁରକ୍ଷା ନେଇ ମଧ୍ୟ ଏବେ ଆଶଙ୍କା ସୃଷ୍ଟି ହେଲାଣି ବୋଲି ସେମାନେ ଚିନ୍ତାପ୍ରକଟ କରିଛନ୍ତି।

## ● ଅସରାଏ ବର୍ଷାରେ ବଢ଼ୁଛି ବିଡିଏ କଲୋନୀ ବାସିନ୍ଦାଙ୍କ ସମସ୍ୟା

# ଡ୍ରେନ୍ ନିର୍ମାଣ ପାଇଁ ପୌରାଧ୍ୟକ୍ଷାଙ୍କୁ ଦାବିପତ୍ର

ଖୋର୍ଦ୍ଧା, ୧୦।୯ (ସମିସ): ଖୋର୍ଦ୍ଧା ପୌରାଞ୍ଚଳ ୧୧ନମ୍ବର ୱାର୍ଡ ବିଡିଏ କଲୋନୀ ମୁଖ୍ୟରାସ୍ତାରେ ଡ୍ରେନ୍ ନିର୍ମାଣ ହୋଇ ନ ଥିବାରୁ ଲଘୁଚାପ ବର୍ଷାରେ ବର୍ଷାଜଳ ନିଷ୍କାସନ ହୋଇ ନ ପାରି ଆଣ୍ଠୁଏ ଉଚ୍ଚରେ ଜଳ ପ୍ରବାହିତ ହେଉଛି। ଫଳରେ ସ୍ଥାନୀୟ ବାସିନ୍ଦା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ତୁରନ୍ତ ଡ୍ରେନ୍ ନିର୍ମାଣ ଦାବିରେ ଏକାଧିକ ବରିଷ୍ଠ ନାଗରିକ ପୌରାଧ୍ୟକ୍ଷା କନକଲକ୍ଷ୍ମୀ ମହାନ୍ତିଙ୍କୁ ଏକ ଦାବିପତ୍ର ଦେଇଛନ୍ତି।


ଅଭିଯୋଗ ଅନୁଯାୟୀ, ଏହି କଲୋନୀ ପରିସରରେ ଏକାଧିକ ବେସରକାରୀ ଅନୁଷ୍ଠାନ, ପୌରପାଳିକା ଡାକ୍ତରଖାନା, କଲ୍ୟାଣ ମଣ୍ଡପ, ଜନସେବା କେନ୍ଦ୍ର, ଘରୋଇ ରାଷ୍ଟ୍ରାୟତ ବ୍ୟାଙ୍କ, ଅଙ୍ଗନବାଡ଼ି କେନ୍ଦ୍ର, ବ୍ୟାବସାୟିକ ପ୍ରତିଷ୍ଠାନ ରହିଛି। ରାତି ପାହିଲେ ଶତାଧିକ ଲୋକେ ଯାତାୟାତ କରୁଛନ୍ତି। ମାତ୍ର ଲଘୁଚାପ ବର୍ଷାରେ ଦୁଇ ସପ୍ତାହ ହେଲା ମୁଖ୍ୟରାସ୍ତାରେ ପାଣି ଜମି ରହିଛି। ଛାତ୍ରଛାତ୍ରୀଙ୍କଠାରୁ ବରିଷ୍ଠ ନାଗରିକ ଯିବାଆସିବାରେ ଅସୁବିଧାର ସମ୍ମୁଖୀନ ହେଉଥିବାବେଳେ ଅପରିଷ୍କାର ପାଣିରେ ଲୋକେ ଚାଲିକୁ ଯିବା ପାଇଁ ବାଧ ହେଉଛନ୍ତି। ବର୍ଷାଜଳ ନିଷ୍କାସନର କୌଣସି ସୁବିଧା ନ ଥିବାରୁ ଏଠାରେ ପାଣି ଜମାହୋଇ ମଶା ବଂଶ ବୃଦ୍ଧି ପାଇବା ସହ ପାଣିରେ ସାପ ଭାସୁଛନ୍ତି। ଫଳରେ ଲୋକେ ଏକ ପ୍ରକାର ଆଶଙ୍କା ମଧ୍ୟରେ ଗତି କରୁଛନ୍ତି। ତୁରନ୍ତ ଜମିରହିଥିବା ବର୍ଷାଜଳ ନିଷ୍କାସନ ନିମନ୍ତେ ମୁଖ୍ୟରାସ୍ତାରେ ଡ୍ରେନ୍ ନିର୍ମାଣ ପାଇଁ କଲୋନୀ ବାସିନ୍ଦା ପୌରାଧ୍ୟକ୍ଷାଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଏପରିକି କଲୋନୀରେ ରହିଥିବା ଅଧପନ୍ତରିଆ ମୁକୁଳା ଡ୍ରେନ୍ ମରାମତି, ସଫା କରିବା ପାଇଁ ଦାବି କରିଛନ୍ତି। ଡ୍ରେନ୍ ନିୟମିତ ସଫା ହେଉ ନ ଥିବାରୁ ଅଳିଆ ଆବର୍ଜନା ଜମା ହୋଇ ପୂତିଗନ୍ଧମୟ ହୋଇପଡ଼ିଛି। ସେହି ରାସ୍ତାରେ ଯିବାଆସିବା ବେଳେ ଦୁର୍ଗନ୍ଧରେ ନାକ ଫାଟିପଡୁଛି ବୋଲି ଅଭିଯୋଗରେ ଉଲ୍ଲେଖ କରିଛନ୍ତି। ସେହିଭଳି କଲୋନୀରେ ଥିବା ଏକାଧିକ ଷ୍ଟ୍ରିଟ୍‌ଲାଇଟ୍ ଜଳୁ ନ ଥିବାରୁ ସନ୍ଧ୍ୟା ହେଲେ ଅନ୍ଧାର ରାଜୁତି କରୁଛି। ଘନ ଅନ୍ଧକାରର ସୁଯୋଗ ନେଇ ଏବେ କଲୋନୀରେ ଲୁଟେରାଙ୍କ ଆଡ୍ଡାସ୍ଥଳୀ ପାଲଟିଛି। ଗତ କିଛିଦିନ ହେଲା ଚୋରି, ଲୁଟ୍‌ପାଟ୍ ବଢ଼ିଛି। ତୁରନ୍ତ ଏ ଦିଗରେ ପଦକ୍ଷେପ ଗ୍ରହଣ କରିବାକୁ ଦାବି କରିଛନ୍ତି। ସ୍ଥାନୀୟ କାଉନ୍‌ସିଲର ସୃଷ୍ଟି ମାଝୀ କୁହନ୍ତି, କଲୋନୀ ବାସିନ୍ଦାଙ୍କ ଅଭିଯୋଗ ଉପରେ ମୁଁ ପୂର୍ବରୁ ପୌରାଧ୍ୟକ୍ଷା ଏବଂ ନିର୍ବାହୀ ଅଧିକାରୀଙ୍କ ସହ ଆଲୋଚନା କରିଛି। ଏନେଇ ପୌରାଧ୍ୟକ୍ଷା କନକଲକ୍ଷ୍ମୀ ମହାନ୍ତି କହିଛନ୍ତି, ବିଡିଏ କଲୋନୀ ବାସିନ୍ଦାଙ୍କ ଅଭିଯୋଗ ପାଇଛି। ଖୁବ୍‌ଶୀଘ୍ର ଉକ୍ତ ଅଞ୍ଚଳରେ ରାସ୍ତାପାର୍ଶ୍ୱ ଡ୍ରେନ୍ ନିର୍ମାଣ କରାଯିବ। ଏନେଇ ବିଭାଗୀୟ ଅଧିକାରୀଙ୍କ ସହ ଆଲୋଚନା ହୋଇଛି।

# କୁମ୍ଭୀର ବଞ୍ଚାଇ ଦେଲା ମହିଳାଙ୍କ ଜୀବନ



କାନପୁର, ୧୦।୯ (ଏଜେନ୍ସି): ସ୍ୱାମୀ ସବୁବେଳେ ମଦ ପିଉଥିଲେ। ଆଉ ଏହି ମଦ ନିଶାରେ ଆସି ସେ ସ୍ତ୍ରୀ ସହ ଝଗଡ଼ା କରୁଥିଲେ। ମାର୍‌ପିଟ କରୁଥିଲେ ଏବଂ ନିର୍ଯାତନା ଦେଉଥିଲା। ପ୍ରାୟ ସବୁ ଦିନ ଏପରି ଲାଗି ରହିଥିଲା। ଏଥିପାଇଁ ଘରେ ଅଶାନ୍ତି ସୃଷ୍ଟି ହେଉଥିଲା। ଏହାକୁ ନେଇ ମହିଳା ଅତିଷ୍ଠ ହୋଇ ଯାଇଥିଲେ। ଶେଷରେ ଜୀବନ ହାରିବାକୁ ନିଷ୍ପତ୍ତି ନେଇ ରାତିରେ ଘରୁ ବାହାରି ଯାଇଥିଲେ। ରାତି ପ୍ରାୟ ୧୦ଟା ୩୦ରେ ଏକ ପୋଲ ଉପରୁ ଭରା ନଦୀକୁ ଡେଇଁ ପଡ଼ିଥିଲେ। ହେଲେ ଟିକେ ଟିକେ ପହଁରା ଶିଖିଥିବାରୁ ସଂଘର୍ଷ କରି ମହିଳା କିଛି ବାଟ ପଳାଇ ଥିଲେ। ମାତ୍ର ଅଣନିଃଶ୍ୱାସୀ ଲାଗିବାରୁ ମହିଳା କିଛି ସମୟ ଅଟକିବାକୁ ନିଷ୍ପତ୍ତି ନେଇଥିଲେ। ଏଥିପାଇଁ ନିକଟ ଦେଇ ଭାସି ଯାଉଥିବା ଏକ କାଠକୁ ଆଶ୍ରା କରି ନଦୀ କୂଳ ଆଡକୁ ଚାଲି ଆସିଥିଲେ। ଟିକେ ଅପେକ୍ଷା କରି ଦୀର୍ଘ ଶ୍ୱାସ ନେଉଥିବା ସମୟରେ ସେ ଏକ ବିରାଟକାୟ କୁମ୍ଭୀର ତାଙ୍କ ଅଭିମୁଖେ ଆସୁଥିବା ଦେଖିବାକୁ ପାଇଥିଲେ। ଆଉ ଏହି କୁମ୍ଭୀର ହିଁ ମହିଳାଙ୍କ ମନ ବଦଳାଇ ଦେଇଥିଲା। ଆତ୍ମହତ୍ୟା କରିବାକୁ ଗଙ୍ଗା ନଦୀକୁ ଡେଇଁଥିବା ଏହି ମହିଳା ଜୀବନ ବଞ୍ଚାଇବା ପାଇଁ ଦୌଡି ଥିଲେ। ନଦୀ କୂଳରେ ଥିବା ଏକ ପିଜୁଳି ଗଛ ଦେଖି ଜୀବନ ବିକଳରେ ତା ଉପରେ ଚଢ଼ି ଯାଇଥିଲେ। ସାରା ରାତି ସେହି ଗଛ ଉପରେ ମହିଳା ଅପେକ୍ଷା କରିଥିଲେ। ଆଉ ରାତି ପାହିବା ପରେ ମହିଳାଙ୍କ କାନ୍ଦ ଶୁଣି କିଛି ଲୋକ ପୁଲିସକୁ ଖବର ଦେଇଥିଲେ। ଘଟଣାସ୍ଥଳରେ ପହଞ୍ଚି ମହିଳାଙ୍କୁ ଉଦ୍ଧାର କରି ପୁଲିସ ତାଙ୍କ ଘରେ ପହଞ୍ଚାଇ ଥିଲା। ଆଉ ଝଗଡ଼ା ନ କରିବାକୁ ସ୍ୱାମୀଙ୍କୁ ପରାମର୍ଶ ଦେଇଥିଲା। ଉତ୍ତର ପ୍ରଦେଶ କାନପୁର ଅନ୍ତର୍ଗତ ଅହିରୱାନ ବାସିନ୍ଦା ମାଳତୀ ଦେବୀ (୩୨)ଙ୍କ କ୍ଷେତ୍ରରେ ଏଭଳି ଘଟିଥିଲା। ସ୍ୱାମୀଙ୍କ ସହ ଝଗଡ଼ା ହେବା ଯୋଗୁଁ ସେ ଗତ ଶୁକ୍ରବାର ରାତିରେ ଜଜମଉ ପୋଲରୁ ଗଙ୍ଗାକୁ ଡେଇଁଥିଲେ। ଏହି ଖବର ଖୁବ ଚର୍ଚ୍ଚାରେ ରହିଛି।

# ସହାୟତା ମାଗିଲେ ନେପାଳରେ ଫସିଥିବା ଭାରତୀୟ ଯୁବତୀ



ପଞ୍ଚକୁଲା, ୧୦।୯ (ଏଜେନ୍ସି): ନେପାଳରେ ଚାଲିଥିବା ଉଗ୍ର ତଥା ହିଂସ୍ର ଆନ୍ଦୋଳନ କାରଣରୁ ଦିଲ୍ଲୀର ଉପାସନା ଗିଲ୍ ସେଠାରେ ଫସି ରହିଛନ୍ତି। ସହାୟତା କରିବା ପାଇଁ ସେ ସାମାଜିକ ଗଣମାଧ୍ୟମରେ କାନ୍ଦି କାନ୍ଦି ନିବେଦନ କରିଛନ୍ତି। ଉପାସନା ଏକ ଭଲିବଲ୍ ଇଭେଣ୍ଟ ଉପସ୍ଥାପନ କରିବାକୁ ନେପାଳର ପୋଖରା ଯାଇଥିଲେ। ତାଙ୍କ ଟିମ୍‌ରେ ହରିୟାଣା ଓ ଫରିଦାବାଦ୍‌ର ଅନ୍ୟ ଝିଅମାନେ ମଧ୍ୟ ଥିଲେ। ସାମାଜିକ ଗଣମାଧ୍ୟମରେ ଭିଡିଓ ସେୟାର କରି ସେ ତୁରନ୍ତ ସାହାଯ୍ୟ ପାଇଁ ନିବେଦନ କରିଛନ୍ତି। ହରିୟାଣା ରାଜ୍ୟ ମହିଳା କମିଶନ ଏ ସଂକ୍ରାନ୍ତରେ କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା, ହରିୟାଣା ମୁଖ୍ୟମନ୍ତ୍ରୀ ନାଏବ ସାଇନିଙ୍କୁ ଚିଠି ଲେଖି ଅବଗତ କରାଇଛନ୍ତି। ସେ ରହୁଥିବା ହୋଟେଲକୁ ଆନ୍ଦୋଳନକାରୀମାନେ ସମ୍ପୂର୍ଣ୍ଣ ରୂପେ ଜାଳି ଦେଇଛନ୍ତି। ହିଂସା ବେଳେ ସେ ଏକ ସ୍ପାରେ ଥିଲେ। ଉତ୍ତ୍ୟକ୍ତ ଲୋକେ ବାଡି ଧରି ତାଙ୍କୁ ପଛରୁ ଗୋଡାଇଥିଲେ। କୌଶଳ କ୍ରମେ ଯୁବତୀ ଅଳ୍ପକେ ବର୍ତ୍ତିଯାଇ ଖସି ପଳାଇଆସିଛନ୍ତି ବୋଲି ପୋଷ୍ଟ କରିଥିବା ଭିଡିଓରେ ସେ କହିଛନ୍ତି। ପୋଖରାରେ ସ୍ଥିତି ଅତ୍ୟନ୍ତ ଉଦ୍‌ବେଗଜନକ ରହିଛି। ସବୁଆଡେ ଖାଲି ନିଆଁ ଓ ପୋଡାଜଳା ଦେଖିବାକୁ ମିଳିଛି। ଉତ୍ତ୍ୟକ୍ତ ଲୋକଙ୍କ ଭିଡ଼ ପର୍ଯ୍ୟଟକଙ୍କୁ ମଧ୍ୟ ଛାଡୁନାହାନ୍ତି। ସ୍ଥାନୀୟ ଓ ବାହାରୁ ଆସିଥିବା ଲୋକ ଯାହାକୁ ଦେଖୁଛନ୍ତି ସେମାନେ ଆକ୍ରମଣ କରୁଛନ୍ତି ବୋଲି ସେ କହିଛନ୍ତି। ଏବେ ସେ ଓ ତାଙ୍କ ଟିମ୍ ଅନ୍ୟ ହୋଟେଲରେ ରହୁଛନ୍ତି। ସେମାନେ ସେଠାରେ କେତେଦିନ ରହିପାରିବେ ତାହା କହିବା କଷ୍ଟକର। ତେଣୁ ତାଙ୍କ ବାର୍ତ୍ତାକୁ ଭାରତୀୟ ଦୂତାବାସକୁ ପଠାଇବାକୁ ସେ ଅନୁରୋଧ କରିଛନ୍ତି।

## ଶୁକ୍ରବାର ଶପଥ ନେବେ ରାଧାକ୍ରିଷ୍ଣନ୍



ନୂଆଦିଲ୍ଲୀ, ୧୦।୯(ଏଜେନ୍ସି): ଆସନ୍ତା ଶୁକ୍ରବାର ଦିନ ନବନିର୍ବାଚିତ ଉପରାଷ୍ଟ୍ରପତି ସିପି ରାଧାକ୍ରିଷ୍ଣନ୍ ଶପଥ ଗ୍ରହଣ କରିବେ। ଆଜି ରାଷ୍ଟ୍ରପତି ଭବନ ପକ୍ଷରୁ ଏ ସମ୍ପର୍କରେ ସୂଚନା ଦିଆଯାଇଛି। ଗତକାଲି ହୋଇଥିବା ନିର୍ବାଚନରେ ଏନଡିଏ ପ୍ରାର୍ଥୀ ରାଧାକୃଷ୍ଣନ୍ ଇଣ୍ଡିଆ ପ୍ରାର୍ଥୀ ସୁଦର୍ଶନ ରେଡ୍ଡୀଙ୍କୁ ୧୫୨ ଭୋଟ ବ୍ୟବଧାନରେ ପରାସ୍ତ କରିଛନ୍ତି। ରାଧାକ୍ରିଷ୍ଣନ୍ ୪୫୨ ଭୋଟ ଏବଂ ସୁଦର୍ଶନ ରେଡ୍ଡୀ ୩୦୦ ଭୋଟ ପାଇଥିଲେ।

## ପାକିସ୍ତାନକୁ ସିମ୍ କାର୍ଡ ପଠାଇ ନେପାଳୀ ନାଗରିକ ଗିରଫ

ନୂଆଦିଲ୍ଲୀ, ୧୦।୯(ଏଜେନ୍ସି): ଦିଲ୍ଲୀ ପୁଲିସର ସ୍ପେଶାଲ ସେଲ୍ ବୁଧବାର ଜଣେ ନେପାଳୀ ନାଗରିକକୁ ଗିରଫ କରିଛି। ପାକିସ୍ତାନ ଗୁଇନ୍ଦା ସଂସ୍ଥା ଆଇଏସ୍‌ଆଇକୁ ସିମ୍ କାର୍ଡ ପଠାଇବା ଅଭିଯୋଗରେ ପ୍ରଭାତ କୁମାର ଚୌରାସିଆ ନାମକ ଏହି ଯୁବକଙ୍କୁ ଦିଲ୍ଲୀର ଲକ୍ଷ୍ମୀ ନଗରରୁ ଗିରଫ କରାଯାଇଛି ବୋଲି ପୁଲିସ୍ ତରଫରୁ କୁହାଯାଇଛି। ପ୍ରଭାତ ମହାରାଷ୍ଟ୍ରର ଲାଟୁରରୁ ୧୬ଟି ସିମ୍ କାର୍ଡ କ୍ରୟ କରି ନେପାଳ ପହଞ୍ଚାଇଥିଲେ। ସେଠାରୁ ୧୧ଟି କାର୍ଡ ପାକିସ୍ତାନର ବାହବଲପୁରରେ ଥିବା ଟ୍ରେସ୍ ହୋଇଥିଲା। ଏହି କାର୍ଡଗୁଡିକର ନମ୍ବରକୁ ଭାରତ ବିରୋଧୀ ଗତିବିଧିରେ ବ୍ୟବହାର କରାଯାଇଥିଲା। ବାହବଲପୁର ହେଉଛି ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦର ଗଡ଼। ଅପରେସନ ସିନ୍ଦୂରରେ ଭାରତ ଏହି ସ୍ଥାନରେ ଥିବା ଆତଙ୍କବାଦୀ ଠିକଣା ଉପରେ ମିସାଇଲ ଆକ୍ରମଣ କରିଥିଲା। ୨୦୨୪ରେ ପ୍ରଭାତ ଜଣେ ନେପାଳୀ ମଧ୍ୟସ୍ଥି ମାଧ୍ୟମରେ କାର୍ଡଗୁଡିକୁ ପାକିସ୍ତାନ ପଠାଇଥିଲା। ପ୍ରତିବଦଳରେ ଆଇଏସ୍‌ଆଇ ତାଙ୍କୁ ଆମେରିକା ଭିସା ଦେବାକୁ ପ୍ରତିଶ୍ରୁତି ଦେଇଥିଲା।

## ମନମୋହନ ସିଂହଙ୍କୁ 'ପିଭି ନରସିଂହ ରାଓ' ପୁରସ୍କାର

ନୂଆଦିଲ୍ଲୀ, ୧୦।୯(ଏଜେନ୍ସି): ପୂର୍ବତନ ପ୍ରଧାନମନ୍ତ୍ରୀ ତଥା ଅର୍ଥନୀତିଜ୍ଞ ମନମୋହନ ସିଂହଙ୍କୁ ମରଣୋତ୍ତର ଭାବେ 'ପିଭି ନରସିଂହ ରାଓ' ସ୍ମାରକୀ ପୁରସ୍କାର ପ୍ରଦାନ କରାଯାଇଛି। ଭାରତୀୟ ଅର୍ଥନୀତିର ରୂପାନ୍ତରଣ ଓ ଦେଶ ନିର୍ମାଣରେ ଉଲ୍ଲେଖନୀୟ ଅବଦାନ ପାଇଁ ତାଙ୍କୁ ଏହି ପୁରସ୍କାରରେ ସମ୍ମାନିତ କରାଯାଇଛି। ଦିଲ୍ଲୀରେ ଗତ ସପ୍ତାହରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ତାଙ୍କ ପାଇଁ ପତ୍ନୀ ଗୁରଶରଣ କୌର ଏହି ପୁରସ୍କାର ଗ୍ରହଣ କରିଥିଲେ ବୋଲି ହାଇଦରାବାଦ ପର୍ଯ୍ୟବସିତ ପିଭି ନରସିହ୍ମା ରାଓ ସ୍ମାରକୀ ଫାଉଣ୍ଡେସନ (ପିଭିଏନ୍‌ଏମ୍‌ଏଫ୍) ତରଫରୁ କୁହାଯାଇଛି। ଯୋଜନା କମିଶନ ପୂର୍ବତନ ଉପାଧ୍ୟକ୍ଷ ମଣ୍ଟେକ ସିଂହ ଆହ୍ଲୱାଲିଆ ଏହି ପୁରସ୍କାର ପ୍ରଦାନ କରିଥିଲେ। ଅର୍ଥନୀତିରେ ଉଲ୍ଲେଖନୀୟ କାର୍ଯ୍ୟ କରିଥିବା ବ୍ୟକ୍ତିବିଶେଷଙ୍କୁ ଏହି ପୁରସ୍କାର ପ୍ରଦାନ କରାଯାଇଥାଏ। ଏହି ଅବସରରେ ପିଭିଏନ୍‌ଏମ୍‌ଏଫ୍ ଅଧ୍ୟକ୍ଷ କେ ରାମଚନ୍ଦ୍ର ମୂର୍ତ୍ତୀ ଓ ସାଧାରଣ ସମ୍ପାଦକ ମାଧମଚେଟ୍ଟୀ ଅନିଲ କୁମାର ଉପସ୍ଥିତ ଥିଲେ।

## ଇସ୍ରାଏଲ ବିପକ୍ଷରେ ଯୁଦ୍ଧ କରିବେ ଆରବ ଦେଶ

ଦୋହା, ୧୦।୯(ଏଜେନ୍ସି): କାତାର ରାଜଧାନୀ ଦୋହାରେ ଇସ୍ରାଏଲ ଆକ୍ରମଣ କରିବା ପରେ ଆରବର ସବୁ ଇସ୍‌ଲାମିକ ଦେଶ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ଇସ୍ରାଏଲର ଏହି ଆକ୍ରମଣକୁ ନିନ୍ଦା କରି ସାଉଦି ଆରବ, ୟୁଏଇ, କାତାର, ଜୋର୍ଡାନ ଓ ତୁର୍କୀ ଭଳି ଆରବ ଦେଶଗୁଡିକ ମିଳିତ ବିବୃତ୍ତି ଦେଇଛନ୍ତି। ଏହା ଆଞ୍ଚଳିକ ଶାନ୍ତିରେ ବ୍ୟାଘାତ ସୃଷ୍ଟି କରିବା ସହ କାତାରର ସାର୍ବଭୌମତ୍ୱ ଉପରେ ଆକ୍ରମଣ ଓ ଅନ୍ତର୍ଜାତୀୟ ନିୟମର ଘୋର ଉଲ୍ଲଂଘନ ବୋଲି କୁହାଯାଇଛି। ଇସ୍ରାଏଲର ଏଭଳି ଆକ୍ରମଣ ଆତଙ୍କବାଦର ଏକ ବୃହତ ରୂପ ବୋଲି କାତାର ପ୍ରଧାନମନ୍ତ୍ରୀ ଶେଖ ମହମ୍ମଦ ବିନ କହିଛନ୍ତି। କାତାରକୁ ସବୁ ଦେଶଗୁଡିକ ସମର୍ଥନ କରିଛନ୍ତି। ଏଭଳି ଆକ୍ରମଣ କଲେ ଇସ୍ରାଏଲ ବିରୋଧରେ ଯୁଦ୍ଧ ଘୋଷଣା କରାଯିବ ବୋଲି ଏହି ଦେଶଗୁଡିକ ମିଳିତ ବିବୃତ୍ତିରେ କହିଛନ୍ତି।

## ବର୍ତ୍ତିଲେ ହମାସ୍ ନେତା; ୬ ମୃତ

ଦୋହା, ୧୦।୯(ଏଜେନ୍ସି): କତାର ରାଜଧାନୀ ଦୋହାରେ ମଙ୍ଗଳବାର ବିସ୍ଫୋରଣର ପ୍ରଚଣ୍ଡ ଶବ୍ଦ ଶୁଣିବାକୁ ମିଳିଥିଲା। ଏହି ଆକ୍ରମଣ ଇସ୍ରାଏଲ ସେନା କରିଛି। ଆତଙ୍କବାଦୀ ସଂଗଠନ ହମାସର କେତେଜଣ ବରିଷ୍ଠ ନେତାଙ୍କୁ ଲକ୍ଷ୍ୟ କରି ଏହି ଆକ୍ରମଣ କରାଯାଇଛି ବୋଲି ଇସ୍ରାଏଲ୍ ସେନା ତରଫରୁ କୁହାଯାଇଛି। ହମାସ ମୁଖ୍ୟ ଖଲିଲ ଅଲ-ହୟାଙ୍କୁ ଟାର୍ଗେଟ କରି ଏହି ଆକ୍ରମଣ କରାଯାଇଥିଲା। କିନ୍ତୁ ସେ ଅଳ୍ପକେ ବଞ୍ଚିଯାଇଥିବା ବେଳେ ଅନ୍ୟ ୬ଜଣ ଲୋକ ମୃତ୍ୟୁବରଣ କରିଛନ୍ତି।

# ଉପରାଷ୍ଟ୍ରପତି ନିର୍ବାଚନରେ କ୍ରସଭୋଟିଂ କରିଛି କିଏ?

### ସନ୍ଦେହ ଘେରରେ ପାୱାର ଓ ଉଦ୍ଧବଙ୍କ ସାଂସଦ

### ଇଣ୍ଡିଆ ମେଣ୍ଟର ମିତ୍ର ସାଂସଦଙ୍କୁ 'ସ୍ୱତନ୍ତ୍ର ଧନ୍ୟବାଦ': କେନ୍ଦ୍ର ମନ୍ତ୍ରୀ

ନୂଆଦିଲ୍ଲୀ, ୧୦।୯: ଗତକାଲି ଅନୁଷ୍ଠିତ ଉପରାଷ୍ଟ୍ରପତି ନିର୍ବାଚନରେ କ୍ରସଭୋଟିଂ ହୋଇଛି। କ୍ଷମତାସୀନ ଏନଡିଏ ପ୍ରାର୍ଥୀ ସିପି ରାଧାକ୍ରିଷ୍ଣନ ଆକଳନ ଠାରୁ ୧୬ଟି ଅଧିକ ଭୋଟ୍ ପାଇଥିବା ବେଳେ ବିରୋଧୀ ଦଳ ପ୍ରାର୍ଥୀ ସୁଦର୍ଶନ ରେଡୀ ୨୪ଟି କମ୍ ଭୋଟ୍ ପାଇଛନ୍ତି। ୧୫ଟି ଭୋଟ୍ ନାକଚ ହୋଇଛି। କିଏ କ୍ରସଭୋଟିଂ କରିଛି ଏହାକୁ ନେଇ ବିରୋଧୀ ଶିବିରରେ ଘଣ୍ଟାଚକଟା ଚାଲିଥିବା ବେଳେ ସେମାନଙ୍କ କଟା ଘା'ରେ ଆଜି ଚୂନ ଲଗାଇଛନ୍ତି ବିଜେପି ନେତା ତଥା କେନ୍ଦ୍ର ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ। ସେ କହିଛନ୍ତି ଯେ ଉପରାଷ୍ଟ୍ରପତି ନିର୍ବାଚନରେ ଏନ୍‌ଡିଏ ପ୍ରାର୍ଥୀଙ୍କୁ ବିରୋଧୀ ମେଣ୍ଟର କିଛି ସାଂସଦ ନିଜ ବିବେକ ଅନୁଯାୟୀ ଭୋଟ୍ ଦେଇଛନ୍ତି। ସେମାନଙ୍କୁ 'ସ୍ୱତନ୍ତ୍ର ଧନ୍ୟବାଦ'। ବିରୋଧୀ ମେଣ୍ଟର ଏହି ସାଂସଦଙ୍କୁ ସେ ଏନଡିଏର ମିତ୍ର ବୋଲି କହିଛନ୍ତି। ରିଜିଜୁଙ୍କ ଏହି ଟୁଇଟ୍ ଆଜି ବିରୋଧୀ ଶିବିରରେ ନିଆଁ ଲଗାଇଦେଇଛି। ଶାସକ ମେଣ୍ଟର ପ୍ରାର୍ଥୀଙ୍କ ସପକ୍ଷରେ କ୍ରସଭୋଟିଂ କରିଥିବା ଏନଡିଏର ସେହି ମିତ୍ର ସାଂସଦ କିଏ? ସେମାନଙ୍କୁ ଖୋଜି ବାହାର କରାଯାଉ ଏବଂ ଏହା ଉପରେ ଯାଞ୍ଚ କରାଯାଉ ବୋଲି ଦାବି କରିଛନ୍ତି କଂଗ୍ରେସ ନେତା ମନିଶ ତିୱାରୀ। ସେ କହିଛନ୍ତି ଯେ ବିହାର ଏବଂ ତାମିଲନାଡୁ ବିଧାନସଭା ନିର୍ବାଚନ ପୂର୍ବରୁ ଏକଜୁଟ୍ ହେବା ଲାଗି ବିରୋଧୀ ଶିବିର ଅକ୍ଳାନ୍ତ ପରିଶ୍ରମ କରୁଥିବା ବେଳେ କ୍ରସଭୋଟିଂ କରି ସାଂସଦ ବିଶ୍ୱାସଘାତ କରିଛନ୍ତି। ଏହା ଆଦୌ ଗ୍ରହଣୀୟ ନୁହେଁ।

ଦିଲ୍ଲୀ ରାଜନୈତିକ ମହଲରେ ଯେଉଁ ଚର୍ଚ୍ଚା ଚାଲିଛି, ତାହାକୁ ଯଦି ବିଶ୍ୱାସ କରାଯାଏ, ତାହାହେଲେ ଶରଦ ପାୱାରଙ୍କ ଏନ୍‌ସିପି, ଉଦ୍ଧବ ଠାକରେଙ୍କ ଶିବ ସେନା, ଅରବିନ୍ଦ କେଜ୍ରିୱାଲଙ୍କ ଆପ୍‌ର ସାଂସଦ ସନ୍ଦେହ ଘେରରେ ରହିଛି। କଂଗ୍ରେସ ସାଂସଦ ମଧ୍ୟ ସନ୍ଦେହରୁ ଊର୍ଦ୍ଧ୍ୱରେ ନୁହନ୍ତି। କାରଣ ଗତବର୍ଷ ହିମାଚଳ ପ୍ରଦେଶରେ କଂଗ୍ରେସର ୬ ବିଧାୟକ ରାଜ୍ୟସଭା ନିର୍ବାଚନରେ ବିଜେପି ପ୍ରାର୍ଥୀଙ୍କ ସପକ୍ଷରେ କ୍ରସଭୋଟିଂ କରି ଜିତାଇଥିଲେ। ଆରଜେଡି ମୁଖ୍ୟ ତେଜସ୍ୱୀ ଯାଦବ ଆଜି କହିଛନ୍ତି ଯେ ତାଙ୍କର ସମସ୍ତ ୯ ସାଂସଦ ସୁଦର୍ଶନଙ୍କ ସପକ୍ଷରେ ଭୋଟ୍ ଦେଇଛନ୍ତି। ତୃଣମୂଳ କଂଗ୍ରେସ ନେତା ଅଭିଷେକ ବାନାର୍ଜୀ କହିଛନ୍ତି ଯେ ତାଙ୍କ ଦଳର ସମସ୍ତ ୪୧ ଜଣ ସାଂସଦ ବିରୋଧୀ ମେଣ୍ଟ ପ୍ରାର୍ଥୀ ସପକ୍ଷରେ ଭୋଟ୍ ଦେଇଛନ୍ତି, ଏଥିରେ କୌଣସି ସନ୍ଦେହ ନାହିଁ।

ଅନ୍ୟପକ୍ଷରେ ଏନସିପି (ପାୱାର) ନେତ୍ରୀ ସୁପ୍ରିୟା ସୁଲେ ଯେଉଁ ପ୍ରତିକ୍ରିୟା ଦେଇଛନ୍ତି, ତାହା ସନ୍ଦେହ ବଢାଇଛି। ସେ କହିଛନ୍ତି ଯେ ମତଦାନ ଯଦି ଗୁପ୍ତ, ତାହାହେଲେ କିଏ କ୍ରସଭୋଟିଂ କରିଛି, ଜାଣିବା କଷ୍ଟକର। ସାଂସଦମାନଙ୍କ ମଧ୍ୟରେ ଯଦି ମତଭେଦ ହେବ, ତାହାହେଲେ ଆମେ କଣ କରିପାରିବା। କିନ୍ତୁ ଏଥିପାଇଁ ମହାରାଷ୍ଟ୍ରକୁ ବଦନାମ କରାଯିବା ଉଚିତ ନୁହେଁ ବୋଲି ସେ କହିଛନ୍ତି। ସେହିଭଳି ଉଦ୍ଧବ ଶିବ ସେନାର ନେତା ଅରବିନ୍ଦ ସାୱନ୍ତ କହିଛନ୍ତି ଯେ ଏହା ପଛରେ ବଡ଼ ଧରଣର ଷଡଯନ୍ତ୍ର ରହିଛି। କିଛି ସାଂସଦଙ୍କୁ ଅର୍ଥ ଲୋଭ କିମ୍ବା ବ୍ଲାକମେଲ କରାଯାଇଥିବ ବୋଲି କହି ସେ ମଧ୍ୟ ଅସହାୟତା ପ୍ରକାଶ କରିଛନ୍ତି। କେଜ୍ରିୱାଲଙ୍କ ଆପ୍ ନିରବ ରହିଛି। ଏହି ତିନିଟି ଦଳର ୩୩ ଜଣ ସାଂସଦ ରହିଛନ୍ତି।

# ନେପାଳରୁ ଫ୍ରାନ୍ସ: ୧୧ ଦେଶରେ ସମାନ ସଙ୍କଟ



ନୂଆଦିଲ୍ଲୀ, ୧୦।୯ (ଏଜେନ୍ସି): ନେପାଳରେ ଲାଗିଥିବା ନିଆଁ ଲିଭିବାର ନା ଧରୁନି। ଆନ୍ଦୋଳନକାରୀଙ୍କ ସାମ୍ନାରେ ସରକାରେ ନଇଁ ଗଲେଣି। ପ୍ରଧାନମନ୍ତ୍ରୀ ଇସ୍ତଫା ଦେଇ ସାରିଲେଣି। ଉପ-ପ୍ରଧାନମନ୍ତ୍ରୀଙ୍କ ଅନେକ ମନ୍ତ୍ରୀ ପଦ ଛାଡ଼ି ସାରିଲେଣି। ସାମାଜିକ ଗଣମାଧ୍ୟମରୁ କଟକଣା ହଟିଲାଣି। ଏହା ସତ୍ତ୍ୱେ ଜେନ୍-ଜେଡ୍ ତଥା ଯୁବ ଗୋଷ୍ଠୀଙ୍କ କ୍ରୋଧ ଶାନ୍ତ ପଡୁନାହିଁ। ନେପାଳ ଭଳି ବିଶ୍ୱର କିଛି ଅନ୍ୟ ଦେଶରେ ମଧ୍ୟ ଏଭଳି ସ୍ଥିତି ଜାରି ରହିଛି। ଏହା ମଧ୍ୟରେ ଫ୍ରାନ୍ସ, ଜାପାନ, ଥାଇଲାଣ୍ଡ, ଇଣ୍ଡୋନେସିଆ ସମେତ ମଧ୍ୟପ୍ରାଚ୍ୟ ଏବଂ ଆଫ୍ରିକା ମହାଦେଶର ଅନେକ ରାଷ୍ଟ୍ର ସାମିଲ ଅଛନ୍ତି। ପ୍ରମୁଖ ୧୧ଟି ଦେଶରେ ରାଜନୈତିକ ଅସ୍ଥିରତା ଜାରି ରହିଛି। ତେବେ ଏହି ସବୁ ଦେଶର ସମସ୍ୟା ସମାନ ହୋଇଥିଲେ ମଧ୍ୟ କାରଣ ଭିନ୍ନ ଭିନ୍ନ ରହିଛି। ଦୁର୍ନୀତି ଏବଂ ସାମାଜିକ ଗଣମାଧ୍ୟମ ଉପରେ କଟକଣା ଲାଗି ନେପାଳ ଜଳୁଥିବାବେଳେ ନିର୍ବାଚନରେ ବହୁମତ ଲାଗି ରାଜନୈତିକ ଅସ୍ଥିରତା ସହିତ ବଜେଟ ହ୍ରାସକୁ ନେଇ ଫ୍ରାନ୍ସରେ ଆରମ୍ଭ ହୋଇଛି ବିକ୍ଷୋଭ୍ ପ୍ରଦର୍ଶନ। ଏଠାରେ ଗତ ତିନି ବର୍ଷରେ ୪ ଥର ପ୍ରଧାନମନ୍ତ୍ରୀ ବଦଳିଲେଣି। ରାଷ୍ଟ୍ରପତି ଏମାନୁଏଲ ମାକ୍ରନଙ୍କ ମଧ୍ୟ ଲୋକପ୍ରିୟତା କମ୍ ହେବାରେ ଲାଗିଛି। ଜାପାନରେ ମଧ୍ୟ ଏଭଳି ସ୍ଥିତି ଲାଗି ରହିଛି। କ୍ଷମତାସୀନ ଦଳ ବହୁତମ ସାବ୍ୟସ୍ତ ନ କରିପାରିବାରୁ ପ୍ରଧାନମନ୍ତ୍ରୀ ସିଗେରୁ ଇସିବା ପଦ ଛାଡିଛନ୍ତି। ସେହିପରି କୋର୍ଟଙ୍କ ନିଷ୍ପତ୍ତି ଯୋଗୁଁ ଥାଇଲାଣ୍ଡରେ ସିନାବାତ୍ରା ପରିବାରର ସମସ୍ୟା ବଢି ଚାଲିଛି। ଏହା ବ୍ୟତୀତ ଆର୍ଥିକ ସୁଧାର ପାଇଁ ସରକାର ବଢ଼ାଇଥିବା ଟିକସକୁ ଇଣ୍ଡୋନେସିଆର ସାଧାରଣ ନାଗରିକ ହଜମ କରିପାରୁନାହାନ୍ତି। ଏହାକୁ ନେଇ ଲୋକେ ବଡ଼ଧରଣର ବିକ୍ଷୋଭ କରୁଛନ୍ତି। ମାଲି, ମଙ୍ଗୋଲିଆ, ଆର୍ମେନିଆ, କଙ୍ଗୋରୁ ନେଇ ସୁଦାନ ଏବଂ ଲେବାନନ ପର୍ଯ୍ୟନ୍ତ ମଧ୍ୟ ସମାନ ସ୍ଥିତି ରହିଛି।

ଜାପାନରେ ଚଳିତ ଥର ନିର୍ବାଚନ ପରେ ସ୍ଥିତି ସମ୍ପୂର୍ଣ୍ଣ ବଦଳି ଯାଇଛି। କ୍ଷମତାସୀନ ଲିବରାଲ ଡେମୋକ୍ରାଟିକ ପାର୍ଟି (ଏଲଡିପି)ର ରାଜନୈତିକ ସ୍ଥିତି ଏଭଳି ଭୁଶୁଡ଼ି ଯାଇଛି ଯେ ଦଳ ସେଥିରୁ ବାହାରି ପାରୁନାହିଁ। କାରଣ ଜାପାନ ରାଜନୀତିରେ ୭୦ ବର୍ଷ ହେଲା ଏହି ଦଳର କର୍ତ୍ତୃତ୍ୱ ରହିଛି। ତେଣୁ ପରାଜୟକୁ ଜାପାନ ରାଜନୀତିରେ ଏକ ବଡ଼ ମୋଡ ଭାବେ ଦେଖାଯାଉଛି। ଆର୍ଥିକ ଆହ୍ୱାନ, ସରକାରଙ୍କ ବିଫଳତା, ମନ୍ଥର ବିକାଶ ହାର ଆଦି ଜନତାଙ୍କ ମଧ୍ୟରେ ଅସନ୍ତୋଷ ବଢ଼ାଇ ଦେଇଛି। ସେହିପରି ଥାଇଲାଣ୍ଡରେ ନ୍ୟାୟପାଳିକା ଏବଂ ରାଜନୈତିକ ବଂଶବାଦ ମଧ୍ୟରେ ମୁକାବିଲା ଯୋଗୁଁ ଅସ୍ଥିରତା ସୃଷ୍ଟି ହୋଇଛି। ଏଠାରେ ସୁପ୍ରିମକୋର୍ଟ ଦୁର୍ନୀତି ଏବଂ କ୍ଷମତାର ଅପବ୍ୟବହାର ମାମଲାରେ ପୂର୍ବତନ ପ୍ରଧାନମନ୍ତ୍ରୀ ଥାକସିନଙ୍କୁ ଦୋଷୀ ସାବ୍ୟସ୍ତ କରିଥିବାବେଳେ ତାଙ୍କ ଝିଅ ସିନାବାତ୍ରାଙ୍କୁ ଅଯୋଗ୍ୟ ଘୋଷଣା କରିଛନ୍ତି। ଏହା ଦ୍ୱାରା ଲୋକେ ଉତକ୍ଷିପ୍ତ ହୋଇ ବିକ୍ଷୋଭ ପ୍ରଦର୍ଶନ କରିଥିଲେ। ଏହି ଦେଶର ରାଜନୀତିରେ ମଧ୍ୟ ଦୀର୍ଘ ଦିନ ପର୍ଯ୍ୟନ୍ତ ସିନାବାତ୍ରାଙ୍କ ପରିବାରର କର୍ତ୍ତୃତ୍ୱ ରହିଥିଲା। ଚାର୍ଣ୍ଣବିରାକୁଲ କ୍ଷମତାସୀନ ହେବା ପରେ ବି ବିକ୍ଷୋଭ ଜାରି ରହିଛି। ସାଂସଦ ଭାଗ ଭାଗ ହୋଇ ଯାଇଛନ୍ତି। ବିରୋଧୀ ସୁଯୋଗର ଲାଭ ନେବା ପାଇଁ ଅପେକ୍ଷା କରି ରହିଛନ୍ତି।

ଦକ୍ଷିଣ ପୂର୍ବ ଏସିଆର ବୃହତ୍ତ ଅର୍ଥବ୍ୟବସ୍ଥା ଇଣ୍ଡୋନେସିଆରେ ରାଷ୍ଟ୍ରପତି ପ୍ରବୋଭୋ କଡ଼ା ଆହ୍ୱାନ ଦେଇ ଗତି କରୁଛନ୍ତି। ସରକାର ଭ୍ୟାଟ ବଢ଼ାଇ ୧୧ରୁ ୧୨ ପ୍ରତିଶତ କରିବାରୁ ଦରଦାମ ବୃଦ୍ଧି ପାଇଲା। ଏଥିଯୋଗୁଁ ଲୋକେ କ୍ରୋଧିତ ହୋଇ ବିକ୍ଷୋଭ କରୁଛନ୍ତି। ରାଜନେତାଙ୍କ ଦରମା ବୃଦ୍ଧିକୁ ବିରୋଧ କରୁଛନ୍ତି। ଗତ ସପ୍ତାହରେ ଲୋକେ ସଂସଦ ଘେରଉ କରିଥିଲେ। ଏହାକୁ କିଛି ମାତ୍ରାରେ ଦମନ କରିବାକୁ ସରକାର ସଫଳ ହୋଇଥିଲେ ବି ଅସନ୍ତୋଷ କୁହୁଳିବାରେ ଲାଗିଛି।

## ନେପାଳରେ କ'ଣ ଚାଲିଛି ଦେଖନ୍ତୁ: ପ୍ରଧାନ ବିଚାରପତି



ନୂଆଦିଲ୍ଲୀ, ୧୦।୯ (ଏଜେନ୍ସି): ରାଷ୍ଟ୍ରପତିଙ୍କ ପରାମର୍ଶ ଉପରେ ବୁଧବାର ସୁପ୍ରିମକୋର୍ଟରେ ଶୁଣାଣି ହୋଇଛି। ଏହି ସମୟରେ ଦେଶର ସମ୍ବିଧାନକୁ ନେଇ ଆମେ ଗର୍ବିତ ବୋଲି କହିଛନ୍ତି ପ୍ରଧାନ ବିଚାରପତି ବିଆର ଗଭାଇଙ୍କ ନେତୃତ୍ୱାଧୀନ ସମ୍ବିଧାନ ଖଣ୍ଡପୀଠ। ବାଂଲାଦେଶ ଏବଂ ନେପାଳରେ ଜାରି ହିଂସା ବିଷୟରେ ଉଲ୍ଲେଖ କରି ସୁପ୍ରିମକୋର୍ଟ ଏହି ଟିପ୍ପଣୀ ଦେଇଛନ୍ତି। ସିଜେଆଇ ଗଭାଇ କହିଥିଲେ ଯେ ପଡ଼ୋଶୀ ନେପାଳରେ ଅସ୍ଥିରତା ଲାଗି ରହିଥିବା ବେଳେ ଭାରତରେ ମଜବୁତ ଗଣତାନ୍ତ୍ରିକ ବ୍ୟବସ୍ଥା ରହିଛି। ଦେଶର ସମ୍ବିଧାନକୁ ନେଇ ଆମେ ଗର୍ବ କରୁଛୁ। ପଡୋଶୀ ଦେଶରେ କ'ଣ ସବୁ ଚାଲିଛି ଦେଖନ୍ତୁ। ବାଂଲାଦେଶରେ କଣ ହେଉଥିଲା ଏବଂ ନେପାଳରେ କ'ଣ ହେଉଛି ତାହା ଦେଖନ୍ତୁ। ସଲିସିଟର ଜେନେରାଲ ତୁଷାର ମେହଟ୍ଟାଙ୍କ ଦଲିଲ ଉପରେ ବିଚାରପତି ଏହି ଟିପ୍ପଣୀ ଦେଇଥିଲେ। ଏହା ପୂର୍ବରୁ ସଲିସିଟର ଜେନେରାଲ କହିଥିଲେ ଯେ ୧୯୭୦ରୁ ଏ ପର୍ଯ୍ୟନ୍ତ କେବଳ ୨୦ଟି ବିଲ୍ ରାଷ୍ଟ୍ରପତିଙ୍କ ପାଖରେ ପଡ଼ି ରହିଛି। କିନ୍ତୁ ୯୦ ପ୍ରତିଶତ ବିଲ୍ ମାସେ ଭିତରେ ପାରିତ ହୋଇଯାଉଛି। ଏହା ଉପରେ ଆପତ୍ତି ଉଠାଇ ସିଜେଆଇ କହିଥିଲେ ଯେ କେବଳ ତଥ୍ୟରୁ ନିଷ୍କର୍ଷ ବାହାର କରିବା ଉଚିତ ନୁହେଁ।

## ରୁଷର ୩ଟି ଡ୍ରୋନ୍ ମାରି ଖସାଇଲା ପୋଲାଣ୍ଡ

ୱାରସା, ୧୦।୯(ଏଜେନ୍ସି):ରୁଷ ତୃତୀୟ ବିଶ୍ୱଯୁଦ୍ଧକୁ ନିମନ୍ତ୍ରଣ ଦେଉଛି। ପୋଲାଣ୍ଡ ଉପରକୁ ମାଡ଼ କରିଥିବା ୧୬ ଡ୍ରୋନ ମଧ୍ୟରୁ ଏହି ଦେଶ ବୁଧବାର ରୁଷିଆର ୩ଟି ଡ୍ରୋନ୍‌କୁ ମାରି ଖସାଇ ଦେଇଛି। ବାୟୁ ସୀମା ଭିତରକୁ ଡ୍ରୋନ ସବୁ ଆସିଥିଲା ବୋଲି ପୋଲାଣ୍ଡ ପକ୍ଷରୁ କୁହାଯାଇଛି। ରୁଷ୍- ୟୁକ୍ରେନ୍ ଯୁଦ୍ଧ ଆରମ୍ଭ ହେବା ପରେ ନାଟୋର କୌଣସି ସଦସ୍ୟ ରାଷ୍ଟ୍ର ପ୍ରଥମଥର ପାଇଁ ଏପରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଏ ନେଇ ପୋଲାଣ୍ଡ ତରଫରୁ ସ୍ପଷ୍ଟୀକରଣ ଦିଆଯାଇଛି। ପୋଲାଣ୍ଡ ରୁଷିଆର ପଡୋଶୀ ହୋଇ ନଥିଲେ ମଧ୍ୟ ରୁଷିଆର ଡ୍ରୋନ ତା'ର ବାୟୁସୀମାରେ ପ୍ରବେଶ କରିଥିଲା। ରାତିରେ ୧୯ ଥର ବାୟୁସୀମାର ଉଲ୍ଲଂଘନ ହୋଇଥିଲା ବୋଲି ପୋଲାଣ୍ଡ ପ୍ରଧାନମନ୍ତ୍ରୀ ଡୋନାଲ୍ଡ ଟସ୍କ କହିଛନ୍ତି। ଏହି କ୍ରମରେ ପୋଲାଣ୍ଡ ନାଟୋ ଚୁକ୍ତିର ନିୟମ ୪କୁ ଲାଗୁ କରିଥିଲା। ଏହି ନିୟମ ଅନୁସାରେ କୌଣସି ସହଯୋଗୀ ରାଷ୍ଟ୍ରଠାରୁ ମତାମତ ନେଇ ହେବ। ତେବେ ଆମେ ସମ୍ଭାବ୍ୟ ଯୁଦ୍ଧର ନିକଟତର ନୁହଁ ବୋଲି ସେ କହିଛନ୍ତି। କିନ୍ତୁ ଏବେ ସ୍ଥିତି ପୂର୍ବଠାରୁ ଆହୁରି ବିପଜ୍ଜନକ ହୋଇଛି। ଦ୍ୱିତୀୟ ବିଶ୍ୱଯୁଦ୍ଧ ପରେ ପ୍ରଥମଥର ପାଇଁ ଏଭଳି ବିପଜ୍ଜନକ ସ୍ଥିତି ସୃଷ୍ଟି ହୋଇଛି।

# ଫ୍ରାନ୍ସରେ ବି ତାତିଲେ ବିରୋଧୀ, ୨୦୦ ଗିରଫ




### ବଜେଟ ହ୍ରାସ, ସରକାରୀ ନୀତିକୁ ବିରୋଧ

### ରାସ୍ତାକୁ ଓହ୍ଲାଇଲେ ଲକ୍ଷେରୁ ଊର୍ଦ୍ଧ୍ୱ ପ୍ରଦର୍ଶନକାରୀ

ପ୍ୟାରିସ, ୧୦।୯ (ଏଜେନ୍ସି): ସରକାର ବିରୋଧୀ ଆନ୍ଦୋଳନ କ୍ରମାଗତ ଭାବେ କାୟା ବିସ୍ତାର କରିବାରେ ଲାଗିଛି। ଭାରତର ପଡୋଶୀ ରାଷ୍ଟ୍ର ଶ୍ରୀଲଙ୍କା, ପାକିସ୍ତାନ,ନେପାଳ ପରେ ଏବେ ଏହା ୟୁରୋପକୁ ବ୍ୟାପିଛି। ନୂଆ ପ୍ରଧାନମନ୍ତ୍ରୀ ନିଯୁକ୍ତି ହେଉ ହେଉ ଏହି ଦେଶରେ ସରକାର ବିରୋଧୀ ବିକ୍ଷୋଭ ପ୍ରଦର୍ଶନ ଆରମ୍ଭ ହୋଇଛି। ରାଷ୍ଟ୍ରପତି ଇମାନୁଏଲ ମାକ୍ରନଙ୍କ ନୀତି ଏବଂ ବଜେଟ ହ୍ରାସ୍‌କୁ ବିରୋଧ କରି ଲକ୍ଷେରୁ ଊର୍ଦ୍ଧ୍ୱ ଲୋକ ବୁଧବାର ରାସ୍ତାକୁ ଓହ୍ଲାଇଛନ୍ତି। ଆନ୍ଦୋଳନକାରୀ ରାଷ୍ଟ୍ରପତି ମାକ୍ରନଙ୍କ ଇସ୍ତଫା ଦାବି କରିଛନ୍ତି। ପ୍ରଦର୍ଶନକାରୀ ଉଗ୍ର ହୋଇ ଉଠିଛନ୍ତି। ପ୍ୟାରିସ ସମେତ ଅନେକ ସହରରେ ବିକ୍ଷୋଭ ଚାଲିଛି। ରେନ ସହରରେ ଏକ ବସ୍‌ରେ ନିଆଁ ଲଗାଇ ଦେଇଛନ୍ତି। ଦକ୍ଷିଣ-ପଶ୍ଚିମ କ୍ଷେତ୍ରର ଏକ ବିଦ୍ୟୁତ ଲାଇନକୁ କାଟି ଦେଇଛନ୍ତି। ଏଥିଯୋଗୁଁ ଟ୍ରେନ୍ ଚଳାଚଳ ବନ୍ଦ ହୋଇଯାଇଛି। ଅନେକ ସ୍ଥାନରେ ଆନ୍ଦୋଳନକାରୀ ପୁଲିସ ସହ ମୁହାଁମୁହିଁ ହୋଇଛନ୍ତି। ଏଥିରେ କିଛି ଆନ୍ଦୋଳନକାରୀ ଆହତ ହୋଇଥିବା ସୂଚନା ମିଳିଛି। ବିଭିନ୍ନ ସହରରେ ନିଆଁ ଲଗାଇ ଦେଇଛନ୍ତି। ପ୍ୟାରିସର ବେଲ୍ଟୱେକୁ ବନ୍ଦ କରିଦେଇଛନ୍ତି। ଟ୍ରାଫିକ ଅଟକାଇ ଦେଇଛନ୍ତି।

ଗୃହମନ୍ତ୍ରୀ କହିଛନ୍ତି ଯେ ପ୍ରଦର୍ଶନକାରୀ ବିଦ୍ରୋହର ପରିବେଶ ସୃଷ୍ଟି କରୁଛନ୍ତି। ବାମ ଦଳଗୁଡିକର ଆହ୍ୱାନରେ ଲକ୍ଷାଧିକ ଛାତ୍ରଛାତ୍ରୀ, ସାଧାରଣ ନାଗରିକ ଏହି ଆନ୍ଦୋଳନରେ ସାମିଲ ହୋଇଛନ୍ତି। ରାସ୍ତାଘାଟ କବ୍‌ଜା କରି ନିଆଁ ଲଗାଇ ଦେଇଛନ୍ତି। ଏହି ବିକ୍ଷୋଭର ନାମ 'ବ୍ଲକ ଏଭ୍ରିଥିଙ୍ଗ' ରଖାଯାଇଛି। ଦେଶରେ ସବୁ କିଛି ବନ୍ଦ କରି ସରକାରଙ୍କୁ ନୁଆଁଇବା ପାଇଁ ବିରୋଧୀ ଉଦ୍ୟମ କରୁଛନ୍ତି। ବିକ୍ଷୋଭ ଦମନ କରିବା ପାଇଁ ୮୦ ହଜାର ପୁଲିସ କର୍ମଚାରୀଙ୍କୁ ମୁତୟନ କରାଯାଇଛି। ଏ ପର୍ଯ୍ୟନ୍ତ ୨୦୦ରୁ ଅଧିକ ଆନ୍ଦୋଳନକାରୀଙ୍କୁ ଗିରଫ କରାଗଲାଣି। ଏହି ବିକ୍ଷୋଭ ପଛରେ ପ୍ରମୁଖ ଚାରିଟୋ କାରଣ ରହିଛି। ରାଷ୍ଟ୍ରପତି ମାକ୍ରନଙ୍କ ନୀତି ସାଧାରଣ ଲୋକଙ୍କ ବିରୋଧୀ ଏବଂ ସେ ଧନୀ ବର୍ଗଙ୍କୁ ଲାଭ ଦେଉଛନ୍ତି ବୋଲି ସିଂହଭାଗ ଲୋକ ଭାବୁଛନ୍ତି। ସେହିପରି ସରକାର ଖର୍ଚ୍ଚ କାଟ୍ କରି ଜନକଲ୍ୟାଣ ମୂଳକ ଯୋଜନାଗୁଡିକୁ ହ୍ରାସ କରୁଛନ୍ତି। ଏହା ଦ୍ୱାରା ସାଧାରଣ ଜନତା ବିଶେଷ କରି ମଧ୍ୟବିତ୍ତ ଏବଂ ଶ୍ରମିକ ବର୍ଗଙ୍କ ଉପରେ ଚାପ ବଢ଼ିବାରେ ଲାଗିଛି।

# ପଞ୍ଜାବର ୨୦୦୦ ଗାଁ ଏବେ ବି ବନ୍ୟା ଘେରରେ

### ୧୬ ଦିନ ପରେ ଜମ୍ମୁ-ଶ୍ରୀନଗର ଜାତୀୟ ରାଜପଥ ଖୋଲିଲା

### ହରିୟାଣାରେ ଏଥର ୪୬ ପ୍ରତିଶତ ଅଧିକ ବର୍ଷା

ନୂଆଦିଲ୍ଲୀ, ୧୦।୯(ଏଜେନ୍ସି): ପଞ୍ଜାବରେ ଏଥର ମୌସୁମୀରେ ସବୁଠାରୁ ବଡ଼ ବନ୍ୟା ଆସିଛି। ପଞ୍ଜାବରେ ଏବେ ବି ୨୩ଟି ଜିଲ୍ଲା ବନ୍ୟା ଘେରରେ ରହିଛି। ୨୦୦୦ ଗାଁ ଏବେ ମଧ୍ୟ ଜଳମଗ୍ନ ରହିଛି। କେନ୍ଦ୍ର ସରକାର ବନ୍ୟା ପାଇଁ ପଞ୍ଜାବକୁ ୧୬୦୦ କୋଟି ଟଙ୍କା ଦେବାକୁ ଘୋଷଣା କରିଛନ୍ତି। ପଞ୍ଜାବର ଲୁଧିଆନାରେ ୩୫୦ ଏକରର ଅଧିକ ଚାଷଜମି ଜଳମଗ୍ନ ହୋଇଛି। ସେହିପରି ଜମ୍ମୁ- କଶ୍ମୀର ଜମ୍ମୁ ଘାଟିର ଜୀବନ ରେଖା ବିବେଚିତ ହେଉଥିବା ଜମ୍ମୁ- ଶ୍ରୀନଗର ଜାତୀୟ ରାଜପଥକୁ ବୁଧବାର ଦୀର୍ଘ ୧୬ ଦିନ ପରେ ଖୋଲାଯାଇଛି। ସଡ଼କ ଉପରେ କେତୋଟି ସ୍ଥାନରେ ଭୂସ୍ଖଳନ ହେବା କାରଣରୁ ବନ୍ଦ କରାଯାଇଥିଲା। ଉଦୟପୁର ଓ ରାମବନ ଜିଲ୍ଲାରେ ସବୁଠାରୁ ଅଧିକ କ୍ଷତି ହୋଇଛି। ରାଜପଥ ଖୋଲାଯିବା ପରେ କଶ୍ମୀର ଘାଟିରେ ଫଳ ସମେତ ଅତ୍ୟାବଶ୍ୟକୀୟ ଜିନିଷପତ୍ରର ନେବା ଆଣିବା ହୋଇପାରିବ।

ହରିୟାଣାରେ ଏଥର ସେପ୍ଟେମ୍ବର ୯ ପର୍ଯ୍ୟନ୍ତ ସାମାନ୍ୟଠାରୁ ଅଧିକ ୪୬ ପ୍ରତିଶତ ବର୍ଷା ହୋଇଛି। ଏହି ରାଜ୍ୟରେ ହାରାହାରି ୩୮୫.୧ ମିମି ବର୍ଷା ହୋଇଥାଏ। କିନ୍ତୁ ଏଥର ୫୬୩. ୮ମିମି ବର୍ଷା ହୋଇଛି। ଯମୁନାନଗରରେ ଏପର୍ଯ୍ୟନ୍ତ ସର୍ବାଧିକ ୧୦୮୦.୮ ମିମି ବର୍ଷା ହୋଇଛି। ସେହିପରି ଗୁଜରାଟର ବନାସକାଣ୍ଠା ସମେତ ୩ଟି ଜିଲ୍ଲାରେ ଗତ ୨ ଦିନରେ ୧୬ ଇଞ୍ଚଠାରୁ ଅଧିକ ବର୍ଷା ହୋଇଛି। ଫଳରେ ଭାଭ-ଥରାଦ ଓ ସୁଇଗାମ ତାଲୁକ୍‌ସରେ ବନ୍ୟା ଆସିଛି। ପାଖାପାଖି ୧୨ଟି ଗାଁରେ ୫ ଫୁଟ ପର୍ଯ୍ୟନ୍ତ ପାଣି ପଶିଯାଇଛି। ଅନ୍ୟପଟେ ରାଜସ୍ଥାନରେ ଏଥର ଗତ ୧୦୦ ଦିନ ମଧ୍ୟରେ ୭୦୦ମିମି ବର୍ଷା ହୋଇଛି। ତେବେ ଆଗାମୀ ୭ ଦିନ ପର୍ଯ୍ୟନ୍ତ ବର୍ଷାର କୌଣସି ସତର୍କ ସୂଚନା ଜାରି କରାଯାଇ ନାହିଁ। ସେହିପରି ଉତ୍ତର ପ୍ରଦେଶର ଆଗ୍ରାରେ ହାଥି ଘାଟ ପର୍ଯ୍ୟନ୍ତ ଯମୁନା ନଦୀର ପାଣି ଅସି ପହଞ୍ଚିଛି।

# ଆଉଟ୍‌ଫିଟ୍‌ରୁ ବୃଦ୍ଧି ପାଏ ଆତ୍ମବିଶ୍ୱାସ



**ପୋଷାକ ଶରୀରକୁ ସୁନ୍ଦର ଆକାର ଦେବା ସହ ଆତ୍ମବିଶ୍ୱାସ ବୃଦ୍ଧି କରିଥାଏ । ଭଲ ପୋଷାକ ପିନ୍ଧିଲେ, ମନ ଭିତରୁ ଭଲ ଅନୁଭବ ହୋଇଥାଏ । ବିଶେଷ କରି ଏହା ମହିଳାଙ୍କ ପାଇଁ ଖୁବ୍ ଉପଯୋଗୀ ହୋଇଥାଏ । ଏପରି କିଛି ଟିପ୍ସ ରହିଛି ଯାହାକୁ ଆପଣାଇ ସିମ୍ପଲ ଆଉଟ୍‌ଫିଟ୍‌ରେ ମଧ୍ୟ ନିଜର ଆତ୍ମବିଶ୍ୱାସ ବୃଦ୍ଧି କରିପାରିବେ ।**

### ଫିଟିଂ ଡ୍ରେସ୍

ଏବର ଫେଶନ ଅନୁଯାୟୀ କିଛି ମହିଳା ଢିଲା ପୋଷାକ ପିନ୍ଧିବାକୁ ପସନ୍ଦ କରନ୍ତି । କିନ୍ତୁ ଆବଶ୍ୟକତାଠୁ ଅଧିକ ଢିଲା ପୋଷାକ ପିନ୍ଧିଲେ ଏହା ସମ୍ପୂର୍ଣ୍ଣ ଲୁକ୍‌କୁ ବିଗାଡ଼ି ଦେଇଥାଏ । ତେଣୁ ନିଜ ଫିଟିଙ୍ଗ୍ ଅନୁସାରେ ପୋଷାକ ପିନ୍ଧିଲେ ଏହା ଆତ୍ମବିଶ୍ୱାସ ବୃଦ୍ଧି କରିଥାଏ । ଏଥିପାଇଁ ସର୍ବଦା ନିଜ ଶରୀର ଆକାର ଅନୁସାରେ ପୋଷାକ ପିନ୍ଧିବା ଜରୁରୀ ।

### ରଙ୍ଗ ଚୟନ

ତ୍ୱଚାର ରଙ୍ଗ ଅନୁଯାୟୀ, କେଉଁ ରଙ୍ଗର ପୋଷାକ ଭଲ ମାନିବ ସେହି ଅନୁସାରେ ପୋଷାକ କିଣିବା ଆବଶ୍ୟକ । ଗାଢ଼ ରଙ୍ଗ ବଦଳରେ ସର୍ବଦା ହାଲୁକା ରଙ୍ଗର କପଡ଼ା ପିନ୍ଧନ୍ତୁ । ଏହାଦ୍ୱାରା ଆତ୍ମବିଶ୍ୱାସ ବୃଦ୍ଧି ହେବା ସହ ତ୍ୱଚାରେ ଏକ ଚମକ ଆସିଥାଏ ।

### ଆସେସରିଜ୍‌ରେ ରଖନ୍ତୁ ସନ୍ତୁଳନ

କୌଣସି ପାର୍ଟି, ଫଙ୍କସନ୍‌କୁ ଯାଉଥିଲେ ଏକା ସହିତ ଭାରି କାନଫୁଲ ଓ ଅଳଙ୍କାର ପିନ୍ଧନ୍ତୁ ନାହିଁ । ଏହା ଆତ୍ମବିଶ୍ୱାସକୁ କମ୍ କରିଥାଏ । ଆଖିକୁ ଅସୁନ୍ଦର ଦିଶିଥାଏ । ତେଣୁ ଆସେସରିଜ୍‌ରେ ସନ୍ତୁଳନ ରଖନ୍ତୁ ।

# ଗୋବରରୁ ସ୍ୱାବଲମ୍ବୀ ସାରିକା







**ହିନ୍ଦୁଧର୍ମରେ ଗୋବର ବିଭିନ୍ନ ଦେବକାର୍ଯ୍ୟରେ ବ୍ୟବହୃତ ହୋଇଥାଏ । ଗାଁ, ଗହଳିରେ ମହିଳାମାନେ ମାଟିଘରକୁ ଚିକ୍କଣ କରିବା ପାଇଁ ଗୋବରରେ ବାରି, ଦୁଆର,ଘର, ଅଗଣା ଆଦି ଲିପିଥାନ୍ତି । ସେହିପରି ମାଣବସା ଗୁରୁବାରରେ ମଧ୍ୟ ଏକବର୍ଣ୍ଣି ଗାଇ ଗୋବରର ସ୍ୱତନ୍ତ୍ର ବିଶେଷତା ରହିଛି । କେବଳ ସେତିକି ନୁହେଁ, ଏଥିରୁ ଘଷି ପ୍ରସ୍ତୁତ କରି ଜାଳେଣି ଭାବେ ବ୍ୟବହାର କରାଯାଇଥାଏ । ଏହି କ୍ରମରେ ଏବେ ଗୋବରରୁ ଭଳିକି ଭଳି ମୂର୍ତ୍ତି, ଧୂପଦାନୀ, ପେନ୍‌ଷ୍ଟାଣ୍ଡ, ଫୁଲକୁଣ୍ଡ ଆଦି ବିଭିନ୍ନ ଘରକରଣା ସାମଗ୍ରୀ ତିଆରି କରି ସ୍ୱାବଲମ୍ବୀ ହୋଇଛନ୍ତି, ଭୁବନେଶ୍ୱର ଲକ୍ଷ୍ମୀସାଗରର ସାରିକା ଜୈନ୍ ।**

ସାଧାରଣତଃ ଲୋକେ ଦୁଗ୍ଧ ଦେଉଥିବା ଗାଈକୁ ଘାସ, କୁଣ୍ଡା, ଭାତ ଆଦି ଖାଦ୍ୟ ଦେଇ ପାଳନ କରନ୍ତି । କିନ୍ତୁ ଦୁଗ୍ଧ ଦେଉ ନ ଥିବା ଗାଈ ତଥା ଷଣ୍ଢକୁ ବାହାରେ ଛାଡ଼ି ଦିଅନ୍ତି । ତେଣୁ ସାରିକା ଅବହେଳିତ ଗାଈଙ୍କୁ ନେଇ କିଛି ନୂଆ କରିବାକୁ ଭାବିଥିଲେ । ଏହାର ପ୍ରଚାରପ୍ରସାର ଉଦ୍ଦେଶ୍ୟରେ ସେ ଦେଶୀ ଗାଈ ଗୋବରରୁ ଭଳିକି ଭଳି ସାଜସଜ୍ଜା ଉପକରଣ ପ୍ରସ୍ତୁତ କରିଥିଲେ । ସାରିକା ଛତିଶଗଡ଼ ରାୟପୁର ହୋଇଥିବାବେଳେ ସେ ଏବେ, ଦୀର୍ଘ ବର୍ଷ ଧରି ଭୁବନେଶ୍ୱରରେ ରହୁଛନ୍ତି । ଗତ ୩ ବର୍ଷ ଧରି ସେ ଦେଶୀ ଗାଈ ଗୋବରରୁ ଏହି ସାମଗ୍ରୀ ପ୍ରସ୍ତୁତ କରିଆସୁଛନ୍ତି । ଏଥିପାଇଁ ସେ ବିଭିନ୍ନ ସ୍ଥାନରୁ ଗୋବର ଏକତ୍ର କରିଥାନ୍ତି । ଏହାକୁ ପ୍ରକ୍ରିୟାକରଣ କରି ତାହାକୁ ବିଭିନ୍ନ ରୂପ ଦେଇଥାନ୍ତି । ଗାଈ ଗୋବରରୁ ପ୍ରସ୍ତୁତ କରୁଥିବା ସାମଗ୍ରୀଗୁଡ଼ିକର ନାମ ସେ ଗୋ ଧାମ ରଖିଛନ୍ତି । ଏହା ପରିବେଶ ଅନୁକୂଳ ହେବା ସହ ହାଲୁକା ଓ ସୁନ୍ଦର ହୋଇଥାଏ । ଏଥିପାଇଁ ସେ ବିଭିନ୍ନ ରାଜ୍ୟର ଗୋଶାଳାରୁ ଶୁଖିଲା ଗୋବର ସଂଗ୍ରହ କରିଥାନ୍ତି । ସନାତନ ଧର୍ମରେ ଗୋବରର ବିଶେଷ ମହତ୍ତ୍ୱ ରହିଛି । ଏହାକୁ ପବିତ୍ର କୁହାଯାଏ । ସେହିପରି ପ୍ଲାଷ୍ଟିକ୍ ଜିନିଷ ବଦଳରେ ଲୋକେ ପ୍ରାକୃତିକ ଓ ପାରମ୍ପରିକ ଜିନିଷ କିଣିବାକୁ ଅଧିକ ପସନ୍ଦ କରନ୍ତି । ଏହି ଜିନିଷଗୁଡ଼ିକ ଆକାରରେ ବଡ଼ ଦେଖାଯାଉଥିଲେ ଏହାର ଓଜନ କମ୍ ଥାଏ । ସାରିକା ଛୋଟରୁ ନେଇ ବଡ଼ ବିଭିନ୍ନ ଆକୃତିର ଜିନିଷ ବିକିଥାନ୍ତି । ବିଭିନ୍ନ ପ୍ରଦର୍ଶନୀ, ମେଳା ଆଦିରେ ସେ ଷ୍ଟଲ୍ ପକାଇ ଏହି ବ୍ୟବସାୟ କରିଥାନ୍ତି । ଏଥିସହ ଘରେ ମଧ୍ୟ ବିକ୍ରି କରିଥାନ୍ତି । ସାରିକାଙ୍କ କହିବାନୁଯାୟୀ, ଲୋକେ ଏହାକୁ ବେଶ ଆଗ୍ରହରେ ସହ କିଣୁଛନ୍ତି । ଅନ୍‌ଲାଇନରେ ଲୋକଙ୍କ ବରାଦ ମୁତାବକ ସେମାନଙ୍କ ଠିକଣାରେ ମଧ୍ୟ ଏସବୁ ସାମଗ୍ରୀ ପାର୍ସଲ କରିଥାନ୍ତି । ସାରିକା କହନ୍ତି, ସନାତନ ଧର୍ମରେ ଗୋମାତା ପୂଜନୀୟ । ଅଧିକାଂଶ କ୍ଷେତ୍ରରେ ଲୋକମାନେ ଭାବନ୍ତି, ଗାଈ ଯେତେବେଳେ କ୍ଷୀର ଦେବା ବନ୍ଦ କରିଦିଏ ତାହା ପାଖରୁ ଆମେ ଆଉ କିଛି ଉପକାରୀ ସାମଗ୍ରୀ ପାଉନା । ହେଲେ ଗୋମାତା ନିଜ ଜୀବନର ଶେଷ ପର୍ଯ୍ୟନ୍ତ ଆମକୁ ବହୁତ କିଛି ଦେଇଥାଏ ଯାହାର ଉପକାରିତା ଅତୁଳନୀୟ । ସେହିପରି ସେ ବିଭିନ୍ନ ପର୍ବପର୍ବାଣୀକୁ ଦୃଷ୍ଟିରେ ରଖି ସେହି ଅନୁସାରେ ମଧ୍ୟ ବିଭିନ୍ନ କଳାକୃତି କରିଥାନ୍ତି । ଯାହାକୁ ଲୋକମାନେ ଖୁବ୍ ଆଦରର ସହ କିଣିଥାନ୍ତି ।

# ମସଲାରେ ତ୍ୱଚାର ଯତ୍ନ

**ସୁନ୍ଦର, ଚିକ୍କଣ ଓ ଉଜ୍ଜ୍ୱଳ ତ୍ୱଚା ସମସ୍ତେ ଚାହାଁନ୍ତି । ଏଥିପାଇଁ ମହିଳାମାନେ ବିଭିନ୍ନ ପ୍ରସାଧନରେ ହଜାର ହଜାର ଟଙ୍କା ଖର୍ଚ୍ଚ କରିଥାନ୍ତି । ଅବଶ୍ୟ ଏଥିରୁ ତ୍ୱଚାକୁ ସ୍ୱଳ୍ପ ସମୟ ପାଇଁ ଅନେକ ଫାଇଦା ମିଳିଥାଏ; କିନ୍ତୁ ଏହା ଦୀର୍ଘସ୍ଥାୟୀ ହୋଇ ନଥାଏ । ତେଣୁ ଚାହିଁଲେ ରୋଷେଇ ଘରେ ଥିବା ମସଲାକୁ ଉପଯୋଗ କରି ପ୍ରାକୃତିକ ଉପାୟରେ ତ୍ୱଚାର ଯତ୍ନ ନେଇପାରିବେ ।**



### ମେଥି

ଏହା ଏକ ପ୍ରାକୃତିକ ଟୋନର୍ ଭଳି କାର୍ଯ୍ୟ କରିଥାଏ । ଏହା ତ୍ୱଚାରେ ଥିବା ଅତିରିକ୍ତ ତେଲକୁ ନିୟନ୍ତ୍ରଣ କରିବା ସହ ଚର୍ମକୁ ଟାଇଟ୍ ରଖିଥାଏ । ଏହାଦ୍ୱାରା ଦାଗ, କୁଞ୍ଚନ ସମସ୍ୟା କମ୍ ହୋଇଥାଏ । ତେଣୁ ମେଥିଦାନାକୁ ଟୋନର୍ ଭାବେ ବ୍ୟବହାର କରିବାକୁ ଚାହିଁଥିଲେ, ଗୋଟିଏ କପ୍‌ରେ ଅଳ୍ପ ପାଣି ନେଇ ସେଥିରେ ଏକ ଚାମଚ ମେଥିଦାନା ପକାଇ ଭିଜାଇ ରଖନ୍ତୁ । ସକାଳେ ଏହି ପାଣିକୁ ଛାଣି ଏକ ସ୍ପ୍ରେ ବୋତଲରେ ରଖନ୍ତୁ । ଏହାକୁ ଫ୍ରିଜ୍‌ରେ ରଖି ବ୍ୟବହାର କରିପାରିବେ । ଚାହିଁଲେ ଏଥିରୁ ଫେସ୍‌ମାସ୍କ ପ୍ରସ୍ତୁତ କରି ଲଗାଇପାରିବେ ।

### ଅଳେଇଚ

ତ୍ୱଚାକୁ ପ୍ରାକୃତିକ ଉପାୟରେ ସଫା ତଥା ଉଜ୍ଜ୍ୱଳ କରିବାକୁ ଚାହୁଁଥିଲେ , ଅଳେଇଚ ବ୍ୟବହାର କରିପାରିବେ । ଏଥିରେ ଥିବା ଆଣ୍ଟି ଅକ୍ସିଡାଣ୍ଟ ତ୍ୱଚାକୁ ସତେଜ ରଖିଥାଏ । ଏହାକୁ ବ୍ୟବହାର କଲେ ତ୍ୱଚା ସଫା ଓ ଉଜ୍ଜ୍ୱଳ ଦିଶିଥାଏ । ଏଥିପାଇଁ କଞ୍ଚାକ୍ଷୀରରେ ଏକ ଚାମଚ ଗୁଜୁରାତି ପାଉଡର ମିଶାଇ ପେଷ୍ଟ ପ୍ରସ୍ତୁତ କରନ୍ତୁ । ଏହାକୁ ତ୍ୱଚାରେ ଲଗାଇ ୧୦ ମିନିଟ୍ ପରେ ଧୋଇ ଦିଅନ୍ତୁ । ସପ୍ତାହକୁ ଏହା ଦୁଇଥର ଲଗାଇଲେ ଏଥିରୁ ସୁଫଳ ମିଳିଥାଏ ।

### ଜୁଆଣୀ

ଏହା ତ୍ୱଚାରେ ଥିବା ବ୍ଲାକ୍‌ହେଡ୍‌ସ ଦୂର କରି ତ୍ୱଚାକୁ ଡିଟକ୍ସ କରିଥାଏ । ଏଥିପାଇଁ ଜୁଆଣୀ ଷ୍ଟିମ୍ ନେଇପାରିବେ । ଏହାଦ୍ୱାରା ପୋର୍ସଗୁଡ଼ିକ ଖୋଲିଯାଏ, ଓ ବ୍ଲାକ୍‌ହେଡ୍‌ସ ସହଜରେ ଦୂର ହୋଇଥାଏ । ଏଥିସହ ଏହି ଷ୍ଟିମ୍ ନେବା ଦ୍ୱାରା ତ୍ୱଚା ଭିତରୁ ସଫା ହୋଇଥାଏ । ଏଥିପାଇଁ ଏକ ଚାମଚ ଜୁଆଣୀକୁ ପାଣିରେ ପକାଇ ଫୁଟାନ୍ତୁ । ଏହାକୁ ମୁହଁରେ ଷ୍ଟିମ୍ ଦେଇ ୫ ମିନିଟ୍ ରଖି ଦିଅନ୍ତୁ ।





# ମୁଗଡାଲି ଢୋକ୍‌ଲା

ମୋ ହାଣ୍ଡିଶାଳରୁ...

### ଆବଶ୍ୟକ ସାମଗ୍ରୀ

ମୁଗ ଡାଲି - ୨୦୦ ଗ୍ରାମ୍, ସୁଜି - ଏକ କପ୍, ଦହି - ଏକ କପ୍, ଅଦା - ଏକ ଇଞ୍ଚ, କଞ୍ଚାଲଙ୍କା - ଦୁଇଟି, ହଳଦିଗୁଣ୍ଡ - ଅଧା ଚାମଚ, ଲଙ୍କା ଗୁଣ୍ଡ - ଅଧା ଚାମଚ, ଲେମ୍ବୁ - ଛୋଟ ଖଣ୍ଡେ, ଇନୋ - ଏକ ପ୍ୟାକେଟ୍, ଭୃସଙ୍ଗପତ୍ର - ଅଳ୍ପ, ହେଙ୍ଗୁ - ଅଧା ଚାମଚ, ରାଶି- ଏକ ଚାମଚ, ସୋରିଶ- ଏକ ଚାମଚ, ଚିନି- ଅଧା ଚାମଚ, ଲୁଣ - ସ୍ୱାଦ ଅନୁସାରେ, ତେଲ- ଆବଶ୍ୟକତା ଅନୁସାରେ ।

### ପ୍ରସ୍ତୁତି ପ୍ରଣାଳି

ଗୋଟିଏ ବାଉଲ୍‌ରେ ପାଣି ନେଇ ସେଥିରେ ମୁଗଡାଲି ପକାଇ ୩-୪ ଘଣ୍ଟା ବତୁରାଇ ରଖନ୍ତୁ । ଏହାପରେ ଏକ ପାତ୍ରରେ ଏକ କପ୍ ସୁଜି ଓ ଅଧା କପ୍ ଦହି ମିଶାଇ ଭଲ ଭାବେ ଗୋଳାଇ ଦିଅନ୍ତୁ । ଏକ ଗ୍ରାଇଣ୍ଡିଂ ଜାର୍ ନେଇ ସେଥିରେ ବତୁରା ମୁଗ ଡାଲି, କଞ୍ଚାଲଙ୍କା , ଅଦା, ହଳଦୀ, ଲୁଣ , ଗୋଳେଇ ରଖିଥିବା ସୁଜି ସହ ଅଳ୍ପ ପାଣି ଦେଇ ଗ୍ରାଇଣ୍ଡିଂ କରି ଦିଅନ୍ତୁ । ଏହାକୁ ଏକ ପାତ୍ରରେ କାଢ଼ି ଇନୋ ପକାଇ ଗୋଳାନ୍ତୁ । ପରେ ଏହାକୁ ଏକ ଥାଳିରେ ଭଲ ଭାବେ ଖେଳାଇ ଦିଅନ୍ତୁ । ଏକ ହାଣ୍ଡିରେ ଅଳ୍ପ ପାଣିଦେଇ ଗୋଟିଏ ପାତ୍ରରେ ଏହି ଗୋଳାକୁ ରଖି ବାମ୍ପ ଦିଅନ୍ତୁ । ୩୦ ମିନିଟ୍ ପରେ ଗ୍ୟାସ ବନ୍ଦ କରି ଦିଅନ୍ତୁ । ଗୋଟିଏ ଡଙ୍କିରେ ତେଲ ନେଇ ସେଥିରେ ସୋରିଷ, ରାଶି, ହେଙ୍ଗୁ, ଭୃସଙ୍ଗପତ୍ର, ଲେମ୍ବୁ, ଚିନି ଦେଇ ଛୁଙ୍କ ଦିଅନ୍ତୁ । ଏହି ଛୁଙ୍କକୁ ପ୍ରସ୍ତୁତ କରି ରଖିଥିବା ଢୋକ୍‌ଲା ଉପରେ ଦିଅନ୍ତୁ । ପ୍ରସ୍ତୁତ ହୋଇଗଲା 'ମୁଗଡାଲି ଢୋକ୍‌ଲା' ।



# ମଇଳା ପାନିଆ ବ୍ୟବହାର କରୁଥିଲେ

**ସାଧାରଣତଃ ମହିଳାମାନେ ଦୀର୍ଘ ସମୟ ଧରି ଗୋଟିଏ ପାନିଆରେ କେଶ କୁଣ୍ଡାଇଥାନ୍ତି । ହେଲେ ଏହା ସଫା ପ୍ରତି ଧ୍ୟାନ ବିଶେଷ ଧ୍ୟାନ ଦିଅନ୍ତିନି । ମଇଳା ପାନିଆ ବାରମ୍ବାର ବ୍ୟବହାର କରିବା ଦ୍ୱାରା ଏହା ଅନେକ କେଶଜନିତ ସମସ୍ୟା ସୃଷ୍ଟି କରିଥାଏ । ତେଣୁ ଏହାକୁ ଦୁଇ, ତିନି ସପ୍ତାହରେ ସଫା କରିବା ଆବଶ୍ୟକ ।**





- ଅପରିଷ୍କାର ପାନିଆ ବ୍ୟବହାର କଲେ ଏହାଦ୍ୱାରା କେଶମୂଳ ସଂକ୍ରମଣ ସମସ୍ୟା ହୋଇଥାଏ । ଏଥିସହ କେଶଝଡ଼ା, ଦୋମୁହାଁ ଓ ରୂପି ଭଳି ଅନେକ ସମସ୍ୟା ହୋଇଥାଏ ।
- ଏହା କେଶକୁ ଖୁବ୍ ଜଲ୍‌ଦି ଚିପ୍‌ଚିପା କରିଥାଏ । ଏଥିପାଇଁ ବାରମ୍ବାର କେଶ ସାମ୍ପୁ କରିବାକୁ ପଡ଼ିଥାଏ । କେବଳ ସେତିକି ନୁହେଁ, ଏହା କେଶର ଉଜ୍ଜ୍ୱଳତାକୁ ହ୍ରାସ କରିଥାଏ । କେଶର ପ୍ରାକୃତିକ ଚମକ ହଜିଯାଏ ।
- ଅପରିଷ୍କାର ପାନିଆରେ ବ୍ୟାକ୍ଟେରିଆ ଜମି ରହିଥାନ୍ତି ।ଏହାଦ୍ୱାରା କେଶ ଦୁର୍ଗନ୍ଧ ହୋଇଥାଏ । କେଶଝଡ଼ା ସମସ୍ୟା ମଧ୍ୟ ଦେଖାଯାଏ ।

# ହେୟାର୍ ଏକ୍ସଟେନ୍‌ସନ୍

**ଅଧିକାଂଶ ମହିଳା ଲମ୍ବା,ଘନ କେଶ ଚାହାଁନ୍ତି । ଏହା ଆକର୍ଷଣୀୟ ଦିଶିବା ସହ ସୁନ୍ଦରତାକୁ ଦ୍ୱିଗୁଣିତ କରିଥାଏ । ହେଲେ ଧୂଳି, ପ୍ରଦୂଷଣ, ବ୍ୟସ୍ତଜୀବନଶୈଳୀ ଯୋଗୁଁ ଏବେ କେଶଝଡ଼ା ମୁଖ୍ୟ ସମସ୍ୟା ପାଲଟିଛି । ଏହାଦ୍ୱାରା କେଶ ପତଳା ହୋଇଯାଏ । ଏପରି ସ୍ଥଳେ ହେୟାର୍ ଏକ୍ସଟେନ୍‌ସନ୍ ଲଗାଇ କେଶକୁ ଘନ, ଲମ୍ବା କରିପାରିବେ ।**

### ହେୟାର ଏକ୍ସଟେନସନ କ'ଣ


ଏହା ଉଭୟ ଅସଲି ଓ କୃତ୍ରିମ କେଶକୁ ମିଶାଇ ପ୍ରସ୍ତୁତ କରାଯାଇଥାଏ । କେଶ ପତଳା ଓ ଛୋଟ ଥିଲେ , ଏହି ହେୟାର ଏକ୍ସଟେନ୍‌ସନ୍ ଲଗାଇ କେଶକୁ ଘନ ଓ ଲମ୍ବା କରିପାରିବେ । ଏହାକୁ ମଡେଲ, ସିନେତାରକାଠୁ ନେଇ ସାଧାରଣ ଯୁବତୀ ବ୍ୟବହାର କରୁଛନ୍ତି ।

### ହେୟାର ଟୋପର୍ସ

ଏହା ହେୟାର ୱିଗ୍‌ର ଏକ ଛୋଟ ଅଂଶ ଭାବେ ଜଣାଯାଏ । କେଶର ମଝି ଅଂଶ ଝଡ଼ି ପତଳା ହୋଇଯାଇଥିଲେ, ଏହାକୁ ଲଗାଇ କେଶକୁ ଘନ ଆକାର ଦେଇପାରିବେ । ଏହା କେଶର ମଝିଅଂଶକୁ କଭର କରିଥାଏ । ଏଥିରେ କ୍ଲିପ୍ ଲାଗିଥାଏ । ଏହାକୁ କେଶରେ ଲଗାଇ ଫିକ୍ସ କରିପାରିବେ । ଏହା ଉଭୟ ସିଧା ଓ କୁଞ୍ଚ କେଶରେ ଲଗାଇପାରିବେ ।


### ହେଲୋ ହେୟାର

ଏହା ଏକ ପ୍ରକାର ହେୟାର୍ ଏକ୍ସଟେନ୍‌ସନ୍ । ଏହାକୁ ବିନା କ୍ଲିପ୍, ଅଠାରେ ସହଜରେ ଲଗାଯାଇପାରିବେ । ଏହାର ଉପରଭାଗରେ ପତଳା ରବର ଥାଏ । ଏହା ଦେଖିବାକୁ ଲମ୍ବା ରହିଥାଏ । ଏହାକୁ ଲଗାଇବାକୁ ମାତ୍ର ଏକ ମିନିଟ୍ ସମୟ ଲାଗିଥାଏ । ଏଥିରେ କ୍ଲିପ୍, ଅଠା ଆଦି ବ୍ୟବହୃତ ନ ହେବାରୁ ଏହା କେଶକୁ କୌଣସି କ୍ଷତି ପହଞ୍ଚାଏନି । କେଶର ଆବଶ୍ୟକତା ଅନୁଯାୟୀ ଏପରି ଅନେକ ଏକ୍ସଟେନ୍‌ସନ୍ ରହିଛି ।



## ମହିଳା ଦିନିକିଆ ବିଶ୍ୱକପ୍

# ଚାମାରିଙ୍କ ନେତୃତ୍ୱରେ ଖେଳିବ ଶ୍ରୀଲଙ୍କା



କଲମ୍ବୋ, ୧୦।୯ (ଏଜେନ୍ସି): ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ର ତ୍ରୟୋଦଶ ସଂସ୍କରଣ ଚଳିତ ମାସ ୩୦ରୁ ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଆରମ୍ଭ ହେବ। ଏଥିଲାଗି ବୁଧବାର ସହ-ଆୟୋଜକ ଶ୍ରୀଲଙ୍କା ଦଳ ଘୋଷଣା କରାଯାଇଛି। ଭେଟେରାନ ଅଲ୍‌ରାଉଣ୍ଡର ଚାମାରି ଆଟ୍ଟାପାଟ୍ଟୁଙ୍କୁ ଘୋଷିତ ୧୫ ଜଣିଆ ଦଳର ନେତୃତ୍ୱରେ ଭାର ଦିଆଯାଇଛି। ଉଦ୍‌ଘାଟନୀ ଦିବସରେ ମୁଖ୍ୟ ଆୟୋଜକ ଭାରତ ସହ ଖେଳି ଶ୍ରୀଲଙ୍କା ବିଶ୍ୱକପ୍‌ରେ ଅଭିଯାନ ଆରମ୍ଭ କରିବ। ଏହି ମ୍ୟାଚ୍ ଗୌହାଟୀରେ ଖେଳାଯିବ।

ଘୋଷିତ ଶ୍ରୀଲଙ୍କା ଦଳ: ଚାମାରି ଆଟ୍ଟାପାଟ୍ଟୁ (ଅଧିନାୟିକା), ହାସିନି ପେରେରା, ଭିସ୍ମି ଗୁଣରତ୍ନେ, ହର୍ଷିତା ସମରବିକ୍ରମା, କାଭିଶା ଦିଲହାରି, ନୀଳକ୍ଷୀ ଡି ସିଲ୍‌ଭା, ଅନୁଷ୍କା ସଞ୍ଜୀବନୀ, ଇମେଶା ଦୁଲାନି, ଦେୱାମି ବିହଙ୍ଗା, ପିଉମି ୱାଥସାଲ୍, ଇନୋକା ରଣୱିରା, ସୁଗନ୍ଧିକା କୁମାରୀ, ଉଦେଶିକା ପ୍ରବୋଧିନୀ, ମାଲକି ମାଦରା ଓ ଅଚିନି କୁଲସୋରିୟା।

# ପୁଣିଥରେ ପ୍ରଥମ ରାଉଣ୍ଡରେ ଝୁଣ୍ଟିଲେ ସିନ୍ଧୁ

ନୂଆଦିଲ୍ଲୀ, ୧୦।୯ (ଏଜେନ୍ସି): ଦୁଇଥରର ଅଲିମ୍ପିକ ପଦକ ବିଜୟିନୀ ଭାରତୀୟ ବ୍ୟାଡ୍‌ମିଣ୍ଟନ ତାରକା ପିଭି ସିନ୍ଧୁଙ୍କ ନୈରାଶ୍ୟଜନକ ପ୍ରଦର୍ଶନ ଚଳିତ ବର୍ଷ ଜାରି ରହିଛି। ପୁଣିଥରେ ସିନ୍ଧୁ ଚଳିତ ସିଜନରେ ଏକ ଟୁର୍ଣ୍ଣାମେଣ୍ଟର ପ୍ରଥମ ରାଉଣ୍ଡ ଅତିକ୍ରମ କରିବାରେ ବିଫଳ ହୋଇଛନ୍ତି। ହଂକଂ ଓପନ୍ ମହିଳା ସିଙ୍ଗଲ୍ସ ପ୍ରଥମ ରାଉଣ୍ଡରେ ସିନ୍ଧୁ ୨୧-୧୫, ୧୬-୨୧, ୧୯-୨୧ ଗେମରେ ବିଶ୍ୱ ମାନ୍ୟତାର ୨୭ତମ ସ୍ଥାନରେ ରହିଥିବା ଡେନମାର୍କର ଲିନ କ୍ରିଷ୍ଟୋଫରସେନଙ୍କ ନିକଟରୁ ହାରିଯାଇଛନ୍ତି। ଫଳରେ ୧୪ତମ ମାନ୍ୟତା ସିନ୍ଧୁ ଚଳିତ ବର୍ଷ ୬ଷ୍ଠଥର ଲାଗି ପ୍ରଥମ ରାଉଣ୍ଡରେ ହାରି ବିଦାୟ ନେଇଛନ୍ତି। ସେହିଭଳି ଲିନ୍‌ଙ୍କ ବିପକ୍ଷରେ ୬ଷ୍ଠ ମୁକାବିଲାରୁ ସିନ୍ଧୁ ପ୍ରଥମ ପରାଜୟବରଣ କରିଛନ୍ତି। ତେବେ ଏହି ଟୁର୍ଣ୍ଣାମେଣ୍ଟର ପୁରୁଷ ସିଙ୍ଗଲ୍ସରେ ଲକ୍ଷ୍ୟ ସେନ ଅଗ୍ରଗତି କରିଛନ୍ତି। ଲକ୍ଷ୍ୟ ୨୨-୨୦, ୧୬-୨୧, ୨୧-୧୫ ଗେମରେ ଚାଇନିଜ ତାଇପେଇର ୱାଙ୍ଗ ଜୁ ୱି’ଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡରେ ପହଞ୍ଚିଛନ୍ତି। ସେହିଭଳି ଏଚଏସ୍ ପ୍ରଣୟ ଓ କିରନ ଜର୍ଜ ମଧ୍ୟ ଦ୍ୱିତୀୟ ରାଉଣ୍ଡରେ ସ୍ଥାନ ପକ୍କା କରିଛନ୍ତି।

## ବିଶ୍ୱ ବକ୍ସିଂ ଚାମ୍ପିଅନସିପ୍

# ଭାରତର ପ୍ରଥମ ପଦକ ନିଶ୍ଚିତ କଲେ ନୂପୁର



ଲଣ୍ଡନ, ୧୦।୯ (ଏଜେନ୍ସି): ଲିଭରପୁଲ୍‌ରେ ଚାଲିଥିବା ବିଶ୍ୱ ବକ୍ସିଂ ଚାମ୍ପିଅନସିପ୍‌ରେ ଭାରତ ପ୍ରଥମ ପଦକ ନିଶ୍ଚିତ କରିଛି। ମହିଳା ୮୦ କିଗ୍ରାରୁ ଊର୍ଦ୍ଧ୍ୱ ବର୍ଗରେ ନୂପୁର ଶିଓରାନ ୪-୧ରେ ଉଜବେକିସ୍ତାନର ଓଲଟିନୀ ସୋତିମବୋଏଭାଙ୍କୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଛନ୍ତି। ସେମିଫାଇନାଲରେ ପହଞ୍ଚି ନୂପୁର କାଂସ୍ୟ ପଦକ ନିଶ୍ଚିତ କରିଛନ୍ତି। ପୂର୍ବରୁ ଚଳିତ ବର୍ଷ ପ୍ରାରମ୍ଭରେ ନୂପୁର ବିଶ୍ୱ ବକ୍ସିଂ କପ୍‌ରେ ସ୍ୱର୍ଣ୍ଣିମ ସଫଳତା ପାଇଥିଲେ। ବୁଧବାର ରାତିରେ ଦୁଇଥରର ବିଶ୍ୱ ଚାମ୍ପିଅନ ଭାରତର ନିଖିତ ଜରିନ ତୁର୍କିର କାକିରୋଗଲୁଙ୍କ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବେ।

## ଏସିଆ କପ୍: ଦୁବାଇରେ ଦୁବେ, କୁଲଦୀପଙ୍କ କମାଲ

# ୟୁଏଇ ବିପକ୍ଷରେ ଭାରତର ଦମ୍‌ଦାର ବିଜୟ

ଦୁବାଇ, ୧୦।୯ (ଏଜେନ୍ସି):

ଏସିଆ କପ୍ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟର ୧୭ତମ ସଂସ୍କରଣରେ ଡିଫେଣ୍ଡିଂ ଚାମ୍ପିଅନ ଭାରତ ବୃହତ୍ ବିଜୟରୁ ଅଭିଯାନ ଆରମ୍ଭ କରିଛି। ବୁଧବାର ଭାରତ ପ୍ରଥମ ମ୍ୟାଚରେ ୯୩ ବଲ୍ ଓ ୯ ୱିକେଟ ବଳକା ଥାଇ ବଡ଼ ବ୍ୟବଧାନରେ ଆୟୋଜକ ୟୁନାଇଟେଡ୍ ଆରବ ଏମିରେଟ୍ସ (ୟୁଏଇ)କୁ ମାତ୍ ଦେଇଛି। ରିଷ୍ଟ ସ୍ପିନର କୁଲଦୀପ ଯାଦବ ସର୍ବାଧିକ ୪ଟି ୱିକେଟ୍ ନେଇ ମ୍ୟାଚର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ। ଏଥିସହ ସୂର୍ଯ୍ୟକୁମାର ଯାଦବଙ୍କ ଦଳ ୨ ପଏଣ୍ଟ ପାଇ ଖାତା ଖୋଲିଛି। ଭାରତ ପରବର୍ତ୍ତୀ ମ୍ୟାଚରେ ରବିବାର ପାକିସ୍ତାନକୁ ଭେଟିବ।

ବୁଧବାର ରାତିରେ ଖେଳାଯାଇଥିବା ଗ୍ରୁପ୍-ଏ’ର ଏହି ମ୍ୟାଚରେ ଟସ୍ ଜିତି ସୂର୍ଯ୍ୟକୁମାର ଯାଦବ ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ। ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ୟୁଏଇ ପାଇଁ ଦୁଇ ଓପନର୍ ଅଧିନାୟକ ମହମ୍ମଦ ୱାସିମ ଓ ଆଲିସାନ ଶରଫୁ ପ୍ରଥମ ୱିକେଟ୍‌ରେ ୨୬ ରନ ଉଠାଇଥିଲେ। ତେବେ ୪ର୍ଥ ଓଭରର ୪ର୍ଥ ବଲ୍‌ରେ ବୁମ୍‌ରାଙ୍କ ଏକ ଚମତ୍କାର ୟର୍କରକୁ ଖେଳି ନ ପାରି ଆଲିସାନ ୨୨ ରନରେ କ୍ଲିନ ବୋଲ୍ଡ ହୋଇଯାଇଥିଲେ। ଏହାପରେ ୟୁଏଇର ବିପର୍ଯ୍ୟୟ ଆରମ୍ଭ ହୋଇଥିଲା। ପରବର୍ତ୍ତୀ ବ୍ୟାଟର୍‌ମାନେ କୁଲଦୀପଙ୍କ ସ୍ପିନ ଯାଦୁ ଓ ଦ୍ରୁତ ବୋଲିଂ ଅଲ୍‌ରାଉଣ୍ଡର ଶିଭମ ଦୁବେଙ୍କ ବଲ୍‌କୁ ସାମ୍ନା କରି ନ ଥିଲେ। ଫଳରେ ଘରୋଇ ଦଳ ୧୩.୧ ଓଭରରେ ମାତ୍ର ୫୭ ରନରେ ସୀମିତ ରହିଥିଲା। ଦଳ ପକ୍ଷରୁ ଦୁଇ ଓପନର୍ ଅଧିନାୟକ ୱାସିମ (୧୯ ରନ) ଓ ଆଲିସାନ (୨୨ ରନ) କେବଳ ଦୁଇଅଙ୍କବିଶିଷ୍ଟ ସ୍କୋର ଛୁଇଁପାରିଥିଲେ। ଏକଦା ୟୁଏଇ ଏକ ୱିକେଟ୍‌ରେ ୨୬ ରନ କରିଥିବାବେଳେ ଆଉ ୩୧ ରନରେ ୯ଟି ଯାକ ୱିକେଟ ହରାଇଥିଲା। ଭାରତ ପକ୍ଷରୁ କୁଲଦୀପ (୨.୧-୦-୭-୪) ଓ ଶିଭମ (୨-୦-୪-୩) ମିଳିତ ଭାବେ ୨୫ ବଲ୍ ବୋଲିଂ କରି ୧୧ ରନ ବ୍ୟୟରେ ୭ଟି ୱିକେଟ୍ ନେଇଥିଲେ। ଯଶପ୍ରୀତ୍ ବୁମ୍‌ରା, ଅକ୍ଷର ପଟେଲ ଓ ବରୁଣ ଚକ୍ରବର୍ତ୍ତୀଙ୍କୁ ଗୋଟିଏ ଲେଖାଏ ୱିକେଟ୍ ପାଇଥିଲେ। ଏଥିସହ ଟି-୨୦ରେ ଭାରତ ବିପକ୍ଷରେ ସବୁଠୁ କମ୍ ରନରେ ଅଲ୍‌ଆଉଟ୍ ହେବାରେ ଏହା ରେକର୍ଡ ହୋଇଛି। ପୂର୍ବରୁ ୨୦୨୩ରେ ଭାରତ ବିପକ୍ଷ ଟି-୨୦ରେ ନ୍ୟୁଜିଲାଣ୍ଡ ମାତ୍ର ୬୬ ରନରେ ଅଲ୍‌ଆଉଟ୍ ହୋଇଥିଲା।



କୁଲଦୀପଙ୍କୁ ବଧାଇ ଜଣାଉଛନ୍ତି ସୂର୍ଯ୍ୟକୁମାର

ଜବାବରେ ୫୮ ରନର ଛୋଟିଆ ଲକ୍ଷ୍ୟକୁ ପିଛା କରିଥିବା ଭାରତ ୪.୩ ଓଭରରେ ଗୋଟିଏ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ଓପନର୍ ଅଭିଷେକ ଶର୍ମା ୧୬ ବଲରେ ୩୦ ରନ କରି ଆଉଟ୍ ହୋଇଥିଲେ। ଶୁବମନ ଗିଲ୍ ୯ ବଲରେ ୨୦ ଓ ଅଧିନାୟକ ଯାଦବ ୨ ବଲରେ ୭ ରନ କରି ଅପରାଜିତ ରହିଥିଲେ। ଶ୍ରେଷ୍ଠ ଖେଳାଳି କୁଲଦୀପଙ୍କୁ ୫ ହଜାର ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୪.୪୦ ଲକ୍ଷ) ପୁରସ୍କାର ଦିଆଯାଇଥିଲା। ସେହିଭଳି ମ୍ୟାଚର ବିଜୟୀ ଦଳକୁ ୧୫ ହଜାର ଡଲାର (୧୩ ଲକ୍ଷ ୨୦ ହଜାର ଟଙ୍କା) ପୁରସ୍କାର ପ୍ରଦାନ କରାଯାଇଥିଲା।

DP WORLD ASIA CUP 2025
**ଆଜିର ମ୍ୟାଚ୍**
**ବାଂଲାଦେଶ-ହଂକଂ**
ଭେନ୍ୟୁ : ଆବୁଧାବି
ଖେଳ ଆରମ୍ଭ : ରାତି ୮ଟା
ପ୍ରସାରଣ : ସୋନି ସ୍ପୋର୍ଟ୍ସ ନେଟୱର୍କ

**ସଂକ୍ଷିପ୍ତ ସ୍କୋର**

ୟୁଏଇ ପାଳି: ୫୭/୧୦, ୧୩.୧ ଓଭର (ଆଲିସାନ ଶରାଫୁ-୨୨, ମହମ୍ମଦ ୱାସିମ- ୧୯, କୁଲଦୀପ୍- ୪/୭, ଶିଭମ- ୩/୪)।

ଭାରତ ପାଳି: ୬୦/୧, ୪.୩ ଓଭର (ଅଭିଷେକ ଶର୍ମା- ୩୦, ଶୁବମନ ଗିଲ୍- ଅପରାଜିତ ୨୦, ସୂର୍ଯ୍ୟକୁମାର ଯାଦବ- ଅପରାଜିତ ୭, ଜୁନେଦ ସିଦ୍ଦିକ- ୧/୧୬)।

# ୟୁଏଇ ଦଳରେ ୫ ଭାରତୀୟ ବଂଶୋଦ୍ଭବ

ଚଳିତ ଏସିଆ କପ୍‌ରେ ଭାରତ ତା’ର ପ୍ରଥମ ମ୍ୟାଚ୍‌ରେ ୟୁଏଇକୁ ପରାସ୍ତ କରିଛି। ଏହି ମ୍ୟାଚ୍ ଖେଳିଥିବା ୟୁଏଇ ଦଳରେ ୫ଜଣ ଖେଳାଳି ଭାରତୀୟ ବଂଶୋଦ୍ଭବ ରହିଥିଲେ। ୟୁଏଇ ଦଳରେ ସାମିଲ ହୋଇଥିବା ଏହି ଭାରତୀୟ ବଂଶୋଦ୍ଭବ ଖେଳାଳିମାନେ ହେଲେ ସିମରନଜିତ୍ ସିଂହ, ହର୍ଶିତ କୌଶିକ, ଧ୍ରୁବ ପରାସର, ଆଲିସାନ ଶରାଫୁ ଓ ରାହୁଲ ଚୋପ୍ରା। ରାହୁଲ ୱିକେଟକିପର ବ୍ୟାଟର ଭାବେ ଦଳରେ ସ୍ଥାନ ପାଇଛନ୍ତି। ଏହି ଖେଳାଳିମାନେ ଭାରତରେ ଜନ୍ମଗ୍ରହଣ କରିଛନ୍ତି। ପରବର୍ତ୍ତି ସମୟରେ ନିଜ ପରିବାର ସହ ୟୁଏଇରେ ଅବସ୍ଥାପିତ ହୋଇ ଓ ନିଜ ପ୍ରଦର୍ଶନ ଓ ଦକ୍ଷତା ବଳରେ ସେଠାରେ ଜାତୀୟ ଦଳରେ ସ୍ଥାନ ହାସଲ କରିଛନ୍ତି।


ହର୍ଶିତ କୌଶିକ


ସିମରନଜିତ୍ ସିଂହ

## ଫିଫା ବିଶ୍ୱକପ୍ ଯୋଗ୍ୟତା ପର୍ଯ୍ୟାୟ

# ଡିଫେଣ୍ଡିଂ ଚାମ୍ପିଅନ ଆର୍ଜେଣ୍ଟିନାକୁ ହରାଇଲା ଇକ୍ୱେଡର



ଗୁଆୟାକ୍ୱିଲ, ୧୦।୯ (ଏଜେନ୍ସି): ୨୦୨୬ ଫିଫା ବିଶ୍ୱକପ୍ ଲାଗି ଚାଲିଥିବା ଯୋଗ୍ୟତା ପର୍ଯ୍ୟାୟରେ ଏକ ବଡ଼ ବିପର୍ଯ୍ୟୟ ଦେଖିବାକୁ ମିଳିଛି। ବୁଧବାର ସ୍ଥାନୀୟ ମୌନମେଣ୍ଟାଲ ଷ୍ଟାଡିୟମରେ ଅନୁଷ୍ଠିତ ଏକ ମ୍ୟାଚରେ ଘରୋଇ ଇକ୍ୱେଡର ୧-୦ ଗୋଲରେ ଡିଫେଣ୍ଡିଂ ଚାମ୍ପିଅନ ଆର୍ଜେଣ୍ଟିନାକୁ ହରାଇଦେଇଛି। ମ୍ୟାଚର ପ୍ରଥମାର୍ଦ୍ଧ ଇଞ୍ଜୁରୀ ଟାଇମରେ ଘରୋଇ ଇକ୍ୱେଡରକୁ ଏକ ପେନାଲ୍ଟି ମିଳିଥିଲା। ଏହି ଫ୍ରି କିକ୍‌ର ଭରପୁର ଫାଇଦା ଉଠାଇ ଭାଲେନସିଆ ଏନ୍ନର ଘରୋଇ ଦଳକୁ ୧-୦ ଗୋଲ୍‌ରେ ଅଗ୍ରଣୀ କରାଇଥିଲେ। ଏହାପରେ ବଳକା ୪୫ ମିନିଟ୍‌ରେ ଆର୍ଜେଣ୍ଟିନା ଗୋଲକୁ ଶୁଝାଇବାକୁ ଆପ୍ରାଣ ଉଦ୍ୟମ କରିଥିଲେ ମଧ୍ୟ ବିଫଳ ହୋଇଥିଲା। ଆର୍ଜେଣ୍ଟିନାର ତାରକା ଖେଳାଳି ଲିଓନେଲ ମେସି ଏହି ମ୍ୟାଚରେ ଖେଳୁ ନ ଥିଲେ। ପରାସ୍ତ ହୋଇଥିଲେ ମଧ୍ୟ ଆର୍ଜେଣ୍ଟିନା ପୂର୍ବରୁ ୨୦୨୬ ଫିଫା ବିଶ୍ୱକପ୍‌ରେ ସ୍ଥାନ ପକ୍କା କରିସାରିଛି। ବିଶ୍ୱକପ୍ ଯୋଗ୍ୟତା ପର୍ଯ୍ୟାୟରେ ଆର୍ଜେଣ୍ଟିନା ବର୍ତ୍ତମାନ ୧୮ ମ୍ୟାଚ୍ ଖେଳି ୧୨ ବିଜୟ, ୪ ପରାଜୟ ଓ ୨ଟି ଡ୍ର ସହ ୩୮ ପଏଣ୍ଟ ସହ ଶୀର୍ଷରେ ରହିଛି। ସେହିଭଳି ଇକ୍ୱେଡର ସମାନ ସଂଖ୍ୟକ ମ୍ୟାଚ୍ ଖେଳି ୨୯ ପଏଣ୍ଟ ସହ ଦ୍ୱିତୀୟ ସ୍ଥାନରେ ରହି ବିଶ୍ୱକପ୍‌ରେ ସ୍ଥାନ ସୁରକ୍ଷିତ କରିନେଇଛି।

# ଜାତୀୟ ଯୁବ ଓ ଜୁନିଅର ପାରା ବ୍ୟାଡ୍‌ମିଣ୍ଟନ; ଓଡ଼ିଶାକୁ ୯ ପଦକ

ଭୁବନେଶ୍ୱର, ୧୦।୯ (ସମିସ): ଲକ୍ଷ୍ନୌରେ ଶେଷ ହୋଇଥିବା ଜାତୀୟ ଯୁବ ଓ ଜୁନିଅର ପାରା ବ୍ୟାଡ୍‌ମିଣ୍ଟନରେ ଓଡ଼ିଶା ଖେଳାଳିମାନେ ଦମ୍‌ଦାର ପ୍ରଦର୍ଶନ କରି ୯ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ଗୋଟିଏ ସ୍ୱର୍ଣ୍ଣ, ୩ ରୌପ୍ୟ ଓ ୫ଟି କାଂସ୍ୟ ପଦକ ରହିଛି। ସୌମ୍ୟରଞ୍ଜନ ମହାକୁଲ ଏବଂ ରାଣୀ ଗୌଡ଼ା ଗୋଟିଏ ଲେଖାଏ ରୌପ୍ୟ ଓ କାଂସ୍ୟ ପଦକ ପାଇଛନ୍ତି। ସୌମ୍ୟରଞ୍ଜନ ୧୭ ବର୍ଷରୁ କମ୍ ବାଳକ ସିଙ୍ଗଲ୍ସରେ ରୌପ୍ୟ ଓ ୧୯ ବର୍ଷରୁ କମ୍ ବିଭାଗରେ କାଂସ୍ୟ ପଦକ ଜିତିଥିଲେ। ସେହିଭଳି ରାଣୀ ୧୯ ବର୍ଷରୁ କମ୍ ବାଳିକା ଓ ୟୁଥ୍ ବର୍ଗରେ ଏହି ସଫଳତା ପାଇଥିଲେ। ଏହାବାଦ୍ ବିଭାସିନ୍ଧୁ ବାରିକ ହରିୟାଣାର କାର୍ତ୍ତିକ ସୁହାଗଙ୍କୁ ସାଥୀ କରି ୧୯ ବର୍ଷରୁ କମ୍ ଡବଲ୍ସରେ ଚାମ୍ପିଅନ ହୋଇଥିଲେ। ବିଭାସିନ୍ଧୁ ମଧ୍ୟ ଏହି ବୟସବର୍ଗର ବାଳକ ଫାଇନାଲରେ ହାରି ରୌପ୍ୟ ପଦକ ହାସଲ କରିଥିଲେ। ସେହିଭଳି ଆକାଶ ରଞ୍ଜନ ମୁଣ୍ଡା ଓ ଅଜୟ କୁମାର ପ୍ରଧାନ ଗୋଟିଏ ଲେଖାଏ କାଂସ୍ୟ ପଦକ ଜିତିଛନ୍ତି। ଅମରେନ୍ଦ୍ର ବେହେରା ଓ ପ୍ରତୀକ ବେହେରା ଓଡ଼ିଶା ଦଳର ପ୍ରଶିକ୍ଷକ ଭାବେ ଦଳ ସହ ଗସ୍ତ କରିଥିଲେ।



## ମହିଳା ଏସିଆ କପ୍ ହକି: ଦ.କୋରିଆ ୨-୪ ଗୋଲ୍‌ରେ ପରାସ୍ତ

# ସୁପର୍-୪ରେ ଭାରତର ବିଜୟ ଅଭିଯାନ

ହାଙ୍ଗଝୋଉ, ୧୦।୯ (ଏଜେନ୍ସି):

ଚାଇନାରେ ଚାଲିଥିବା ମହିଳା ଏସିଆ କପ୍ ହକି ୧୧ତମ ସଂସ୍କରଣର ସୁପର୍-୪ ପର୍ଯ୍ୟାୟ ବୁଧବାରଠାରୁ ଆରମ୍ଭ ହୋଇଛି। ଏଥିରେ ଭାରତୀୟ ମହିଳା ଦଳ ୪-୨ ଗୋଲ୍‌ରେ ୩ଥରର ବିଜେତା ଦକ୍ଷିଣ କୋରିଆକୁ ମାତ୍ ଦେଇ ଅଭିଯାନ ଆରମ୍ଭ କରିଛି। ବିଜୟୀ ଭାରତୀୟ ଦଳ ପକ୍ଷରୁ ବୈଷ୍ଣବୀ ବିଥାଲ, ସଙ୍ଗୀତା କୁମାରୀ, ଲାଲରେମସିଆମି ଓ ଋତୁଜା ଦାଦାସୋ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ଭାରତ ଏଥିସହ ୩ ପଏଣ୍ଟ ପାଇ ୪ ଦଳୀୟ ଟେବଲ ତାଲିକାର ଶୀର୍ଷରେ ରହିଛି। ସୁପର୍-୪ରେ ଭାରତ ଏହାର ପରବର୍ତ୍ତୀ ଦୁଇଟି ମ୍ୟାଚରେ ଯଥାକ୍ରମେ ଗୁରୁବାର ଚୀନ ଓ ଶନିବାର ଜାପାନ ବିପକ୍ଷରେ ଖେଳିବ। ରବିବାର ସୁପର୍-୪’ର ଦୁଇ ଶୀର୍ଷ ଦଳ ମଧ୍ୟରେ ଫାଇନାଲ ଖେଳାଯିବ।



ସୁପର୍-୪ ପର୍ଯ୍ୟାୟର ପ୍ରଥମ ମ୍ୟାଚରେ ବୁଧବାର ଅପରାହ୍ଣରେ ଭାରତ ଓ ଦକ୍ଷିଣ କୋରିଆ ସାମ୍ନାସାମ୍ନି ହୋଇଥିଲେ। ଏହି ମ୍ୟାଚର ଦ୍ୱିତୀୟ ମିନିଟ୍‌ରେ ପେନାଲ୍ଟି କର୍ଣ୍ଣରକୁ ଗୋଲ୍‌ରେ ରୂପାନ୍ତରିତ କରି ବୈଷ୍ଣବୀ ଭାରତକୁ ୧-୦ରେ ଅଗ୍ରଣୀ କରାଇଥିଲେ। ପ୍ରଥମ କ୍ୱାର୍ଟରରେ ଏହି ଅଗ୍ରଣୀକୁ ଭାରତ ବଜାୟ ରଖିଥିଲା। ଦ୍ୱିତୀୟ କ୍ୱାର୍ଟର କିନ୍ତୁ ଗୋଲ୍‌ଶୂନ୍ୟ ରହିଥିଲା। ଏହାପରେ ଦ୍ୱିତୀୟାର୍ଦ୍ଧ ତଥା ୩ୟ କ୍ୱାର୍ଟରରେ ରୋମାଞ୍ଚ ଦେଖିବାକୁ ମିଳିଥିଲା। ୩୩ତମ ମିନିଟରେ ଫିଲ୍ଡ ଗୋଲ୍ ଜରିଆରେ ସଙ୍ଗୀତା କୁମାରୀ ଭାରତକୁ ୨-୦ରେ ଆଗୁଆ କରାଇଥିଲେ। ସେହି ସମାନ ମିନିଟ୍‌ରେ କିନ୍ତୁ ଦକ୍ଷିଣ କୋରିଆ କାଉଣ୍ଟର ଆଟାକ୍ କରି ଗୋଟିଏ ଗୋଲ୍ ଶୁଝିଦେଇଥିଲା। କିମ୍ ୟୁଜିନ ପେନାଲ୍ଟି କର୍ଣ୍ଣରରୁ ଏହି ଗୋଲ୍‌ଟି ଦେଇଥିଲେ। ଏହାପରେ ୪୦ତମ ମିନିଟରେ ଲାଲରେମସିଆମିଙ୍କ ଗୋଲ୍ ବଳରେ ଭାରତ ଅଗ୍ରଣୀକୁ ୩-୧କୁ ବୃଦ୍ଧି କରାଇଥିଲା। ଅନ୍ତିମ ତଥା ୪ର୍ଥ କ୍ୱାର୍ଟରରେ ଉଭୟ ଦଳ ଗୋଟିଏ ଲେଖାଏ ଗୋଲ୍ ଦେଇଥିଲେ। ୫୩ତମ ମିନିଟ୍‌ରେ କିମ୍ କୋରିଆ ପାଇଁ ୨ୟ ଗୋଲ୍ ଦେଇ ମ୍ୟାଚରେ ରୋମାଞ୍ଚ ଭରିଥିଲେ। ତେବେ ଶେଷ ମିନିଟରେ ଭାରତକୁ ଏକ ପେନାଲ୍ଟି କର୍ଣ୍ଣର ମିଳିଥିଲା। ଋତୁଜା ଏହାକୁ ଗୋଲରେ ରୂପାନ୍ତରିତ କରି ଭାରତକୁ ୪-୨ ଗୋଲରେ ବିଜୟୀ କରାଇଥିଲେ।

# କେଭିଏଲ୍‌ରେ ଭାଗନେବେ ୭୬ଟି ଦଳ

କଟକ,୧୦।୯ (ସମିସ): ଖୁବଶୀଘ୍ର କଳିଙ୍ଗ ଭଲିବଲ୍ ଲିଗ୍(କେଭିଏଲ୍) ଆରମ୍ଭ ହେବ। ଏଥିନିମନ୍ତେ ପଞ୍ଜୀକରଣ ପ୍ରକ୍ରିୟା ଶେଷ ହୋଇଛି। ରାଜ୍ୟର ମୋଟ୍ ୭୬ଟି ଦଳ ଭାଗନେବେ। ୧୬ ବର୍ଷରୁ କମ୍ ବୟସ ବର୍ଗର ଖେଳାଳିଙ୍କୁ ନେଇ ଲିଗ୍ ଆୟୋଜନ କରାଯିବ। ୪ଟି ଜୋନ୍‌ରେ ଲିଗ୍ ଖେଳାଯିବା ପରେ କଟକରେ ଫାଇନାଲ ମୁକାବିଲା ହେବ। ଏଥିରେ ଚାମ୍ପିଅନ ଦଳ ଜାତୀୟ ପ୍ରତିଯୋଗିତାରେ ଭାଗ ନେବା ନିମନ୍ତେ ଆସାମ ଯାତ୍ରା କରିବ। ବାରବାଟୀ ଷ୍ଟାଡିୟମ ପରିସରସ୍ଥ ଗେଷ୍ଟହାଉସ୍‌ରେ କଳିଙ୍ଗ ଭଲିବଲ ବିକାଶ ପରିଷଦ(କେଭିଡିସି)ର ସାଧାରଣ ପରିଷଦ ବୈଠକରେ ଏହି ସୂଚନା ଦିଆଯାଇଛି। କେଭିଡିସି ସମ୍ପାଦକ ସଂଗ୍ରାମ ଓଝାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ବୈଠକରେ ରାଜ୍ୟରେ ଭଲିବଲ କ୍ରୀଡ଼ାର ସାମଗ୍ରିକ ବିକାଶ ଦିଗରେ ବିସ୍ତୃତ ଭାବେ ଆଲୋଚନା ହୋଇଥିଲା। କେଭିଏଲର ପ୍ରଥମ ପର୍ଯ୍ୟାୟ ଲିଗ୍ କଟକ ଜିଲ୍ଲାର ନାରଙ୍ଗବସ୍ତରେ ଆୟୋଜନ ହେବ। ନାରଙ୍ଗବସ୍ତ ଇନଚାର୍ଜ ସୁଶାନ୍ତ ମାଝୀ ଉପସ୍ଥିତ ରହି ଲିଗ୍‌କୁ ସଫଳ କରିବା ଦିଗରେ ମତବ୍ୟକ୍ତ କରିଥିଲେ। ପରେ ଯାଜପୁରରେ, ଅନୁଗୋଳରେ ଏବଂ ଭୁବନେଶ୍ୱରରେ ଲିଗ୍‌ର ଅବଶିଷ୍ଟ ମ୍ୟାଚ୍ ସବୁ ଖେଳାଯିବ। ଦିବ୍ୟବ୍ରତ ପଣ୍ଡା, ଆଇନଜୀବୀ ବସନ୍ତ ଦାସ ପ୍ରମୁଖ ଲିଗ୍ ପରିଚାଳନାରେ ସହଯୋଗ କରିବେ।

ଅନ୍ୟପକ୍ଷରେ ଆଗାମୀ ଦିନରେ ପ୍ରତ୍ୟେକ ପଞ୍ଚାୟତରେ ଭଲିବଲ ପ୍ରଶିକ୍ଷଣ ଶିବିର ଆୟୋଜନ ବାବଦରେ ଆଲୋଚନା କରାଯାଇଥିଲା। ଜାତୀୟସ୍ତରର ପ୍ରଶିକ୍ଷକଙ୍କୁ ନେଇ ଗ୍ରାମାଞ୍ଚଳରେ ନିଃଶୁଳ୍କ ପ୍ରଶିକ୍ଷଣ ଶିବିର କରାଯିବ। ବୈଠକରେ କେଭିଡିସିର କଟକ ଜିଲ୍ଲା ଇନଚାର୍ଜ ଅମର ଭଞ୍ଜ, ଢେଙ୍କାନାଳ ଇନଚାର୍ଜ ରାକେଶ ପ୍ରଧାନ, ଜାତୀୟସ୍ତରର ଖେଳାଳି ମହମ୍ମଦ ଓବେଦୁର ରେହମାନ ପ୍ରମୁଖ ଉପସ୍ଥିତ ଥିଲେ। ଏଫଆଇଭିବି ପ୍ରଶିକ୍ଷକ ଆଶୁତୋଷ ପାତ୍ର ବୈଠକ ପରିଚାଳନା କରିଥିଲେ।

# ଆଜିଠୁ ଦୁଲୀପ୍ ଟ୍ରଫି ଫାଇନାଲ

ବେଙ୍ଗାଲୁରୁ, ୧୦।୯ (ଏଜେନ୍ସି): ବିସିସିଆଇର ୨୦୨୫-୨୬ ସିଜନର ପ୍ରଥମ ଘରୋଇ ଟୁର୍ଣ୍ଣାମେଣ୍ଟ ଦୁଲୀପ ଟ୍ରଫିର ଫାଇନାଲ ମ୍ୟାଚ୍ ଗୁରୁବାରରୁ ଆରମ୍ଭ ହେବ। ସ୍ଥାନୀୟ ବିସିସିଆଇ ସେଣ୍ଟର୍ ଅଫ୍ ଏକ୍ସଲେନ୍ସି ଗ୍ରାଉଣ୍ଡରେ ଦକ୍ଷିଣାଞ୍ଚଳ ଓ କେନ୍ଦ୍ରାଞ୍ଚଳ ମଧ୍ୟରେ ଟାଇଟଲ୍ ପାଇଁ ଲଢ଼େଇ ହେବ। ପୂର୍ବରୁ ସେମିଫାଇନାଲରେ ଉତ୍ତରାଞ୍ଚଳ ବିପକ୍ଷରେ ଦକ୍ଷିଣାଞ୍ଚଳ ଓ ପଶ୍ଚିମାଞ୍ଚଳ ବିପକ୍ଷରେ କେନ୍ଦ୍ରାଞ୍ଚଳ ପାଳି ଅଗ୍ରଣୀ ରହି ଫାଇନାଲରେ ପହଞ୍ଚିଛନ୍ତି। ଭାରତର ପ୍ରମୁଖ ଖେଳାଳି ବର୍ତ୍ତମାନ ଏସିଆ କପ୍ ଏବଂ ଭାରତ-ଏ ଓ ଅଷ୍ଟ୍ରେଲିଆ-ଏ ସିରିଜରେ ବ୍ୟସ୍ତ ରହିଥିବାରୁ ଦୁଲୀପ୍ ଟ୍ରଫି ଫାଇନାଲରେ ତାରକା ଖେଳାଳିଙ୍କୁ ଦେଖିବାକୁ ମିଳିବ ନାହିଁ। ଇଣ୍ଡିଆ-ଏ ଦଳରେ ସାମିଲ ହୋଇଥିବାରୁ ଏନ୍. ଜଗଦୀଶନ ଓ ଦେବଦତ୍ତ ପାଡିକଲ ଫାଇନାଲ ଲଢ଼େଇରେ ଦକ୍ଷିଣାଞ୍ଚଳ ପକ୍ଷରୁ ଖେଳିବେ ନାହିଁ। ତେଣୁ ଫାଇନାଲ ଲାଗି ଦକ୍ଷିଣାଞ୍ଚଳ ଦଳରେ କର୍ଣ୍ଣାଟକର ଆର. ସ୍ମରଣ ଓ ତାମିଲନାଡୁର ଆନ୍ଦ୍ରେ ସିଦ୍ଧାର୍ଥଙ୍କୁ ସାମିଲ କରାଯାଇଛି। ସେହିଭଳି କେନ୍ଦ୍ରାଞ୍ଚଳ ଦଳରେ ୪ ଖେଳାଳିଙ୍କୁ ନିଆଯାଇଛି। ସେମାନେ ହେଲେ ନଚିକେତ ଭୁତେ, କୁମାର କାର୍ତ୍ତିକେୟ, କୁଲଦୀପ ସେନ ଓ କୁକନା ଅଜୟ ସିଂ। ୟଶ ଠାକୁର ହର୍ଷ ଦୁବେ, ଖଲିଲ ଅହମ୍ମଦ ଓ ମାନବ ସୁତାରଙ୍କ ସ୍ଥାନରେ ଏମାନେ ଖେଳିବେ।

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS